

୧୨ ଡିସେମ୍ବରରେ
'କିସ୍ କିସ୍ କୋ ପ୍ୟାର୍ କରୁଁ ୨'
▶ପୃଷ୍ଠା ୧୧ ଦେଖନ୍ତୁ...



◆ RNI REGD NO: 42041/83
◆ www.sakalaepaper.com
◆ /sakalanews
◆ /sakalanews
◆ www.thesakala.in

ସକାଳ
THE SAKALA
PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-121 ◆TUESDAY ◆28 OCTOBER 2025 ◆PAGE-12 ◆₹ 6.00 | PANIKOILI | ◆ବର୍ଷ-୪୩ ◆ସଂଖ୍ୟା-୧୨୧ ◆ମଙ୍ଗଳବାର ◆୨୮ ଅକ୍ଟୋବର ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦


# ଆଜି ରାତିରେ ବାତ୍ୟା ମାଡ଼

## ଆନ୍ଧ୍ରରେ ପବନ; ଓଡ଼ିଶାରେ ବର୍ଷା

■ **ଭୁବନେଶ୍ୱର, ୨୭।୧୦ (ସମିସ):** ମଙ୍ଗଳବାର ରାତିରେ ଆନ୍ଧ୍ରପ୍ରଦେଶର ମଛଲିପାଟ୍ଟନମ୍ - କଳିଙ୍ଗପଟ୍ଟନମ୍ ମଧ୍ୟବର୍ତ୍ତୀ କାକିନାଡ଼ା ନିକଟରେ ଭୀଷଣ ବାତ୍ୟା (ସିଭିୟର ସାଇକ୍ଲୋନ୍) ରୂପରେ ଏହା ସ୍ଥଳଭାଗକୁ ପ୍ରବେଶ କରିବ ମୋନ୍ଥା। ଭୂଭାଗ ସ୍ପର୍ଶ ସମୟରେ ପବନର ବେଗ ଘଣ୍ଟାପ୍ରତି ବେଗ ୯୦-୧୦୦ କିଲୋମିଟର ଓ ଝଟକା ପବନ ୧୧୦ କିଲୋମିଟର ପର୍ଯ୍ୟନ୍ତ ରହିବ। କାକିନାଡ଼ାରେ ସ୍ଥଳଭାଗ ଅତିକ୍ରମ କରିବା ପରେ ବାତ୍ୟା ମାଲକାନଗିରି ଜିଲ୍ଲା ଦେଇ ଓଡ଼ିଶା ପ୍ରବେଶ କରିବ। ୨୮ ବିଳମ୍ବିତ ରାତିରୁ ୨୯ ତାରିଖ ସକାଳ ମଧ୍ୟରେ ବାତ୍ୟା ଓଡ଼ିଶାରେ ପ୍ରବେଶ କରିବା ପରେ ଦୁର୍ବଳ ହୋଇ ଗଭୀର ଅବପାତ ଅବସ୍ଥାରେ ଗତିକରିବ।

**ମାଲକାନଗିରି ଦେଇ ରାଜ୍ୟରେ ପଶିବ 'ମୋନ୍ଥା'**

**୨୮-୨୯ରେ ରାଜ୍ୟରେ ପ୍ରବଳ ବର୍ଷା ଆଶଙ୍କା**

**ଦକ୍ଷିଣ ଓଡ଼ିଶାର ୬ ଜିଲ୍ଲାକୁ ରେଡ୍ ଆଲର୍ଟ ଜାରି**

କାକିନାଡ଼ାର ଦୂରତା ମାଲକାନଗିରିଠାରୁ ମାତ୍ର ୨୦୦ କିମି ହୋଇଥିବାରୁ ଏହି ଜିଲ୍ଲା ଉପରେ ବାତ୍ୟାର ପ୍ରତ୍ୟକ୍ଷ ପ୍ରଭାବ ଅନୁଭୂତ ହେବ। ମାଲକାନଗିରି ସମେତ କୋରାପୁଟ, ଗଜପତି, ରାୟଗଡ଼ା, ନବରଙ୍ଗପୁରରେ ଓ କଳାହାଣ୍ଡି ବାତ୍ୟା ଯୋଗୁଁ ଅଧିକ କ୍ଷତିଗ୍ରସ୍ତ ହେବାର ଆଶଙ୍କା ରହିଛି। ଏହି ୬ ଜିଲ୍ଲାରେ ପ୍ରବଳ ବର୍ଷା ସାଙ୍ଗକୁ ପବନର ବେଗ ଘଣ୍ଟା ପ୍ରତି ୬୦-୭୦ କିମି ମଧ୍ୟରେ ରହିବ ଓ ଝଟକା ପବନ ୮୦ କିମି ପର୍ଯ୍ୟନ୍ତ ହେବ ବୋଲି ପାଣିପାଗ କେନ୍ଦ୍ର ସୂଚନା ଦେଇଛି। ପବନ ସାଙ୍ଗକୁ ଏହି ୬ ଜିଲ୍ଲାରେ ପ୍ରବଳରୁ ଅତି ପ୍ରବଳ ବର୍ଷା ଓ ସ୍ଥାନେ ସ୍ଥାନେ ଅତ୍ୟନ୍ତ ପ୍ରବଳ ବର୍ଷା ନେଇ ପାଣିପାଗ କେନ୍ଦ୍ର ଆକଳନ କରିଛି। ▶ପୃଷ୍ଠା-୯

## ଆଜିଠାରୁ ୨ ଦିନ ସ୍କୁଲ୍ ଓ ଅଙ୍ଗନବାଡ଼ି କେନ୍ଦ୍ର ଛୁଟି

■ **ଭୁବନେଶ୍ୱର, ୨୭।୧୦ (ସମିସ):** ବାତ୍ୟା 'ମୋନ୍ଥା'କୁ ଦୃଷ୍ଟିରେ ରଖି ଆସନ୍ତାକାଲିଠାରୁ ୨ଦିନ ଯାଏଁ ବିଦ୍ୟାଳୟ ଓ ଅଙ୍ଗନବାଡ଼ିଗୁଡ଼ିକୁ ସରକାର ଛୁଟି ଘୋଷଣା କରିଛନ୍ତି। ମାତ୍ରାଧିକ ପ୍ରଭାବିତ ହେବାକୁ ଥିବା ଦକ୍ଷିଣ ଓଡ଼ିଶାର ୮ ଜିଲ୍ଲା

**ଦକ୍ଷିଣ ଓଡ଼ିଶାର ୮ ଜିଲ୍ଲା ସମେତ ଖୋର୍ଦ୍ଧାରେ ଛୁଟି**

**ଗଣଶିକ୍ଷା ବିଭାଗ କର୍ମଚାରୀଙ୍କ ଛୁଟି ବାତିଲ**

ସମେତ ଖୋର୍ଦ୍ଧା ଜିଲ୍ଲାରେ ଏହି ଶିକ୍ଷାନୁଷ୍ଠାନଗୁଡ଼ିକ ମଙ୍ଗଳବାର ଓ ବୁଧବାର ବନ୍ଦ ରହିବ। ବାତ୍ୟା ସମୟରେ ବିଦ୍ୟାଳୟଗୁଡ଼ିକ ଯେମିତି ଅଧିକ କ୍ଷତିଗ୍ରସ୍ତ ନ ହେବ, ସେଥିପାଇଁ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ପକ୍ଷରୁ ସ୍ୱତନ୍ତ୍ର ଗାଇଡ୍‌ଲାଇନ୍ ▶ପୃଷ୍ଠା-୯




## ୩୨ ଟ୍ରେନ୍ ବାତିଲ୍; ୨ଟିର ଗତିପଥ ବଦଳିଲା

■ **ଭୁବନେଶ୍ୱର, ୨୭।୧୦ (ସମିସ):** ବଙ୍ଗୋପସାଗରରେ ସୃଷ୍ଟ ଘୂର୍ଣ୍ଣିଝଡ଼ ମୋନ୍ଥାକୁ ନଜରରେ ରଖି ଭାରତୀୟ ରେଳବାଇ ପକ୍ଷରୁ ପୂର୍ବତଟ ରେଳପଥର ୱାଲ୍ଟିୟର ଏବଂ ସଂଯୁକ୍ତ ରୁଟ୍ରେ ଚଳାଚଳ କରୁଥିବା ଅନେକ ଟ୍ରେନ୍ର ଚଳାଚଳ ବାତିଲ୍ କରାଯାଇଛି। ଏଥିରେ କେତେକ ଟ୍ରେନର ଦିଗ ପରିବର୍ତ୍ତନ ଏବଂ ଆଉ କେତେକକୁ ବିଭିନ୍ନ ସ୍ଥାନରେ ଅଟକାଇ ରଖାଯାଇଛି। ଯାତ୍ରୀ ସୁରକ୍ଷା




ପଦକ୍ଷେପ ସ୍ୱରୂପ ୩୨ଟି ଟ୍ରେନ୍ର ଚଳାଚଳ ବାତିଲ୍ କରାଯାଇଛି। ବାତିଲ୍ କରାଯାଇଥିବା ଟ୍ରେନ ତାଲିକାରେ ବ୍ରହ୍ମପୁର-ବିଶାଖାପାଟନମ୍ ଏକ୍ସପ୍ରେସ କଟକ-ଗୁଣୁପୁର-କଟକ ମେମୁ, ଭୁବନେଶ୍ୱର-ବେଙ୍ଗାଲୁରୁ, ଭୁବନେଶ୍ୱର-ସିକନ୍ଦରାବାଦ୍ ଏକ୍ସପ୍ରେସ ପ୍ରଶାନ୍ତି ଏକ୍ସପ୍ରେସ୍ ରହିଛି। ରେଳବାଇ ପକ୍ଷରୁ ସମସ୍ତ ଡିଭିଜନାଲ ମୁଖ୍ୟାଳୟରେ ୨୪ ଘଣ୍ଟା ତଦାରଖ ଏବଂ ଜରୁରୀକାଳୀନ ନିୟନ୍ତ୍ରଣକୁ ସକ୍ରିୟ କରାଯାଇଛି। ରିଅଲ୍-ଟାଇମ୍ ଅପଡେଟ୍ ପାଇଁ ଭାରତ ପାଣିପାଗ ବିଭାଗ ସହିତ ନିରନ୍ତର ସମନ୍ୱୟ। ତୁରନ୍ତ ପ୍ରତିକ୍ରିୟା ପାଇଁ ଗୁରୁତ୍ୱପୂର୍ଣ୍ଣ ଷ୍ଟେସନଗୁଡ଼ିକରେ ପୁନରୁଦ୍ଧାର ଦଳ ପ୍ରସ୍ତୁତ ରଖାଯାଇଛି। ବିଭିନ୍ନ ସ୍ଥାନରେ ଫସିରହିଥିବା ଯାତ୍ରୀଙ୍କ ପାଇଁ ପ୍ରମୁଖ ଷ୍ଟେସନଗୁଡ଼ିକରେ ଖାଦ୍ୟ, ପାଣି ଏବଂ ଆଶ୍ରୟସ୍ଥଳ ବ୍ୟବସ୍ଥା କରାଯାଇଛି। ଏହାଛଡ଼ା ▶ପୃଷ୍ଠା-୯

**ମୁମ୍ବାଇରେ ଇଣ୍ଡିଆ ମେରିଟାଇମ ସପ୍ତାହ କାର୍ଯ୍ୟକ୍ରମରେ ଯୋଗଦେଲେ ମୁଖ୍ୟମନ୍ତ୍ରୀ**

## ୫୦ ହଜାର କୋଟିର ଏମ୍ଓୟୁ ସ୍ୱାକ୍ଷରିତ

■ **ଭୁବନେଶ୍ୱର,୨୭।୧୦(ସମିସ):** ଓଡ଼ିଶା ଏକ ସୁଦୃଢ଼ ବନ୍ଦର-ଆଧାରିତ ଅର୍ଥବ୍ୟବସ୍ଥା ନିର୍ମାଣ ପାଇଁ ପ୍ରତିବଦ୍ଧ। ଆମର ଏହି ପ୍ରୟାସ ରାଜ୍ୟର ବନ୍ଦରଗୁଡ଼ିକୁ ବାଣିଜ୍ୟ, ଶିଳ୍ପ ଏବଂ ନିଯୁକ୍ତି ଇଞ୍ଜିନରେ ପରିଣତ କରିବ, ଯାହା ଆଗାମୀ ୨୫ ବର୍ଷ ପାଇଁ ଭାରତର ଅଭିବୃଦ୍ଧି ଯାତ୍ରାକୁ ଆଗେଇ ନେବ ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି। ସୋମବାର ମୁମ୍ବାଇରେ ଅନୁଷ୍ଠିତ ଇଣ୍ଡିଆ ମେରିଟାଇମ୍ ସପ୍ତାହ ୨୦୨୫ର ଉଦଘାଟନୀ ସମାରୋହରେ ଯୋଗଦେଇ ମୁଖ୍ୟମନ୍ତ୍ରୀ ଓଡ଼ିଶାର ବନ୍ଦର କ୍ଷମତା ୨୦୪୭ ସୁଦ୍ଧା ୫୦୦ ନିୟୁତ ଟନକୁ ବୃଦ୍ଧି ପାଇବ ବୋଲି ଆଶା ପ୍ରକାଶ କରିଛନ୍ତି। ଏହି ଅବସରରେ ରାଜ୍ୟ ସରକାର ରାଜ୍ୟରେ ବନ୍ଦର ଭିତ୍ତିକ



ଅର୍ଥନୀତିକୁ ବଳ ଦେବା ପାଇଁ ପ୍ରାୟ ୫୦ ହଜାର କୋଟିର ଏଓୟୁ ମଧ୍ୟ ସ୍ୱାକ୍ଷର କରିଛନ୍ତି। ଏହି ଅବସରରେ ମୁଖ୍ୟମନ୍ତ୍ରୀ ବନ୍ଦର ଏବଂ ▶ପୃଷ୍ଠା-୯

## ଉପନିର୍ବାଚନ ବେଳେ ଛୁଟିରେ ଗଲେ ଦକ୍ଷିଣ ପଶ୍ଚିମାଞ୍ଚଳ ଡିଆଇଜି

■ **ଭୁବନେଶ୍ୱର, ୨୭।୧୦ (ସମିସ):** ଆସନ୍ତା ୧୧ ତାରିଖରେ ନୂଆପଡ଼ାରେ ଉପ ନିର୍ବାଚନ ଅନୁଷ୍ଠିତ ହେବ। ସୁରକ୍ଷା ଦୃଷ୍ଟିରୁ ନୂଆପଡ଼ା ଏକ ସମ୍ବେଦନଶୀଳ ଜିଲ୍ଲା ହୋଇଥିବା ବେଳେ ସୁରକ୍ଷା ବ୍ୟବସ୍ଥାକୁ ସର୍ବାଧିକ ଗୁରୁତ୍ୱ ଦିଆଯାଉଛି। ଏତିକିବେଳେ ଦକ୍ଷିଣ-ପଶ୍ଚିମାଞ୍ଚଳ ଡିଆଇଜି କନୱାର ବିଶାଲ ସିଂ ଛୁଟିରେ ଯାଇଛନ୍ତି। ବ୍ୟକ୍ତିଗତ କାରଣରୁ ସେ ଆସନ୍ତା ନଭେମ୍ବର ୧୫ ତାରିଖ ଯାଏଁ ଛୁଟିରେ ରହିବେ ବୋଲି ସୂଚନା ମିଳିଛି। ଗୃହ ବିଭାଗ ପକ୍ଷରୁ ଡିଜିଙ୍କୁ ଏ ▶ପୃଷ୍ଠା-୯

**ଦାୟିତ୍ୱରେ ରହିବେ ଉତ୍ତରାଞ୍ଚଳ ଆଇଜି ହିମାଂଶୁ ଲାଲ**

**ହରଡ଼ଘଣାରେ ସରକାରୀ ବାବୁ**

## ସମ୍ପତ୍ତି ତାଲିକା ଦେଲେନି; ମିଳିବନି ପଦୋନ୍ନତି

■ **ଭୁବନେଶ୍ୱର, ୨୭।୧୦ (ସମିସ):** ଏବେ ହରଡ଼ଘଣାରେ ପଡ଼ିଛନ୍ତି ସରକାରୀ ବାବୁ। ଯେଉଁ ଅଧିକାରୀ ୨୦୨୪ ମସିହାର ବାର୍ଷିକ ସମ୍ପତ୍ତି ତାଲିକା ଦାଖଲ କରିନାହାନ୍ତି, ଚଳିତ ବର୍ଷ ସେମାନେ ପଦୋନ୍ନତି ପାଇଁ ଯୋଗ୍ୟ ବିବେଚିତ ହେବେ ନାହିଁ। ସେହିପରି ୨୦୨୫ ମସିହାର ସମ୍ପତ୍ତି ତାଲିକା ଆସନ୍ତା ଜାନୁଆରୀ ୧ରୁ ୩୧ ତାରିଖ ମଧ୍ୟରେ ଦାଖଲ କରିବାକୁ ହେବ। ଯେଉଁମାନେ ଏହି ତାଲିକା ଦାଖଲ କରିବାରେ ବ୍ୟର୍ଥ ହେବେ, ସେମାନଙ୍କୁ ଆଗାମୀ ବର୍ଷ ବି ପଦୋନ୍ନତି ମିଳିବ ନାହିଁ ବୋଲି ସୂଚନା ମିଳିଛି। ଏ ସଂକ୍ରାନ୍ତରେ ସାଧାରଣ ପ୍ରଶାସନ ବିଭାଗରୁ ନିର୍ଦ୍ଦେଶନାମା ଜାରି ହୋଇଛି ।

**ଆଉ ବଢ଼ିବ ନାହିଁ ସମ୍ପତ୍ତି ତାଲିକା ଦାଖଲ ଅବଧି**

ବିଭାଗ ପକ୍ଷରୁ କୁହାଯାଇଛି ଯେ ନିର୍ଦ୍ଧାରିତ ସମୟସୀମା ମଧ୍ୟରେ ବହୁ ସରକାରୀ କର୍ମଚାରୀ ସେମାନଙ୍କର ବାର୍ଷିକ ସମ୍ପତ୍ତି ତାଲିକା ଏଚ୍ଆର୍ଏମ୍ଏସ୍ ପୋର୍ଟାଲରେ ଦାଖଲ କରିନାହାନ୍ତି। ସମ୍ପତ୍ତି ତାଲିକା ଦାଖଲ କରିବାର ସମୟସୀମା ବୃଦ୍ଧି ପାଇଁ ଇତିମଧ୍ୟରେ ବହୁ ଅନୁରୋଧ ବିଭାଗ ପାଖରେ ହସ୍ତଗତ ହୋଇଥିଲା। ବିଭାଗୀୟସ୍ତରରେ ଏହି ଅନୁରୋଧକୁ ବିଚାର କରାଯିବା ପରେ ପ୍ରଶାସନିକ ଶୃଙ୍ଖଳାକୁ ▶ପୃଷ୍ଠା-୯

**ଆଜିଠାରୁ ଦ୍ୱିତୀୟ ପର୍ଯ୍ୟାୟ ଏସ୍ଆଇଆର୍**

## ପ.ବଙ୍ଗ, ତାମିଲନାଡୁ ସମେତ ୧୨ଟି ରାଜ୍ୟରେ ହେବ

■ **ନୂଆଦିଲ୍ଲୀ, ୨୭।୧୦ (ଏଜେନ୍ସି):** ଦ୍ୱିତୀୟ ପର୍ଯ୍ୟାୟରେ ଆଉ ୧୨ଟି ରାଜ୍ୟରେ ସ୍ୱତନ୍ତ୍ର ସଘନ ଭୋଟର ତାଲିକା ସଂଶୋଧନ (ଏସ୍ଆଇଆର୍) ପ୍ରକ୍ରିୟା ଆସନ୍ତାକାଲି ଠାରୁ ଆରମ୍ଭ କରିବାକୁ ଘୋଷଣା କରିଛନ୍ତି ନିର୍ବାଚନ କମିସନ। ପ୍ରଥମ ପର୍ଯ୍ୟାୟରେ ବିହାରରେ ହୋଇଥିବା ବେଳେ ଦ୍ୱିତୀୟ ପର୍ଯ୍ୟାୟରେ ଯେଉଁ ୧୨ଟି ରାଜ୍ୟ ଓ କେନ୍ଦ୍ର ଶାସିତ ଅଞ୍ଚଳରେ ହେବାକୁ ଯାଉଛି ସେଗୁଡ଼ିକ ମଧ୍ୟରେ ରହିଛି ପଶ୍ଚିମବଙ୍ଗ, ତାମିଲନାଡୁ, ଗୁଜରାଟ ଏବଂ ଉତ୍ତରପ୍ରଦେଶ। ପଶ୍ଚିମବଙ୍ଗ, ତାମିଲନାଡୁ, ପୁଡୁଚେରି ଏବଂ କେରଳରେ ଆସନ୍ତା ବର୍ଷ ରାଜ୍ୟ ବିଧାନସଭା ନିର୍ବାଚନ ହେବାକୁ ଯାଉଥିବା ବେଳେ ୨୦୨୭ରେ ଉତ୍ତର ପ୍ରଦେଶରେ ନିର୍ବାଚନ ହେବ। ଆସାମରେ ଆସନ୍ତାବର୍ଷ ନିର୍ବାଚନ ହେବାକୁ ଥିଲେ ମଧ୍ୟ ଏସ୍ଆଇଆର୍ ପ୍ରକ୍ରିୟାରେ ଏହାକୁ ସାମିଲ




**ଓଡ଼ିଶାରେ ଏବେ ନୁହେଁ, ଆସାମ ପାଇଁ ପୃଥକ ଏସ୍ଆଇଆର୍**

କରାଯାଇ ନାହିଁ। ଆସାମ ପାଇଁ ସ୍ୱତନ୍ତ୍ର ନାଗରିତା ଆଇନ ଥିବାରୁ ସେହି ରାଜ୍ୟରେ ପୃଥକ ଭାବେ ଏସ୍ଆଇଆର୍ କରାଯିବ। ତେବେ ଏହି ପର୍ଯ୍ୟାୟରେ ଓଡ଼ିଶାକୁ ସାମିଲ କରାଯାଇନାହିଁ। ଅନ୍ୟ ଯେଉଁ ରାଜ୍ୟରେ ଏସ୍ଆଇଆର୍ କରାଯିବ ସେଗୁଡ଼ିକ ହେଲା: ଆଣ୍ଡାମାନ-ନିକୋବର, ଛତିଶଗଡ଼, ଗୁଜରାଟ, ଗୋଆ, ଲକ୍ଷଦୀପ, ମଧ୍ୟପ୍ରଦେଶ ଏବଂ ରାଜସ୍ଥାନ।

ଏହିସବୁ ରାଜ୍ୟରେ ଭୋଟର ସଂଶୋଧନ ପ୍ରକ୍ରିୟା ଆସନ୍ତାକାଲି ୨୮ ତାରିଖରୁ ଆରମ୍ଭ ହେବ। ଅକଟୋବର ୨୮ରୁ ନଭେମ୍ବର ୩ ତାରିଖ ପର୍ଯ୍ୟନ୍ତ ବୁଥସ୍ତରୀୟ ଅଧିକାରୀଙ୍କୁ ତାଲିମ ଦିଆଯିବ। ନଭେମ୍ବର ୪ରୁ ଅଧିକାରୀମାନେ ଘରକୁ ଘର ବୁଲି ଫର୍ମ ପୂରଣ ସହିତ ସଂଗ୍ରହ କରିବେ। ଏହା ଡିସେମ୍ବର ୪ ତାରିଖ ପର୍ଯ୍ୟନ୍ତ ଚାଲିବ। ଡିସେମ୍ବର ୯ ତାରିଖରେ ▶ପୃଷ୍ଠା-୯




# ଜଷ୍ଟିସ ସୂର୍ଯ୍ୟକାନ୍ତଙ୍କ ନାମ ସୁପାରିସ କଲେ ସିଜେଆଇ ଗଭାଇ

ନୂଆଦିଲ୍ଲୀ, ୨୭ ।୧୦(ଏଜେନ୍ସି): ବରିଷ୍ଠ ବିଚାରପତି ଜଷ୍ଟିସ୍ ସୂର୍ଯ୍ୟକାନ୍ତ ଦେଶ ତଥା ସୁପ୍ରିମକୋର୍ଟର ୫୩ତମ ମୁଖ୍ୟ ବିଚାରପତି ହେବାକୁ ଯାଉଛନ୍ତି। ସୁପ୍ରିମକୋର୍ଟର ମୁଖ୍ୟ ବିଚାରପତି (ସିଜେଆଇ) ଜଷ୍ଟିଷ ଭୂଷଣ ଆର ଗଭାଇ ସୋମବାର କେନ୍ଦ୍ର ସରକାରଙ୍କୁ ସୂର୍ଯ୍ୟକାନ୍ତଙ୍କ ନାମ ସୁପାରିସ କରିଛନ୍ତି। ଏଥିସହ ସିଜେଆଇ ନିଯୁକ୍ତି ପ୍ରକ୍ରିୟା ଆନୁଷ୍ଠାନିକ ଭାବେ ଆରମ୍ଭ ହୋଇଛି। ଆଇନ ମନ୍ତ୍ରଣାଳୟ ତରଫରୁ ନିର୍ଦ୍ଦେଶ ମିଳିବା ପରେ ପରମ୍ପରା ଅନୁଯାୟୀ ସିଜେଆଇ ହିଁ ନିଜର ଉତ୍ତରାଧିକାରୀଙ୍କ ନାମ ସୁପାରିସ କରିଥାନ୍ତି। ଏବେ ଦାୟିତ୍ୱରେ ଥିବା ମୁଖ୍ୟ ବିଚାରପତି ଗଭାଇଙ୍କ କାର୍ଯ୍ୟକାଳ ନଭେମ୍ବର ୨୩ରେ ଶେଷ ହେବ। ତାଙ୍କପରେ ଜଷ୍ଟିସ ସୂର୍ଯ୍ୟକାନ୍ତ ନଭେମ୍ବର ୨୪ରେ ସିଜେଆଇ ଭାବେ ଶପଥ ଗ୍ରହଣ କରିବେ ଓ ୨୦୨୭ ଫେବୃଆରୀ ୯ରେ ଅବସର ନେବେ। ସେ ୧୪ ମାସ ପାଇଁ ଏହି ଗୁରୁଦାୟିତ୍ୱ ସମ୍ଭାଳିବେ। ନିୟମ ଅନୁସାରେ ସୁପ୍ରିମକୋର୍ଟଙ୍କ ବିଚାରପତି ୬୫ ବର୍ଷ ବୟସରେ ହିଁ ଅବସର ଗ୍ରହଣ କରିଥାନ୍ତି। ଜଷ୍ଟିସ ସୂର୍ଯ୍ୟକାନ୍ତ ହରିୟାଣାର ପ୍ରଥମ ବିଚାରପତି ଭାବେ ସିଜେଆଇ ଭାବେ ଶପଥ ଗ୍ରହଣ କରିବେ। ପୂର୍ବର ଜଷ୍ଟିସ ସୂର୍ଯ୍ୟକାନ୍ତ ଏକାଧିକ ଗୁରୁତ୍ୱପୂର୍ଣ୍ଣ ମାମଲାରେ ନିଜର ସ୍ମରଣୀୟ ରାୟ ପ୍ରଦାନ କରି ବେଶ୍ ଚର୍ଚ୍ଚିତ ହୋଇଥିଲେ।

# ଛାତ୍ରଛାତ୍ରୀଙ୍କ ଆତ୍ମହତ୍ୟା ରୋକିବାକୁ କରିଛ କ'ଣ?

ନୂଆଦିଲ୍ଲୀ, ୨୭।୧୦ (ଏଜେନ୍ସି): ଦେଶରେ ଛାତ୍ରଛାତ୍ରୀଙ୍କ ଆତ୍ମହତ୍ୟା ବୃଦ୍ଧି ପାଇବାକୁ ନେଇ ସୁପ୍ରିମକୋର୍ଟ ଚିନ୍ତା ପ୍ରକଟ କରିଛନ୍ତି। ଏହାକୁ ରୋକିବା ପାଇଁ କି ପଦକ୍ଷେପ ନେଇଛ ବୋଲି ସର୍ବୋଚ୍ଚ ନ୍ୟାୟାଳୟ କେନ୍ଦ୍ର ଏବଂ ରାଜ୍ୟ ସରକାରମାନଙ୍କୁ ପଚାରିଛନ୍ତି। ଛାତ୍ରଛାତ୍ରୀଙ୍କ ମାନସିକ ସ୍ୱାସ୍ଥ୍ୟ ସମସ୍ୟା ଏବଂ ଆତ୍ମହତ୍ୟା ଘଟଣାର ମୁକାବିଲା ପାଇଁ ପ୍ରସ୍ତୁତ କରାଯାଇଥିବା ମାର୍ଗଦର୍ଶିକାକୁ କିପରି ଭାବେ ପାଳନ କରାଯାଇଛି ତାହାର ସୂଚନା ଦେବା ପାଇଁ କୋର୍ଟ ରାଜ୍ୟ ଏବଂ କେନ୍ଦ୍ରମାନଙ୍କୁ ୮ ସପ୍ତାହ ସମୟ ଦେଇଛନ୍ତି। ଏହି ସମୟ ଭିତରେ ସତ୍ୟପାଠ ଦାଖଲ କରିବାକୁ ଜଷ୍ଟିସ ବିକ୍ରମ ନାଥ ଏବଂ ସନ୍ଦୀପ ମେହେଟ୍ଟାଙ୍କ ଖଣ୍ଡପୀଠ କହିଛନ୍ତି। ଜୁଲାଇ ୨୫ରେ ସୁପ୍ରିମକୋର୍ଟ ଦେଇଥିବା ନିଷ୍ପତ୍ତିକୁ ନେଇ ଏହି ଶୁଣାଣି ହୋଇଥିଲା। ଏଥିରେ ୨ ମାସ ଭିତରେ ଘରୋଇ କୋଚିଂ କେନ୍ଦ୍ରର ପଞ୍ଜୀକରଣ, ଛାତ୍ରଛାତ୍ରୀଙ୍କ ସୁରକ୍ଷା ଏବଂ ଅଭିଯୋଗର ସମାଧାନ ପାଇଁ ନିୟମ ବନାଇବାକୁ କୁହାଯାଇଥିଲା। ଆଜିର ଶୁଣାଣିରେ ମାମଲାରେ ସବୁ ରାଜ୍ୟ ଏବଂ କେନ୍ଦ୍ରଶାସିତ ଅଞ୍ଚଳଙ୍କୁ ପକ୍ଷଭୁକ୍ତ କରିବାକୁ ସୁପ୍ରିମକୋର୍ଟ ନିର୍ଦ୍ଦେଶ ଦେଇଥିଲେ। ଜାନୁଆରୀ ମାସରେ ଏହି ମାମଲାର ପରବର୍ତ୍ତୀ ଶୁଣାଣି ହେବ।

# ଜୋତା ଫୋପାଡ଼ିଥିବା ଓକିଲ ଉପରେ ଅବମାନନା କାର୍ଯ୍ୟାନୁଷ୍ଠାନ ହେବନି

ନୂଆଦିଲ୍ଲୀ, ୨୭ ।୧୦(ଏଜେନ୍ସି): ସୁପ୍ରିମକୋର୍ଟ ମୁଖ୍ୟ ବିଚାରପତି ବିଆର ଗଭାଇଙ୍କ ଉପରେ ଜୋତା ଫୋଡିଥିବା ବରିଷ୍ଠ ଓକିଲଙ୍କ ବରୋଧରେ କୌଣସି ଅବମାନନା କର୍ଯ୍ୟାନୁଷ୍ଠାନ ହେବନାହିଁ। ସୁପ୍ରିମକୋର୍ଟଙ୍କ ତରଫରୁ ସୋମବାର ଏ ନେଇ ସ୍ପଷ୍ଟ କରାଯାଇଛି। ଜୋତା ଫୋପାଡିଥିବା ୭୨ ବର୍ଷୀୟ ଓକିଲ ରାକେଶ କିଶୋରଙ୍କ ବରୋଧରେ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସୁପ୍ରିମକୋର୍ଟ ମନା କରି ଦେଇଛନ୍ତି। ଫଳରେ ଏହି ମାମଲା ଆଗକୁ ଆଉ ବଢ଼ିବ ନାହିଁ ବୋଲି କୁହାଯାଇଛି। ତେବେ ଭବିଷ୍ୟତରେ ଏଭଳି ଘଟଣାର ଯେପରି ପୁନରାବୃତ୍ତି ନହୁଏ, ସେଥିପାଇଁ ଗାଇଡ ଲାଇନ୍ ଅର୍ଥାତ ମାର୍ଗଦର୍ଶିକା ନିର୍ଦ୍ଧାରଣ କରିବାକୁ ବିଚାର କରାଯିବ ବୋଲି ସୁପ୍ରିମକୋର୍ଟ କହିଛନ୍ତି। ଏ ସମ୍ପର୍କରେ ଦେଶରେ ବିଭିନ୍ନ ଅଦାଲତରେ ଘଟିଥିବା ଏହିଭଳି ଘଟଣାର ବିବରଣୀ ଦେବାକୁ ସଲିସିଟର ଜେନେରାଲ ତୁଷାର ମେହେଟାଙ୍କୁ କୁହାଯାଇଛି। ଏହି ଘଟଣାକୁ ସୋସିଆଲ ମିଡିଆରେ ମହିମା ମଣ୍ଡନ କରିବା ବିରୋଧରେ ମଧ ମାର୍ଗଦର୍ଶିକା ନିର୍ଦ୍ଧାରଣ କରିବାକୁ ବିଚାର କରାଯିବ ବୋଲି କୁହାଯାଇଛି।

# ଅଯୋଧାରେ ରାମ ମନ୍ଦିର ନିର୍ମାଣ କାର୍ଯ୍ୟ ସମ୍ପୂର୍ଣ୍ଣ

ଅଯୋଧା, ୨୭ ।୧୦(ଏଜେନ୍ସି): ଅଯୋଦ୍ଧାରେ ଭଗବାନ ଶ୍ରୀରାମ ଜନ୍ମଭୂମି ମନ୍ଦିର କାର୍ଯ୍ୟ ସମ୍ପର୍ଣ୍ଣ ହୋଇଛି। ମନ୍ଦିର କାର୍ଯ୍ୟ ସମ୍ପର୍ଣ୍ଣ ହୋଇସାରିଛି ଓ ସବୁ ମୂର୍ତ୍ତି ସ୍ଥାପନ କରାଯାଇଛି ବୋଲି ଶ୍ରୀରାମ ଜନ୍ମଭୂମି ତୀର୍ଥ କ୍ଷେତ୍ର ସୋମବାର ଏ ନେଇ ଘୋଷଣା କରିଛି। ମନ୍ଦିରରେ ଧ୍ୱଜଦଣ୍ଡ ସହ କଳସକୁ ମଧ ସ୍ଥାପନ କରାଯାଇଛି ବୋଲି ଟ୍ରଷ୍ଟ 'ଏକ୍ସ'ରେ ପୋଷ୍ଟ କରି ସୂଚନା ଦେଇଛି। ମୁଖ୍ୟ ମନ୍ଦିର ସମେତ ଭଗବାନ ଶିବ, ଗଣେଷ, ହନୁମାନ, ସୂର୍ଯ୍ୟଦେବ, ଦେବୀ ଭଗବତୀ, ଦେବୀ ଅର୍ଣ୍ଣପୂର୍ଣ୍ଣା ଓ ଶେଷ ଅବତାର ମନ୍ଦିରର ନିର୍ମାଣ କାର୍ଯ୍ୟ ସମ୍ପର୍ଣ୍ଣ ହୋଇଛି ଓ ଉପରେ ଧ୍ୱଜଦଣ୍ଡ ଓ କଳସ ସ୍ଥାପିତ କରାଯାଇଛି। ସବୁ ପ୍ରତିମାଗୁଡିକୁ ମଧ ସ୍ଥାପନ କରାଯାଇଛି।

# ଜାପାନ ସମ୍ରାଟଙ୍କୁ ଭେଟିଲେ ଟ୍ରମ୍ପ

ଟୋକିଓ, ୨୭ ।୧୦(ଏଜେନ୍ସି): ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଦୀର୍ଘ ୬ ବର୍ଷ ପରେ ଜାପାନ ଗସ୍ତରେ ଯାଇଛନ୍ତି। ସୋମବାର ସେ ଜାପାନ ସମ୍ରାଟ ନାରୁହିଟୋଙ୍କୁ ଟୋକିଓର ଇମ୍ପେରିଆଲ ପ୍ୟାଲେସ୍‌ରେ ସାକ୍ଷାତ କରିଛନ୍ତି। ମଙ୍ଗଳବାର ସେ ଜାପାନର ପ୍ରଥମ ମହିଳା ପ୍ରଧାନମନ୍ତ୍ରୀ ସାନାଏ ଟାକାଇଚିଙ୍କୁ ଭେଟିବାର କାର୍ଯ୍ୟକ୍ରମ ରହିଛି। ଟ୍ରମ୍ପ ସମ୍ରାଟଙ୍କୁ ପ୍ରଶଂସା କରିଛନ୍ତି ଓ ତାଙ୍କୁ ଜଣେ ମହାନ ବ୍ୟକ୍ତି ବୋଲି ଅଭିହିତ କରିଛନ୍ତି। ସେ ଟାକାଇଚିଙ୍କ ସହ ବାଣିଜ୍ୟ ଓ ନିବେଶ ନେଇ ଆଲୋଚନା କରିବେ। ଏହାପୂର୍ବରୁ ୨୦୧୯ରେ ଟ୍ରମ୍ପ ଜାପାନ ଗସ୍ତ କରିଥିଲେ। ଟ୍ରମ୍ପଙ୍କ ସୁରକ୍ଷା ପାଇଁ ୧୮, ୦୦୦ ପୁଲିସ କର୍ମଚାରୀ ନିୟୋଜିତ ହୋଇଛନ୍ତି।

# ପୁଣି ହାତକଡ଼ି ପିନ୍ଧାଇ ୫୦ ଭାରତୀୟଙ୍କୁ ବିଦାକଲା ଆମେରିକା

ନୂଆଦିଲ୍ଲୀ, ୨୭ ।୧୦(ଏଜେନ୍ସି): ଆମେରିକାରୁ ପୁଣିଥରେ ଅପଦସ୍ଥ କରାଇ ପ୍ରବାସୀ ଭାରତୀୟଙ୍କୁ ଡିପୋର୍ଟ କରାଯାଇଛି। ଶନିବାର ବିଳମ୍ବିତ ରାତିରେ ପ୍ରବାସୀଙ୍କୁ ନେଇ ଏକ ବିମାନ ଦିଲ୍ଲୀ ବିମାନ ବନ୍ଦରରେ ଅବତରଣ କରିଥିଲା। ଏମାନଙ୍କ ହାତରେ ହାତକଡ଼ି ପଡ଼ିଥିଲା। ଡିପୋର୍ଟ ହୋଇଥିବା ୫୦ଜଣ ଭାରତୀୟଙ୍କ ମଧ୍ୟରେ କେବଳ ୩୫ ଜଣ ହାରିୟାଣାର ଥିଲେ। ବିମାନରେ ଦୀର୍ଘ ୨୫ ଘଣ୍ଟା ଧରି ସେମାନଙ୍କ ହାତରେ ହାତକଡ଼ି ଥିଲା। ଏହି ୩୫ଜଣଙ୍କ ମଧ୍ୟରୁ ହରିୟାଣାର କର୍ଣ୍ଣାଲ୍‌ର ୧୬, କଇଥାଲର ୧୪ ଓ କୁରୁକ୍ଷେତ୍ରର ୫ ଜଣ ସାମିଲ ରହିଛନ୍ତି। ସମସ୍ତଙ୍କୁ ସେମାନଙ୍କ ଜିଲ୍ଲାକୁ ଅଣାଯାଇ ସେମାନଙ୍କ ପରିବାରକୁ ହସ୍ତାନ୍ତର କରାଯାଇଛି ବୋଲି ଅଧିକାରୀମାନେ କହିଛନ୍ତି। ଏମାନେ ସମସ୍ତେ ଡଙ୍କି ରୁଟ୍ ଅର୍ଥାତ ଅବୈଧ ଭାବେ ପ୍ରବେଶ କରି ଆମେରିକାରେ ରହୁଥିଲେ ବୋଲି କଇଥାଲ ଡିଏସ୍‌ପି ଲଳିତ କୁମାର କହିଛନ୍ତି। ଏମାନଙ୍କ ବୟସ ୨୫ରୁ ୪୦ ବର୍ଷ ବୋଲି କୁହାଯାଇଛି। ଲକ୍ଷ ଲକ୍ଷ ଟଙ୍କା ଖର୍ଚ୍ଚ କରି ଏମାନେ ରୋଜଗାର ତଥା ଚାକିରି ପାଇଁ ଆମରେକା ଯାଇଥିଲେ। କିନ୍ତୁ ଶେଷରେ ଏମାନଙ୍କୁ ଏଭଳି ସ୍ଥିତିର ସମ୍ମୁଖୀନ ହେବାକୁ ପଡ଼ିଛି। ବେରୋଜଗାର ପାଇଁ ଭାରତୀୟ ଯୁବକମାନେ ଉପାର୍ଜନ କରିବା ଲକ୍ଷ୍ୟରେ ବିଦେଶ ଯାଉଛନ୍ତି। କିନ୍ତୁ ସେମାନଙ୍କୁ ବିଦେଶରେ ଏହି ଭଳି ସମସ୍ୟାର ସମ୍ମୁଖୀନ ହେବା ସହ ଅପଦସ୍ତ ହେବାକୁ



ପଡୁଛି। ପୂର୍ବରୁ ମଧ ଆମେରିକା ପଞ୍ଜାବ, ହରିୟାଣା, ଗୁଜରାଟର ଅବୈଧ ପ୍ରବାସୀଙ୍କୁ ପର୍ଯ୍ୟାୟକ୍ରମେ ଭାରତକୁ ଡିପୋର୍ଟ କରିଥିଲା ଓ ଡୋନାଲ୍ଡ ଟ୍ରମ୍ପ ପ୍ରଶାସନକୁ ନିନ୍ଦା କରାଯାଇଥିଲା। ଏ ନେଇ ବିବାଦ ମଧ ସୃଷ୍ଟି ହୋଇଥିଲା।

# ବିଶ୍ୱରେ ପ୍ରଥମ: ରୁଷ କ୍ରୁଜ୍ କ୍ଷେପଣାସ୍ତ୍ରକୁ ରୋକିପାରିବନି କୌଣସି ଡିଫେନ୍ସ ସିଷ୍ଟମ

ମସ୍କୋ, ୨୭ ।୧୦(ଏଜେନ୍ସି): ବିଶ୍ୱରେ ପ୍ରଥମଥର ପାଇଁ ରୁଷିଆ ନ୍ୟୁକ୍ଲିଆର ପାୱାରଡ୍ କ୍ଷେପଣାସ୍ତ୍ରର ସଫଳ ପରୀକ୍ଷଣ କରିଛି। ଅର୍ଥାତ ପରମାଣୁ ଶକ୍ତି ଦ୍ୱାରା ପରିଚାଳିତ ହେଉଥିବା ଏହି ମିସାଇଲ୍‌ର ସଫଳ ପରୀକ୍ଷଣ ନେଇ ରୁଷିଆ ଘୋଷଣା କରିଛି। ଏହି ମିସାଇଲ୍‌ର ନାମ ବୁରେଭେସ୍ତିନିକ୍-୯ଏମ୍୭୩୯ ରଖାଯାଇଛି। ଏହି ମିସାଇଲର ରେଞ୍ଜ ଅନ୍‌ଲିମିଟେଡ୍ ଅର୍ଥାତ ଅସୀମ ବୋଲି କୁହାଯାଇଛି। ଏହି ମିସାଇଲର ସବୁ ପରୀକ୍ଷା କରାଯାଇ ସାରିଛି ବୋଲି ରାଷ୍ଟ୍ରପତି ଭ୍ଲାଦିମିର ପୁଟିନ ରବିବାର ଭିଡିଓ କନଫରେନ୍ସରେ କହିଛନ୍ତି। ଏଭଳି ମିସାଇଲ ବିଶ୍ୱରେ କୌଣସି ଦେଶ ପାଖରେ ନାହିଁ ବୋଲି ସେ ସ୍ପଷ୍ଟ କରିଛନ୍ତି। ପ୍ରଥମ ଏଭଳି ଅସ୍ତ୍ର ତିଆରି କରିବା ଅସମ୍ଭବ ବୋଲି ବିଶେଷଜ୍ଞମାନେ କହୁଥିଲେ। କିନ୍ତୁ ଏବେ ଏହା ସତରେ ପରିଣତ ହୋଇଛି। ଅକ୍ଟୋବର ୨୧ରେ ଏହି ମିସାଇଲର ସଫଳ ପରୀକ୍ଷଣ କରାଯାଇଥିଲା ବୋଲି ରୁଷ ସେନା ମୁଖ୍ୟ ବେଲେରି ଗେରେସିମୋଭ କହିଛନ୍ତି। ପରୀକ୍ଷା ଅବସରରେ ଏହି ମିସାଇଲ୍ ଦୀର୍ଘ ୧୫ ଘଣ୍ଟାର ଉଡାଣ ଭରିଥିଲା। ଏହି ଅବସରରେ ମିସାଇଲ ୧୪ ହଜାର କିମି ଦୂର ଯାତ୍ରା କରିଥିଲା। ତେବେ ଏହା ତା'ର ଅଧିକତମ ରେଞ୍ଜ୍ ନୁହଁ। ଏହି ମିସାଇଲ୍ ୧୪ ହଜାର କିମିରୁ ଅଧିକ ଦୂର ଯାତ୍ରା କରିପାରିବ। ଅର୍ଥାତ



ଏହା ଅସୀମିତ ଦୂର ପର୍ଯ୍ୟନ୍ତ ଯାଇ ଟାର୍ଗେଟକୁ ମାଡ଼ କରିପାରିବ। ଏହା ଘଣ୍ଟାକୁ ୧୩୦୦ କିମି ବେଗ ଗତି କରିବ। ବୁରେଭେସ୍ତେନିକ ମିସାଇଲ୍‌କୁ କୌଣସି ଡିଫେନ୍ସ ସିଷ୍ଟମ ଅଟକାଇପାରିବ ନାହିଁ ବୋଲି ସେ କହିଛନ୍ତି। ଏହି ମିସାଇଲ ଦ୍ୱାରା ରୁଷିଆ ଆମେରିକା ସମେତ ବିଶ୍ୱର ଯେକୌଣସି ସ୍ଥାନକୁ ଲକ୍ଷ୍ୟ କରି ଆକ୍ରମଣ କରିପାରିବ। ଏହି ମିସାଇଲ୍‌ର ଏକ ସ୍ୱତନ୍ତ୍ରତା ରହିଛି। ସାଧାରଣ ବାଲାଷ୍ଟିକ୍ ମିସାଇଲ୍ ଅନ୍ତରିକ୍ଷରେ ପୂର୍ବରୁ ନିଶ୍ଚିତ କରାଯାଇଥିବା ପଥ ଦେଇ ଗତି କରିଥାଏ। କିନ୍ତୁ ଏହି ମିସାଇଲ୍ ଭୂମିଠାରୁ ୫୦- ୧୦୦ ମିଟର ଉଚ୍ଚରେ ଯାତ୍ରା କରିବ ଓ ଗତିପଥ ପରିବର୍ତ୍ତନ କରିପାରିବ। ତେଣୁ ଏହାକୁ ଟ୍ରେସ୍ କରି ନିଷ୍କ୍ରିୟ କରିବା ଏକ ପ୍ରକାର ଅସମ୍ଭବ ବୋଲି କୁହାଯାଇଛି।

## ସୁପ୍ରିମକୋର୍ଟରେ ବୁଲାକୁକୁର ମାମଲା

# ସତ୍ୟପାଠ ଦେଉନାହାନ୍ତି ରାଜ୍ୟ

## ସୁପ୍ରିମକୋର୍ଟ କ୍ଷୁବ୍ଧ; ସବୁ ରାଜ୍ୟର ମୁଖ୍ୟ ସଚିବଙ୍କୁ ହାଜିରା ନିର୍ଦ୍ଦେଶ

ନୂଆଦିଲ୍ଲୀ, ୨୭।୧୦ (ଏଜେନ୍ସି): ବୁଲା କୁକୁର ମାମଲାରେ ଅଗଷ୍ଟରେ ଦିଆଯାଇଥିବା ରାୟ ଉପରେ କାର୍ଯ୍ୟାନୁଷ୍ଠାନ ନେଇ ନ ଥିବାରୁ ସୁପ୍ରିମକୋର୍ଟ ତୀବ୍ର ଅସନ୍ତୋଷ ପ୍ରକାଶ କରିଛନ୍ତି। ଏ ନେଇ ରାଜ୍ୟ ଏବଂ କେନ୍ଦ୍ରଶାସିତ ଅଞ୍ଚଳର ସରକାରଗୁଡିକୁ ଭର୍ତ୍ସନା କରିଛନ୍ତି। ବୁଲା କୁକୁରଙ୍କୁ ଧରି ବନ୍ଧ୍ୟାକରଣ କରି ଛାଡ଼ିବାକୁ ସୁପ୍ରିମକୋର୍ଟ ନିର୍ଦ୍ଦେଶ ଦେଇଥିଲେ। କିନ୍ତୁ ଏହାକୁ ପାଳନ କରାଯାଇ ନ ଥିବାରୁ ସାରା ଦେଶରେ ଏଭଳି ମାମଲା ବୃଦ୍ଧି ପାଇବାରେ ଲାଗିଛି। ଏହା ଅତ୍ୟନ୍ତ ବିରକ୍ତି କର ବୋଲି ସର୍ବୋଚ୍ଚ ନ୍ୟାୟାଳୟ କହିଛନ୍ତି। ଏହି ପ୍ରସଙ୍ଗରେ ସତ୍ୟପାଠ ଦାଖଲ କରିଥିବା ପଶ୍ଚିମବଙ୍ଗ ଏବଂ ତେଲଙ୍ଗାନାକୁ ଛାଡ଼ି ସବୁ ରାଜ୍ୟ ଏବଂ କେନ୍ଦ୍ରଶାସିତ ଅଞ୍ଚଳର ମୁଖ୍ୟ ଶାସନ ସଚିବଙ୍କୁ ଜବାବ ତଲବ କରିଛନ୍ତି। ପଶୁଙ୍କ ଜନ୍ମ ନିୟନ୍ତ୍ରଣ (ଏବିସି)କୁ ନେଇ କି ପଦକ୍ଷେପ ନିଆଯାଇଛି ତାହା ଉପରେ ଜବାବୀ ସତ୍ୟପାଠ ଦାଖଲ କରିବାକୁ କହିଛନ୍ତି।

ନିଜ ଆଡୁ ଏକ ମାମଲାର ଶୁଣାଣି କରି ଜଷ୍ଟିସ ବିକ୍ରମ ନାଥ, ସଞ୍ଜୀବ ମେହେଟ୍ଟା ଏବଂ ଏନ. ଭି ଅଞ୍ଜାରିଆଙ୍କ ଖଣ୍ଡପୀଠ ଗତ କିଛି ଦିନ ହେଲା ଦେଶରେ ଘଟିଥିବା କୁକୁର କାମୁଡା ଘଟଣାର ଉଦାହରଣ ଦେଇଥିଲେ। ମହାରାଷ୍ଟ୍ର, କେରଳ, ତେଲଙ୍ଗାନାରେ ଘଟଣା ବିଷୟରେ ଉଲ୍ଲେଖ କରି ରାଜ୍ୟ ସରକାରଗୁଡିକ ନିୟମ ପାଳନ କରୁ ନ ଥିବାରୁ କଠୋର ଭାଷାରେ ସମାଲୋଚନା କରିଥିଲେ। ଖଣ୍ଡପୀଠ କହିଥିଲେ ଯେ କୁକୁର କାମୁଡା ଜନିତ ଘଟଣା ବିଦେଶରେ ଦେଶର ଛବିକୁ ଖରାପ କରୁଛି। କୋର୍ଟଙ୍କ ନିର୍ଦ୍ଦେଶକୁ ଦୁଇ ମାସ ବିତି ଯାଇଥିଲେ ବି ଏହା ଉପରେ କୌଣସି ପ୍ରତିକ୍ରିୟା ଦିଆଯାଉ ନାହିଁ। ଏହାର କାରଣ ଦର୍ଶାଇବାକୁ ରାଜ୍ୟ ଏବଂ କେନ୍ଦ୍ରଶାସିତ ଅଞ୍ଚଳକୁ ନିର୍ଦ୍ଦେଶ ଦେଇଥିଲେ। ଖବର କାଗଜ ପଢୁଛନ୍ତି କି ନାହିଁ ବୋଲି ପଚାରି ଥିଲେ। ଏହା ପରେ ଆସନ୍ତା ସୋମବାର ୧୦ଟା୩୦ରେ ବ୍ୟକ୍ତିଗତ ଭାବେ ସବୁ ରାଜ୍ୟର ମୁଖ୍ୟ ଶାସନ ସଚିବଙ୍କୁ ହାଜର ହେବାକୁ ନିର୍ଦ୍ଦେଶ ଦେଇଥିଲେ। ଯଦି ନିର୍ଦ୍ଦେଶ ନ ମାନିବେ ତେବେ ଜୋରିମାନା



ସହିତ କଠୋର କାର୍ଯ୍ୟାନୁଷ୍ଠାନ ନିଆଯିବ ବୋଲି ସୁପ୍ରିମକୋର୍ଟ ଚେତାବନୀ ଦେଇଛନ୍ତି।

ଖଣ୍ଡପୀଠ କହିଥିଲେ ଯେ ଦିଲ୍ଲୀ ପୌରପାଳିକା, ପଶ୍ଚିମବଙ୍ଗ ଏବଂ ତେଲଙ୍ଗାନାକୁ ଛାଡି ଆଉ କୌଣସି ରାଜ୍ୟ ସତ୍ୟପାଠ ଦାଖଲ କରିନାହାନ୍ତି। ଦିଲ୍ଲୀ ସରକାର ମଧ ସତ୍ୟପାଠ ଦାଖଲ କରିବାକୁ ବିଫଳ ହୋଇଛନ୍ତି। ଅନେକ ରାଜ୍ୟ ନିୟମ ପାଳନ କରିବାରେ ବିଫଳ ହୋଇଛନ୍ତି। ଏପରିକି କୋର୍ଟରେ ରାଜ୍ୟମାନଙ୍କ ପ୍ରତିନିଧି ମଧ ଉପସ୍ଥିତ ନ ଥିଲେ।

# ବାଂଲାଦେଶ ନକ୍ସାରେ ଉତ୍ତରପୂର୍ବ ଭାରତ

## ■ ପାକ୍ ସେନା ମୁଖ୍ୟଙ୍କୁ ୟୁନୁସଙ୍କ ବିବାଦୀୟ ମାନଚିତ୍ର ଉପହାର

ଢାକା, ୨୭ ।୧୦(ଏଜେନ୍ସି): ବାଂଲାଦେଶର ଅନ୍ତରୀଣ ସରକାରଙ୍କ ମୁଖ୍ୟ ଉପଦେଷ୍ଟା ମହମ୍ମଦ ୟୁନୁସ ପାକିସ୍ତାନ ସେନା ମୁଖ୍ୟ ତଥା ଜେନେରାଲ ସାହିର ସମସାଦ ମିର୍ଜାଙ୍କୁ ଏକ ବିବାଦୀୟ ମାନଚିତ୍ର ଉପହାର ସ୍ୱରୂପ ପ୍ରଦାନ କରିଛନ୍ତି। ଏହି ମାନଚିତ୍ରରେ ଭାରତର ଉତ୍ତରପୂର୍ବ ରାଜ୍ୟଗୁଡିକୁ ବାଂଲାଦେଶ ନିଜର ଅଞ୍ଚଳ ବୋଲି ଦର୍ଶାଇଛି। ଏହାକୁ ନେଇ ବିବାଦ ସୃଷ୍ଟି ହୋଇଛି। ଅବଶ୍ୟ ଭାରତର ବୈଦେଶିକ ମନ୍ତ୍ରଣାଳୟ ଏପର୍ଯ୍ୟନ୍ତ ଏହି ବିବାଦ ଉପରେ କୌଣସି ପ୍ରତିକ୍ରିୟା ଦେଇନାହିଁ। ଏହି ମାନଚିତ୍ରରେ ଆସାମ ସମେତ ଅନ୍ୟ ଉତ୍ତରପୂର୍ବର ରାଜ୍ୟଗୁଡିକୁ ବାଂଲାଦେଶରେ ସାମିଲ କରାଯାଇଥିବାର ଦେଖା ଯାଇଛି। ୟୁନୁସ ମିର୍ଜାଙ୍କୁ 'ଆର୍ଟ ଅଫ୍ ଟ୍ରମ୍ଫ' ନାମକ ଏକ ବହିକୁ ଉପହାର ସ୍ୱରୂପ ପ୍ରଦାନ କରିଥିଲେ। ଏହି ବହିର ପ୍ରଚ୍ଛଦରେ ବାଂଲାଦେଶର ବିବାଦୀୟ ମାନଚିତ୍ର ଦେଖିବାକୁ ମିଳିଛି। ବହିର କଭରରେ ଉତ୍ତରପୂର୍ବରୁ ୭ଟି ରାଜ୍ୟକୁ ବାଂଲାଦେଶର ଅଂଶ ବୋଲି ଦର୍ଶାଯାଇଛି। ଏହାକୁ କଠୋରପନ୍ଥୀ ଇସ୍‌ଲାମିକ୍ ସଂଗଠନଗୁଡିକ ଗ୍ରେଟର ବାଂଲାଦେଶ ବୋଲି କହୁଛନ୍ତି।

ଜେନେରାଲ ମିର୍ଜା ଅକ୍ଟୋବର ୨୪ରେ ୬ ସଦସ୍ୟ ବିଶିଷ୍ଟ ପ୍ରତିନିଧିମଣ୍ଡଳୀ ସହ ବାଂଲାଦେଶ ଗସ୍ତରେ ଯାଇଛନ୍ତି। ତେବେ ପ୍ରଥମଥର ପାଇଁ ବାଂଲାଦେଶ ତରଫରୁ ଏଭଳି ଦୁଃସାହସ କରାଯାଇନାହିଁ। ଗତବର୍ଷ ଡିସେମ୍ବରରେ ୟୁନୁସଙ୍କ



ଉପଦେଷ୍ଟା ମେହଫୁସ ଆଲମ ମଧ ଏହି ଭଳି ବାଂଲାଦେଶର ବିବାଦୀୟ ମାନଚିତ୍ର ପୋଷ୍ଟ କରିଥିଲେ। ଏହି ମାନଚିତ୍ରରେ ଆଲମ ଭାରତର ପଶ୍ଚିବଙ୍ଗ, ତ୍ରିପୁରା ଓ ଆସାମର କିଛି ଅଂଶ ବାଂଲାଦେଶରେ ସାମିଲ କରିଥିଲେ। ତେବେ ବିବାଦ ବଢ଼ିବାରୁ ଏହି ପୋଷ୍ଟକୁ ଡିଲିଟ୍ କରାଯାଇଥିଲା।

## ଭଉଣୀଙ୍କ ଅଶ୍ଳୀଳ ଏଆଇ ଫଟୋ, ଭିଡିଓ ଦେଖାଇ ବ୍ଲାକ୍‌ମେଲ

# ଆତ୍ମହତ୍ୟା କଲେ କଲେଜ ଛାତ୍ର


ଫରିଦାବାଦ୍, ୨୭ ।୧୦(ଏଜେନ୍ସି): ହରିୟାଣାର ଫରିଦାବାଦ୍‌ରେ ଏକ ବିଚଳିତ କଲା ଭଳି ଦୁଃଖଦ ଘଟଣା ସାମ୍ନାକୁ ଆସିଛି। ଆର୍ଟିଫିସିଆଲ ଇଣ୍ଟେଲିଜେନ୍ସ (ଏଆଇ) ଦ୍ୱାରା ପ୍ରସ୍ତୁତ ୩ ଭଉଣୀଙ୍କ ଅଶ୍ଳୀଳ ଫଟୋ ଓ ଭିଡିଓ ଦେଖାଇ ବ୍ଲାକ୍‌ମେଲ କରାଯିବା ପରେ ବିଚଳିତ ହୋଇ ଜଣେ ୧୯ ବର୍ଷୀୟ କଲେଜ ଛାତ୍ର ଆତ୍ମହତ୍ୟା କରିଛନ୍ତି। ଏହି ଛାତ୍ର ହେଉଛନ୍ତି ରାହୁଲ ଭାରତୀ। ଅଭିଯୁକ୍ତମାନେ



ବ୍ଲାକମେଲ ରାହୁଲଙ୍କଠାରୁ ୨୦ ହଜାର ଟଙ୍କା ଦେବାକୁ କହିଥିଲେ। ରାହୁଲ ଡିଏଭି କଲେଜରେ ଦ୍ୱିତୀୟ ବର୍ଷ ଛାତ୍ର। ଭଉଣୀଙ୍କ ଏଆଇ ଫଟୋ ଓ ଭଡିଓକୁ ସାମାଜିକ ଗଣମାଧମରେ ଛାଡି ଦେବାକୁ ଅଭିଯୁକ୍ତ ମାନେ ଧମକ ଦେଇଆସୁଥିଲେ। ଫଳରେ ସେ ସୁଲଫାସ ପେଷ୍ଟିସାଇଡ୍ ଟାବଲେଟ୍ ଖାଇ ଆତ୍ମହତ୍ୟା କରିଥିଲେ। ରାହୁଲ ନିଜ ଭଉଣୀ ଓ ପରିବାର ସହ ଫରିଦାବାଦ୍‌ର ବାସେଲୱା କଲୋନୀରେ ରହୁଥିଲେ। ଏହି ମାମଲାରେ ଦୁଇଜଣଙ୍କୁ ଗିରଫ୍ କରି ପୁଲିସ ମାମଲା ରୁଜୁ କରିଛି। ଏମାନଙ୍କ ମଧ୍ୟରେ ରାହୁଲଙ୍କ ଜଣେ ବନ୍ଧୁ ମଧ ରହିଛନ୍ତି। ଦୁଇ ସପ୍ତାହ ତଳେ ଅଭିଯୁକ୍ତମାନେ ବ୍ଲାକ୍‌ମେଲ କରିବା ଆରମ୍ଭ କରିଥିଲେ। ରାହୁଲଙ୍କ ମୋବାଇଲ ଫୋନ୍‌କୁ ହ୍ୟାକ କରାଯିବା ପରେ ତାଙ୍କୁ ବ୍ଲାକ୍‌ମେଲ୍ କରାଯାଇଥିଲା ବୋଲି ତାଙ୍କ ବାପା ମନୋଜ ପୁଲିସକୁ କହିଛନ୍ତି।

# ୟୁପିଏସ୍‌ସି ଛାତ୍ରଙ୍କୁ ମାରିଥିଲେ ଲିଭ୍ ଇନ୍ ପାର୍ଟନର

ନୂଆଦିଲ୍ଲୀ, ୨୭ ।୧୦ (ଏଜେନ୍ସି): ଦିଲ୍ଲୀ ଗାନ୍ଧୀ ବିହାର ଅଞ୍ଚଳରେ ଅକ୍ଟୋବର ୬ରେ ଏକ ପୋଡ଼ା ମୃତଦେହ ଉଦ୍ଧାର କରାଯିବାର ରହସ୍ୟ ଉନ୍ମୋଚନ ହୋଇଛି। ହତ୍ୟାର



ଶିକାର ହୋଇଥିବା ଯୁବ ହେଉଛନ୍ତି ରାମକେଶ ମିନା। ସେ ୟୁପିଏସ୍‌ସି ଆଶୟୀ ଥିଲେ ଓ ଏଥିପାଇଁ ପ୍ରସ୍ତୁତି କରୁଥିଲେ। ରାମକେଶଙ୍କୁ ତାଙ୍କ ଲିଭ୍ ଇନ୍ ପାର୍ଟନର ୨୧ ବର୍ଷୀୟା ଅମୃତା ଚୌହାନ ନିଜର ପୂର୍ବତନ ପ୍ରେମିକ ଓ ତାଙ୍କ ବନ୍ଧୁମାନଙ୍କ ସହ ମିଶି ହତ୍ୟା କରିଥିଲେ। ପ୍ରଥମେ ତାଙ୍କ ତଣ୍ଟିଚିପି ପରେ ମୃତଦେହ ଉପରେ ଘିଅ ଓ ମଦ ଢ଼ାଳି ଜଳାଇ ଦେଇଥିଲେ। ପୁଲିସ ଅମୃତା ଓ ତାଙ୍କ ଦୁଇ ସାଥିଙ୍କୁ ଗିରଫ କରିଛି। ଅମୃତା ଫରେନସିକ ସାଇନ୍ସର ଛାତ୍ରୀ। ଗତ ମେ ମାସରୁ ଦୁହେଁ ଲିଭ୍ ଇନ୍‌ରେ ରହିଥିଲେ। ରାମେକଶଙ୍କ ପାଖରେ ଅମୃତାଙ୍କର ଅଶ୍ଳୀଳ ଭିଡିଓ ଥିଲା। ବାରମ୍ବାର କହିବା ପରେ ମଧ ସେ ତାଙ୍କ ଭିଡିଓ ଡିଲିଟ୍ କରି ନଥିଲେ। ଫଳରେ ଅମୃତା ଚିନ୍ତିତ ଥିଲେ। ଶେଷରେ ପୂର୍ବତନ ପ୍ରେମିକ ସୁମିତଙ୍କ ସହ ସେ ରାମକେଶଙ୍କୁ ହତ୍ୟା କରିବାକୁ ନିଷ୍ପତ୍ତି ନେଇଥିଲେ ବୋଲି ପୁଲିସ କହିଛି। ସୁମିତ ଏଲ୍‌ପିଜି ଡିଷ୍ଟ୍ରିବ୍ୟୁଟର ଥିଲେ। ସେ ଗ୍ୟାସ ସିଲିଣ୍ଡରେ ନିଆଁ ଲଗାଇ ବିସ୍ଫୋରଣ ଘଟାଇଥିଲେ। କିନ୍ତୁ ସିସିଟିଭି ଫୁଟେଜକୁ ଭିତିକରି ପୁଲିସ ସମସ୍ତଙ୍କୁ ଗିରଫ କରି ମାମଲା ରୁଜୁ କରିଛି।

# ଚାଷୀଙ୍କୁ ପିଟିପିଟି ମାରିଲେ; କାର୍ ଚଢ଼ାଇଦେଲେ ବିଜେପି ନେତା

ଭୋପାଳ, ୨୭।୧୦ (ଏଜେନ୍ସି): ମଧ୍ୟପ୍ରଦେଶରେ ଆଇନ ବ୍ୟବସ୍ଥା ସମ୍ପୂର୍ଣ୍ଣ ଭାବେ ଭୁଶୁଡ଼ି ଯାଇଛି। କ୍ଷମତା ଏବଂ ଅର୍ଥ ବଳରେ ମଦମତ୍ତ ଥିବା ଜଣେ ବିଜେପି ନେତା ମଧ୍ୟପ୍ରଦେଶ ଗୁନା ଜିଲ୍ଲାର ଗଣେଶପୁରା ଗ୍ରାମରେ ଆତଙ୍କରାଜ ସୃଷ୍ଟି କରିଛନ୍ତି। ଚଳଚ୍ଚିତ୍ରରେ ଦେଖା ଯାଉଥିବା ଦୁର୍ଦ୍ଦାନ୍ତ ଖଳନାୟକ ଚରିତ୍ରଠାରୁ ବି ସେ ଅଧିକ ନିର୍ଦ୍ଦୟୀ ଏବଂ ନୃଶଂସ ପାଲଟି ଯାଇଛନ୍ତି। ଫିଲ୍ମ ଶୈଳୀରେ ଜଣେ ଚାଷୀଙ୍କୁ ନିଜ ଗୁଣ୍ଡାଙ୍କ ସହ ଘେରି ପ୍ରବଳ ମାଡ଼ ମାରିଛନ୍ତି। ମାଡ଼ ମାରି ହାତ ଭାଙ୍ଗି ଦେଇଛନ୍ତି। ଏତିକିରେ ନିର୍ଦ୍ଦୟୀଙ୍କ କ୍ଷୁଧା ମେଣ୍ଟିଲାନି ଯେ ଚାଷୀଙ୍କ ଉପରେ ଥର ଚଢ଼ାଇ ଦେଇଛନ୍ତି। ବାପା ମାଡ଼ ଖାଉଥିବା ଦେଖି ଦୁଇ ଝିଅ ଏବଂ ପତ୍ନୀ ଛଡ଼ାଇବାକୁ ଆସିଥିଲା। ମାତ୍ର ବିଜେପି ବୁଥ୍ କମିଟିର ଅଧ୍ୟକ୍ଷ ମହେନ୍ଦ୍ର ନାଗର ଏବଂ ତାଙ୍କ ଚାମ୍‌ଚାମାନେ ଚାରିପଟୁ ଘେରି ସମସ୍ତଙ୍କୁ ଆକ୍ରମଣ କରିଥିଲେ। ଝିଅ ନେହୁରା ହେଉଥିବା ମାଆ ଏବଂ ଝିଅଙ୍କୁ ନିର୍ଦ୍ଦୃମ ମାଡ଼ ମାରିଥିଲେ। ଯୌନ ନିର୍ଯାତନା ମଧ ଦେଇଥିଲେ। ଏପରିକି ଝିଅମାନଙ୍କ ପୋଷାକ ଚିରି ଦେଇଥିଲେ। ଅଞ୍ଚଳରେ ଆତଙ୍କ ସୃଷ୍ଟି କରିବା ପାଇଁ ଫାଙ୍କା ଗୁଳି ଚାଳନା ମଧ କରିଥିଲେ। ବନ୍ଧୁକ ଦେଖି କୌଣସି ଗ୍ରାମବାସୀ ଏହି ଗରିବ ଚାଷୀଙ୍କ ପରିବାରକୁ ବିଜେପି ନେତାଙ୍କ କବଳରୁ ଛଡ଼ାଇବାକୁ ଆସି ନ ଥିଲେ। ଯିଏ ଆସିବ ତାକୁ ଗୁଳି କରିଦେବେ ବୋଲି ବିଜେପି ନେତା ଧମକ ଦେଇଥିଲେ। ଶେଷରେ ଅଧମରା କରି ଚାଲି ଯାଇଥିଲେ। କିନ୍ତୁ ଚାଷୀଙ୍କ ପ୍ରତି କେହି ଦୟା ଦେଖାଇ ମେଡିକାଲ ନେଲେ ମାରିଦେବେ ବୋଲି କହିଥିଲେ। ତେଣୁ ଲୋକେ ସବୁ ଦେଖୁଥିଲେ ମଧ କିଛି କରି ନ ଥିଲେ। ଏମିତିକି ଅଧମରା ଅବସ୍ଥାରେ ଚାଷୀ ପଡ଼ିଥିବାବେଳେ ବିଜେପି ନେତାଙ୍କ ଗୁଣ୍ଡା ତାଙ୍କୁ ଜଗି ରହିଥିଲେ। ତାଙ୍କୁ ମେଡିକାଲ ନେବାକୁ ବି ଅନୁମତି ଦେଇ ନ ଥିଲେ। ଶେଷରେ ଚିକିତ୍ସା ନ ପାଇଁ ଚାଷୀ ପଡ଼ି ପଡ଼ି ପ୍ରାଣ ହରାଇ ଥିଲେ।

ଜମି ବିବାଦ ପାଇଁ ବିଜେପି ନେତା ଏଭଳି ଜଘନ୍ୟ କାଣ୍ଡ କରିଛନ୍ତି। ଏହା ମାନବିକତାର ସମସ୍ତ ସୀମାକୁ ଟପି ଯାଇଛି। ଦୀର୍ଘ ଦିନ ହେଲା ରାଜ୍ୟରେ କ୍ଷମତାସୀନ ଥିବା ବିଜେପି ସରକାରରେ ଆଇନ ଶୃଙ୍ଖଳା ସ୍ଥିତି କେମିତି ରହିଛି ଏହା ତାହାର କରୁଣ ଉଦାହରଣ। ଗତ ରବିବାର ଦ୍ୱିପହରରେ ରାଜଧାନୀ ଭୋପାଳଠାରୁ ମାତ୍ର ୨୦୦ କିମି ଦୂରରେ ଏଭଳି ଘଟଣା ଘଟିଥିଲା। ଏହି ଅଞ୍ଚଳ ଫତେଗଡ଼ ଥାନା ଅଧିନରେ ଆସୁଛି। କିନ୍ତୁ ବିଜେପି ନେତା ମହେନ୍ଦ୍ର ଭୟରେ ପୁଲିସ ବି ମାମଲାରେ ହସ୍ତକ୍ଷେପ କରି ନ ଥିଲା।

ଚାଷୀଙ୍କ ଝିଅ କାନ୍ଦା କାନ୍ଦି କହିଛନ୍ତି ଯେ ବାପାଙ୍କୁ ବଞ୍ଚାଇବାକୁ ଯିବାରୁ ମୋତେ ତଳେ ପକାଇ ଦେଇଥିଲେ। ମୋ ପୋଷାକ ଚିରି ଭୟଭୀତ କରିଥିଲେ। ମାଆ ଏବଂ ବାପା କ୍ଷେତକୁ ଯାଉଥିବା ସମୟରେ ମହେନ୍ଦ୍ର, ହରିଶ ଏବଂ ଗୌତମ ସେମାନଙ୍କୁ ଆକ୍ରମଣ କରିଥିଲେ। ପରେ ବାପାଙ୍କ ଉପରେ ଥର୍ ଚଢ଼ାଇ ପଳାଇଥିଲେ। ବାପା ସାହାଯ୍ୟ ପାଇଁ ଚିତ୍କାର କରିଥିଲେ ବି ଅପରାଧିଙ୍କ ବନ୍ଧୁକ ଦେଖି କେହି ସହାୟତା ପାଇଁ ଆସି ନ ଥିଲେ। ପ୍ରାୟ ଘଣ୍ଟାଏ ପର୍ଯ୍ୟନ୍ତ ରାମସ୍ୱରୂପଙ୍କ କ୍ଷତାକ୍ତ ଶରୀର ଗାଁରେ ପଡ଼ି ରହିଥିଲା। ସ୍ଥାନୀୟ ଲୋକ କହିଛନ୍ତି ଯେ ଅଭିଯୁକ୍ତ ଏବଂ ତାଙ୍କ ଲୋକମାନେ ବନ୍ଧୁକ ଧରି ଜଗି ରହିଥିଲେ। ଆହତଙ୍କୁ ଡାକ୍ତରଖାନା ନ ନେବା ପାଇଁ କହିଥିଲେ। ସେମାନେ ଗଲା ପରେ ଚାଷୀଙ୍କୁ ଗୁନା ଜିଲ୍ଲା ଡାକ୍ତରଖାନାକୁ ନିଆଯାଇଥିଲା। କିନ୍ତୁ ଚିକିତ୍ସାଧୀନ ଅବସ୍ଥାରେ ତାଙ୍କର ମୃତ୍ୟୁ ହୋଇଥିଲା।

ଗ୍ରାମବାସୀ କହିଛନ୍ତି ଯେ ମହେନ୍ଦ୍ର ନାଗର ନାମ ଶୁଣିଲେ ଲୋକେ ଭୟ କରୁଛନ୍ତି। କେହି ତାଙ୍କ ବିରୁଦ୍ଧରେ କହିବାକୁ ସାହସ କରନ୍ତି ନାହିଁ। ସେ ବର୍ଷ ବର୍ଷ ଧରି ଅନ୍ୟ ଜମି ହଡ଼ପ କରିଆସୁଛନ୍ତି। ଅତି କମରେ ୨୫ ଜଣ ଚାଷୀ ମହେନ୍ଦ୍ର ଭୟରେ ନିଜ ଚାଷ ଜମିକୁ କମ୍‌ଦାମରେ ବିକ୍ରି କରି ଗାଁ ଛାଡ଼ି ପଳାଇଛନ୍ତି। ଏହାକୁ ପ୍ରତିବାଦ କଲେ ମାଡ଼ ମରାଯାଏ କିମ୍ବା ଗାଁରୁ ବାହାର କରିଦିଆଯାଏ। କିନ୍ତୁ ରାମସ୍ୱରୂପ ମୁଣ୍ଡ ନୁଆଁଇବାକୁ ମନା କରିଦେଇଥିଲେ। ଏହା ନ ମାନିବାରୁ ତାଙ୍କୁ ଜୀବନ ହରାଇବାକୁ ପଡ଼ିଥିଲା। ରାଜସ୍ଥାନର ପଚଲାୱାଡାରେ ଛଅ ବିଘା ଜମିକୁ ନେଇ ବିବାଦ କେନ୍ଦ୍ରିତ ଥିଲା।

ରବିବାର ରାତି ସୁଦ୍ଧା, ପୋଲିସ ଭାରତୀୟ ନ୍ୟାୟ ସଂହିତା (BNS)ର ବିଭିନ୍ନ ଧାରା ଅନୁଯାୟୀ ମହେନ୍ଦ୍ର ନଗର, ଜିତେନ୍ଦ୍ର ନଗର ଏବଂ ସେମାନଙ୍କ ପରିବାରର ତିନି ଜଣ ମହିଳାଙ୍କ ବିରୁଦ୍ଧରେ ହତ୍ୟା, ଷଡ଼ଯନ୍ତ୍ର, ଆକ୍ରମଣ ଏବଂ ମହିଳାଙ୍କ ଭଦ୍ରତାକୁ ଅପମାନିତ କରିବା ଭଳି ମାମଲା ରୁଜୁ କରିଛି। ରାଜସ୍ଥାନ ଫଚତାୱାଡାର ୬ ବିଘା ଜମିକୁ ନେଇ ଏହି ବିବାଦ ଆରମ୍ଭ ହୋଇଥିଲା। ରବିବାର ରାତିରେ ପୁଲିସ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି। ମହେନ୍ଦ୍ର ଦଳର କାର୍ଯ୍ୟକର୍ତ୍ତା ବୋଲି ଜିଲ୍ଲା ବିଜେପି ଅଧ୍ୟକ୍ଷ ଧର୍ମେନ୍ଦ୍ର ସିକାରୱାର ସ୍ୱୀକାର କରିଛନ୍ତି। ଏହି ମାମଲାରେ ତୁରନ୍ତ କାର୍ଯ୍ୟାନୁଷ୍ଠାନ ନେବାକୁ ପୁଲିସକୁ କୁହାଯାଇଛି। ଆଇନରୁ ଉର୍ଦ୍ଧ୍ୱରେ କେହି ନୁହଁନ୍ତି ବୋଲି ସେ କହିଛନ୍ତି। କିନ୍ତୁ ଏ ନେଇ ମହେନ୍ଦ୍ରଙ୍କ ବିରୋଧରେ କି ପଦକ୍ଷେପ ନିଆଯାଉଛି ତାହା ଦେଖିବା ବାକି ରହିଲା।

■ ଓଡ଼ିଶା ସାହିତ୍ୟ ଏକାଡେମୀରେ ଅଚଳାବସ୍ଥା

## ତିନି ସପ୍ତାହରେ ସତ୍ୟପାଠ ପାଇଁ ରାଜ୍ୟ ସରକାରଙ୍କୁ ହାଇକୋର୍ଟ ନିର୍ଦ୍ଦେଶ

କଟକ, ୨୭ ।୧୦(ସମିସ): ଓଡ଼ିଶା ସାହିତ୍ୟ ଏକାଡେମିରେ ବର୍ଷାଧିକ ସମୟ ଧରି ଅଚଳାବସ୍ଥା ଲାଗି ରହିଛି । ଏହାର ସଭାପତି ଓ ଉପ-ସଭାପତି ଭଳି ପଦବୀ ଖାଲି ପଡ଼ିବା ସହ ନୂଆ କାର୍ଯ୍ୟନିର୍ବାହୀ ପରିଷଦ ଗଠନ କରାନଯିବା ପ୍ରସଙ୍ଗରେ ରୁଜୁ ମାମଲାର ଆଜି ଶୁଣାଣି କରିଛନ୍ତି ହାଇକୋର୍ଟ । ଏହି ପ୍ରସଙ୍ଗରେ ଜବାବ ଦାଖଲ ପାଇଁ ରାଜ୍ୟ ସରକାର ସମୟ ଲୋଡ଼ିଥିବା ବେଳେ ଆସନ୍ତା ୩ ସପ୍ତାହ ମଧ୍ୟରେ ସତ୍ୟପାଠ ଦାଖଲ କରିବାକୁ ନିର୍ଦ୍ଦେଶ ପ୍ରଦାନ କରିଛନ୍ତି ହାଇକୋର୍ଟ ।

ମୁଖ୍ୟ ବିଚାରପତି ଜଷ୍ଟିସ ହରୀଶ ଟଣ୍ଡନ ଓ ଜଷ୍ଟିସ୍ ଏମ୍.ଏସ.ରମଣଙ୍କୁ ନେଇ ଗଠିତ ଖଣ୍ଡପୀଠ ଆଇନଜୀବୀ ପ୍ରବୀର ଦାସଙ୍କ ତରଫରୁ ରୁଜୁ ମାମଲାର ଶୁଣାଣି କରି ଏପରି ନିର୍ଦ୍ଦେଶ ପ୍ରଦାନ କରିଛନ୍ତି । ସେହିଭଳି ସରକାରଙ୍କ ଜବାବ ଦାଖଲ କରିବାର ଏକ ସପ୍ତାହ ଭିତରେ ଆବେଦନକାରୀ ଚାହିଁଲେ ପ୍ରତିଜବାବ ଦାଖଲ କରିପାରିବେ ବୋଲି ଖଣ୍ଡପୀଠ କହିଛନ୍ତି । ମାମଲାର ପରବର୍ତ୍ତୀ ଶୁଣାଣି ଆସନ୍ତା ନଭେମ୍ବର ୨୪କୁ ଧାର୍ଯ୍ୟ ହୋଇଛି ।

ଆବେଦନକାରୀ ଦର୍ଶାଇଛନ୍ତି ଯେ ଓଡ଼ିଶା ସାହିତ୍ୟ ଏକାଡେମୀର ସଭାପତି ଓ ଉପ-ସଭାପତିଙ୍କ କାର୍ଯ୍ୟକାଳ ଗତ ୨୦୨୪ ମେ' ୨୦ରେ ସମାପ୍ତ ହୋଇଥିଲେ ମଧ୍ୟ ରାଜ୍ୟ ସରକାର ଏହି ଦୁଇ ଗୁରୁତ୍ୱପୂର୍ଣ୍ଣ ପଦରେ କାହାରିକୁ ନିଯୁକ୍ତ କରିନାହାନ୍ତି । ସେହିଭଳି ଏକାଡେମୀର ସାଧାରଣ ପରିଷଦ ଏବଂ କାର୍ଯ୍ୟନିର୍ବାହୀ ବୋର୍ଡ ୨୦୨୩ ଜୁଲାଇ ୧୯ ପରଠାରୁ ଅଚଳ ହୋଇପଡ଼ିଛି । ସାଧାରଣ ପରିଷଦ ଗଠନରେ ରାଜ୍ୟ ସରକାରଙ୍କ ଏକ ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିଛି । ଏଥିପାଇଁ ୫ଜଣଙ୍କୁ ରାଜ୍ୟ ସରକାର ମନୋନୀତ କରିବା କଥା । ଏ ବାବଦରେ ରାଜ୍ୟର ନିଷ୍କ୍ରିୟତା ସମ୍ବିଧାନର ଧାରା ୧୯ ଏବଂ ୨୧ ର ଉଲ୍ଲଂଘନ ବୋଲି ଆବେଦନକାରୀ ଅଭିଯୋଗ କରିଛନ୍ତି ।

■ ପୁଲିସ ଏସ୍‌ଆଇ ନିଯୁକ୍ତି ପରୀକ୍ଷା ଜାଲିଆତି ପ୍ରସଙ୍ଗ

## ହାଇକୋର୍ଟରେ ଏଜିଙ୍କ ଜବାବ ଦାଖଲ

କଟକ, ୨୭।୧୦(ସମିସ): ବହୁଚର୍ଚ୍ଚିତ ଓଡ଼ିଶା ପୁଲିସ ସବ୍-ଇନ୍ସପେକ୍ଟର୍ (ଏସ୍‌ଆଇ) ନିଯୁକ୍ତି ପରୀକ୍ଷା ଜାଲିଆତି ଘଟଣାର ସିବିଆଇ ତଦନ୍ତ ପ୍ରାର୍ଥନା କରି ଆଇନଜୀବୀ ଶିବଶଙ୍କର ମହାନ୍ତିଙ୍କ ତରଫରୁ ରୁଜୁ ଜନସ୍ୱାର୍ଥ ମାମଲାରେ ହାଇକୋର୍ଟ ଆଜି ପୂର୍ଣ୍ଣଚ୍ଛେଦ ପକାଇଛନ୍ତି । ମୁଖ୍ୟ ବିଚାରପତି ଜଷ୍ଟିସ୍ ହରୀଶ ଟଣ୍ଡନ ଓ ଜଷ୍ଟିସ୍ ଏମ୍.ଏସ୍ ରମଣଙ୍କୁ ନେଇ ଗଠିତ ଖଣ୍ଡପୀଠ ଏପରି ନିର୍ଦ୍ଦେଶ ପ୍ରଦାନ କରିଛନ୍ତି । ପୁଲିସ ଏସ୍‌ଆଇ ନିଯୁକ୍ତି ପରୀକ୍ଷା କେଳେଙ୍କାରୀର ଚେର ବିଭିନ୍ନ ରାଜ୍ୟକୁ ଲମ୍ବିଛି । ଅନ୍ତଃରାଜ୍ୟ ରାକେଟ୍ ସମ୍ପୃକ୍ତ ଥିବାରୁ ମୁଖ୍ୟମନ୍ତ୍ରୀ ଏହି ଘଟଣାର ସିବିଆଇ ତଦନ୍ତ ପାଇଁ ସୁପାରିସ କରିବା ପରେ ଏହାର ତଦନ୍ତ ଆରମ୍ଭ କରାଯାଇଛି ବୋଲି ଆଡଭୋକେଟ୍ ଜେନେରାଲ ପୀତାମ୍ବର ଆଚାର୍ଯ୍ୟ ହାଇକୋର୍ଟରେ ଜବାବ ରଖିଥିଲେ । ଆବେଦନକାରୀ ଉତ୍ଥାପନ କରିଥିବା ପ୍ରସଙ୍ଗର ଆଉ ପ୍ରାସଙ୍ଗିକତା ନ ଥିବାରୁ ହାଇକୋର୍ଟ ଏହି ମାମଲାର ଅନ୍ତ ଘଟାଇଛନ୍ତି । ପ୍ରକାଶଥାଉକି, ଏହି କେଳେଙ୍କାରୀ ଘଟଣାରେ ଚାକିରି ଦେବା ପାଇଁ ପ୍ରାର୍ଥୀଙ୍କଠାରୁ ଲକ୍ଷଲକ୍ଷ ଟଙ୍କା ଆଦାୟ କରାଯାଇଥିବା ବେଳେ ବର୍ତ୍ତମାନ ପର୍ଯ୍ୟନ୍ତ ଘଟଣାରେ ସମ୍ପୃକ୍ତ ଅଧିକାରୀ ଓ ଅନ୍ୟମାନେ ଧରାପଡ଼ିନାହାନ୍ତି । ଏହାର ସ୍ୱଚ୍ଛ ଓ ନିରପେକ୍ଷ ତଦନ୍ତ ପାଇଁ ଭାରତୀୟ ନ୍ୟାୟ ସଂହିତା-୨୦୨୩ର ଧାରା ୬୧(୨) ଅନୁସାରେ ସିବିଆଇକୁ ମାମଲା ହସ୍ତାନ୍ତର ପାଇଁ ନିର୍ଦ୍ଦେଶ ଦିଆଯାଉ ବୋଲି ଆବେଦନକାରୀ ପ୍ରାର୍ଥନା କରିଥିଲେ ।

ବାତ୍ୟା ମୁକାବିଲାର ପୂର୍ବ ପ୍ରସ୍ତୁତି

# ୮ ଜିଲ୍ଲାରେ ୧୪୦ ଉଦ୍ଧାରକାରୀ ଦଳ ମୁତୟନ

■ ୧୪୪୫ ବାତ୍ୟା ଆଶ୍ରୟସ୍ଥଳୀକୁ ୩ ହଜାର ଲୋକ ସ୍ଥାନାନ୍ତର

■ ସ୍ୱାସ୍ଥ୍ୟ କେନ୍ଦ୍ରରେ ଭର୍ତ୍ତିହେଲେ ୧୪୯୬ ଆସନ୍ନପ୍ରସବା

ଭୁବନେଶ୍ୱର,୨୭।୧୦(ସମିସ): ବାତ୍ୟା ମୁକାବିଲା ପାଇଁ ରାଜ୍ୟ ସରକାରଙ୍କ ପକ୍ଷରୁ ତଟରକ୍ଷୀ ବାହିନୀ ସହିତ ଆଲୋଚନା ହୋଇଛି । ସମୁଦ୍ର ମଧ୍ୟରେ ରହିଯାଇଥିବା ଟ୍ରଲରଗୁଡ଼ିକୁ ସୁରକ୍ଷିତ ଭାବରେ କୂଳକୁ ଆଣିବା ପାଇଁ ବ୍ୟବସ୍ଥା କରାଯାଇଛି । ବର୍ତ୍ତମାନ ସୁଦ୍ଧା ସର୍ବାଧିକ ପ୍ରଭାବିତ ଆଶଙ୍କା ଥିବା ୮ଟି ଜିଲ୍ଲାରେ ୧୪୦ଟି ଓଡ୍ରାଫ୍, ଏନ୍‌ଡିଆରଏଫ୍ ଓ ଅଗ୍ନିଶମ ବିଭାଗର ଦଳ ମୁତୟନ ହୋଇଛନ୍ତି । ସବୁ ଜିଲ୍ଲାରେ ବରିଷ୍ଠ ଅଧିକାରୀମାନଙ୍କୁ ବାତ୍ୟା ପରିଚାଳନାର ଦାୟିତ୍ୱ ଦିଆଯାଇଛି । ବାତ୍ୟା ପରବର୍ତ୍ତୀ ସମୟରେ ଯଦି ବିଦ୍ୟୁତ୍ ସେବାରେ ବ୍ୟାଘାତ ହୁଏ, ତେବେ ୨୪ ଘଣ୍ଟା ମଧ୍ୟରେ ଏହାକୁ ପୁନଃସ୍ଥାପନ କରିବାକୁ ବ୍ୟବସ୍ଥା କରାଯାଇଛି ବୋଲି ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନାମନ୍ତ୍ରୀ ସୁରେଶ ପୂଜାରୀ କହିଛନ୍ତି ।

ସୋମବାର ବାତ୍ୟା ମୁକାବିଲାର ପୂର୍ବ ପ୍ରସ୍ତୁତି ସମୀକ୍ଷା ପାଇଁ ମନ୍ତ୍ରୀ ଶ୍ରୀ ପୂଜାରୀ ଉନ୍ନୟନ କମିଶନର ଅନୁ ଗର୍ଗ, ଏସ୍‌ଆରସି ଡିକେ ସିଂ, ଅଗ୍ନିଶମ ଡିଜି ସୁଧାଂଶୁ ଷଡ଼ଙ୍ଗୀଙ୍କ ସମେତ ଅନ୍ୟ ସମସ୍ତ ବିଭାଗର ଶାସନ ସଚିବ, ସମସ୍ତ ଜିଲ୍ଲାର ଜିଲ୍ଲାପାଳମାନଙ୍କ ସହିତ ଆଲୋଚନା ପରେ କହିଛନ୍ତି ଯେ ବର୍ତ୍ତମାନ ସୁଦ୍ଧା ୮ଟି ସମ୍ଭାବ୍ୟ ପ୍ରଭାବିତ ଜିଲ୍ଲାର ୧୪୪୫ଟି ବାତ୍ୟା ଆଶ୍ରୟସ୍ଥଳୀକୁ ପ୍ରାୟ ୩ ହଜାର ଲୋକଙ୍କୁ ସ୍ଥାନାନ୍ତରିତ କରାଯାଇଛି ଏବଂ ୩୨ ହଜାର ୫୨୮ ଜଣ ଲୋକଙ୍କୁ ନିରାପଦ ଭାବେ ସ୍ଥାନାନ୍ତର କରାଯିବାର ଲକ୍ଷ୍ୟ ରଖାଯାଇଛି । ଆଶ୍ରୟସ୍ଥଳୀମାନଙ୍କରେ ଆବଶ୍ୟକତା ଅନୁଯାୟୀ ଶୁଖିଲା ଖାଦ୍ୟ ସହ ରନ୍ଧାଖାଦ୍ୟର ବ୍ୟବସ୍ଥା କରାଯାଇଛି । ସେହିପରି ବର୍ତ୍ତମାନ ସୁଦ୍ଧା ୧୪୯୬ ଆସନ୍ନ ପ୍ରସବା ମହିଳାଙ୍କୁ ସ୍ଥାନୀୟ ପ୍ରାଥମିକ ସ୍ୱାସ୍ଥ୍ୟ କେନ୍ଦ୍ର ଓ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରକୁ ସ୍ଥାନାନ୍ତରିତ କରାଯାଇଥିବାବେଳେ ଆହୁରି ୭୬୦ ଜଣ ମହିଳାଙ୍କୁ ସ୍ଥାନାନ୍ତର ପାଇଁ ପ୍ରସ୍ତୁତି ଚାଲିଛି । ସମ୍ଭାବ୍ୟ ବାତ୍ୟା ସ୍ଥଳଭାଗ ଛୁଇଁଲା ପରେ ଛତିଶଗଡ଼ ଆଡ଼କୁ ମୁହାଁଇବାର ସମ୍ଭାବନା ରହିଛି । ଫଳରେ ଛତିଶଗଡ଼ ଅଞ୍ଚଳରେ ପ୍ରବଳ ବର୍ଷା ହୋଇପାରେ । ଏଥି ପାଇଁ ପୂର୍ବ ପ୍ରସ୍ତୁତି ଅନୁଯାୟୀ ହୀରାକୁଦ ବନ୍ଧର ଜଳ ପରିଚାଳନାକୁ ନିୟନ୍ତ୍ରିତ କରାଯାଉଛି । ସରକାର ଜନଜୀବନ ହାନୀ ନହେବା ଉପରେ ସର୍ବାଧିକ ଗୁରୁତ୍ୱାରୋପ କରୁଛନ୍ତି ବୋଲି ମନ୍ତ୍ରୀ କହିଛନ୍ତି ।





ଏହି ଅବସରରେ ସ୍ୱତନ୍ତ୍ର ରିଲିଫ୍ କମିଶନର ଶ୍ରୀ ସିଂ କହିଛନ୍ତି, ଆଜି ସମସ୍ତ ବିଭାଗର ସଚିବ ଓ ଜିଲ୍ଲାପାଳମାନଙ୍କ ସହିତ ବାତ୍ୟା ପୂର୍ବପ୍ରସ୍ତୁତି ସଂପର୍କରେ ବିଶଦ ଭାବେ ଆଲୋଚନା ହୋଇଛି । ବାତ୍ୟା ପ୍ରଭାବିତ ଆଶଙ୍କା ଥିବା ସ୍ଥାନରୁ ଜନସାଧାରଣଙ୍କୁ ନିରାପଦ ସ୍ଥାନକୁ ସ୍ଥାନାନ୍ତର କରିବା ଉପରେ ଗୁରୁତ୍ୱ ଦିଆଯାଇଛି । ଗର୍ଭବତୀ ମହିଳାମାନଙ୍କୁ ମଧ୍ୟ ନିକଟସ୍ଥ ସ୍ୱାସ୍ଥ୍ୟକେନ୍ଦ୍ରକୁ ସ୍ଥାନାନ୍ତରିତ କରାଯାଇଛି । ପୂର୍ବାନୁମାନ ଅପେକ୍ଷା ବାତ୍ୟାର ପ୍ରଭାବ କମ ରହିବ । ଏଣୁ ଏ ନେଇ କୌଣସି ପ୍ରକାର ଆତଙ୍କିତ ନହେବାକୁ ସେ ଜନସାଧାରଣଙ୍କୁ ପରାମର୍ଶ ଦେଇଛନ୍ତି ।

ମୁଖ୍ୟ ନିର୍ବାଚନ ଅଧିକାରୀଙ୍କ ନିକଟରେ ଫେରାଦ ହେଲା ବିଜେଡି

## ବିଜେପି ପାଇଁ କାମ କରୁଛନ୍ତି ନୂଆପଡ଼ା ଜିଲ୍ଲାପାଳ ଓ ଏସ୍‌ପି

ଭୁବନେଶ୍ୱର,୨୭।୧୦(ସମିସ): ନୂଆପଡା ଉପନିର୍ବାଚନରେ ପ୍ରଚାର ସରଗରମ ହେଉଥିବା ବେଳେ ଶାସକ ବିଜେପି ବାରମ୍ବାର ଆଚରଣ ବିଧି ଉଲ୍ଲଂଘନ କରୁଛି । ଏପରିକି ସ୍ଥାନୀୟ ଜିଲ୍ଲାପାଳ ଓ ଏସ୍‌ପି ବିଜେପିକୁ ସମର୍ଥନ କରିବା ପାଇଁ କିଛି ବିଜେଡି କର୍ମୀଙ୍କ ଉପରେ ଚାପ ପ୍ରୟୋଗ କରୁଛନ୍ତି ବୋଲି ରାଜ୍ୟ ମୁଖ୍ୟ ନିର୍ବାଚନ ଅଧିକାରୀଙ୍କ ନିକଟରେ ଅଭିଯୋଗ କରିଛି ବିଜେଡି ।

ବିଜେଡିର ଏକ ପ୍ରତିନିଧି ମଣ୍ଡଳୀ ସୋମବାର ରାଜ୍ୟ ମୁଖ୍ୟ ନିର୍ବାଚନ ଅଧିକାରୀଙ୍କୁ ଭେଟି ଏକ ସ୍ମାରକପତ୍ର ଦେଇଛନ୍ତି । ଏହି ସ୍ମାରକପତ୍ରରେ ବିଜେପି ସପକ୍ଷରେ ନୂଆପଡା ଜିଲ୍ଲାପାଳ ମଧୁସୂଦନ ଦାସ ଓ ନୂଆପଡା ଏସପି ଅମ୍ରିତପାଲ ସିଂ ଲୋକଙ୍କୁ ପ୍ରବର୍ତ୍ତାଉଛନ୍ତି ବୋଲି ଦଳ ଅଭିଯୋଗ କରିଛି । ଉଭୟ ଜିଲ୍ଲାପାଳ ଓ ଏସପି ନିଜ ସରକାରୀ ପଦବୀର ଅପବ୍ୟବହାର କରି କିଛି ବିଜେଡି କର୍ମୀ ଓ ସମର୍ଥକଙ୍କୁ ବିଜେପିକୁ ସମର୍ଥନ କରିବା ପାଇଁ ଚାପ ପ୍ରୟୋଗ କରୁଛନ୍ତି ବୋଲି ଅଭିଯୋଗ କରାଯାଇଛି ।





ବିଜେପି ପାଇଁ କାମ କରିବାକୁ ବିଜେଡିର କର୍ମୀ ଓ ସମର୍ଥକଙ୍କ ଉପରେ ଚାପ

ଉଲ୍ଲେଖଯୋଗ୍ୟ ଯେ ଜିଲ୍ଲାପାଳ ନିଜେ ନିର୍ବାଚନ ଅଧିକାରୀ ହୋଇଥିବା ବେଳେ, ମୁକ୍ତ ଓ ଅବାଧ ନିର୍ବାଚନ ପାଇଁ ଉଭୟ ଜିଲ୍ଲାପାଳ ଓ ଏସପିଙ୍କ ଭୂମିକା ଗୁରୁତ୍ୱପୂର୍ଣ୍ଣ । ମାତ୍ର ଉଭୟ ଜିଲ୍ଲାପାଳ ଓ ଏସପିଙ୍କ ଭୂମିକା ସନ୍ଦେହଘେରରେ ଆସିଥିବା ବେଳେ, ଏଠାରେ ମୁକ୍ତ ଓ ଅବାଧ ନିର୍ବାଚନ ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି । ସ୍ମାରକପତ୍ରରେ ଏହି ଦୁଇ ଅଧିକାରୀଙ୍କ ବିରୋଧରେ ଉପଯୁକ୍ତ କାର୍ଯ୍ୟାନୁଷ୍ଠାନ ନେବା ସହିତ ମୁକ୍ତ ଓ ଅବାଧ ନିର୍ବାଚନ କିପରି ହୋଇପାରିବ, ସେନେଇ ଉପଯୁକ୍ତ ପଦକ୍ଷେପ ନେବାକୁ ବିଜେଡି ଦାବି କରିଛି । ବିଜେଡି ପ୍ରତିନିଧି ମଣ୍ଡଳୀରେ ସୁଲତା ଦେଓ, ଡ. ଲେନିନ ମହାନ୍ତି, ମିହିର ରାୟ, ତ୍ରମ୍ବନାଥ ପଣ୍ଡା, ସୋଫିଆ ଆଲାମ, ଜ୍ୟୋତ୍ସ୍ନା ପରିଡା, ରୀତାଞ୍ଜଳି ପ୍ରଧାନ ଇତ୍ୟାଦି ସାମିଲ ଥିଲେ ।

ପରକୀୟା ପ୍ରୀତି

## ପ୍ରେମିକ ସହ ମିଶି ଶଶୁରକୁ ମାରିଲା ବୋହୂ

ବାରିପଦା/ରାଇରଙ୍ଗପୁର,୨୭ ।୧୦(ସମିସ): କାଳ ହେଲା ବୋହୂର ପରକୀୟା ପ୍ରୀତି । ପରପୁରୁଷ ସହ ମିଳାମିଶା ଦେଖିଦେବାରୁ ପ୍ରେମିକ ସହ ମିଶି ଶଶୁରକୁ ପିଟିପିଟି ମାରିଦେଲା ବୋହୂ । ମୟୂରଭଞ୍ଜ ଜିଲ୍ଲା ବାଦାମପାହାଡ଼ ଥାନା ଧାଙ୍ଗିଡ଼ିମୁତା ଗ୍ରାମରେ ଏପରି ଏକ ଆପରାଧିକ ଘଟଣା ଘଟିଛି । ମୃତକ ହେଲେ, ବସଲୋ ସିଙ୍କୁ । ଖବର ପାଇ ସାଇଣ୍ଟିଫିକ୍ ଟିମ ସହ ପୁଲିସ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ କରିଛି । ଶବକୁ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇବା ସହ ଅଭିଯୁକ୍ତ ବୋହୂ ଯମୁନା ସିଙ୍କୁ ଓ ତାଙ୍କ ପ୍ରେମିକ ସେହି ଗ୍ରାମର ଟୁନୁ ସିଙ୍କୁଙ୍କୁ ଗିରଫ କରିଛି ।

ସୂଚନାନୁସାରେ, ଯମୁନା ଓ ଟୁନୁଙ୍କ ମଧ୍ୟରେ ଅବୈଧ ସଂପର୍କ ଗଢ଼ି ଉଠିଥିଲା । ସ୍ୱାମୀଙ୍କ ଅନୁପସ୍ଥିତିରେ ଯମୁନା ଓ ଟୁନୁ ମିଳାମିଶା କରୁଥିଲେ । ତେବେ ବସଲୋ ଦୁହିଁଙ୍କୁ ଏକାଠି ଦେଖି ବିରୋଧ କରିବାରୁ ଦୁହେଁ ଉତ୍‌କ୍ଷିପ୍ତ ହୋଇପଡ଼ିଥିଲେ । ତାଙ୍କ ମୁହଁ ବନ୍ଦ କରିବା ପାଇଁ ତାଙ୍କୁ ବାଟରୁ ହଟାଇ ଦେଇଥିଲେ । ଦୁହେଁ ମିଶି ବସଲୋଙ୍କ ବେକରେ ଦୌଡ଼ି ବାନ୍ଧିବା ସହ ତାଙ୍କୁ ପିଟିପିଟି ହତ୍ୟା କରିଥିଲେ ।

## ନୂଆପଡ଼ା ତହସିଲଦାର ଓ ଡିଏଫ୍‌ଓଙ୍କୁ ହାଇକୋର୍ଟରେ ହାଜର ନିର୍ଦ୍ଦେଶ

କଟକ,୨୭।୧୦(ସମିସ): ନୂଆପଡ଼ା ଜିଲ୍ଲାରେ ବେଆଇନ ଭାବେ ଜଣେ ବ୍ୟକ୍ତିଙ୍କ ନିଜସ୍ୱ ଘରୋଇ ଜାଗାକୁ ଜଙ୍ଗଲ ଜମି କିସମ ଘୋଷଣା ପ୍ରସଙ୍ଗରେ ଦାୟର ଆବେଦନକୁ ହାଇକୋର୍ଟ ଗୁରୁତ୍ୱର ସହ ଶୁଣାଣି କରିଆସୁଛନ୍ତି । ଏହି ମାମଲାର ଆଜି ଶୁଣାଣି କରି ପ୍ରତିପକ୍ଷ ତଥା ନୂଆପଡ଼ା ତହସିଲଦାର ଓ ଖରିଆର ବନଖଣ୍ଡର ଡିଏଫ୍‌ଓଙ୍କୁ ଅଦାଲତରେ ଭର୍ଚୁଆଲ ମାଧ୍ୟମରେ ଆସନ୍ତାକାଲି ହାଜର ହେବା ପାଇଁ ହାଇକୋର୍ଟ ନିର୍ଦ୍ଦେଶ ଦେଇଛନ୍ତି । ଅମ୍ରିତଲାଲ ସୁଡ୍‌ଙ୍କ ତରଫରୁ ରୁଜୁ ମାମଲାର ଶୁଣାଣି କରି ଡ. ଜଷ୍ଟିସ୍ ସଂଜୀବ କୁମାର ପାଣିଗ୍ରାହୀ ଏପରି ନିର୍ଦ୍ଦେଶ ପ୍ରଦାନ କରିଛନ୍ତି । କିଭଳି ଓ କେଉଁ ଆଧାରରେ ଆବେଦନକାରୀଙ୍କ ଘରୋଇ ସମ୍ପତ୍ତିକୁ ଜଙ୍ଗଲ ଜମି କିସମ ଘୋଷଣା କରାଯାଇଛି, ସେ ସଂକ୍ରାନ୍ତରେ ଉଭୟ ଅଧିକାରୀ ଅବଗତ କରିବେ ବୋଲି ହାଇକୋର୍ଟ କହିଛନ୍ତି । ମାମଲାରୁ ପ୍ରକାଶ, ଆବେଦନକାରୀଙ୍କ ନାମରେ ନୂଆପଡ଼ା ଅଞ୍ଚଳରେ ରହିଥିବା କେତେକ ପ୍ଲଟ୍‌ରେ ତାଙ୍କ ପକ୍ଷରୁ ବୃକ୍ଷରୋପଣ କରାଯାଇଥିଲା । ପରବର୍ତ୍ତୀ ସମୟରେ ସେ ଏହି ଜମିଗୁଡ଼ିକ ଜଙ୍ଗଲ କିସମ ହୋଇଯାଇଥିବା ଜାଣିବାକୁ ପାଇ କର୍ତ୍ତୃପକ୍ଷଙ୍କ ନିକଟରେ ଅଭିଯୋଗ କରିଥିଲେ । କିଛି ସୁଫଳ ନ ମିଳିବାରୁ ହାଇକୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲେ । ମାମଲାର ପରବର୍ତ୍ତୀ ଶୁଣାଣି ଆସନ୍ତା ୨୮ ତାରିଖକୁ ଧାର୍ଯ୍ୟ ହୋଇଛି ।

ସହକାରୀ ନିର୍ବାହୀ ଯନ୍ତ୍ରୀ ନିଯୁକ୍ତି ବିଳମ୍ବିତ

## ଓପିଏସ୍‌ସି ଅଫିସ୍ ଆଗରେ ଆଶାୟୀଙ୍କ ଧାରଣା





ଭୁବନେଶ୍ୱର, ୨୭ ।୧୦(ସମିସ): ସିଭିଲ୍ ସହକାରୀ ନିର୍ବାହୀ ଯନ୍ତ୍ରୀ (ଏଇଇ) ନିଯୁକ୍ତି ପାଇଁ ୨୦୨୩ ଡିସେମ୍ବର ମାସରେ ବିଜ୍ଞପ୍ତି ପ୍ରକାଶ ପାଇଥିଲା । ମୋଟ୍ ୫୮୦ଟି ପଦରେ ନିଯୁକ୍ତି ପାଇଁ ଓଡ଼ିଶା ଲୋକସେବା ଆୟୋଗ (ଓପିଏସ୍‌ସି) ବିଜ୍ଞପ୍ତି ପ୍ରକାଶ କରିଥିଲା । ଗେଟ୍ ପରୀକ୍ଷା ଫଳାଫଳ ଆଧାରରେ ନିଯୁକ୍ତି ହେବ ବୋଲି ମଧ୍ୟ ବିଜ୍ଞପ୍ତିରେ ସ୍ପଷ୍ଟ ଉଲ୍ଲେଖ କରିଥିଲା । ହେଲେ ଏହାକୁ ଦୁଇ ବର୍ଷ ପୂରିବାକୁ ଯାଉଥିଲେ ମଧ୍ୟ ଆଶାୟୀମାନେ ନିଯୁକ୍ତି ପାଇପାରି ନାହାନ୍ତି । ଏଣୁ ତ୍ୱରିତ ସେମାନଙ୍କ ପରୀକ୍ଷାଫଳ ପ୍ରକାଶ କରି ନିଯୁକ୍ତି ଦେବାକୁ ଓପିଏସ୍‌ସି କାର୍ଯ୍ୟାଳୟ ସମ୍ମୁଖରେ ଆଶାୟୀମାନେ ଧାରଣା ଦେଇଛନ୍ତି ।


ଗେଟ୍ ପରୀକ୍ଷା ଆଧାରରେ ନିଯୁକ୍ତି ଦେବାକୁ ବହୁ ଆଶାୟୀ ବିରୋଧ କରୁଛନ୍ତି । ଏନେଇ ସେମାନେ ହାଇକୋର୍ଟଙ୍କ ଦ୍ୱାରସ୍ଥ ମଧ୍ୟ ହୋଇଥିଲେ । ନିକଟରେ ଏହାର ଶୁଣାଣି କରି ଗେଟ୍ ଆଧାରରେ ନିଯୁକ୍ତି ଦେବା ସପକ୍ଷରେ ହାଇକୋର୍ଟ ରାୟ ଦେଇଛନ୍ତି । ଏହାପରେ ମଧ୍ୟ ନିଯୁକ୍ତି ପ୍ରକ୍ରିୟାକୁ ଓପିଏସ୍‌ସି ପକ୍ଷରୁ ତ୍ୱରାନ୍ୱିତ କରାଯାଉନଥିବା ଆଶାୟୀମାନେ ଅଭିଯୋଗ କରିଛନ୍ତି । ଶୁଣାଣି ସରିବାକୁ ବହୁଦିନ ବିତିଥିଲେ ମଧ୍ୟ ପରୀକ୍ଷା ଫଳ ପ୍ରକାଶ କରାଯାଉନାହିଁ । ଏ ସଂପର୍କରେ କର୍ତ୍ତୃପକ୍ଷଙ୍କୁ ଯୋଗାଯୋଗ କଲେ ମଧ୍ୟ କୌଣସି ସନ୍ତୋଷଜନକ ଉତ୍ତର ଦେଇପାରୁନାହାନ୍ତି । ଫଳରେ ପରୀକ୍ଷାର୍ଥୀମାନେ ମାନସିକ ଦୁଶ୍ଚିନ୍ତାରେ କାଳାତିପାତ କରୁଛନ୍ତି । ଏଣୁ ତୁରନ୍ତ ପରୀକ୍ଷାଫଳ ବାହାର କରିବା ସହ ନିଯୁକ୍ତି ଦେବା ପାଇଁ ଆଶାୟୀମାନେ ଦାବି କରିଛନ୍ତି । ଅନ୍ୟଥା ଆଗକୁ ଆମରଣ ଅନଶନରେ ବସିବେ ବୋଲି ଚେତାବନୀ ଦେଇଛନ୍ତି ।

## ସପ୍ତାହେ ବଢ଼ିଲା ଛାତ୍ରବୃତ୍ତି ଆବେଦନ ଅବଧି

ଭୁବନେଶ୍ୱର,୨୭ ।୧୦(ସମିସ): ମୁଖ୍ୟମନ୍ତ୍ରୀ ମେଧାବୀ ଛାତ୍ର ପ୍ରୋତ୍ସାହନ ଯୋଜନାରେ ବିଭିନ୍ନ ଛାତ୍ରବୃତ୍ତି ପାଇଁ ଆବେଦନ ଅବଧି ସପ୍ତାହେ ବୃଦ୍ଧି ପାଇଛି । ନଭେମ୍ବର ୪ ତାରିଖ ପର୍ଯ୍ୟନ୍ତ ଆଶାୟୀ ଛାତ୍ରଛାତ୍ରୀମାନେ ଆବେଦନ କରିପାରିବେ । ଶିକ୍ଷାନୁଷ୍ଠାନ ପକ୍ଷରୁ ୧୪ ତାରିଖ ମଧ୍ୟରେ ସମସ୍ତ ଆବେଦନକୁ ଯାଞ୍ଚ କରାଯିବ ବୋଲି ଉଚ୍ଚଶିକ୍ଷା ବିଭାଗ ପକ୍ଷରୁ ସୂଚନା ଦିଆଯାଇଛି । ବିଜ୍ଞପ୍ତି ଅନୁଯାୟୀ, ଇ-ମେଧାବୃତ୍ତି ଅଧୀନରେ ଆସୁଥିବା ୟୁଜି ମେରିଟ୍, ପିଜି ମେରିଟ୍ ଓ ଟେକ୍ନିକାଲ୍ ଆଣ୍ଡ ପ୍ରଫେସନାଲ୍ ମେରିଟ୍, ବ୍ୟାସକବି ଫକୀରମୋହନ ଭାଷାବୃତ୍ତି ଯୋଜନା ଏବଂ ଗୋପବନ୍ଧୁ ଶିକ୍ଷା ସହାୟତା ଯୋଜନାର ଆବେଦନ ଅବଧି ଗତ ୨୫ ତାରିଖରେ ଶେଷ ହୋଇଥିଲା । ପୂର୍ବରୁ ୱେବସାଇଟ୍ ଧିମା ଚାଲିବା ସହ ଶେଷ ଦିନରେ

ନଭେମ୍ବର ୪ ଯାଏଁ ଆବେଦନ କରିପାରିବେ ଛାତ୍ରଛାତ୍ରୀ

ୱେବସାଇଟ୍ କ୍ରାସ୍ କରିଯିବାରୁ ବହୁ ଛାତ୍ରଛାତ୍ରୀ ଆବେଦନ କରିପାରିନଥିଲେ । ଫଳରେ ବହୁ ଛାତ୍ରଛାତ୍ରୀ ବିଭାଗ ନିକଟରେ ଅଭିଯୋଗ କରିଥିଲେ । ଆବେଦନ ଅବଧିକୁ ବଢ଼ାଯିବା ସହ ଡିଜି-ଲକର୍ ମାଧ୍ୟମରେ ସାର୍ଟିଫିକେଟ୍ ଅପଲୋଡ୍ କରିବା ବାଧ୍ୟତାମୂଳକକୁ ଉଠାଇ ଦିଆଯାଇଛି ।




ଛାତ୍ରୀଙ୍କୁ ଗେଟ୍‌ରେ ତାଲା ପକାଇଦେଲେ ପ୍ରଧାନଶିକ୍ଷୟିତ୍ରୀ

# ଡହଡହ ଖରାରେ ୩ କିମି ଚାଲି ଜିଲ୍ଲାପାଳଙ୍କୁ ଭେଟିଲେ

କପ୍ତିପଦା, ୨୭।୧୦(ସମିସ): ହଷ୍ଟେଲ ଏବଂ ବିଦ୍ୟାଳୟରେ ଥିବା ଅବ୍ୟବସ୍ଥାକୁ ନେଇ ତାତିଲେ ଛାତ୍ରୀ । ବିଦ୍ୟାଳୟରୁ ବାହାରି ପ୍ରାୟ ୩ କିମି ଡହଡହ ଖରାରେ ଚାଲିଚାଲି ଜନଶୁଣାଣି ଶିବିରରେ ପହଞ୍ଚି ଜିଲ୍ଲାପାଳଙ୍କୁ ଜଣାଇଲେ ଗୁହାରି । ଏଭଳି ଘଟଣା ଦେଖିବାକୁ ମିଳିଛି କପ୍ତିପଦା ବ୍ଲକ ଶରତ ଫୁଲମତୀ ହେମ୍ବ୍ରମ୍ ବାଳିକା ଉଚ୍ଚ ବିଦ୍ୟାଳୟରେ ।

ବିଦ୍ୟାଳୟରେ ନବମ ଏବଂ ଦଶମ ଶ୍ରେଣୀରେ ୧୨୯ ଜଣ ଛାତ୍ରୀ ପାଠ ପଢ଼ୁଥିବା ବେଳେ ଶହେ ଜଣ ଛାତ୍ରୀ ହଷ୍ଟେଲରେ ରୁହନ୍ତି । ହେଲେ ଦୀର୍ଘ ଦିନ ହେବ ହଷ୍ଟେଲରେ ଅବ୍ୟବସ୍ଥା ଲାଗି ରହିଛି । ହଷ୍ଟେଲରେ ପାନୀୟ ଜଳର ଅଭାବ, ବିଳମ୍ବରେ ଅନ୍ତେବାସିନୀଙ୍କୁ ଖାଦ୍ୟ ମିଳିବା, ବିଦ୍ୟୁତ୍ ସରବରାହ ନ ରହିବା ସହିତ ବିଦ୍ୟାଳୟରେ ହିନ୍ଦୀ ଶିକ୍ଷକ ଅଭାବ, ସାଇନ୍ସ ଲାବ୍ରୋଟୋରୀ ଖୋଲା ନ ଯିବା, ଲାଇବ୍ରେରୀ ବନ୍ଦ ରହିବା ଏବଂ ଇଂରାଜୀ ବିଷୟ ଭଲ ଭାବରେ ଶିକ୍ଷୟିତ୍ରୀ ପଢ଼ାଉନଥିବା ଅଭିଯୋଗ ହୋଇଛି । ଏହାକୁ ନେଇ ପୂର୍ବରୁ ଛାତ୍ରୀମାନେ ପ୍ରଧାନ ଶିକ୍ଷୟିତ୍ରୀଙ୍କୁ ଅବଗତ କରାଇଥିଲେ ସୁଦ୍ଧା ସେ ଶୁଣି ନଥିଲେ । ଫଳରେ ସୋମବାର ଛାତ୍ରୀମାନେ ବିଦ୍ୟାଳୟ ଗେଟ୍ ନିକଟରେ ଧାରଣାରେ ବସି ବିକ୍ଷୋଭ କରିଥିଲେ ।

ତାତିଲେ ଫୁଲମତୀ ହେମ୍ବ୍ରମ୍ ବାଳିକା ଉଚ୍ଚ ବିଦ୍ୟାଳୟର ଛାତ୍ରୀ



ଛାତ୍ରୀମାନେ ବିକ୍ଷୋଭ କରୁଥିବା ଜାଣି ଅତି ବେପରୁଆ ଭାବେ ପ୍ରଧାନ ଶିକ୍ଷୟିତ୍ରୀ ନମିତାରାଣୀ ଦାସ ପହଞ୍ଚି ଗେଟ୍‌ରେ ତାଲା ପକାଇ ଦେଇଥିଲେ । ଅଭିଯୋଗ ଶୁଣିବା ପରିବର୍ତ୍ତେ ପ୍ରଧାନ ଶିକ୍ଷୟିତ୍ରୀ ମୁଖ୍ୟ ଫାଟକ ବାହାର ପାଖରୁ ତାଲା ପକାଇଦେବାରୁ ଛାତ୍ରୀମାନେ ତାତିଥିଲେ । ପରିସ୍ଥିତି ଦେଖି ପ୍ରଧାନ ଶିକ୍ଷୟିତ୍ରୀ ଗେଟ୍ ତାଲା ଖୋଲିବା ପରେ ଛାତ୍ରୀମାନେ ଡହଡହ ଖରାରେ ୩କିମି ଚାଲିଚାଲି ଶରତ ପଞ୍ଚାୟତ କାର୍ଯ୍ୟାଳୟରେ ଚାଲିଥିବା ଜିଲ୍ଲାପାଳ ଏବଂ ଏସପିଙ୍କ ଯୁଗ୍ମ ଜନଶୁଣାଣିରେ ପହଞ୍ଚିଥିଲେ । ସେଠାରେ ଜିଲ୍ଲାପାଳଙ୍କୁ ଭେଟି ଗୁହାରି ଜଣାଇଥିଲେ । ଛାତ୍ରୀମାନେ ଏତେବାଟ ଚାଲିଚାଲି ଆସିବା ଜାଣିବା ପରେ ବିଦ୍ୟାଳୟ ପ୍ରଧାନ ଶିକ୍ଷୟିତ୍ରୀଙ୍କୁ ଜିଲ୍ଲାପାଳ ତାଗିଦ୍ କରିଥିଲେ । ଏହାସହ ତୁରନ୍ତ ବିଦ୍ୟୁତ୍ ସରବରାହ ସ୍ୱାଭାବିକ, ପାନୀୟ ଜଳର ସୁବିଧା ସହ ହିନ୍ଦୀ ଶିକ୍ଷକ ନିଯୁକ୍ତି ହେବା ବାବଦରେ ଛାତ୍ରୀମାନଙ୍କୁ ଜିଲ୍ଲାପାଳ ପ୍ରତିଶ୍ରୁତି ଦେଇଥିଲେ । ସେହିପରି କାର୍ଯ୍ୟରେ ଅବହେଳା ପାଇଁ ପ୍ରଧାନ ଶିକ୍ଷୟିତ୍ରୀଙ୍କ ସମେତ ଅନ୍ୟ କର୍ମଚାରୀଙ୍କ ଏକ ମାସର ଦରମା ବନ୍ଦ କରାଯିବ ବୋଲି କହିଥିଲେ । ଅପରପକ୍ଷେ, ପ୍ରତିଶ୍ରୁତି ମିଳିବା ପରେ ଛାତ୍ରୀମାନେ ହଷ୍ଟେଲକୁ ଫେରିଥିଲେ ।

# ସମ୍ପାଦକୀୟ



ଧର୍ମ, ସତ୍ୟ ଓ ନ୍ୟାୟର ପଥରେ ପରିଚାଳିତ ହୁଅ।
-ସର୍ଦ୍ଦାର ବଲ୍ଲଭ ଭାଇ ପଟେଲ୍

ସକାଳ
THE SAKALA

## ସାଇବର ଠକଙ୍କୁ ଲଗାମ ନାହିଁ

ଲାଭରୁ ଲୋଭ। ନିବେଶ ମାଧ୍ୟମରେ ଅତିରିକ୍ତ ଆର୍ଥିକ ଫାଇଦା ହାସଲର ସୁଯୋଗ ପଛରେ ଧାଇଁଥିବା ଲୋକେ ଯେ ଶେଷରେ ଠକାମୀର ଶିକାର ହୋଇଥା'ନ୍ତି ତାହାର ଉଦାହରଣ କିଛି କମ ନୁହେଁ। ତଥାପି ନିଶାଖୋରଙ୍କ ପରି ବେଆଇନ ନିବେଶରୁ ସେମାନଙ୍କ ମୋହ ହଟୁନି। ଏହାର ଭରପୂର ସୁଯୋଗ ନେଉଛନ୍ତି ସାଇବର ଠକମାନେ। ଉନ୍ନତ ଜ୍ଞାନକୌଶଳ ଓ ପ୍ରଯୁକ୍ତି ବିଦ୍ୟାର ଉପଯୋଗରେ ଏହି ଠକେଇ ଚାଲିଥିବା ବେଳେ ସେମାନଙ୍କୁ ରୋକିବା ସମ୍ଭବ ହେଉନାହିଁ। ଏଥିରେ ସରକାରଙ୍କ ପକ୍ଷରୁ ଗଠିତ ସ୍ୱତନ୍ତ୍ର ସାଇବର ସେଲର ନିଷ୍ଫଳତା ଯେତିକି ଦାୟୀ, ତା'ଠାରୁ ଅଧିକ ଦାୟୀ ହେଉଛନ୍ତି ଅତିରିକ୍ତ ଆର୍ଥିକ ଫାଇଦା ପାଇଁ ମାତ୍ରାଧିକ ଉତ୍ସୁକ ହୋଇପଡ଼ିଥିବା ନିବେଶକ। ଏପ୍ରକାର ଠକେଇ ସଂପର୍କରେ ଗଣମାଧ୍ୟମରେ କ୍ରମାଗତ ଖବର ପ୍ରକାଶ ପାଇ ଆସୁଥିଲେ ମଧ୍ୟ ସଚେତନତା ବୃଦ୍ଧି ପାଇନି। ଗତ ଛଅମାସ ମଧ୍ୟରେ ଦେଶର ପ୍ରାୟ ୩୦ ହଜାର ଲୋକ ୧୫୦୦ କୋଟି ଟଙ୍କାର ଠକେଇ ସମ୍ମୁଖୀନ ହୋଇଛନ୍ତି। ଏହି ଠକେଇରେ ଆମ ରାଜ୍ୟର ତଥାକଥିତ ନିବେଶକ ପଛରେ ପଡ଼ିନାହାନ୍ତି। ଗତ ୯ ମାସ ମଧ୍ୟରେ ସାଇବର ଠକମାନେ ରାଜ୍ୟରୁ ୩୪୨ କୋଟି ଟଙ୍କା ଲୁଟି ନେଇଛନ୍ତି। ଅବଶ୍ୟ ଆମର ଏଠାରେ ସ୍ୱଚ୍ଛଳ ବର୍ଗଙ୍କ ସଂଖ୍ୟା ଅପେକ୍ଷାକୃତ କମ ହୋଇଥିବାରୁ ନିବେଶ ପରିମାଣ କମ ଏବଂ ଠକି ହୋଇଥିବା ଲୋକଙ୍କ ସଂଖ୍ୟା ୩୭ ହଜାର। ଏକଥା ସତ ଯେ ସାଇବର ସେଲ କିଛି ହାତ ଗଣତି ଠକଙ୍କୁ ଧରିବାକୁ ସକ୍ଷମ ହୋଇଛି ଏବଂ ଏ ପ୍ରକାର ଠକେଇ କମିବା ପରିବର୍ତ୍ତେ ବଢୁଛି।

ଅତିରିକ୍ତ ଫାଇଦା ଭଳି ମରୀଚିକା ପଛରେ ଧାଇଁଥିବା ଲୋକଙ୍କ ସଂଖ୍ୟା ବଢୁଛି କାହିଁକି? ଆର୍ଥିକ ସ୍ଥିତିର ଅନିଶ୍ଚିତତା, ଦିନକୁ ଦିନ ବ୍ୟୟଭାର ବୃଦ୍ଧି ଏବଂ ବ୍ୟାଙ୍କରେ ଥିବା ଜମାରାଶିର ସୁଧହାର ହ୍ରାସ ଯୋଗୁଁ ନିବେଶର ବିକଳ୍ପ ପନ୍ଥାକୁ ଆଦରି ନେଉଛନ୍ତି ଲୋକେ। ସାମାଜିକ ଗଣମଧ୍ୟମରେ ସକ୍ରିୟତା ବୃଦ୍ଧି ପାଇଛି। ତେଣୁ ଫୋନ ନମ୍ବର ଓ ଠିକଣା ହାସଲ କରିବାରେ ସାଇବର ଠକଙ୍କ ପାଇଁ ସେଭଳି ଅସୁବିଧା ନାହିଁ। ନିବେଶ ମାଧ୍ୟମରେ ଅତିରିକ୍ତ ଲାଭ ହାସଲର ସୁଯୋଗ ସଂକ୍ରାନ୍ତ ମନଲୋଭା ବିଜ୍ଞାପନ ମାଧ୍ୟମରେ କ୍ରମାଗତ ପ୍ରଲୁବ୍ଧ କରୁଥିବା ଏହି ଠକମାନେ ଆବଶ୍ୟକ ସ୍ଥଳେ ଲୋକଙ୍କ ମୋବାଇଲକୁ ଲିଙ୍କ ପଠାଇ ସିଧାସଳଖ ଯୋଗାଯୋଗ ଆରମ୍ଭ କରୁଛନ୍ତି। ହାତପାଆନ୍ତାରେ ମିଳୁଥିବା ଏହି ସୁଯୋଗକୁ ଲୋକେ ହାତଛଡ଼ା କରୁନାହାନ୍ତି। ଠକଙ୍କ ଏହି ବ୍ୟୂହରେ ଥରେ ଫସିଗଲେ ଆଉ ମୁକ୍ତିନାହିଁ। ତେଣିକି ଆଖି ପିଛୁଳାକେ ସେମାନେ ଆକାଉଣ୍ଟରୁ ଜମାରାଶି ଲୁଟି ନେଉଛନ୍ତି। ସବୁଠାରୁ ଉଦ୍‌ବେଗର ବିଷୟ ହେଲା, ଗତ ଦୁଇମାସ ମଧ୍ୟରେ ଆମ ରାଜ୍ୟରୁ ଏହି ସାଇବାର ଠକମାନେ ୧୧୦ କୋଟି ଟଙ୍କା ଲୁଟି ନେଉଣି। ଭାରତୀୟ ସାଇବର ଅପରାଧ ସମନ୍ୱୟ କେନ୍ଦ୍ରର ତଥ୍ୟ ଅନୁଯାୟୀ ସିଲକନ୍ ସିଟି ବେଙ୍ଗାଲୁରୁ, ଦିଲ୍ଲୀ-ଏନସିଆର ଓ ହାଇଦରାବାଦରେ ଏହି ସାଇବର ଅପରାଧ ସବୁଠାରୁ ଅଧିକ।

ଏଠାରେ ଦୁଇଟି କଥା ଉଦ୍‌ବେଗ ସୃଷ୍ଟି କରୁଛି। ସାଇବର ସେଲ ବିଦେଶରେ ସକ୍ରିୟ ଥିବା ଠକଙ୍କ ଚେରକୁ ଉପାଡ଼ିବା ଏତେ ସହଜ ନୁହେଁ। ତେଣୁ ଜନସାଧାରଣ ସଚେତନ ନ ହେବା ପର୍ଯ୍ୟନ୍ତ ଏ ଅପରାଧକୁ ରୋକିବା ସହଜ ନୁହେଁ। ଦ୍ୱିତୀୟତଃ, ବିଭିନ୍ନ ତଥ୍ୟ ମାଧ୍ୟମରେ ଆମେ ଆମର ସମସ୍ତ ଗୋପନୀୟ ତଥ୍ୟ ହସ୍ତାନ୍ତର କରିସାରିଛେ। ସମସ୍ତ ପ୍ରତିଶ୍ରୁତି ସତ୍ତ୍ୱେ ସେହି ଗୋପନୀୟ ତଥ୍ୟ କ୍ରମାଗତ ଭାବେ ପ୍ରଘଟ ହେଉଛି ଏବଂ ସାଇବର ଠକମାନେ ତାହାର ସୁଯୋଗ ନେଇ ଆମକୁ ଲୁଟିଚାଲିଛନ୍ତି। ଏଭଳି ସ୍ଥିତିରେ ଆମେ ପ୍ରତିକାର ଆଶା କରିବା ବୃଥା।

## ପାକ୍ ଆଣବିକ କୂଟନୀତି

ପାକିସ୍ତାନର ଆଣବିକ କୂଟନୀତିର କିଛି ଗୋପନତଥ୍ୟ ଉନ୍ମୋଚନ କରିଛନ୍ତି ସିଆଇଏର ପୂର୍ବତନ ଅଧିକାରୀ ଜନ କିରିଆକୁ। ଆମେରିକା, ସାଉଦୀ ଆରବ ଓ ପାକିସ୍ତାନର ତ୍ରିମୁଖୀ ସଂପର୍କର ଭିତ୍ତିଭୂମି ଯେ ଆଣବିକ ଅସ୍ତ୍ରଶସ୍ତ୍ର, ତାହା ଜନଙ୍କ ବକ୍ତବ୍ୟରୁ ସ୍ପଷ୍ଟ ହୋଇଯାଇଛି। ପାକିସ୍ତାନର ଆତଙ୍କବାଦୀ କାର୍ଯ୍ୟକଳାପ ବିରୋଧରେ 'ଅପରେସନ ସିନ୍ଦୂର'ର ନିର୍ଣ୍ଣାୟକ ଆକ୍ରମଣ ପରେ ଆମେରିକାର ଭାରତ ବିରୋଧୀ ଭୂମିକାରେ ପାକିସ୍ତାନକୁ ପ୍ରୟୋଗ କରିବା ଏବଂ ପରବର୍ତ୍ତୀ ଅବସ୍ଥାରେ ମଧ୍ୟପ୍ରାଚ୍ୟ କୂଟନୀତିରେ ହସ୍ତକ୍ଷେପ କରି ସାଉଦୀ ଆରବକୁ ଇସଲାମାବାଦର ସମର୍ଥନ ଦେବା ଭଳି ଘଟଣାକ୍ରମ ଏପର୍ଯ୍ୟନ୍ତ ଅସ୍ପଷ୍ଟ ଥିଲା। କିନ୍ତୁ ଜନ୍ ସମ୍ବାଦ ସରବରାହ ସଂସ୍ଥା ଏଏନ୍‌ଆଇକୁ ଦେଇଥିବା ସାକ୍ଷାତକାର ଆମେରିକା ଏହି ଦୋହରା ନୀତିକୁ ସ୍ପଷ୍ଟ କରିଛି। ପାକ୍ ଆଣବିକ ଅସ୍ତ୍ରର ନିୟନ୍ତ୍ରଣ କ୍ଷମତା ଆମେରିକାକୁ ପ୍ରଦାନ କରିଥିଲେ ପୂର୍ବତନ ରାଷ୍ଟ୍ରପତି ପରଭେଜ୍ ମୁସାରଫ। ଏଥିରୁ ସ୍ପଷ୍ଟ ଯେ ପାକିସ୍ତାନରେ ମହଜୁଦ ଥିବା ଆଣବିକ ଅସ୍ତ୍ରଶସ୍ତ୍ର ଓ କାର୍ଯ୍ୟକ୍ରମ ସଂକ୍ରାନ୍ତ ସମସ୍ତ ତଥ୍ୟ ଆମେରିକା ନିକଟରେ ଅଛି। 'ଅପେରେସନ ସିନ୍ଦୂର' ସମୟରେ ଭାରତର କ୍ଷେପଣାସ୍ତ୍ର ମାଡ଼ରେ ନୁରଖାନ୍ ବିମାନ କେନ୍ଦ୍ର ଓ ତତ୍‌ସଂଲଗ୍ନ କିରାନା ହିଲ୍‌ସରେ ଆଣବିକ ମହଜୁଦ କେନ୍ଦ୍ର କ୍ଷତିଗ୍ରସ୍ତ ହୋଇଥିବା ଖବରକୁ ଉଭୟ ପକ୍ଷ ଅସ୍ୱୀକାର କରିଥିଲେ ମଧ୍ୟ ଆମେରିକାର ବି-୩୫୦ ବିମାନରୁ ପରିସ୍ଥିତି ଉପରେ ସତର୍କ ଦୃଷ୍ଟି ରଖିବା ଘଟଣାକ୍ରମକୁ ଉପରୋକ୍ତ ତଥ୍ୟ ସହ ସଂଯୋଗ କରିଦେଲେ ପାକିସ୍ତାନ-ଆମେରିକା ଆଣବିକ କୂଟନୀତିର ଅସଲ ଚରିତ୍ର ସ୍ପଷ୍ଟ ହେବ।

ଆଣବିକ ତେଜସ୍କ୍ରିୟ ବିକିରଣକୁ ନିୟନ୍ତ୍ରଣ କରିବା ସକାଶେ ମିଶରର ସାମରିକ ପରିବହନ ବିମାନ ମାଧ୍ୟମରେ ସଂଗୃହୀତ ବୋରନ୍ ପାକିସ୍ତାନରେ ଖାଲି କରି ଫେରି ଯାଇଥିବା ଘଟଣାକୁ ତ ଅସ୍ୱୀକାର କରିହେବନି। ପରିସ୍ଥିତିର ଗୁରୁତ୍ୱ ଉପଲବ୍ଧି କରି ଆମେରିକାର ଉପରାଷ୍ଟ୍ରପତି ଜେ.ଡି ଭାନ୍ସ ତୁରନ୍ତ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ସହ ଆଲୋଚନା କରିଥିଲେ। ଘଟଣାକ୍ରମକୁ ଅନୁଧ୍ୟନ କଲେ, ସ୍ପଷ୍ଟ ମନେ ହୁଏ ଯେ ଯୁଦ୍ଧ ବିରାମ ସକାଶେ ପାକିସ୍ତାନ ପକ୍ଷରୁ ହସ୍ତକ୍ଷେପ ପାଇଁ ଅନୁରୋଧ କରାଯାଇଥିଲା। ଅନ୍ୟପକ୍ଷରେ ସେଠାକାର ଆତଙ୍କବାଦୀ କେନ୍ଦ୍ରଗୁଡ଼ିକୁ ଭାରତର ବାୟୁସେନା ଧ୍ୱଂସ କରି ବିପୁଳ କ୍ଷତି ଘଟାଇ ସାରିଥିଲା। ତେଣୁ ଚାପରେ ପଡ଼ି ଭାରତ ସାଲିସ କରିବାର ପ୍ରଶ୍ନ ଉଠୁ ନାହିଁ। ଆମେରିକାର କୂଟନୈତିକ ସଂପର୍କ ଉପରେ ମତାମତ ଦେଇ ଜନ୍ କହିଛନ୍ତି ଯେ ୱାଶିଂଟନ ଏକଛତ୍ରବାଦୀଙ୍କ ସହ ବିନା ଦ୍ୱିଧାରେ କାର୍ଯ୍ୟ କରିଆସିଛି। ଅଥଚ ସମଗ୍ର ବିଶ୍ୱକୁ ଗଣତନ୍ତ୍ର ଓ ମାନବବାଦର ସୁରକ୍ଷା ନେଇ ଆଦର୍ଶର ବାର୍ତ୍ତା ଦେଇଥାଏ। ଅସଲରେ ଆମେରିକା ନିଜର ସ୍ୱାର୍ଥକୁ ସବୁ ପ୍ରସଙ୍ଗରେ ପ୍ରାଥମିକତା ଦେଇଆସିଛି। ପାକିସ୍ତାନକୁ ସାମରିକ ଓ ଆର୍ଥିକ ସହାୟତା ଦେଇ ଆମେରିକା ମୁଶରଫଙ୍କ ନେତୃତ୍ୱକୁ ନିଜ ସ୍ୱାର୍ଥରକ୍ଷା ପାଇଁ ବ୍ୟବହାର କରୁଥିଲା। ସେହିଭଳି ପାକିସ୍ତାନର ଆଣବିକ ଜନକ ବୈଜ୍ଞାନିକ ଅବଦୁଲ୍ କାଦିର ଖାନ୍‌ଙ୍କୁ ହତ୍ୟା କରିବାର ଯୋଜନାକୁ ଆମେରିକା ଶେଷ ମୁହୂର୍ତ୍ତରେ ସାଉଦୀ ଆରବର ଅନୁରୋଧ କ୍ରମେ ପ୍ରତ୍ୟାହାର କରିଥିଲା। ଏଠାରେ ଏହି ତଥ୍ୟ ଉଲ୍ଲେଖ କରିବାର ଉଦ୍ଦେଶ୍ୟ ହେଲା ପାକିସ୍ତାନର ଆଣବିକ କୂଟନୀତିର ଦୁଇ ପ୍ରମୁଖ ଅଙ୍ଗ ହେଲେ ଆମେରିକା ଓ ସାଉଦୀ ଆରବ। ତେଣୁ ଏବର ପରିବର୍ତ୍ତିତ ଦୃଶ୍ୟପଟ୍ଟ ହିଁ ହେଉଛି ସେହି ପୁରୁଣା ସଂପର୍କର ଅଂଶବିଶେଷ।

ଜନ ଆମେରିକାର ସିଆଇଏ ପକ୍ଷରୁ ପାକିସ୍ତାନର ଆତଙ୍କବାଦ ନିରୋଧୀ ଅଭିଯାନର ତଦାରଖ ପାଇଁ ୧୫ ବର୍ଷ ଧରି କାର୍ଯ୍ୟ କରିଥିଲେ। କୂଟନୀତିର ଦିଗ ପରିବର୍ତ୍ତନକୁ ସେ ଅତି ନିକଟରୁ ଅନୁଧ୍ୟାନ କରିଆସିଛନ୍ତି। ତେଣୁ ଆମେରିକା କୂଟନୈତିକ ପ୍ରତାରଣା ସଂପର୍କରେ ସେ ତଥ୍ୟ ଉପସ୍ଥାପନ କଲା ବେଳେ ସଂପ୍ରତି ବଦଳୁଥିବା ବୈଶ୍ୱିକ ସମୀକରଣ ପଛରେ ଭାରତ, ଚୀନ ଓ ସାଉଦୀ ଆରବ ଭଳି ରାଷ୍ଟ୍ର ରଣନୀତିକ ଭୂମିକାର ସମୀକ୍ଷା ସହ ଆଭିମୁଖ୍ୟ ପରିବର୍ତ୍ତନର ବଡ଼ ଭୂମିକା ରହିଛି।

# ପେନସନ ଅନୁକମ୍ପା ନୁହେଁ, ଅଧିକାର

**ବୃହସ୍ପତି ସାମଲ**

ନିକଟରେ ପ୍ରକାଶିତ 'ମର୍ସରସିଏଫ୍‌ଏ ଇନଷ୍ଟିଚ୍ୟୁଟ୍ ଗ୍ଲୋବାଲ ପେନସନ ଇଣ୍ଡେକ୍ସ ୨୦୨୫' ଭାରତର ଅତ୍ୟନ୍ତ ଦୁର୍ବଳ ଓ ଅସୁସ୍ଥ ପେନସନ ପ୍ରଣାଳୀ ଉପରେ ଆଲୋକପାତ କରିବା ସହ ତୁର୍କୀ, ଫିଲିପାଇନ୍ସ, ଥାଇଲ୍ୟାଣ୍ଡ ଓ ଆର୍ଜେଣ୍ଟିନା ସହ ଭାରତକୁ ସବୁଠୁ ନିକୃଷ୍ଟ ପ୍ରଦର୍ଶକାରୀ ପାଞ୍ଚଟି ଦେଶ ମଧ୍ୟରେ ସ୍ଥାନିତ କରିଛି। ଏହି ରିପୋର୍ଟ ଅନୁଯାୟୀ ବୟସ୍କ ନାଗରିକଙ୍କ ଆର୍ଥିକ ନିରାପତ୍ତା ବିଷୟରେ ଭାରତ ଏକ ଭୟାବହ ଅସମନ୍ୱୟ ପରିସ୍ଥିତିରେ ରହିଛି। ପୂର୍ବ ବର୍ଷର ୪୪ ଅଙ୍କରୁ ଟିକିଏ ତଳକୁ ଖସି ଭାରତ ୪୩.୮ ଅଙ୍କ (ବିଶ୍ୱର ହାରାହାରି ଅଙ୍କ ୬୪.୫ରୁ ଯଥେଷ୍ଟ କମ୍) ସହ ବିଶ୍ୱର ସବୁଠୁ ନିମ୍ନ ଶ୍ରେଣୀ 'ଡି'ରେ ସ୍ଥାନିତ ହୋଇଛି। ସିଙ୍ଗାପୁର, ହଂକଂ ଓ ମାଲେସିଆ ଭଳି ଏସିଆର ଦେଶଗୁଡ଼ିକ, ଯେଉଁଠି ୮୦.୮, ୭୦.୬ ଓ ୬୦.୬ ଅଙ୍କ ପାଇଛନ୍ତି, ସେହି ତୁଳନାରେ ଭାରତ ବହୁତ ପଛରେ ରହିଛି। 'ପର୍ଯ୍ୟାପ୍ତତା' (୪୦%), 'ସ୍ଥାୟିତ୍ୱ' (୩୫%) ଓ 'ସାଧୁତା' (୨୫%) ଭଳି ତିନୋଟି ପରିମାପକ ଉପରେ ଆଧାରିତ ମୂଲ୍ୟାଙ୍କନ ଭାରତୀୟ ପେନସନ ବ୍ୟବସ୍ଥାର ସମସ୍ତ ପାରିପାର୍ଶ୍ୱିକ ପ୍ରଣାଳୀକୁ ପ୍ରଭାବିତ କରୁଥିବା ଗଭୀର ସଂରଚନାତ୍ମକ ଦୋଷଦୁର୍ବଳତା ଓ ଶାସନଗତ ଅପାରଗତାକୁ ପ୍ରକାଶ କରିଛି।

ପୃଥିବୀର ବାଉନଟି ଦେଶରେ ବାସ କରୁଥିବା ବିଶ୍ୱର ସମୁଦାୟ ଜନସଂଖ୍ୟାର ପ୍ରାୟ ପଞ୍ଚଷଠି ଶତାଂଶକୁ ନେଇ 'ଗ୍ଲୋବାଲ ପେନସନ ଇଣ୍ଡେକ୍ସ ୨୦୨୫' ଏହି ମୂଲ୍ୟାୟନ କରିଛି, ଯେଉଁଥିରେ ଭାରତର ସ୍ଥିତି ଅତ୍ୟନ୍ତ ଚିନ୍ତାଜନକ। 'ପର୍ଯ୍ୟାପ୍ତତା' ପରିମାପକ, ଯାହା ବୟସ୍କ ନାଗରିକମାନଙ୍କର ଉପଯୁକ୍ତ ଜୀବନଯାପନ ପାଇଁ ଆବଶ୍ୟକ ପ୍ରକୃତ ସେବାନିବୃତ୍ତ ଆୟର ପରିମାଣକୁ ନିର୍ଦ୍ଧାରିତ କରେ, ସେଥିରେ ଭାରତ ମାତ୍ର ୩୪.୭ ଅଙ୍କ ପାଇ ନିମ୍ନତମ 'ଇ' ଶ୍ରେଣୀରେ ରହିଛି, ଯାହା ପ୍ରକାଶ କରେ ଯେ ଅଧିକାଂଶ ଅବସରପ୍ରାପ୍ତ ନାଗରିକ ଯଥେଷ୍ଟ ଆୟ ବିନା ବଞ୍ଚିବାକୁ ବାଧ୍ୟ। ସେହିଭଳି 'ସ୍ଥାୟିତ୍ୱ' ପରିମାପକରେ ୪୩.୮ ଅଙ୍କ ସହିତ ଭାରତ 'ଡି' ଶ୍ରେଣୀରେ ରହିଛି, ଯାହା ସ୍ପଷ୍ଟ କରୁଛି ଯେ ଭାରତର ପେନସନ ଅର୍ଥନୀତି ଆଗାମୀ ଜନସଂଖ୍ୟା ବୃଦ୍ଧି ଓ ଆର୍ଥିକ ଚାପକୁ ସାମ୍ନା କରିବାରେ ଅସମର୍ଥ। ଅଧିକନ୍ତୁ 'ସାଧୁତା' ପରିମାପକରେ ୫୮.୪ ଅଙ୍କ ସହ ଭାରତ 'ସି' ଶ୍ରେଣୀରେ ଥିଲେ ମଧ୍ୟ ପ୍ରଶାସନିକ ସ୍ୱଚ୍ଛତା ଓ ନିୟମନ ସମ୍ପର୍କରେ ଦୃଢ଼ତାର ଅଭାବକୁ ସ୍ପଷ୍ଟ କରିଛି। ଅପରପକ୍ଷରେ ମଜଭୂତ ଓ ସ୍ଥାୟୀ ପେନସନ ବ୍ୟବସ୍ଥା ପାଇଁ ନେଦରଲ୍ୟାଣ୍ଡ (୮୫.୪), ଆଇଲ୍ୟାଣ୍ଡ (୮୪.୦), ଡେନମାର୍କ (୮୨.୩), ସିଙ୍ଗାପୁର (୮୦.୮) ଓ ଇସ୍ରାଏଲ (୮୦.୩) ଭଳି ଦେଶଗୁଡ଼ିକ ଚଳିତ ବର୍ଷର ଶ୍ରେଷ୍ଠ ପ୍ରଦର୍ଶନକାରୀ ଦେଶ ଭାବରେ 'ଏ' ଶ୍ରେଣୀରେ ଥିବା ସହିତ ସମତୁଲ ହାରାହାରି ସୁବିଧା ଓ ଦୀର୍ଘକାଳୀନ ଅର୍ଥନୈତିକ ସୁସ୍ଥିତି ସହ ଜନସାଧାରଣଙ୍କ ଭରସା ଜିତିବାରେ ସମର୍ଥ ହୋଇଛନ୍ତି।

ଭାରତର ପେନସନ ବ୍ୟବସ୍ଥା ଏକ ସୀମିତ ନିର୍ଦ୍ଧାରିତ ଲାଭ ଯୋଜନା ଏବଂ ଖଣ୍ଡିତ ନିର୍ଦ୍ଧାରିତ ଅବଦାନ ପ୍ରଣାଳୀର ମିଶ୍ରଣ। ଭାରତରେ ଏମ୍ପ୍ଲଏୟଜ୍ ପ୍ରୋଭିଡେଣ୍ଟ ଫଣ୍ଡ (ଇପିଏଫ୍), ଏମ୍ପ୍ଲଏୟଜ୍ ପେନସନ ସ୍କିମ (ଇପିଏସ୍) ଏବଂ ସେହିଭଳି କିଛି ବୃତ୍ତିଗତ ସାମାଜିକ ସୁରକ୍ଷା ଯୋଜନା ଏକ ଅସମତୁଲ ସଂରଚନା ସୃଷ୍ଟି କରି ବୟସ୍କ ନାଗରିକଙ୍କୁ ସାର୍ବଜନୀନ ତଥା ପର୍ଯ୍ୟାପ୍ତ ସୁରକ୍ଷା ଦେବାରେ ବିଫଳ। ରିପୋର୍ଟ ଅନୁଯାୟୀ ଭାରତର ମୋଟ ଶ୍ରମିକ ଶ୍ରେଣୀର ୯୦% ନିୟୋଜିତ ଥିବା ଅସଂଗଠିତ କ୍ଷେତ୍ରର କର୍ମଚାରୀମାନଙ୍କ ପାଖରେ ନିହାତି ସ୍ୱଳ୍ପ ଅଥବା କୌଣସି ନିୟମିତ ପେନସନ ସୁବିଧା ନାହିଁ। ଭାରତରେ ପେନସନ ଯୋଜନାର ଅସଫଳତା ମୂଳରେ ତିନୋଟି ଗୁରୁତ୍ୱପୂର୍ଣ୍ଣ କାରଣ ରହିଛି।

ପ୍ରଥମତଃ, ଅସଂଗଠିତ କ୍ଷେତ୍ରରେ ନିଯୁକ୍ତଙ୍କ ମଧ୍ୟରେ ପେନସନ ସୁବିଧା ଅତ୍ୟନ୍ତ ସୀମିତ। ତଥ୍ୟ ଅନୁଯାୟୀ, ଭାରତରେ ବର୍ତ୍ତମାନ କେବଳ ୨୯% ବୟସ୍କ ନାଗରିକ ପେନସନ ପାଉଛନ୍ତି। ଦ୍ୱିତୀୟତଃ, ଦେଶର ଅର୍ଥନୈତିକ ବାଧ୍ୟବାଧକତା, ଯାହା କ୍ରମାଗତ ଦାବି ସତ୍ତ୍ୱେ ସର୍ବନିମ୍ନ ସାର୍ବଜନୀନ ପେନସନ ଯୋଜନା ଲାଗୁ କରିବା ନେଇ ସରକାରଙ୍କ କ୍ଷମତାକୁ ସଙ୍କୁଚିତ କରୁଛି। ଏହି ପରିପ୍ରେକ୍ଷୀରେ ବିଶେଷଜ୍ଞମାନଙ୍କ ମତ ହେଲା ଯେ ସିଙ୍ଗାପୁର ଯେମିତି ନିଜର ପେନସନ୍ ବ୍ୟବସ୍ଥାକୁ 'ସି' ଶ୍ରେଣୀରୁ 'ଏ' ଶ୍ରେଣୀକୁ ଉର୍ନ୍ନୀତ କରେଇବାକୁ ଦୀର୍ଘ ୧୬ ବର୍ଷ ଧରି ପର୍ଯ୍ୟାୟଭିତ୍ତିକ ଅର୍ଥନୈତିକ ସାବଧାନତା ଅବଲମ୍ବନ କରିଥିଲା, ଭାରତକୁ ସେହିଭଳି ସୂତ୍ର ଆପଣେଇବାର ଆବଶ୍ୟକତା ରହିଛି। ତୃତୀୟତଃ, ମୂଲ୍ୟବୃଦ୍ଧି ଓ ଚିକିତ୍ସା ଖର୍ଚ୍ଚ ବୃଦ୍ଧି ସହିତ ଉଚିତ୍ ମୂଲ୍ୟସୂଚୀ ସମନ୍ୱୟର ଅଭାବ ଯୋଗୁଁ ପେନସନ ମୂଲ୍ୟର କ୍ରମାଗତ ଅବନତି ପର୍ଯ୍ୟାପ୍ତତାର ହ୍ରାସକୁ ପ୍ରମାଣିତ କରୁଛି।

ଜନସଂଖ୍ୟା ବୃଦ୍ଧି ଦୃଷ୍ଟିରୁ ଭାରତ ଏକ ସଙ୍କଟମୟ ପରିସ୍ଥିତି ଆଡ଼କୁ ଅଗ୍ରସର ହେଉଛି। 'ଏଜିଂ ରିପୋର୍ଟ-୨୦୨୩' ଅନୁସାରେ ଏବେ ଭାରତର ଜନସଂଖ୍ୟାର ୧୦%ରୁ ଅଧିକ ୬୦ ବର୍ଷ ବୟସରୁ ଉର୍ଦ୍ଧ୍ୱରେ, ଯାହା ୨୦୫୦ ସୁଦ୍ଧା ଦୁଇଗୁଣା (୨୦%) ହୋଇ ୩୪.୭ କୋଟିରେ ପହଞ୍ଚିବ। ପାରିବାରିକ ସହାୟତା ଓ ସହାନୁଭୂତି ହ୍ରାସ ଏବଂ ସ୍ୱାସ୍ଥ୍ୟ ସେବା ଅତ୍ୟନ୍ତ ମହଙ୍ଗା ହେଉଥିବା ସମୟରେ ପେନସନ ନିରାପତ୍ତାର ଅଭାବ ଯୋଗୁଁ ବୟସ୍କମାନେ ଉଭୟ ଆର୍ଥିକ ଓ ସାମାଜିକ ଦୃଷ୍ଟିକୋଣରୁ ଅସୁରକ୍ଷିତ ମନେ କରୁଛନ୍ତି। ଏହି ପରିସ୍ଥିତି କେବଳ ଏକ ଆର୍ଥିକ ଯୋଜନାର ପ୍ରଶ୍ନ ନୁହେଁ, ବରଂ ଏକ ସାମାଜିକ ନ୍ୟାୟ ଓ ନୀତିଗତ ଦାୟିତ୍ୱର ପ୍ରଶ୍ନ। ଯଦି ଭାରତ ସୁସ୍ଥ ଓ ଶକ୍ତିଶାଳୀ ପେନସନ ବ୍ୟବସ୍ଥା ପ୍ରଚଳନ କରିବାରେ ଅସମର୍ଥ ରହେ, ତେବେ ଖୁବଶୀଘ୍ର ଏହା ନିଃସନ୍ଦେହରେ ଏକ 'ବୟସ୍କ ଗରିବ'ମାନଙ୍କ ଦେଶରେ ପରିଣତ ହେବ। ଏ ସମସ୍ୟାର ସମାଧାନ କ୍ଷେତ୍ରରେ 'ସେଣ୍ଟ୍ରାଲ ପ୍ରୋଭିଡେଣ୍ଟ ଫଣ୍ଡ' ଜରିଆରେ ସିଙ୍ଗାପୁରର ପେନସନ ବ୍ୟବସ୍ଥାର ରୂପାନ୍ତରଣ ଏକ ବଡ଼ ଉଦାହରଣ। ଏକ ଅନିବାର୍ଯ୍ୟ ଓ ସମ୍ପୂର୍ଣ୍ଣ ଅଂଶଦାନଭିତ୍ତିକ ପ୍ରଣାଳୀରେ ଅବସର, ସ୍ୱାସ୍ଥ୍ୟ ଓ ଆବାସ ଭଳି ତିନୋଟି ମୂଳ ସୁରକ୍ଷାକୁ ସୁନିଶ୍ଚିତ କରି ସାର୍ବଜନୀନ ଅଂଶଗ୍ରହଣ, ସଠିକ ନିବେଶ ନୀତି ଓ ସୁନିଶ୍ଚିତ ଫେରସ୍ତ ଯୋଜନା ଭିତ୍ତିରେ ସିଙ୍ଗାପୁର ଆଜି ବିଶ୍ୱର ଶୀର୍ଷ ସ୍ଥାନରେ। ସେହିଭଳି ନେଦରଲ୍ୟାଣ୍ଡ ଓ ଡେନମାର୍କ ଶକ୍ତିଶାଳୀ ସରକାରୀ-ବେସରକାରୀ ସମନ୍ୱୟ, ବାଧ୍ୟତାମୂଳକ ସଞ୍ଚୟ ଓ ମୁଦ୍ରାସ୍ଫୀତି ଓ ଜୀବନ ପ୍ରତ୍ୟାଶାକୁ ପ୍ରତିଫଳିତ କରୁଥିବା ନିୟମିତ ସମଯୋଜନ ମାଧ୍ୟମରେ ଉଚ୍ଚତମ ପେନସନ ପର୍ଯ୍ୟାପ୍ତତାକୁ ରଖିପାରିଛନ୍ତି।

ପେନସନ୍ ବ୍ୟବସ୍ଥାରେ ଭାରତର ଅବନତି ଏକ ଅକସ୍ମାତ ଘଟଣା ନୁହେଁ, ବରଂ ନୀତିର ନିରନ୍ତର ଅବହେଳା, ଖଣ୍ଡିତ କାର୍ଯ୍ୟାନ୍ୱୟନ ଏବଂ ସମନ୍ୱିତ ଦୀର୍ଘକାଳୀନ ଦୃଷ୍ଟିକୋଣ ଅଭାବର କୁପରିଣାମ। ସରକାରୀ ଯୋଜନା ଯଥା ପ୍ରଧାନମନ୍ତ୍ରୀ ଶ୍ରମ ଯୋଗୀ ମାନଧନ ଓ ଅଟଳ ପେନସନ ଯୋଜନା ଭଳି ସରକାରୀ ଯୋଜନାଗୁଡ଼ିକରେ ଅସଂଗଠିତ କ୍ଷେତ୍ରର ଅଳ୍ପ କିଛି କର୍ମଚାରୀ ଯୋଡ଼ି ହୋଇଥିବା ବେଳେ ବୃଦ୍ଧାବସ୍ଥାରେ ସମ୍ମାନର ସହ ବଞ୍ଚିବା ପାଇଁ ସେମାନଙ୍କ ଅଂଶଦାନ ଓ ପେନସନ ରାଶି ଅତ୍ୟନ୍ତ ଅଳ୍ପ। ଅଧିକନ୍ତୁ ଅନେକ ବେସରକାରୀ କର୍ମଚାରୀ ନିଜ ଇପିଏଫ୍ ଟଙ୍କାକୁ ଚାକିରି କାଳ ଭିତରେ ଉଠାଇ ନେଇ ଅବସରକାଳୀନ ନିରାପତ୍ତାର ପ୍ରକୃତ ଉଦ୍ଦେଶ୍ୟକୁ ନଷ୍ଟ କରୁଛନ୍ତି। ଏହି ସଂକଟରୁ ମୁକ୍ତି ପାଇବା ପାଇଁ ଦୃଢ଼ ରାଜନୈତିକ ଇଚ୍ଛାଶକ୍ତି ଏବଂ ସଂସ୍ଥାଗତ ସୁଧାର ଓ ପୁନର୍ଗଠନ ଆବଶ୍ୟକ। ଏହି କ୍ରମରେ ବୟସ୍କ ଦରିଦ୍ରଙ୍କ ପାଇଁ ପେନସନର ଏକ ସର୍ବନିମ୍ନ ସୀମା ପ୍ରଣୟନ କରାଯିବା ଆବଶ୍ୟକ, ଯାହା ବୃଦ୍ଧାବସ୍ଥାରେ ଦାରିଦ୍ର୍ୟରୁ ରକ୍ଷା କରିପାରିବ। ରାଜ୍ୟ ସହାୟତା ଦ୍ୱାରା ପ୍ରେରିତ ଅଭିନବ ସୂକ୍ଷ୍ମ ସହଯୋଗ ଯୋଜନା ମାଧ୍ୟମରେ ଅସଂଗଠିତ ଶ୍ରମିକମାନଙ୍କୁ ଅଧିକରୁ ଅଧିକ ପେନସନ ପରିସରଭୁକ୍ତ କରିବାର ଆବଶ୍ୟକତା ମଧ୍ୟ ରହିଛି। ପେନସନ ଲାଭଗୁଡ଼ିକୁ କେବଳ ପେନସନ ପାଇଁ ସୁରକ୍ଷିତ ରଖି ସର୍ବନିମ୍ନ ପ୍ରବେଶ ବୟସ ନିର୍ଦ୍ଧାରଣ ଜରିଆରେ ଆଗୁଆ ଉଠାଣ ନିରୁତ୍ସାହିତ ହେବା ଉଚିତ। ପିଏଫଆରଡିଏ ଅଧୀନରେ ନିୟମାନୁସୂଚନାକୁ ସୁଦୃଢ଼ କରିବା ଏବଂ ପେନସନ ତହବିଲକୁ ସାବଧାନତାର ସହ ଭିନ୍ନ ଭିନ୍ନ କ୍ଷେତ୍ରରେ ନିବେଶ ପାଇଁ ଅନୁମତି ଦେବା ଦ୍ୱାରା ଉଭୟ ଭବିଷ୍ୟତର ଲାଭ ଓ ସ୍ଥିରତାକୁ ବୃଦ୍ଧି କରାଯାଇପାରିବ। ସବୁଠାରୁ ମହତ୍ତ୍ୱପୂର୍ଣ୍ଣ କଥା ହେଲା ଆର୍ଥିକ ସାକ୍ଷରତା ଓ ସେବାନିବୃତ୍ତି ପରିକଳ୍ପନା ପାଇଁ ଏକ ରାଷ୍ଟ୍ରବ୍ୟାପୀ ସଚେତନତା ଅଭିଯାନ ଆବଶ୍ୟକ, ଯାହା ଦୀର୍ଘକାଳୀନ ସଞ୍ଚୟକୁ ପରିବାରର ଏକ ସାଧାରଣ ଅଭ୍ୟାସରେ ପରିଣତ କରିପାରିବ।

ମର୍ସର୍ ଇଣ୍ଡେକ୍ସରେ ଭାରତର ୪୩.୮ ଅଙ୍କ ପାଇବା କେବଳ ଏକ ସଂଖ୍ୟାମାପକ ନୁହେଁ, ବରଂ ଭାରତୀୟ ସମାଜ ତା'ର ବୟସ୍କ ନାଗରିକଙ୍କ ପ୍ରତି କିପରି ସମ୍ମାନ ଓ ବ୍ୟବହାର ପ୍ରଦର୍ଶନ କରୁଛି, ତାହାର ଏକ ନିଛକ ପ୍ରତିବିମ୍ବ। ଉଚ୍ଚତମ ନ୍ୟାୟାଳୟ ସଠିକ ଭାବେ ଦର୍ଶାଇଛନ୍ତି ଯେ ପେନସନ ଏକ ଦାନ କିମ୍ବା ଅନୁକମ୍ପାମୂଳକ ସହାୟତା ରାଶି ନୁହେଁ, ବରଂ ନାଗରିକଟିଏ ନିଜର ଯୌବନ କାଳରେ ବର୍ଷ ବର୍ଷ ଧରି ସମାଜ ଓ ସରକାରଙ୍କୁ ଦେଇଥିବା ପରିସେବା ବଦଳରେ ଏହା ତା'ର ଉପାର୍ଜିତ ସାମ୍ବିଧାନିକ ଅଧିକାର। ଯେଉଁ ରାଷ୍ଟ୍ର ଏକ ବିଶ୍ୱସ୍ତରୀୟ ଆର୍ଥିକ ଶକ୍ତି ହେବାକୁ ଚାହୁଁଛି, ତା'ର ନାଗରିକମାନେ ସମ୍ମାନ ଓ ସୁରକ୍ଷା ବିନା ବୟସର ସାୟାହ୍ନରେ ଅସୁରକ୍ଷିତ ରହିବା ଆଦୌ ଗ୍ରହଣଯୋଗ୍ୟ ନୁହେଁ। ତେଣୁ ଭାରତୀୟ ପେନସନ ବ୍ୟବସ୍ଥାରେ ସୁଧାର ପ୍ରଶାସନିକ ସଂଶୋଧନର ଉର୍ଦ୍ଧ୍ୱରେ ଉଭୟ ମାନସିକ ଓ ସାମାଜିକ ଆବଶ୍ୟକତା ଭାବେ ଦେଖାଯିବା ଦରକାର। ପେନସନକୁ ଏକ ସୁବିଧା ଭାବରେ ନଦେଖି ଅଧିକାର ଭାବରେ ଦେଖିଲେ ହିଁ, ଭାରତ 'ଡି' ଶ୍ରେଣୀରୁ 'ଏ' ଶ୍ରେଣୀକୁ ଉନ୍ନୀତ ହୋଇପାରିବ। ପେନସନ ସୁରକ୍ଷା କେବଳ ଜଣେ ବୟସ୍କଙ୍କ ପ୍ରଶ୍ନ ନୁହେଁ, ଏହା ଭାରତର ସାମାଜିକ ଆତ୍ମା ଓ ମାନବୀୟ ମର୍ଯ୍ୟାଦାର ପରୀକ୍ଷା।

(ସାଧାରଣ ସମ୍ପାଦକ, କେନ୍ଦ୍ର ସରକାରୀ କର୍ମଚାରୀ ଓ ଶ୍ରମିକ ପରିସଂଘ)
ଭୁବନେଶ୍ୱର, ମୋ: ୯୪୩୭୦୨୨୬୬୯

# ଅନ୍ଧାରରେ ଓଡ଼ିଶାର ଶିକ୍ଷା ବ୍ୟବସ୍ଥା

**ସୁଧାକର ଦାସ**

ସାମ୍ପ୍ରତିକ ସ୍ଥିତିକୁ ସମୀକ୍ଷା କଲେ ମନେ ହୁଏ ସତେଯେମିତି ଅନ୍ଧାର ଗର୍ତ୍ତରେ ଆଜି ଆମ ଶିକ୍ଷା ବ୍ୟବସ୍ଥା। ବଦଳିଛି ସରକାର, ମାତ୍ର ବଦଳିନି ଓଡ଼ିଶାରେ ଶିକ୍ଷା ବ୍ୟବସ୍ଥାର ସ୍ଥିତି। ସାଧାରଣ ନିର୍ବାଚନ ପୂର୍ବରୁ ବନ୍ଦ ଥିବା ସ୍କୁଲଗୁଡ଼ିକୁ ଖୋଲିବା ପାଇଁ ବର୍ତ୍ତମାନର ସରକାର ନିର୍ବାଚନ ପୂର୍ବରୁ ପ୍ରତିଶ୍ରୁତି ଦେଇଥିଲେ। ସାଧାରଣ ନିର୍ବାଚନ ସରିଲା। କ୍ଷମତାର ଗାଦିରେ ବସିବା ପରେ ପ୍ରତିଶ୍ରୁତି ପୂରଣ କରିବା ପରିବର୍ତ୍ତେ କଠୋର ନିଷ୍ପତ୍ତି ନେଇ ଘୋଷଣା କଲେ ରାଜ୍ୟରେ ୫୬୩୦ ଗୋଟି ବିଦ୍ୟାଳୟ ବନ୍ଦ କରାଯିବ। ଇତିମଧ୍ୟରେ ପଶ୍ଚିମ ଓଡ଼ିଶାର ୧୮୨୬ ବିଦ୍ୟାଳୟ ବନ୍ଦ କରି ଦେବା ପାଇଁ ଚିହ୍ନଟ ହୋଇଛି। ସୁନ୍ଦରଗଡ଼ ଜିଲ୍ଲାରେ ସର୍ବାଧିକ ୩୯୭ଟି ବିଦ୍ୟାଳୟକୁ ବନ୍ଦ ବା ନିକଟସ୍ଥ ବିଦ୍ୟାଳୟରେ ମିଶ୍ରଣ ପାଇଁ ଜିଲ୍ଲା କମିଟି ସୁପାରିସ କରିଥିବା ବେଳେ ନୂଆପଡ଼ା ଜିଲ୍ଲାର ୧୫୬ଟି ବିଦ୍ୟାଳୟ ଏହି ତାଲିକାରେ ରହିଛି।

୨୦ରୁ କମ୍ ଛାତ୍ରଛାତ୍ରୀ ଥିବା ବିଦ୍ୟାଳୟକୁ ବନ୍ଦ ବା ନିକଟସ୍ଥ ବିଦ୍ୟାଳୟରେ ମିଶ୍ରଣ ପାଇଁ ଗତ ମାର୍ଚ୍ଚ ମାସରେ ବିଜ୍ଞପ୍ତି ଜାରି ହୋଇଥିଲା। ସେହି ଅନୁଯାୟୀ ଜିଲ୍ଲା ଶିକ୍ଷାଧିକାରୀ (ଡିଇଓ) ଙ୍କ ଅଧ୍ୟକ୍ଷତାରେ ଏକ କମିଟି ଗଠନ କରାଯାଇ କମ୍ ପିଲା ଥିବା ବିଦ୍ୟାଳୟର ଭିତ୍ତିଭୂମି ଯାଞ୍ଚ କରିବା ସହ ନିକଟସ୍ଥ ବିଦ୍ୟାଳୟ ସହ ଦୂରତା ସମ୍ପର୍କରେ ସର୍ବେକ୍ଷଣ କରାଯାଇଥିଲା। ତଦନୁଯାୟୀ ସୁନ୍ଦରଗଡ଼ ଜିଲ୍ଲାରେ ସର୍ବାଧିକ ୩୯୭ଟି ବିଦ୍ୟାଳୟ ଚିହ୍ନଟ ହୋଇଥିବା ବେଳେ ବରଗଡ଼ ଜିଲ୍ଲାରେ ୨୭୩, ବଲାଙ୍ଗୀରରେ ୨୮୬, ବୌଦ୍ଧରେ ୧୪୫, ଝାରସୁଗୁଡ଼ାରେ ୧୦୭, ନୂଆପଡ଼ାରେ ୧୫୬, ସମ୍ବଲପୁରରେ ୨୩୩, ସୋନପୁରରେ ୧୪୪ ଓ ଦେବଗଡ଼ରେ ୮୫ଟି ବିଦ୍ୟାଳୟକୁ ବନ୍ଦ କରିବା ପାଇଁ ଚିହ୍ନଟ କରାଯାଇଛି। ବିଦ୍ୟାଳୟ ଭିତ୍ତିଭୂମିର ବିକାଶ, ଶିକ୍ଷକ ନିଯୁକ୍ତି ଓ ଅପହଞ୍ଚ ଗ୍ରାମୀଣ ଅଞ୍ଚଳରେ ଶିକ୍ଷାର ବିକାଶ କରିବା ପରିବର୍ତ୍ତେ ବିଦ୍ୟାଳୟଗୁଡ଼ିକୁ ବନ୍ଦ କରିଦେବା ଦ୍ୱାରା ଅପହଞ୍ଚ ଅଞ୍ଚଳର ପିଲାମାନେ ଅନେକ ଅସୁବିଧା ସାମ୍ନା କରିବେ, ଏଥିରେ ସନ୍ଦେହ ନାହିଁ।

ସାମ୍ପ୍ରତିକ ସମୟରେ ଉଚ୍ଚଶିକ୍ଷାର ସ୍ଥିତି ମଧ୍ୟ ଯଦି ଆମେ ସମୀକ୍ଷା କରିବା, ତେବେ ବର୍ତ୍ତମାନ ସମୟରେ ସରକାର ନିଷ୍ପତ୍ତି ନେଇଛନ୍ତି ଉଚ୍ଚଶିକ୍ଷା ବିଭାଗ ଅଧୀନରେ ରାଜ୍ୟର ୪୮୮ ଓ ୬୬୨ ବର୍ଗ ମହାବିଦ୍ୟାଳୟ ସମେତ ସଂସ୍କୃତ ମହାବିଦ୍ୟାଳୟରେ ଖାଲି ପଡ଼ିଥିବା ପଦବି ପୂରଣ ବିଳମ୍ବ ହେଉଥିବାରୁ ୨୦୨୫-୨୬ ଶିକ୍ଷାବର୍ଷରେ ନିୟମିତ ପଦବି ପୂରଣ ପର୍ଯ୍ୟନ୍ତ ଅବସରପ୍ରାପ୍ତ ଶିକ୍ଷାବିତ୍ ଅତିଥି ଭାବେ ଶିକ୍ଷାଦାନ କରିବେ। ଏ ନିଷ୍ପତ୍ତି ଶିକ୍ଷିତ ଯୁବବର୍ଗ ପାଇଁ ଚିନ୍ତାର କାରଣ ସାଜିବା ସହିତ ସରକାରଙ୍କ ଦୋଷ ଦୁର୍ବଳତାକୁ ମଧ୍ୟ ସାମ୍ନାକୁ ଆଣିଛି। ମନରେ ପ୍ରଶ୍ନ ଉଠେ ଉଚ୍ଚ ଶିକ୍ଷା କ୍ଷେତ୍ରରେ ଯଦି ଏବେ ଅବସରପ୍ରାପ୍ତ ଶିକ୍ଷାବିତମାନଙ୍କୁ ନିଯୁକ୍ତି କରାଯାଏ ତେବେ ପିଜି, ପିଏଚଡି କରିଥିବା ଯୁବକ ଯୁବତୀ କ'ଣ କରିବେ? ଓଟିଇଟି/ଓଏସ୍‌ଟିଇଟି ପାସ୍ କରି କ'ଣ ଘରେ ବସିବେ? ଏମିତି କରିବା ଦ୍ୱାରା ଶିକ୍ଷିତ ବେକାରୀ ରାଜ୍ୟରେ ବୃଦ୍ଧି ପାଇବା ସହ ଉଚ୍ଚଶିକ୍ଷା କ୍ଷେତ୍ରରେ ନାମ ଲେଖାଇବା ପାଇଁ କେହି ଆଗ୍ରହ ପ୍ରକାଶ କରିବେନି। ଯଦି ନିଯୁକ୍ତି ମିଳିବନି, ସୁଯୋଗ ମିଳିବନି, ତେବେ ଶିକ୍ଷା ବ୍ୟବସ୍ଥା ସଫଳ ରୂପାୟନ ହେବ କେମିତି?

ରାଜ୍ୟରେ ପରୀକ୍ଷା ପରିଚାଳନାରେ ମଧ୍ୟ ଦୁର୍ନୀତିର କଥା ସମସ୍ତେ ଜାଣନ୍ତି। ଯଦି ସ୍ଥିତିରେ ସୁଧାର ନଆସେ, ତେବେ ଏ ଶିକ୍ଷା ବ୍ୟବସ୍ଥା ଲୋପ ହେବନି ବୋଲି କିଏ ବା ନିଶ୍ଚିତ କରିବ? ରାଜ୍ୟରେ ବାରମ୍ବାର ପରୀକ୍ଷା ପ୍ରଶ୍ନପତ୍ର ଲିକ ହେଉଛି, ପରୀକ୍ଷା ବାତିଲ କରାଯାଉଛି, ଦଶମ ଶ୍ରେଣୀ ପରୀକ୍ଷାଠୁ ଆରମ୍ଭ କରି ଉଚ୍ଚ ଶିକ୍ଷା ଏବଂ ନିଯୁକ୍ତି କ୍ଷେତ୍ରରେ ଆୟୋଜିତ ପରୀକ୍ଷାଗୁଡ଼ିକ ଆଜି ପର୍ଯ୍ୟନ୍ତ ସଠିକ ଭାବରେ ପରିଚାଳନା କରିବାରେ ସରକାର ବିଫଳ। ସାଧାରଣ ଜନତା ପରିବର୍ତ୍ତନ ଆଣିବା ପାଇଁ ନୂଆ ସରକାର ଚୟନ କଲେ। ସରକାର ବଦଳିଛି। ହେଲେ ସ୍ଥିତି ଯେମିତି ଥିଲା, ତା'ଠାରୁ ଦୁଇ ଗୁଣା ଅଧିକ ଖରାପ ହୋଇଛି। ରାଜ୍ୟ ରାଜନୀତି ସରଗରମ। ମାତ୍ର ରାଜ୍ୟରେ ଶିକ୍ଷା ବ୍ୟବସ୍ଥାର ସ୍ଥିତି ଧୀରେ ଧୀରେ ଶୋଚନୀୟ ହେବାକୁ ଯାଉଛି, ସେଥିପାଇଁ କାହାର ଦୃଷ୍ଟି ନାହିଁ।

ଉଚ୍ଚ ଶିକ୍ଷା କ୍ଷେତ୍ରରେ ଯଦି ପ୍ରତିବର୍ଷ ସର୍ବେକ୍ଷଣ କରି ଖାଲିଥିବା ଅଧ୍ୟାପକ ପଦବୀ ପୂରଣ ପାଇଁ ଗୋଟିଏ ରିପୋର୍ଟ କରି ସରକାରୀ ସ୍ତରରେ ସମୀକ୍ଷା କରି ପ୍ରତିବର୍ଷ କିଛି କିଛି ନିଯୁକ୍ତି ସୁଯୋଗ ସୃଷ୍ଟି କରାଯିବ, ତେବେ ଅନେକ ଶିକ୍ଷିତ ଯୁବବର୍ଗ ନିଯୁକ୍ତି ପାଇବେ। ରାଜ୍ୟରେ ବେକାରୀ ସମସ୍ୟା ଧୀରେ ଧୀରେ ହ୍ରାସ ହେବ। ଶିକ୍ଷା କ୍ଷେତ୍ର ସଶକ୍ତ ହେବ। ଶିକ୍ଷା କ୍ଷେତ୍ରରେ ସଂସ୍କାର ଆଣିବା ପଇଁ ଖାଲି ଯୋଜନା କଲେ ହେବ ନାହିଁ, ବରଂ ଯୋଜନାକୁ ସଠିକ ପରିଚାଳନା କରିବାର ଆବଶ୍ୟକତା ରହିଛି। ଯୁବବର୍ଗଙ୍କ ପ୍ରତି ଦୃଷ୍ଟି ଦେଇ ଯଦି ସରକାର ଶିକ୍ଷା କ୍ଷେତ୍ରରେ ନିଯୁକ୍ତି ସୁଯୋଗ ପ୍ରତି ବର୍ଷ ସୃଷ୍ଟି କରିବେ, ତେବେ ନିଶ୍ଚୟ ଓଡ଼ିଶାରେ ଶିକ୍ଷା ବ୍ୟବସ୍ଥାର ସ୍ଥିତିରେ ସୁଧାର ଆସିବ।

ମୋ: ୭୮୪୮୦୦୦୬୭୬

# ବନବିଧ୍ୱଂସ ମାନବ ସଭ୍ୟତାକୁ ହତ୍ୟା କରିପାରେ

**ଶ୍ରୀନନ**

**ବିଜ୍ଞାନ ବାର୍ତ୍ତା**

ଜୀବଜଗତକୁ ଅରଣ୍ୟର ଅବଦାନ ଅବର୍ଣ୍ଣନୀୟ। କିନ୍ତୁ କ୍ଷୋଭର ବିଷୟ ଯେ ଏହା ବୁଝିସୁଦ୍ଧା ନିଜ ଗୋଡ଼ରେ କୁରାଢ଼ୀ ମାରିବା ଭଳି ଆମେ ତାକୁ ଧ୍ୱଂସ କରିଚାଲିଛୁ। ଏକ ଆକଳନ ଅନୁସାରେ ବର୍ଷକୁ ପୃଥିବୀରେ ୧୫ ରୁ ୧୮ ନିୟୁତ ହେକ୍ଟର ବନ ବିଧ୍ୱଂସ ହେଉଛି। ଜାଗତିକ ଉଷ୍ମତାଠାରୁ ପରିସଂସ୍ଥାର ଅବକ୍ଷୟ ଆଦି ନାନଦି ପରିବେଶୀୟ ବିପର୍ଯ୍ୟୟର ଏହା ହେଉଛି ମୁଖ୍ୟ କାରଣ। ନିକଟରେ ଲିଡସ୍ ବିଶ୍ୱବିଦ୍ୟାଳୟର ଗବେଷକମାନେ ସୂଚୀତ କରିଛନ୍ତି ଯେ ଏହାଫଳରେ ଘଟୁଥିବା ତାପମାତ୍ରା ବୃଦ୍ଧିର ବିଭିନ୍ନ ପ୍ରଭାବରେ ବିଗତ ୨୦ ବର୍ଷ ମଧ୍ୟରେ ମୃତ୍ୟୁବରଣ କରିଛନ୍ତି ପ୍ରାୟ ଅଧ ନିୟୁତରୁ ଅଧିକ ଲୋକ। ଏହି ଗବେଷକମାନଙ୍କ ସୂଚନା ଅନୁସାରେ ବନ ବିଧ୍ୱଂସ ସଫଳରେ ବିଶେଷକରି ଆମାଜନ, କଙ୍ଗୋ ଏବଂ ଦକ୍ଷିଣ-ପୂର୍ବ ଏସିଆର ତାପମାତ୍ରା ବଢ଼ିବାରେ ଲାଗିଛି। ଫଳରେ ପ୍ରକୃତି ଓ ପରିବେଶ ବଦଳିବା ସହିତ ଜୀବଜଗତର ସମସ୍ତଙ୍କ ଉପରେ ପଡୁଛି ତାହାର ଘାତକ ପ୍ରଭାବ। ସେମାନେ ଆକଳନ କରିଛନ୍ତି ଯେ ଅରଣ୍ୟ ସଂକୋଚନ ପ୍ରଭାବିତ ଅଞ୍ଚଳର ତାପବୃଦ୍ଧିର ଏକ-ତୃତୀୟାଂଶରୁ ଅଧିକ ପାଇଁ ଦାୟୀ। ପୁନଶ୍ଚ ସେଠାର ଜଳବାୟୁରେ ଘଟୁଥିବା ଅବ୍ୟବସ୍ଥାର ଏହା ମଧ୍ୟ ମୁଖ୍ୟ କାରଣ।

ବିଷୁବୀୟ ଅଞ୍ଚଳରେ ବର୍ତ୍ତମାନ ପ୍ରାୟ ୩୪୫ ନିୟୁତ ଲୋକ ବନ ବିଧ୍ୱଂସ ଜନିତ ଦୁର୍ଦ୍ଦଶା ଭୋଗୁଛନ୍ତି। ସେମାନଙ୍କ ମଧ୍ୟରୁ ଅନେକଙ୍କ ପାଇଁ ଏହା ୨୦୦୧ ମସିହାରୁ ୨୦୨୦ ମସିହା ମଧ୍ୟରେ ଅନେକ ସମୟରେ ପ୍ରାୟ ୩ ଡିଗ୍ରୀ ତାପମାତ୍ରା ବୃଦ୍ଧି କରୁଛି। ଗବେଷକମାନଙ୍କ ମତରେ ବନବିଧ୍ୱଂସ କାରଣରୁ ଘଟୁଥିବା ତାପମାତ୍ରା ବୃଦ୍ଧି ହେତୁ ଏଠାର ବାର୍ଷିକ ପ୍ରାୟ ୩୦ ହଜାର ଲୋକଙ୍କର ମୃତ୍ୟୁ ଘଟୁଛି ବିବିଧ ରୋଗବ୍ୟାଧି ଏବଂ ଶାରୀରିକ ଆକ୍ଷମତା ଯୋଗୁଁ। ଏହାବ୍ୟତୀତ ବିଷୁବମଣ୍ଡଳୀୟ ଆଫ୍ରିକାର ଏକ-ତୃତୀୟାଂଶ ଏବଂ କେନ୍ଦ୍ରୀୟ ଓ ଦକ୍ଷିଣ ଆମେରିକାରେ ବ୍ୟାପକ ଅଞ୍ଚଳର ଲୋକେ ତାପବୃଦ୍ଧିଜନିତ ବିବିଧରୋଗରେ ପୀଡ଼ିତ ହେବା ସହିତ ଅକାଳମୃତ୍ୟୁର ସମ୍ମୁଖୀନ ହେଉଛନ୍ତି। ଗବେଷକମାନେ ବ୍ରାଜିଲ୍ ଘାନା, ଇଂଲଣ୍ଡ ଆଦି କେତେକ ଦେଶରେ ଦୁର୍ଘଟଣା ଜନିତ ହୋଇଥିବା ମୃତ୍ୟୁହାର ଏବଂ ବିଷୁବମଣ୍ଡଳର ଅରଣ୍ୟବିଧ୍ୱଂସ ଯୋଗୁଁ ପ୍ରଭାବିତ ଅଞ୍ଚଳଗୁଡ଼ିକରେ ତାପମାତ୍ରା ବୃଦ୍ଧି ହେତୁ ଘଟୁଥିବା ମୃତ୍ୟୁହାରକୁ ତୁଳନା କରିଥିଲେ। ଏପ୍ରକାର ଅଧ୍ୟୟନ ଏବେ କରାଯାଇଛି ପ୍ରଥମଥର ପାଇଁ। ଆଗକୁ ପୃଥିବୀର ଅନ୍ୟାନ୍ୟ ଅଞ୍ଚଳମାନଙ୍କରେ ଏହା ବ୍ୟାପକ ରୂପେ କରିବା ପାଇଁ ଗବେଷକମାନେ ଲକ୍ଷ୍ୟ ରଖିଛନ୍ତି।

ଲିଡସ୍ ବିଶ୍ୱବିଦ୍ୟାଳୟର ପ୍ରଫେସର ଡୋମିନିକ୍ ସ୍ପ୍ରାକ୍‌ଲେନ୍ ମତ ଦେଇଛନ୍ତି ଯେ ଏହା ହେଉଛି ବନ ବିଧ୍ୱଂସ ହତ୍ୟା କରିପାରେ ବୋଲି ଏକ ଚେତାବନୀ। ସେ ଆଶା କରିନ୍ତି ଯେ ଅନେକ ଲୋକ ଏହାକୁ ନେଇ ବିସ୍ମୟ ପ୍ରକାଶ କରିପାରନ୍ତି। କାରଣ ବନ ବିଧ୍ୱଂସର ଏପ୍ରକାର ବିପଦସମୂହ ସାଧାରଣ ଭାବେ, ଜାଗତିକ ଜଳବାୟୁ ସଂପର୍କରେ ଆଲୋଚନା ଭିତରେ ହଜିଯାଉଛି। ଅନ୍ୟପକ୍ଷରେ ବଜାରଭିତ୍ତିକ କୃଷି, ଶିଳ୍ପ ଓ ସହରୀକରଣ ବିସ୍ତାରିତ ହୋଇ ରହିଛି। ବ୍ରାଜିଲର ମାଟୋଗ୍ରୋସୋ ଅଞ୍ଚଳରେ ଘଟିଥିବା ଏକ ଘଟଣାକୁ ଉଦାହରଣ ରୂପେ ନିଆଯାଇପାରେ। ସ୍ପ୍ରାକଲେନଙ୍କ ମତରେ ତାପମାତ୍ର ବୃଦ୍ଧି ଏବଂ ଅନ୍ୟାନ୍ୟ ପରିବେଶ ବିପର୍ଯ୍ୟୟ ଜନିତ ବିପଦରୁ ରକ୍ଷା ପାଇବାକୁ ହେଲେ ବୃକ୍ଷରାଜିକୁ ଅପରିବର୍ତ୍ତିତ ରଖିବା କିମ୍ବା ପରିବର୍ଦ୍ଧିତ କରିବା ଦରକାର। ତାହା ମଣିଷ ସମେତ ବହୁ ଜୀବଜନ୍ତୁଙ୍କ ଜୀବନ ରକ୍ଷା କରିପାରିବ ଏବଂ କୃଷି ଉତ୍ପାଦନ ମଧ୍ୟ ବୃଦ୍ଧି କରିବ। ପୁନଶ୍ଚ ସେ କହନ୍ତି ଏହି ଜଙ୍ଗଲ ସୁରକ୍ଷା କେବଳ ଜଳବାୟୁ ପାଇଁ ନୁହେଁ, ବରଂ ପ୍ରତ୍ୟକ୍ଷ ଭାବେ ସ୍ଥାନୀୟ ଲୋକଙ୍କର ହିତ ସାଧନ କରିବ। ଏଗୁଡ଼ିକ ତାପମାତ୍ରା ନିୟନ୍ତ୍ରଣ କରିବା ସହିତ ଯଥେଷ୍ଟ ବୃଷ୍ଟିପାତ କରାଇବେ ଏବଂ ଲୋକେ ନିର୍ଭର କରୁଥିବା କୃଷିକୁ ସହାୟତା କରିବେ। ଜନସ୍ୱାସ୍ଥ୍ୟ ଓ ଆୟୁବୃଦ୍ଧିରେ ମଧ୍ୟ ବୃକ୍ଷର ଭୂମିକା ରହିଛି।

ଏଣୁ ଅରଣ୍ୟଗୁଡ଼ିକୁ ନିଷ୍କ୍ରିୟ ବୋଲି ମନେ କରିବା ଉଚିତ ନୁହେଁ। ସେଗୁଡ଼ିକ ପ୍ରକୃତରେ କଠୋର ପରିଶ୍ରମ କରିଥା'ନ୍ତି ଏବଂ ଆମ ଜୀବନଧାରଣ ପାଇଁ ଗୁରୁତ୍ୱପୂର୍ଣ୍ଣ ହୋଇଥିବା କାର୍ଯ୍ୟମାନ କରିନ୍ତି। ଏଣୁ ଚାଲନ୍ତୁ ଯଥାସମ୍ଭବ ବନବିଧ୍ୱଂସକୁ ପ୍ରତିହତ କରିବା ଏବଂ ବନ ଭୂମିର ଆକାର ବୃଦ୍ଧି କରିବା।

ଯମପଡ଼ା(କେନ୍ଦ୍ରାପଡ଼ା), ମୋ: ୯ ୯୩୭୩୦୧୪୬୦

ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଲେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

# ଫୁଟବଲ୍ ଖେଳୁଖେଳୁ ଟଳିପଡ଼ିଲେ ଯୁବକ

**ନୀଳଗିରି, ୨୭।୧୦ (ସମିସ):** କୁଲଡିହା ପାଦଦେଶର ଆଦିବାସୀ ଯୁବକ ଅନୀଲ। ଫୁଟବଲ୍ ଖେଳିବା ଥିଲା ତା'ର ନିଶା। ନୀଳଗିରି ଆଖପାଖ ଅଞ୍ଚଳର ଯେକୌଣସି ସ୍ଥାନରେ ଫୁଟବଲ ଟୁର୍ଣ୍ଣାମେଣ୍ଟ ହେଲେ ଜଣେ ଖେଳାଳି ଭାବରେ ହେଉ କିମ୍ବା ଦର୍ଶକ ଭାବରେ ହେଉ ସବୁଠି ତା'ର ଉପସ୍ଥିତି। ନୀଳଗିରି ବ୍ଲକ୍ କେ.ସି.ପୁର ପଞ୍ଚାୟତ ବେତକଟା ଅଞ୍ଚଳର ବାରାଖେଦା ଗ୍ରାମର ସୁରେନ୍ଦ୍ର ସୋରେନଙ୍କ ଏକମାତ୍ର ୩୨ବର୍ଷୀୟ ପୁଅ ଅନୀଲ। ନିଜଗ୍ରାମର ସାଥୀ ଖେଳାଳୀମାନଙ୍କ ସହିତ ଗତ ୧୨ତାରିଖ ରବିବାର ନିକଟସ୍ଥ ଛତ୍ରପୁର ଖେଳପଡିଆକୁ ଫୁଟବଲ ମ୍ୟାଚ ଖେଳିବାକୁ ଯାଇଥିଲା। ସେଦିନ ଥିଲା ତା' ଜୀବନର ଶେଷ ସୂର୍ଯ୍ୟୋଦୟ। ସେ କିପରି ବା ଜାଣିଥାନ୍ତା । ପ୍ରତିଦ୍ୱନ୍ଦୀ ଅସ୍ତରଖି ଟିମ୍ ସହିତ ମ୍ୟାଚ୍ ଖେଳୁଥିବା ସମୟରେ ହଠାତ୍ ଅସ୍ତରଖୀ ଟିମ୍‌ର ଗୋଲକିପରଙ୍କ ଆଣ୍ଠୁ ଦ୍ୱାରା ତଳିପେଟ ଓ ଛାତିରେ ଶକ୍ତଆଘାତ ଲାଗିବାରୁ ଘଟଣାସ୍ଥଳରେ ଅନୀଲ ଟଳି ପଡ଼ିଥିଲା। ନିଃଶ୍ୱାସ ପ୍ରଶ୍ୱାସନେବାରେ କଷ୍ଟ ଅନୁଭବ କରିବାରୁ ତାଙ୍କୁ ତୁରନ୍ତ ନୀଳଗିରି ଉପଖଣ୍ଡ ଚିକିତ୍ସାଳୟରେ ଭର୍ତ୍ତି କରାଯାଇଥିଲା। ସ୍ୱାସ୍ଥ୍ୟବସ୍ଥା ଗୁରୁତର ହେବାରୁ ତାଙ୍କୁ ଫକୀରମୋହନ ମେଡିକାଲ କଲେଜ ନିଆଯାଇଥିଲା। ଅବସ୍ଥାରେ ସୁଧାର ନ ଆସିବାରୁ ତାଙ୍କୁ ୧୫ତାରିଖରେ କଟକ ବଡ଼ମେଡ଼ିକାଲ ନିଆଯାଇ ଅପରେସନ କରାଯାଇ ଆଇସିୟୁରେ



ରଖାଯାଇଥିଲା। ଚେତାଶୂନ୍ୟ ଅବସ୍ଥାରେ ଆଇସିୟୁରେ ଥିବାବେଳେ ଗତ ୧୬ ତାରିଖରେ ମୃତ୍ୟୁବରଣ କରିଥିଲେ। ପରେ ହସ୍ପିଟାଲ ପକ୍ଷରୁ ଶବବ୍ୟବଛେଦ କରାଯାଇ ପରିବାର ବର୍ଗଙ୍କୁ ହସ୍ତାନ୍ତର କରାଯିବା ପରେ ଏହି ଉଦୀୟମାନ ଖେଳାଳୀ, ପରୋପକାରୀ, ମେଳାପି, ଯୁବସମାଜସେବୀଙ୍କୁ ଏକ ଶୋକାକୁଳ ପରିବେଶରେ ଅନ୍ତିମ ବିଦାୟୀ ଦିଆଯାଇଥିଲା। ତାଙ୍କର ଏଭଳି ଅପ୍ରତ୍ୟାଶିତ ମୃତ୍ୟୁରେ ପରିବାର, ଗ୍ରାମବାସୀଙ୍କ ସମେତ ଅଞ୍ଚଳବାସୀ ଗଭୀର ଶୋକବ୍ୟକ୍ତ କରିବା ସହ ସମବେଦନା ଜଣାଇଛନ୍ତି। ପରିବାରରେ ଏକମାତ୍ର ରୋଜଗାରିଆ ପୁଅ ଥିବାରୁ ତାଙ୍କ ପରିବାରକୁ ସରକାରୀ ସହାୟତା ଯୋଗାଇଦେବାକୁ ସାଧାରଣରେ ଦାବି ହୋଇଛି।

## ଛେଳି ପାଇଁ ଡାଳ ଆଣୁଥିବା ବୃଦ୍ଧାଙ୍କୁ ପିଟିଲେ ଫରେଷ୍ଟ ଗାର୍ଡ

# ଗୋପାଳପୁର ବିଟ୍ ହାଉସ ଘେରିଲେ ଗ୍ରାମବାସୀ

ନୀଳଗିରି, ୨୭।୧୦ (ସମିସ)

ଦୁଇ ନାତିଙ୍କୁ ଧରି ୬୨ବର୍ଷୀୟା ବୃଦ୍ଧା ନିକଟସ୍ଥ ଜଙ୍ଗଲକୁ ଛେଳି ଚରାଇବା ପାଇଁ ଗତ ରବିବାର ଦିନ ଯାଇଥିଲେ। ଛେଳି ଚରାଇ ଘରକୁ ଫେରୁଥିବା ବେଳେ ହାତରେ କଟୁରୀ କି କୁରାଡ଼ି ନ ଥିବା ବେଳେ ହାତରେ କିଛି ଡାଳ ଭାଙ୍ଗି ଛେଳିଙ୍କ ପାଇଁ ଆଣୁଥିଲେ। ଗୋପାଳପୁର ବିଟ୍ ହାଉସର ଫରେଷ୍ଟ ଗାର୍ଡ କବିତା ମହାକୁଡ଼ ବୟାର ସାହି ଗ୍ରାମର ବୃଦ୍ଧା କଟିମଣୀ ସିଂ (୬୨)ଙ୍କୁ ଅଟକାଇ କ'ଣ ପାଇଁ ଡାଳ ଭାଙ୍ଗିଲୁ ବୋଲି କହିବାରୁ ଆଉ କେବେ ଭାଙ୍ଗିବି ନାହିଁ ବୋଲି ବୃଦ୍ଧାଜଣକ କହିଥିଲେ। ମାତ୍ର ଅମାନୁଷିକ ଫରେଷ୍ଟ ଗାର୍ଡ କବିତା ମହାକୁଡ଼ ବୃଦ୍ଧା ଧରିଥିବା ଛେଳି ଘଉଡା ବାଡ଼ିରେ ପିଟି ଲାଗିଥିଲେ। ଯେତେ କାକୁତି ମିନତି କଟିମଣି କରିଥିଲେ ମଧ ଫରେଷ୍ଟ ଗାର୍ଡ ଜଣକ ଛାଡି ନ ଥିଲେ। ଏସବୁ ଘଟଣା ବାବଦରେ କଟିମଣୀ ଘରେ କହିଥିଲେ। ପରିବାର ଲୋକେ ଏହି ଘଟଣାକୁ ନେଇ ଗ୍ରାମବାସୀଙ୍କ ସହ ଆଲୋଚନା କରିଥିଲେ।



ସୋମବାର ଦିନ ସମସ୍ତ ଗ୍ରାମବାସୀ ଏକଜୁଟ ହୋଇ ଗୋପାଳପୁର ବିଟ୍ ହାଉସକୁ ଘେରାଉ କରିବା ସହ ତୁରନ୍ତ ଗାର୍ଡଙ୍କୁ ଅନ୍ୟତ୍ର ବଦଳି କରାଯିବା ସହ ଭୁଲ୍ ମାଗନ୍ତୁ ବୋଲି ଜିଦ୍‌ରେ ଖଣ୍ଡଯୁଦ୍ଧ ଆରମ୍ଭ ହୋଇଥିଲା। ଗାର୍ଡ ଜଣକ ଅଫିସ ଭିତରୁ ବାହାରକୁ ବାହାରି ନ ଥିଲେ। ବନବିଭାଗ ଓ ଗ୍ରାମବାସୀଙ୍କ ମଧ୍ୟରେ ରଣକ୍ଷେତ୍ର ପାଲଟିଥିଲା। ଖବର ପାଇ ନୀଳଗିରି ରେଞ୍ଜର ମନୱାର ଖାଁ ଘଟଣା ସ୍ଥଳରେ ପହଞ୍ଚି ଥିଲେ। ସେପଟେ ଅଯୋଧ୍ୟା ଫାଣ୍ଡି ଅଧିକାରୀ ସରୋଜ କୁମାର ଦାସ ଫୋର୍ସ ଧରି ଘଟଣା ସ୍ଥଳରେ ପହଞ୍ଚି ଉତ୍ତେଜନାକୁ କରାୟତ କରିଥିଲେ। ପରେ ସ୍ଥାନୀୟ ସରପଞ୍ଚ ସଞ୍ଜୟ ସିଂ ପହଞ୍ଚି ପୁଲିସ ଅଧିକାରୀ, ରେଞ୍ଜ ଅଧିକାରୀ ସମେତ ଗ୍ରାମବାସୀଙ୍କ ସହ ଆଲୋଚନା କରିଥିଲେ। ଜଣେ ୬୨ବର୍ଷର ବୃଦ୍ଧାକୁ ମହିଳା ଗାର୍ଡ ପିଟିବା ଏବଂ ମହିଳା ଗାର୍ଡଙ୍କ ସ୍ୱାମୀ ମଧ ଗାଁ ଲୋକଙ୍କୁ ଦୁର୍ବ୍ୟବହାର ସହ ପିଟିବା ଘଟଣାକୁ ସମସ୍ତେ ନିନ୍ଦା କରିଥିଲେ। ପ୍ରତିଦିନ ଟ୍ରିପ ଟ୍ରିପ୍ ଚୋରାରେ କାଠ ଯାଉଥିବା ବେଳେ ବନ ବିଭାଗ କିଛି ନ ଦେଖିଲା ପରି ବଡ଼ ବଡିଆଙ୍କୁ ମାପ କରି ଗରିବଙ୍କୁ ଛାଟ ମାରୁଛି ବୋଲି ସାଧାରଣରେ ବେଶ୍ ଚର୍ଚ୍ଚା ଲାଗିଛି। ମହିଳା ଗାର୍ଡଙ୍କୁ ତୁରନ୍ତ ବଦଳି କରାଯାଉ, ନିଜର କର୍ମ ପାଇଁ ଭୁଲ୍ ମାଗନ୍ତୁ, ତାଙ୍କ ସ୍ୱାମୀଙ୍କ ବିରୁଦ୍ଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉ ବୋଲି ଗ୍ରାମବାସୀ ଜିଦ୍ ଧରିଥିଲେ। ଘଟଣା ବାବଦରେ ଜିଲ୍ଲା ବନ ଅଧିକାରୀଙ୍କୁ ଜଣାଇବା ସହ ଘଟଣାର ତଦନ୍ତ କରି ବିହୀତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ସହ ମହିଳା ଗାର୍ଡଙ୍କ ସ୍ୱାମୀଙ୍କ ବିରୁଦ୍ଧରେ ଅଭିଯୋଗ ଆସିଲେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବାର ପ୍ରତିଶ୍ରୁତି ରେଞ୍ଜର ଦେବା ପରେ ପରିସ୍ଥିତି ଶାନ୍ତ ପଡିଥିଲା। ଆଇନ୍ ଶୃଙ୍ଖଳା ପରିସ୍ଥିତିକୁ ଦୃଷ୍ଟିରେ ରଖି ସେଠାରେ ପୁଲିସ୍ ଜଗି ରହିଛି।

# କୁଡ଼ିଆ ପଞ୍ଚାୟତରେ ମହୀରାବଣ ପୋଡ଼ି ଉତ୍ସବ

**ରାଜଘାଟ, ୨୭।୧୦ (ସମିସ):** ବସ୍ତା ବ୍ଲକ କୁଡିଆ ପଞ୍ଚାୟତ ବେଲଶୁଣୀ ପଡ଼ିଆରେ ରାବଣପୋଡ଼ି କମିଟି ଆନୁକୂଲ୍ୟରେ ରବିବାର ବିଶାଳ ମହୀରାବଣ ପୋଡି ଉତ୍ସବ ଅନୁଷ୍ଠିତ ହୋଇଯାଇଛି। କମିଟି ସଭାପତି ଅନନ୍ତ କୁମାର ଜେନାଙ୍କ ସଭାପତିତ୍ୱରେ ମୁଖ୍ୟଅତିଥି ଭାବେ ବସ୍ତା ବିଧାୟିକା ସୁବାସିନୀ ଜେନା ଯୋଗଦେଇ ରାବଣପୋଡ଼ିର ପୌରାଣିକ କଥାବସ୍ତୁକୁ ଆଲୋଚନା କରିଥିଲେ। ସରପଞ୍ଚ ଗୌରାଙ୍ଗ ଚନ୍ଦ୍ର ବେହେରା, ପୂର୍ବତନ ଜିଲ୍ଲା ପରିଷଦ ପ୍ରଦୀପ ବିଶ୍ୱାଳ, ସମିତି ସଭ୍ୟ ଜୟପ୍ରକାଶ ନାରାୟଣ ବେହେରା, ଜିଲ୍ଲା ପରିଷଦ ଦେବିକା ସୋରେନ, ଯୁବ ନେତା ପୂର୍ଣ୍ଣଚନ୍ଦ୍ର ଜେନା, ରାଜେଶ କୁମାର ଗିରି ପ୍ରମୁଖ ଉପସ୍ଥିତ ଥିଲାବେଳେ କମିଟି



ସମ୍ପାଦକ ଅଭିମନ୍ୟୁ ଜେନା, ପ୍ରଭାତ ଜେନା, ଅକ୍ଷୟ ଜେନା, ପରେଶ ଜେନା, ବିନୋଦ ଜେନାଙ୍କ ସମେତ ସମସ୍ତ ସଦସ୍ୟ କାର୍ଯ୍ୟକ୍ରମରେ ସହଯୋଗ କରିଥିବା ବେଳେ ରାକେଶ ଜେନା ଧନ୍ୟବାଦ ଅର୍ପଣ କରିଥିଲେ। ୨୦୦୧ ମସିହାଠାରୁ ବେଲା ଗ୍ରାମର ଯୁବକ ମାନେ ଏକତ୍ରିତ ହୋଇ କାଳୀପୂଜା ଅବସରରେ ଏହି ମହୀରାବଣ ପୋଡ଼ି ଉତ୍ସବର ଆୟୋଜନ କରି ଆସୁଥିବାବେଳେ ସ୍ଥାନୀୟ ନେତୃତ୍ୱ ଏବଂ ସମାଜସେବୀଙ୍କ ଉପସ୍ଥିତିରେ ଦୀର୍ଘ ବର୍ଷ ଧରି ଏହା ହୋଇଆସୁଛି।

# ପ୍ରକୃତି ସୁରକ୍ଷା ଓ ବୃକ୍ଷରୋପଣ ସଚେତନତା କାର୍ଯ୍ୟକ୍ରମ



**ନୀଳଗିରି, ୨୭।୧୦ (ସମିସ):** ନୀଳଗିରିସ୍ଥିତ ଡିଭାଇନ ଏଜୁକେସନାଲ୍ ଏବଂ ଚାରିଟେବୁଲ ଟ୍ରଷ୍ଟ ଆନୁକୂଲ୍ୟରେ ନୀଳଗିରି ଉପଖଣ୍ଡ ବନ ବିଭାଗ ଅଧିନସ୍ଥ ସରକାରୀ ଉଚ୍ଚ ବିଦ୍ୟାଳୟ, ଗରିଡିରେ ଉଜୁଡ଼ା ପ୍ରକୃତିର ସଜଡ଼ା ନିମନ୍ତେ ବୃକ୍ଷରୋପଣ ଏବଂ ସଚେତନତା କାର୍ଯ୍ୟକ୍ରମ କରାଯାଇଛି। ଏହି କାର୍ଯ୍ୟକ୍ରମ ଡିଭାଇନ ଟ୍ରଷ୍ଟର ସମ୍ପାଦକ ପ୍ରକୃତି ମିତ୍ର ପୁରସ୍କାର ପ୍ରକୃତି ପ୍ରେମୀ ସୁଶାନ୍ତ କୁମାର ମହାପାତ୍ରଙ୍କ ପୌରହିତ୍ୟରେ ସମ୍ପାଦିତ ହୋଇଥିଲା। ଉକ୍ତ କାର୍ଯ୍ୟକ୍ରମକୁ ପରିଚାଳନା କରିଥିଲେ ପରେଶ୍ ପୁହାଣ ଓ ସୁବ୍ରତ ଜେନା। କାର୍ଯ୍ୟକ୍ରମକୁ ଅଧିକ ସୁଦୂରପ୍ରସାରୀ କରିବା ନିମନ୍ତେ ବିଦ୍ୟାଳୟରେ ଛାତ୍ରଛାତ୍ରୀଙ୍କ ମଧ୍ୟରେ ପ୍ରବନ୍ଧ, ବକ୍ତୃତା ଓ ଚିତ୍ରାଙ୍କନ, ସାଧାରଣ ଜ୍ଞାନ ପ୍ରତିଯୋଗୀତାମାନ ଆୟୋଜନ କରାଯାଇଅଛି। ପ୍ରବନ୍ଧ ଓ ଚିତ୍ରାଙ୍କନର ବିଷୟବସ୍ତୁ ସବୁଜ ପୃଥିବୀକୁ ଆଧାର କରି ହୋଇଥିବା ବେଳେ ବକ୍ତୃତା ଗୁରୁ ଶିଷ୍ୟ ଓ ଶିକ୍ଷାତନର ସମ୍ପର୍କକୁ ନେଇ ବିଷୟବସ୍ତୁ 'ତସମୟୀ ଶ୍ରୀ ଗୁରବେ ନମଃ' ଉପସ୍ଥାପିତ କରାଯାଇଛି। ଏହାକୁ ଅଧିକ ସାରଗର୍ଭ ଭାବରେ ମୁଖ୍ୟ ଅତିଥି ସ୍ୱାମୀ ରୁଦ୍ରବେଶାନନ୍ଦ ଗିରି ମହାରାଜ, ବନାଞ୍ଚଳ ଅଧିକାରୀ ବୁଦ୍ଧିରାମ ହାଁସଦା, ତଥା ଟ୍ରଷ୍ଟର ସମ୍ପାଦକ ସୁଶାନ୍ତ କୁମାର ମହାପାତ୍ର ଏକ ସଚେତନ କର୍ମଶାଳା ମାଧ୍ୟମରେ ପ୍ରେରଣା ଯୋଗାଇ ଥିଲେ। ଉକ୍ତ କାର୍ଯ୍ୟକ୍ରମକୁ ନେଇ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ବିଶ୍ୱନାଥ ସାହୁ ତଥା ଅନ୍ୟାନ୍ୟ ଶିକ୍ଷକ, ଶିକ୍ଷୟିତ୍ରୀ, ଅଭିଭାବକ ଓ ଛାତ୍ରଛାତ୍ରୀ ମାନେ ଆନନ୍ଦିତ ହେବା ସହ ପ୍ରଶଂସିତ ମଧ କରିଥିଲେ। ଏହା ସହିତ ବିଦ୍ୟାଳୟର ସଭାପତି ଶ୍ରୀକାନ୍ତ ମହାପାତ୍ର ମଧ ଉପସ୍ଥିତ ଥିଲେ। ପ୍ରତିଯୋଗୀତାରେ ଉତିର୍ଣ୍ଣ ପ୍ରତିଯୋଗୀମାନଙ୍କୁ ପୁରସ୍କାର ସହିତ ମାନପତ୍ର ପ୍ରଦାନ କରାଯାଇଥିଲା। ଏହା ସହିତ ଟ୍ରଷ୍ଟର ସମସ୍ତ ସଦସ୍ୟ ତଥା ତନ୍ମୟ ରାଉତ, ତନ୍ମୟ ବାରିକ୍, ଅଜୟ ସିଂ, ଚନ୍ଦ୍ରକାନ୍ତ ପରିଡ଼ା, ହିମାଂଶୁ ନାୟକ, ଓମ୍ ପ୍ରକାଶ ପ୍ରାମାଣିକ, ଲମ୍ବୋଧର ଦାସ, ଧିରେନ୍ଦ୍ର ବାରିକ୍, ଜ୍ୟୋତି ଶଙ୍କର ବେହେରା ସହଯୋଗ କରୁଥିଲେ।

# ବାଲିଆପାଳ ବ୍ଲକ୍‌ସ୍ତରୀୟ ଶିଶୁ ମହୋତ୍ସବ 'ସୁରଭି'

**ବାଲିଆପାଳ/ କାଳିପଦା, ୨୭।୧୦ (ସମିସ):** ବାଲିଆପାଳ ସୁବର୍ଣ୍ଣରେଖା ସରକାରୀ ଉଚ୍ଚ ବିଦ୍ୟାଳୟରେ ସୋମବାର ବ୍ଲକସ୍ତରୀୟ ଶିଶୁ ମହୋତ୍ସବ ସୁରଭି-୨୦୨୫ ଅନୁଷ୍ଠିତ ହୋଇ ଯାଇଛି। ଗୋଷ୍ଠୀ ଶିକ୍ଷାଧିକାରୀଙ୍କ କାର୍ଯ୍ୟାଳୟ ତରଫରୁ ସୁବର୍ଣ୍ଣରେଖା ସରକାରୀ ଉଚ୍ଚ ବିଦ୍ୟାଳୟରେ ସୁରଭି ୨୦୨୫ ଶୁଭ ଉଦ୍‌ଘାଟନ ହୋଇଥିଲା। ଏହି ଅବସରରେ ଅନୁଷ୍ଠିତ ଉତ୍ସବରେ ବିଇଓ ଜଗବନ୍ଧୁ ଜେନା ଅଧକ୍ଷତା କରିଥିବାବେଳେ ମୁଖ୍ୟଅତିଥି ଭାବେ ବିଡିଓ ରାଧା ରଞ୍ଜନ ଦାସ, ମୁଖ୍ୟବକ୍ତା ଭାବେ ଓଷ୍କାର ବିଜୟ କୁମାର ପାତ୍ର, ସମ୍ମାନିତ ଅତିଥି ଏବିଇଓ ନମିତା ପ୍ରଭା ସାମଲ, ପ୍ରଧାନଶିକ୍ଷକ ସଞ୍ଜୟ କୁମାର ଜେନା, ନିଖିଳ ଉତ୍କଳ ପ୍ରାଥମିକ ଶିକ୍ଷକ ସଂଘର ସଭାପତି ପ୍ରଭାତ ରଞ୍ଜନ ସାହୁ, ବିଦ୍ୟାଳୟ ପରିଚାଳନା କମିଟି ସଭାପତି ବିବେକାନନ୍ଦ ଜେନା, ସରପଞ୍ଚ ବନଲତା ଦାସ, ସିଆରସିସି ଯଶୋବନ୍ତ ଜେନା, ହରପ୍ରସାଦ ଉଚ୍ଚ ବିଦ୍ୟାଳୟର ସହକାରୀ ଶିକ୍ଷକ ଶ୍ରୀକାନ୍ତ ମହାନ୍ତି ପ୍ରମୁଖ ମଂଚାସୀନ ଥିଲେ। ପ୍ରାରମ୍ଭରେ ଅତିଥି ମାନଙ୍କୁ ଛାତ୍ର ଛାତ୍ରୀ ଓ ଶିକ୍ଷକ ଗଣ ସ୍ୱାଗତ ସ୍ୱାଗତ ସମ୍ବର୍ଦ୍ଧନା ଜଣାଇବା ସହିତ ମଞ୍ଚାସୀନ କରାଯାଇଥିଲା। ସ୍କୁଲ ପରିସରରେ ଏନସିସି ଛାତ୍ରଛାତ୍ରୀ ମାନଙ୍କ ସହିତ ବାଲିଆପାଳ ପ୍ରଶାସନ ଅଧିକାରୀ, ସ୍ୱାସ୍ଥ୍ୟ ବିଭାଗ ଓ କ୍ଲଷ୍ଟର ଶିକ୍ଷକ ଗଣ ଉପସ୍ଥିତ ଥିଲେ। ବ୍ଲକର ସମସ୍ତ ୧୭ଟି କ୍ଲଷ୍ଟରର ସୁରଭି ପ୍ରତିଭା ଛାତ୍ରଛାତ୍ରୀ ଗଣ ନୃତ୍ୟ ସଂଗୀତ, ଆର୍ଟ, ବକ୍ତୃତା, ହସ୍ତକଳା, ଚିତ୍ର କଳା, ବିଜ୍ଞାନ ଆଦି ଉପରେ ନିଜ ପ୍ରତିଭା ଦେଖାଇଥିଲେ। ସମାଜସେବୀ ଗୋବିନ୍ଦ ପ୍ରସାଦ ଦାସ ଉପସ୍ଥିତ ଥିଲେ।

# ସୁବର୍ଣ୍ଣରେଖା କୂଳରେ ଛଟ୍ ପୂଜା



**ଜଳେଶ୍ୱର,୨୭।୧୦ (ସମିସ) :** ପ୍ରକୃତି, ସୂର୍ଯ୍ୟ ଓ ନଦୀକୁ ପୂଜା ଅର୍ଚ୍ଚନା କରି ପୁତ୍ର ସନ୍ତାନ ପ୍ରାପ୍ତି, ପରିବାରର ମଙ୍ଗଳ କାମନା କରି ଜଳେଶ୍ୱରରେ ଶହଶହ ଶ୍ରଦ୍ଧାଳୁ ସୁବର୍ଣ୍ଣରେଖା ନଦୀ କୂଳରେ ସମୂହ ଛଟ୍ ପୂଜା ନିଷ୍ଠାର ସହିତ ପାଳିତ ହୋଇ ଯାଇଛି। ସୋମବାର ଅପରାହ୍ନ, ସୁବର୍ଣ୍ଣରେଖା ନଦୀ କୂଳ ଶେଖ୍ ବାର୍ଡ, ଘାଟରେ ମହିଳା ଶ୍ରଦ୍ଧାଳୁ ମାନେ ଅସ୍ତଗାମୀ ସୂର୍ଯ୍ୟଙ୍କୁ ଉପାସନା କରିବା ସହ ନୈବେଦ୍ୟ ଅର୍ଘ୍ୟ ଅର୍ପଣ କରି ବ୍ରତ ପାଳନ କରିଥିଲେ। ପୂଜାର ପୂର୍ବ ସନ୍ଧ୍ୟାରୁ ଏହି ପୂଜାପାଠ ଉତ୍ସବ ଆରମ୍ଭ ହୋଇ ବ୍ରତଧାରୀମାନେ ନିର୍ଜଳା ଉପବାସରେ ଥିଲେ। ସୁସଜ୍ଜିତ ଡାଲାରେ ଫଳ ମୂଳ ସଜେଇ, ଢୋଲ ବାଜା ବଜାଇ ବିହାରୀ ସମ୍ପ୍ରଦାୟର ବହୁ ଶ୍ରଦ୍ଧାଳୁ ନଦୀକୂଳରେ ସମବେତ ହୋଇ ଅସ୍ତଗାମୀ ସୂର୍ଯ୍ୟ ଦର୍ଶନ କରିଥିଲେ। କାଉନସିଲର ସୂରଜ ଚୌରାସିଆ, ଗୁରୁ ପ୍ରସାଦ ଚୌରାସିଆ, ରାମ ଭରସ ସାହୁ, ଦୀପକ୍ ଚୌରାସିଆ, କ୍ରୀଷ୍ଣା ଚୌରାସିଆ, ସୁବାସ ଚୌରାସିଆ, ପବନ ସାହୁ, ସୁବାଷ ଚୌରାସିଆ, ଅଭିଷେକ ଚୌରାସିଆ, ବିକାଶ ଚୌରାସିଆ, ବାପି ଶର୍ମା, ମୁନ୍ନା ଚୌରାସିଆ, ରାମଯଶ ସାହୁ, ରାମ କୁମାର ସାହୁ, ଅଜିତ୍ ଗୁପ୍ତା, ଗୌରୀ ଶଙ୍କର ଗୁପ୍ତା, ଗୋବିନ୍ଦ ମିଶ୍ରା, ସତ୍ୟଜିତ ଗୁପ୍ତା, ଅଭଦେଶ୍ ପଣ୍ଡିତ ପ୍ରମୁଖ କାର୍ଯ୍ୟକ୍ରମରେ ସାମିଲ୍ ହୋଇଥିଲେ।

# ଉତ୍କଳ ସମ୍ମିଳନୀ ପକ୍ଷରୁ ଆଲୋଚନାଚକ୍ର

**ଭୋଗରାଇ, ୨୭।୧୦ (ସମିସ) :** ବାଲେଶ୍ୱର ଜିଲ୍ଲା ସୀମାନ୍ତ ଭୋଗରାଇ ବ୍ଲକ ଅନଳିଆ ଗ୍ରାମ କାଳିଚରଣ ପାଳଙ୍କ ବାସ ଭବନରେ ଉତ୍କଳ ସମ୍ମିଳନୀ କମିଟି ପକ୍ଷରୁ ଉତ୍କଳମଣି ଗୋପବନ୍ଧୁ ଦାଶଙ୍କ ସମ୍ପର୍କରେ ଏକ ଆଲୋଚନାଚକ୍ର ଅନୁଷ୍ଠିତ ହୋଇଯାଇଛି। ସାମାଜିକ କର୍ମୀ ବିଜୟ କୁମାର ମହାନ୍ତି ଉତ୍କଳ ମଣିଙ୍କ ଫଟୋରେ ମାଲ୍ୟାର୍ପଣ କରିଥିଲେ। ଉତ୍କଳ ସମ୍ମିଳନୀର ସଦସ୍ୟ କାଳିଚରଣ ପାଳ, ବିଜୟ ଦାନୀ, ପ୍ରାକ୍ତନ ସରପଞ୍ଚ ନମିତା ପାଳ, ଅଶୋକ ମଣ୍ଡଳ, ବାବୁ ପାତ୍ର ପ୍ରମୁଖ ମତପ୍ରକାଶ କରିଥିଲେ। ଏହି ଅବସରରେ ଉତ୍କଳ ସମ୍ମିଳନୀର ସଦସ୍ୟ ମାନକୁଣ୍ଡା ଗ୍ରାମର ସ୍ୱର୍ଗତ ହେମନ୍ତ ମହାନ୍ତିଙ୍କ ତୈଳଚିତ୍ରରେ ଅତିଥିମାନେ ମାଲ୍ୟାର୍ପଣ କରିଥିଲେ।

**THE ORISSA MINERALS DEVELOPMENT COMPANY LTD.**
CIN: L65993OR1927GOI034842
Registered office: Plot No. 271, Ground Floor, Bidyut Marg, Shastri Nagar, Unit-IV, Bhubaneswar, Odisha-751001
Tel. No. 0674-2391595, website: www.birdgroup.co.in
Email: omdc.sec.dept@gmail.com

**NOTICE OF 107 ANNUAL GENERAL MEETING AND E-VOTING INFORMATION**

This Notice is published in supersession of the earlier Notice published on 27th October, 2025, in respect of convening of 107th Annual General Meeting of The Orissa Minerals Development Company Limited through video conferencing/ other audio visual means.

In this regards Notice is hereby given that the 107th Annual General Meeting (AGM) of The Orissa Minerals Development Company Limited (the 'Company') will be held on Tuesday, 18th November, 2025 at 11:00 A.M. IST through video conferencing (VC)/other audio-visual means (OAVM), to transact the business as set out in the Notice.

In compliance with the provisions of the Companies Act, 2013 read with circulars issued by Ministry of Corporate Affairs and SEBI, from time to time, the Notice of 107th AGM and Annual Report containing the financial statements for FY 2024-25, Auditors' Report thereon, Board's Report and other documents, have been sent through e-mails on 27th October 2025, to all the Members, whose e-mail IDs are registered with the Company/Depository Participant (DP). The said documents are also available on the Company's website i.e. www.birdgroup.co.in websites of stock exchanges i.e. www.bseindia.com and www.nseindia.com and on the website of NSDL at www.evoting.nsdl.com.

Further, the Company has engaged National Securities Depository Limited (NSDL) to enable the members of the Company to attend the said AGM through VC/OAVM and to cast votes electronically, in respect of the businesses to be transacted at 107th AGM of the Company. Members of the Company holding shares either in physical form or in dematerialized form as on the Cut-off date i.e. 10th November, 2025 may cast their vote electronically in respect of business to be transacted at the AGM. The remote e-voting platform will be open for voting from Friday, 14th November, 2025(09:00 AM) to Monday, 17th November, 2025 (05:00 PM). Remote e-voting module shall be disabled by NSDL for voting thereafter. Those members, who do not cast their vote on the resolutions through remote e-voting during the above period and are otherwise not barred from doing so, shall be eligible to vote through e-voting system during the AGM.

Members who have not registered their email address or who becomes a member of the Company after dispatch of the Notice of AGM and holds shares as on the Cut-Off date, are requested to register the same with the Depository through their Depository Participant(s) in case the shares are held in electronic form and in case of shares held in physical form, with the Company's Registrar and Share Transfer Agent i.e. M/s CB Management Services Private Limited, Email: rta@cbmsl.com. Any person whose e-mail ID is not registered with the Company/DP may obtain the user Id and password for e-voting by sending a request at evoting@nsdl.co.in. However, if the member is already registered with NSDL / Remote e-voting, he/she can use his/her existing user id and Password for casting the vote. Further. Members who have cast their vote by remote e-voting may attend the AGM, but shall not be entitled to vote again at the AGM.

In case of any queries, Members may refer to the Frequently Asked Questions (FAQs) for shareholders and e-voting user manual available at the download section of NSDL website i.e. www.evoting.nsdl.com or refer to the instructions as mentioned in the Notice of 107th AGM.

**Book Closure:**
Notice is given pursuant to Section 91 of the Companies Act, 2013 and Regulation 42 of SEBI (LODR) Regulations. 2015 that the Register of Members and Share Transfer Books of the company will remain closed from 11th November 2025 to 17th November 2025 (both days inclusive) for the purpose of ensuing 107th AGM of the Company.

**Attending AGM through VC / OAVM:**
Members will be provided with a facility to attend the AGM through VC/OAVM through the NSDL e-Voting system. Members may access by following the steps mentioned for "Access to NSDL e-Voting system" in Notes to Notice. After successful login, with login credentials, Member can see link of "VC/OAVM" placed under "Join meeting" menu against Company name. Members are requested to click on VC/OAVM link placed under Join Meeting menu. The link for VC/OAVM will be available in Shareholders/Member login where the EVEN of Company will be displayed.

**Member Speaker Registration:**
Members who would like to express their views/ask questions during the 107th AGM may register themselves as a speaker and may send this request from 14th November 2025 (9.00 a.m. IST) to 16th November 2025 (5.00 p.m. IST) mentioning their name, DP ID and Client ID, Folio number, email id, mobile number at: omdc.sec.dept@gmail.com.

By the Order of the Board
Sd/-
**Pintu Kumar Biswal**
Company Secretary & Compliance Officer

**Place:** Bhubaneswar
**Date:** 27.10.2025

# ବାତ୍ୟା ମୁକାବିଲା ପାଇଁ ବ୍ଲକ ପ୍ରଶାସନ ପ୍ରସ୍ତୁତ

ଭୋଗରାଇ,୨୭ ।୧୦(ସମିସ)

ବାତ୍ୟା 'ମନ୍ଥା' ମୁକାବିଲା କରିବା ସହିତ ଜିରୋ କାଜୁଆଲିଟି, ତଳିଆ ଅଞ୍ଚଳବାସୀଙ୍କୁ ସ୍ଥାନାନ୍ତର ଓ ଚାଷଜମିରୁ ଜଳନିଷ୍କାସନ ଉପରେ ଗୁରୁତ୍ୱ ଦିଆଯିବ। ଏଥିରେ ବିଭାଗୀୟ ଅଧିକାରୀ ଓ କର୍ମଚାରୀମାନଙ୍କ କୌଣସି ପ୍ରକାରର ଅବହେଳା ବରଦାସ୍ତ କରାଯିବ ନାହିଁ ବୋଲି ଭୋଗରାଇ ପଞ୍ଚାୟତ ସମିତି ସଭାଗୃହରେ ବାତ୍ୟା 'ମନ୍ଥା'ର ମୁକାବିଲା ପାଇଁ ଆୟୋଜିତ ପ୍ରସ୍ତୁତି ବୈଠକରେ ବିଡ଼ିଓ ପ୍ରଶାନ୍ତ କୁମାର ମହାରଣା କହିଛନ୍ତି। ବୈଠକରେ ଶ୍ରୀ ମହାରଣା ଅଧକ୍ଷତା କରିବା ସହିତ କହିଥିଲେ ଯେ, ଜିରୋ କାଜୁଆଲିଟି ଲକ୍ଷ୍ୟ ପୂରଣ କରିବାକୁ ହେଲେ ସ୍ଥାନୀୟ ଜନପ୍ରତିନିଧି, ପ୍ରଶାସନିକ ଅଧିକାରୀ ଏବଂ କର୍ମଚାରୀମାନଙ୍କୁ ମିଳିମିଶି କାମ କରିବାକୁ ପଡ଼ିବ। ଏଥିପାଇଁ ସୋମବାର ଅପରାହ୍ନଠାରୁ ସମସ୍ତ ୧୭ଟି ବନ୍ୟା ବାତ୍ୟା ଆଶ୍ରୟସ୍ଥଳୀକୁ ପ୍ରସ୍ତୁତ କରିବା ସହିତ ନଦୀ ଓ ସମୁଦ୍ର ତଟବର୍ତ୍ତୀ ପଞ୍ଚାୟତର ଲୋକମାନଙ୍କୁ ସଚେତନ ଓ ସତର୍କ କରିବା ପାଇଁ ନିର୍ଦ୍ଦେଶ ଦେଇଥିଲେ। ଆବଶ୍ୟକ ସ୍ଥଳେ ତଳିଆ



ଅଞ୍ଚଳର ଲୋକମାନଙ୍କୁ ଆଶ୍ରୟସ୍ଥଳୀକୁ ଚାଲିଯିବା ପାଇଁ ଡ଼ାକବାଜି ଯନ୍ତ୍ର ମାଧ୍ୟମରେ ପ୍ରଚାର କରିବାକୁ ନିର୍ଦ୍ଦେଶ ଦିଆଯାଇଥିଲା। ଯେମିତି କୌଣସି ଅଧିକାରୀ ବା କର୍ମଚାରୀଙ୍କ ମୋବାଇଲ ଫୋନ୍ ବନ୍ଦ ନରୁହେ ସେଥିପ୍ରତି ଦୃଷ୍ଟି ଦେବାକୁ କୁହାଯାଇଥିଲା। ସର୍ବୋପରି ବାତ୍ୟାଜନିତ ସ୍ଥାନାନ୍ତରୀକରଣ ଓ ପରବର୍ତ୍ତୀ ରିଲିଫ ବଣ୍ଟନକୁ ତ୍ୱରାନ୍ୱିତ କରିବା ଲାଗି ଆଗାମୀ ଏକ ସପ୍ତାହ ପର୍ଯ୍ୟନ୍ତ ବ୍ଲକର ସମସ୍ତ ବିଭାଗୀୟ ଅଧିକାରୀ ଓ କର୍ମଚାରୀମାନଙ୍କ ଛୁଟି ବାତିଲ କରାଯିବା ସହିତ ସମସ୍ତଙ୍କୁ ମନଯୋଗ ଦେଇ କାମ କରିବାକୁ ବିଡ଼ିଓ ଶ୍ରୀ ମହାରଣା ଅନୁରୋଧ କରିଥିଲେ। ବିଦ୍ୟୁତ୍ ସରବରାହ ବନ୍ଦ ବେଳେ ପାଣି ପମ୍ପ ଚାଲିବା ପାଇଁ ଜେନେରେଟର, ୧୨ଟି ୨ ହଜାର ଲିଟର ପାଣିଟାଙ୍କି ଓ ୧୦ଟି ହଜାରେ ଲିଟର ପାଣି ଟାଙ୍କି ମହଜୁଦ ରହିଥିବା ସହ ବାତ୍ୟାର ପରବର୍ତ୍ତୀ ସ୍ଥିତି ପାଇଁ ପର୍ଯ୍ୟାପ୍ତ ପାଣି ବୋତଲ, ୧୦ ବ୍ୟାଗ ବ୍ଲିଚିଂ ଓ ଆବଶ୍ୟକ କର୍ମଚାରୀ ପ୍ରସ୍ତୁତ ରହିଥିବା ଗ୍ରାମ୍ୟ ପାନୀୟ ଜଳ ବିଭାଗର ସହକାରୀ ଯନ୍ତ୍ରୀ ହରିପ୍ରିୟା ମହାନ୍ତ କହିଥିଲେ। ବାତ୍ୟା ପରେ ସମ୍ଭାବ୍ୟ ବନ୍ୟା ପରିସ୍ଥିତିକୁ ଲକ୍ଷ୍ୟ ରଖି ଦୁର୍ବଳ ନଦୀ ବନ୍ଧ ପାଖରେ ପର୍ଯ୍ୟାପ୍ତ ପରିମାଣର ବାଲି ବସ୍ତା ମହଜୁଦ ରଖାଯିବା ସହ ମୋଟର ବୋଟ୍ ଓ ଯନ୍ତ୍ରଚାଳିତ ଡ଼ଙ୍ଗା ପ୍ରସ୍ତୁତ ରହିଥିବା ଜଳସେଚନ ବିଭାଗ ଦହମୁଣ୍ଡା ସେକ୍ସନର କନିଷ୍ଠ ଯନ୍ତ୍ରୀ ପ୍ରମଥ ଦେ କହିଥିଲେ। ସେହିପରି ସମସ୍ତ ପ୍ରାଥମିକ ସ୍ୱାସ୍ଥ୍ୟ କେନ୍ଦ୍ରକୁ ୨୪ ଘଣ୍ଟା ଖୋଲା ରଖାଯିବା ସହ ଆସନ୍ନ ପ୍ରସବା ମହିଳା, ଗୁରୁତର ରୋଗୀମାନଙ୍କୁ ଆଣି ରଖାଯିବ ଏବଂ ଡାକ୍ତର ଓ କର୍ମଚାରୀମାନେ ସଜାଗ ରହିବେ ବୋଲି ଜଳେଶ୍ୱରପୁର ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର ଭାରପ୍ରାପ୍ତ ଚିକିତ୍ସାଧିକାରୀ ଡାକ୍ତର କମଳାକାନ୍ତ ଜେନା କହିଥିଲେ। ସମନ୍ୱିତ ଶିଶୁ ବିକାଶ ପ୍ରକଳ୍ପ କାର୍ଯ୍ୟାଳୟ ତରଫରୁ ବ୍ଲକର ସମସ୍ତ ଅଙ୍ଗନବାଡ଼ି କେନ୍ଦ୍ରକୁ ଖୋଲା ରଖାଯିବା ସହ ଗର୍ଭବତୀ ଓ ପ୍ରସୂତି ମହିଳାଙ୍କ ସହ ଶିଶୁ ମାନଙ୍କ ପାଇଁ ପର୍ଯ୍ୟାପ୍ତ ଶୁଖିଲା ଖାଦ୍ୟ ମହଜୁଦ ରଖାଯାଇଥିବା କୁହାଯାଇଥିଲା। ସେହିପରି ବିଦ୍ୟୁତ୍ ବିଭାଗ ସମ୍ପୂର୍ଣ୍ଣ ପ୍ରସ୍ତୁତ ରହିଥିବା ବେଳେ ଯେ କୌଣସି ଅସୁବିଧା ସୁବିଧା ନିମନ୍ତେ ଟୋଲ୍ ଫ୍ରି ନମ୍ବର ୮୦୯୩୦୬୫୫୭୬କୁ କଲ୍ କରିବାପାଇଁ କୁହାଯାଇଥିଲା। ସୋମବାର ଠାରୁ ବ୍ଲକର ସମସ୍ତ ସ୍କୁଲ କଲେଜଗୁଡିକୁ ଖୋଲା ରଖାଯିବା ସହ ଶିକ୍ଷକ ଶିକ୍ଷୟିତ୍ରୀ ମାନଙ୍କୁ ସଜାଗ ରହି ଆବଶ୍ୟକ ସହଯୋଗ ଯୋଗାଇ ଦେବାକୁ କୁହାଯାଇଥିଲା। ବାତ୍ୟା ପୂର୍ବରୁ ସଠିକ୍ ସଚେତନତା, ବାତ୍ୟା ସମୟରେ ଉଦ୍ଧାର, ସ୍ଥାନାନ୍ତର ଓ ବାତ୍ୟା ପରେ ଖାଦ୍ୟ, ପାନୀୟ ସହିତ କ୍ଷୟକ୍ଷତିର ଆକଳନ କରାଯାଇ ଆବଶ୍ୟକ କ୍ଷତିପୂରଣ ଯୋଗାଇ ଦେବା ପ୍ରଶାସନର ଦାୟିତ୍ୱ ବୋଲି ବ୍ଲକ ଯୋଗାଣ ଅଧିକାରୀ ସମେଶ୍ୱର ବେହେରା କହିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଅତିରିକ୍ତ ତହସିଲଦାର ବ୍ରଜଗୋପାଳ ଦାସ, ବ୍ଲକ ଗୋଷ୍ଠୀ ଶିକ୍ଷାଧିକାରୀ ନିହାର ରଞ୍ଜନ ଦାସ, ବ୍ଲକ ସହକାରୀ ନିର୍ବାହୀ ଯନ୍ତ୍ରୀ ଇଂ ପ୍ରମୋଦ ବେହେରା ସମେତ ବିଭିନ୍ନ ପଞ୍ଚାୟତର ସରପଞ୍ଚ, ସମିତି ସଦସ୍ୟ/ ସଦସ୍ୟା ତଥା ବିଭିନ୍ନ ବିଭାଗୀୟ ଅଧିକାରୀ, କନିଷ୍ଠ ଯନ୍ତ୍ରୀ, ପଞ୍ଚାୟତ କାର୍ଯ୍ୟନିର୍ବାହୀ ଅଧିକାରୀ, ଏଡିଇଓ, ଜିଲାରଏସ ଓ ଅନ୍ୟାନ୍ୟ କର୍ମଚାରୀ ଉପସ୍ଥିତ ଥିଲେ। ଗ୍ରାମ ପଞ୍ଚାୟତ ଉନ୍ନୟନ ଅଧିକାରିଣୀ ମଙ୍ଗଳ ମାଳତୀ ପ୍ରିୟା ମୁର୍ମୁ ଧନ୍ୟବାଦ ଅର୍ପଣ କରିଥିଲେ।

## ବାତ୍ୟା 'ମୋନ୍ଥା' ପ୍ରଭାବ ନେଇ ମୟୂରଭଞ୍ଜରେ ସତର୍କତା

# ଆଜିଠୁ ପ୍ରବଳ ବର୍ଷା; ପ୍ରଶାସନର ବ୍ୟାପକ ପ୍ରସ୍ତୁତି

ବାରିପଦା, ୨୭ ।୧୦(ଇମିସ)

ବଙ୍ଗୋପସାଗରରେ ତୀବ୍ରତର ହେଉଥିବା ଘୂର୍ଣ୍ଣିବାତ୍ୟା 'ମୋନ୍ଥା'ର ପାର୍ଶ୍ୱିକ ପ୍ରଭାବ ଯୋଗୁଁ ମୟୂରଭଞ୍ଜ ଜିଲ୍ଲାରେ ପ୍ରବଳରୁ ଅତି ପ୍ରବଳ ବର୍ଷା ଆଶଙ୍କା ରହିଛି। ଆସନ୍ତା ତିନିଦିନ ଯାଏ ଜିଲ୍ଲାରେ ପ୍ରବଳ ବର୍ଷା ହେବା ସମ୍ଭାବନା ରହିଥିବାରୁ ବଡ଼ସାହି, ବେତନଟୀ, ଖୁଣ୍ଟା, ରାସଗୋବିନ୍ଦପୁର, ମୋରଡା, ଶାମାଖୁଣ୍ଟା, ସାରସକଣା, କପ୍ତିପଦା, ଉଦଳା ଆଦି ସମ୍ବେଦନଶୀଳ ଅଞ୍ଚଳରେ ବନ୍ୟା ଆଶଙ୍କା ରହିଛି। ମଙ୍ଗଳବାର ସକାଳ ୮ଟା୩୦ରୁ ବୁଧବାର ସକାଳ ୮ଟା ୩୦ ପର୍ଯ୍ୟନ୍ତ ଏବଂ ଗୁରୁବାର ସକାଳ ୮ଟା୩୦ ପର୍ଯ୍ୟନ୍ତ ବିଭିନ୍ନ ସ୍ଥାନରେ ୭ରୁ ୧୧ ସେମି ପର୍ଯ୍ୟନ୍ତ ପ୍ରବଳ ବର୍ଷା ହେବା ସମ୍ଭାବନା ରହିଛି। ଭାରତୀୟ ପାଣିପାଗ ବିଭାଗ (ଆଇଏମଡି) ଏହି ଅଞ୍ଚଳ ପାଇଁ ୟେଲୋ ୱାର୍ଣ୍ଣିଂ ଜାରି କରିଛନ୍ତି। ଯଦିଓ ବାତ୍ୟାର ମୁଖ୍ୟ ଅଂଶ ଆନ୍ଧ୍ରପ୍ରଦେଶ ଉପକୂଳ ଅତିକ୍ରମ କରିବ; ତଥାପି ଏହାର ପ୍ରଭାବରେ ବନ୍ୟାଜଳ ନଦୀରେ ଆସିବା, ଯାତାୟାତ ବ୍ୟାଘାତ ଓ ଅମଳ ହେବାକୁ ଅପେକ୍ଷା କରିଥିବା ଧାନ ଫସଲର କ୍ଷତି ହେବାର ଆଶଙ୍କା ରହିଛି। ଏହି ପରିସ୍ଥିତିକୁ ଦୃଷ୍ଟିରେ ରଖି ଜିଲ୍ଲାପାଳ ହେମକାନ୍ତ ସଏଙ୍କ ଅଧ୍ୟକ୍ଷତାରେ ଗତ ୨୫ ତାରିଖରେ ଆଭାସୀ ମାଧ୍ୟମରେ ଅନୁଷ୍ଠିତ ପ୍ରାକ୍ ପ୍ରସ୍ତୁତି ବୈଠକରେ ସମସ୍ତ ବିଭାଗୀୟ ଅଧିକାରୀଙ୍କୁ ଆପଦକାଳୀନ ବ୍ୟବସ୍ଥା କଡ଼ାକଡ଼ି କରିବାକୁ ନିର୍ଦ୍ଦେଶ ଦିଆଯାଇଛି। ବିଶେଷକରି ବୁଢ଼ାବଳଙ୍ଗ ଓ ସୁବର୍ଣ୍ଣରେଖା ନଦୀ ଅବବାହିକାର ଗ୍ରାମଗୁଡ଼ିକରେ ବନ୍ୟା ବିପଦ ଥିବାରୁ ସେଠାରେ ଲୋକଙ୍କୁ ସୁରକ୍ଷିତ ସ୍ଥାନକୁ ସ୍ଥାନାନ୍ତର କରିବାକୁ ପ୍ରଶାସନ ପ୍ରସ୍ତୁତ



ରହିଛି। ଆଶ୍ରୟସ୍ଥଳୀଗୁଡ଼ିକରେ ପର୍ଯ୍ୟାପ୍ତ ପାନୀୟ ଜଳ, ବିଦ୍ୟୁତ୍, ଆଲୋକୀକରଣ, ଶୌଚାଳୟ, ଶୁଖିଲା ଖାଦ୍ୟ, ଶିଶୁ ଖାଦ୍ୟ, ଔଷଧ ଓ ଗୋଖାଦ୍ୟ ମହଜୁଦ କରାଯାଇଛି। ଓଡ୍ରାଫ୍ ଟିମ୍, ଅଗ୍ନିଶମ ବାହିନୀ, ଡିଜି ସେଟ୍, ଯେସିବି ଓ ପାନୀୟ ଜଳ ବୋତଲ ପ୍ରସ୍ତୁତ ରହିଛି। ଗର୍ଭବତୀ, ଛୋଟ ଶିଶୁ, ବୃଦ୍ଧବୃଦ୍ଧା ଓ ଭିନ୍ନକ୍ଷମ ବ୍ୟକ୍ତିଙ୍କୁ ପ୍ରାଥମିକତା ଦେଇ ସୁରକ୍ଷିତ ସ୍ଥାନକୁ ସ୍ଥାନାନ୍ତର କରାଯିବ। କଚ୍ଚା ଘର ଓ

**ଶୂନ୍ୟ ମୃତାହତକୁ ଜିଲ୍ଲାପାଳଙ୍କ ଗୁରୁତ୍ୱ**

ବିପଦସଂକୁଳ ସ୍ଥାନର ବାସିନ୍ଦାମାନଙ୍କୁ ମଧ୍ୟ ଉଦ୍ଧାର କରାଯିବ। ଜିଲ୍ଲାପାଳ ଶ୍ରୀ ସଏ ଶୂନ୍ୟ ମୃତ୍ୟୁ ଉପରେ ଗୁରୁତ୍ୱ ଦେଇଛନ୍ତି। ଆବଶ୍ୟକ ସ୍ଥଳେ ସ୍କୁଲ-କଲେଜ ବନ୍ଦ ରଖିବାକୁ ନିର୍ଦ୍ଦେଶ ଦିଆଯାଇପାରେ। ସମସ୍ତ ବିଡ଼ିଓ, ତହସିଲଦାର, ରାଜସ୍ୱ ନିରୀକ୍ଷକ, ପୌରପାଳିକା ଓ ଏନଏସି ଅଧିକାରୀ ବିପର୍ଯ୍ୟୟ ପ୍ରବଣ ଗ୍ରାମ ପାଇଁ ସ୍ଥାନାନ୍ତର ଯୋଜନା ପ୍ରସ୍ତୁତ କରିଛନ୍ତି। ପିଆରଆଇ ସଦସ୍ୟ, ସ୍ୱେଚ୍ଛାସେବୀ ଓ ଗୋଷ୍ଠୀ ସ୍ୱେଚ୍ଛାସେବୀଙ୍କୁ ଉଦ୍ଧାର କାର୍ଯ୍ୟରେ ସାମିଲ କରାଯିବ। କୌଣସି ଅଧିକାରୀ କିମ୍ବା କର୍ମଚାରୀ କାର୍ଯ୍ୟାଳୟ ଛାଡ଼ିପାରିବେ ନାହିଁ ବୋଲି ଆଦେଶ ଦିଆଯାଇଛି। ଜିଲ୍ଲାପ୍ରଶାସନ ସମସ୍ତ ବିଭାଗ ମଧ୍ୟରେ ସମନ୍ୱୟ ରକ୍ଷା କରି ଆସନ୍ତାକାଲିଠାରୁ ଆରମ୍ଭ ହେବାକୁ ଥିବା ପ୍ରବଳ ବର୍ଷା ଓ ବାତ୍ୟା ପ୍ରଭାବକୁ ସଫଳତାର ସହ ମୁକାବିଲା କରିବାକୁ ପ୍ରତିଶ୍ରୁତିବଦ୍ଧ ବୋଲି ଜିଲ୍ଲା ଜରୁରୀକାଳୀନ ଅଧିକାରୀ ଶ୍ରଦ୍ଧା ସୁମନ କହିଛନ୍ତି।

## ୨ ନାବାଳିକା ଦୁଷ୍କର୍ମ ଘଟଣା

# ନଭେମ୍ବର ୧୦ରେ 'ମାସା'ର ମୟୂରଭଞ୍ଜ ବନ୍ଦ ଡାକରା



**ବାରିପଦା, ୨୭ ।୧୦(ସମିସ):** ରାସଗୋବିନ୍ଦପୁର ନିକଟ ନଳଗଜା ଅଞ୍ଚଳରେ ଯାତ୍ରା ଦେଖି ଫେରୁଥିବା ବେଳେ ଦୁଇ ଆଦିବାସୀ ନାବାଳିକା ଛାତ୍ରୀଙ୍କୁ ଗଣଦୁଷ୍କର୍ମ ଘଟଣାର ପ୍ରତିବାଦ କରିବା ସହିତ ନ୍ୟାୟ ପ୍ରଦାନ ଏବଂ ସମସ୍ତ ଅଭିଯୁକ୍ତଙ୍କୁ ଗିରଫ କରାଯାଇ ଫାଶୀ ଦଣ୍ଡରେ ଦଣ୍ଡିତ କରିବା ଦାବିରେ ନଭେମ୍ବର ୧୦ ତାରିଖରେ ମୟୂରଭଞ୍ଜ ଆଦିବାସୀ ଛାତ୍ର ସଂଗଠନ ମାସାଆର୍ମୀ ପକ୍ଷରୁ ୧୨ ଘଣ୍ଟିଆ ମୟୂରଭଞ୍ଜ ବନ୍ଦ କରାଯିବ ବୋଲି ରାଜ୍ୟ ସଭାପତି ସୁକୁଲାଲ ମାରାଣ୍ଡି ପକ୍ଷରୁ ପ୍ରେସ ବିବୃତିରେ ଜଣାଇଛନ୍ତି। ମୟୂରଭଞ୍ଜ ଜିଲ୍ଲାରେ ଏ ଭଳି ପାପ କାମକୁ ବରଦାସ୍ତ କରାଯିବ ନାହିଁ ବୋଲି ଶ୍ରୀ ମାରାଣ୍ଡି କହିଛନ୍ତି। ଏଭଳି ଅନ୍ୟାୟ ବିରୋଧରେ ଲଢ଼ିବା ପାଇଁ ଦଳମତ ନିର୍ବିଶେଷରେ ସମସ୍ତେ ମୟୂରଭଞ୍ଜ ବନ୍ଦରେ ସାମିଲ୍ ହେବା ପାଇଁ ଶ୍ରୀ ମାରାଣ୍ଡି ଆହ୍ୱାନ ଦେଇଛନ୍ତି। ସୂଚନାଯୋଗ୍ୟ କି, ଗତ ବୁଧବାର ରାତିରେ ପୀଡିତା ୨ ଜଣ ନାବାଳିକା ଯାତ୍ରା ଦେଖିସାରି ତାଙ୍କ ପୁରୁଷ ବନ୍ଧୁଙ୍କ ସହ ଫେରିବା ସମୟରେ ୫ଜଣ ଅଭିଯୁକ୍ତ ମାରଧର କରିବା ସହିତ ଗଣଦୁଷ୍କର୍ମ କରିଥିଲେ। ରାସଗୋବିନ୍ଦପୁର ପୁଲିସ ଘଟଣାରେ ୫ ଅଭିଯୁକ୍ତଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଛି।

# ବିଶ୍ୱବିଦ୍ୟାଳୟରେ ଦକ୍ଷତା ବିକାଶ କାର୍ଯ୍ୟକ୍ରମ ଉଦ୍‌ଘାଟିତ




**ବାରିପଦା, ୨୭ ।୧୦(ସମିସ):** ମହାରାଜା ଶ୍ରୀରାମଚନ୍ଦ୍ର ଭଞ୍ଜଦେଓ ବିଶ୍ୱବିଦ୍ୟାଳୟର ଦୂରବର୍ତ୍ତୀ ଏବଂ ଅନଲାଇନ୍ ଶିକ୍ଷା କେନ୍ଦ୍ର (ସିଡିଓଇ) ଦ୍ୱାରା ଏକ ଦକ୍ଷତା ବିକାଶ କାର୍ଯ୍ୟକ୍ରମ ଉଦଘାଟିତ ହୋଇଯାଇଛି। କେନ୍ଦ୍ର ପିଏମ୍ ଉଷା ଦ୍ୱାରା ପ୍ରାୟୋଜିତ 'ମାଷ୍ଟରିଂ ଇନ୍‌କ୍ଲୁସିଭ୍ ଓଡିଏଲ୍: ପଲିସି ଟୁ ପ୍ରାକ୍ଟିସ' ଶୀର୍ଷକ କାର୍ଯ୍ୟକ୍ରମକୁ କୁଳପତି ପ୍ରଫେସର ପ୍ରମୋଦ କୁମାର ଶତପଥୀ ମୁଖ୍ୟଅତିଥି ଭାବେ ଯୋଗଦେଇ ଉଦ୍‌ଘାଟନ କରିଥିଲେ। ନୂତନ ଶିକ୍ଷାନୀତି-୨୦୨୦ର ଆଧାରରେ ଦୂରବର୍ତ୍ତୀ ଏବଂ ଅନଲାଇନ୍ ଶିକ୍ଷାକୁ ଫଳପ୍ରସୂ କରିବାକୁ ହେଲେ ଆଧୁନିକ ଜ୍ଞାନକୌଶଳକୁ ଆପଣାଇ କେବଳ ନୀତିରେ ସୀମିତ ନ ରହି ତାହାକୁ କାର୍ଯ୍ୟକ୍ଷେତ୍ରରେ ପ୍ରୟୋଗ କରିବାକୁ ହେବ ବୋଲି ସେ କହିଥିଲେ। ଶିକ୍ଷାବିତ୍ ଓ ଇଗ୍ନୋର ଶିକ୍ଷା ବିଭାଗର ପ୍ରଫେସର ନିରାଧାର ଦେ ମୁଖ୍ୟବକ୍ତା ଭାବେ ଯୋଗଦେଇ ଦୂରଶିକ୍ଷା ଓ ଅନଲାଇନ୍ ଶିକ୍ଷାକୁ ଅଧିକ ସାର୍ବଜନୀନ କରିବା ପାଇଁ ଶିକ୍ଷକ, ପ୍ରଶାସକ ଓ ନୀତି ନିର୍ଦ୍ଧାରକଙ୍କ ସମନ୍ୱୟର ଆବଶ୍ୟକତା ଉପରେ ଜୋର ଦେଇଥିଲେ। ସମ୍ବଲପୁର ଗଙ୍ଗାଧର ମେହେର ବିଶ୍ୱବିଦ୍ୟାଳୟର ଶିକ୍ଷା ବିଭାଗର ପୂର୍ବତନ ମୁଖ୍ୟ ପ୍ରଫେସର ହରିହର ଷଡ଼ଙ୍ଗୀ ସମ୍ମାନିତ ଅତିଥି ଭାବେ ଯୋଗଦେଇ ଶିକ୍ଷାର ଲକ୍ଷ୍ୟ କେବଳ ଜ୍ଞାନଆହରଣ ନୁହେଁ, ନୂତନ ଜ୍ଞାନର ସୃଜନ ବୋଲି କହିଥିଲେ। ସ୍ନାତକୋତ୍ତର ପରିଷଦର ଅଧ୍ୟକ୍ଷ ପ୍ରଫେସର କମଳ ଲୋଚନ ବାରିକ ଅନ୍ୟତମ ସମ୍ମାନିତ ଅତିଥି ଭାବେ ଯୋଗଦେଇ ଶିକ୍ଷା କ୍ଷେତ୍ରରେ ସମାଜର ସବୁ ବର୍ଗଙ୍କ ଅନ୍ତର୍ଭୁକ୍ତୀକରଣରେ ମୁକ୍ତ ଓ ଦୂରଶିକ୍ଷାର ଭୂମିକା ସମ୍ପର୍କରେ ମତାମତ ରଖିଥିଲେ। କାର୍ଯ୍ୟକ୍ରମର ନୋଡାଲ୍ ଅଧିକାରୀ ପ୍ରଫେସର ଇନ୍ଦ୍ରଜିତ ନାଏକ ବିଶ୍ୱବିଦ୍ୟାଳୟରେ ଏଭଳି କାର୍ଯ୍ୟକ୍ରମ ପିଏମ୍ ଉଷା ଯୋଜନାର ସଫଳ ରୂପାୟନରେ ସହାୟକ ହେବ ବୋଲି କହିଥିଲେ। ଆବାହକ ତଥା ସିଡିଓଇର ନିର୍ଦ୍ଦେଶକ ପ୍ରଫେସର ସୁକାନ୍ତ କୁମାର ନାୟକ କାର୍ଯ୍ୟକ୍ରମର ଉଦ୍ଦେଶ୍ୟ ଓ ଆଭିମୁଖ୍ୟ ସମ୍ପର୍କରେ ସୂଚନା ଦେଇଥିଲେ। ଉପନିର୍ଦ୍ଦେଶକ ତଥା ସହ-ଆବାହକ ଡ ପ୍ରତାପ କୁମାର ଜେନା କାର୍ଯ୍ୟକ୍ରମରେ ହେବାକୁ ଥିବା ବିଭିନ୍ନ ତାଲିମ ବିଷୟରେ ବିବରଣୀ ପ୍ରଦାନ କରିଥିଲେ। କାର୍ଯ୍ୟକାରୀ ସମ୍ପାଦିକା ତଥା ଶିକ୍ଷା ବିଭାଗର ସହକାରୀ ପ୍ରଫେସର ଲକ୍ଷ୍ମୀପ୍ରିୟା ମହାନ୍ତି ସ୍ୱାଗତ ଭାଷଣ ଓ ସହକାରୀ ପ୍ରଫେସର ସ୍ନେହାଶିଷ ମହାନ୍ତି ଧନ୍ୟବାଦ ଅର୍ପଣ କରିଥିଲେ। ଅଧ୍ୟାପକ ବିଶ୍ୱଜିତ ଷଡ଼ଙ୍ଗୀ, ସୁଜାତା ମହାକୁଡ଼, ଡ. ବିନ୍ଧ୍ୟେଶ୍ୱରୀ କଲିଆ, ହୃଷିକେଶ ମହାନ୍ତ ଓ ପ୍ରୀତିଲଗ୍ନା ସନ୍ତୋଷୀ ମହାକୁଡ଼ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ। ଭୁବନେଶ୍ୱର ଇଗ୍ନୋ ଆଞ୍ଚଳିକ କେନ୍ଦ୍ରର ଉପ୍-ନିର୍ଦ୍ଦେଶକ ଡ଼ ବିମଳ ଚନ୍ଦ୍ର ନନ୍ଦ, ଉତ୍କଳ ବିଶ୍ୱବିଦ୍ୟାଳୟ ସିଡିଓଇର ବ୍ୟବସାୟ ଅଧ୍ୟୟନ ବିଭାଗର ସହଯୋଗୀ ପ୍ରଫେସର ଡ଼ ସୁଜିତ କୁମାର ଆଚାର୍ଯ୍ୟ, ବାରିପଦା ଉତ୍କଳମଣି ଗୋପବନ୍ଧୁ ଶିକ୍ଷକ ଶିକ୍ଷା ମହାବିଦ୍ୟାଳୟର ଅଧ୍ୟକ୍ଷ ପ୍ରଫେସର ସଞ୍ଜୟ କୁମାର ଦେ ଓ ବାଲେଶ୍ୱର ଫକୀର ମୋହନ ବିଶ୍ୱବିଦ୍ୟାଳୟର ଶିକ୍ଷା ବିଭାଗର ଡ଼ ପ୍ରତିମା ପ୍ରଧାନ ପ୍ରମୁଖ ନିଜର ବକ୍ତବ୍ୟ ରଖିଥିଲେ।

## ନିଖିଳ ଓଡ଼ିଶା ଆଇନଜୀବୀ ସଂଘର ରାଜ୍ୟ କାର୍ଯ୍ୟକାରିଣୀ ବୈଠକ

# ଓକିଲ ସମାଜ ବିଚାର ବିଭାଗର ଏକ ଅଙ୍ଗ

**ବାରିପଦା, ୨୭ ।୧୦(ସମିସ):** ଆଇନର ଶାସନ ସମ୍ବିଧାନର ସଂକଳ୍ପ, ଓକିଲ ସମାଜ ବିଚାର ବିଭାଗର ଏକ ଅଙ୍ଗ। ସେମାନଙ୍କ ସୁରକ୍ଷା ପାଇଁ ସ୍ୱତନ୍ତ୍ର ଆଇନ ଆଣିବା ଆବଶ୍ୟକ ବୋଲି ନିଖିଳ ଓଡ଼ିଶା ଆଇନଜୀବୀ ସଙ୍ଘ (ଆଓଲା)ର ରାଜ୍ୟ କାର୍ଯ୍ୟକାରିଣୀ ବୈଠକରେ ଉପସ୍ଥିତ ଆଇନଜୀବୀମାନେ ମତବ୍ୟକ୍ତ କରିଛନ୍ତି। ରବିବାର ବାରିପଦାଠାରେ ଆୟୋଜିତ ବୈଠକରେ ଉପରୋକ୍ତ ଦାବି ଉପସ୍ଥାପନ କରାଯାଇଥିଲା। ସଂଘର ସଭାପତି ଆଇନଜୀବୀ ଶିଶିର କୁମାର ପାଢ଼ିଙ୍କ ସଭାପତିତ୍ୱରେ ଅନୁଷ୍ଠିତ ସଭାରେ ରାଜ୍ୟର ଆଇନଜୀବୀ ମାନଙ୍କ ସୁରକ୍ଷା ସହିତ, ସ୍ୱାସ୍ଥ୍ୟ ଓ ସମୂହ ଜୀବନ ବୀମା, ସହିତ ସଂଘ ପାଇଁ ଏକ ସ୍ଥାୟୀ କାର୍ଯ୍ୟାଳୟ କଟକ, ଭୁବନେଶ୍ୱର, ପୁରୀ କିମ୍ବା ଗୋପାଳପୁରଠାରେ ଯୋଗାଇ ଦେବାପାଇଁ ଦାବି ଉପସ୍ଥାପନ କରାଯାଇଥିଲା। ପ୍ରାରମ୍ଭରେ ସଂଘର ଉପଦେଷ୍ଟା ସର୍ଗତ ପୀତବାସ ପଣ୍ଡାଙ୍କ ଉଦ୍ଦେଶ୍ୟରେ ଏକ ମିନିଟ




ନୀରବ ପ୍ରାର୍ଥନା କରାଯିବା ସହିତ ତାଙ୍କର ସ୍ମୃତି ଚରଣ କରାଯାଇଥିଲା। ସାଧାରଣ ସମ୍ପାଦକ ପ୍ରସନ୍ନ କୁମାର ନନ୍ଦ ପ୍ରାରମ୍ଭିକ ସୂଚନା ଦେଇଥିଲେ। କାର୍ଯ୍ୟକାରୀ ସଭାପତି ଜ୍ୟୋତିପ୍ରକାଶ ରଥ ଓ ପୂର୍ବତନ ସଭାପତି ମାନସ ରଞ୍ଜନ ମହାପାତ୍ର ସଂଘର ବହୁମୁଖୀ କାର୍ଯ୍ୟ ଉପରେ ଆଲୋକପାତ କରିଥିଲେ। ଉକ୍ତ ଅଧିବେସନରେ ରାଜ୍ୟର ବିଭିନ୍ନ ଓକିଲ ସଂଘରୁ ଶତାଧିକ ପ୍ରତିନିଧି ଯୋଗଦେଇ ସୁଚିନ୍ତିତ ମତାମତ ଦେଇଥିଲେ। ଓଡ଼ିଶା ଉଚ୍ଚ ନ୍ୟାୟାଳୟ ବାର ଆସୋସିଏସନର ସହ ସମ୍ପାଦକ ଅଭିଜିତ ଦାସ ଧନ୍ୟବାଦ ଅର୍ପଣ କରିଥିଲେ। ଆଇନଜୀବୀ ପ୍ରବୀର୍ କୁମାର ବସା, ବିପ୍ଳବ ବାରିକ, ମନୋଜ କୁମାର ନାୟକ, ସୁଧାଂଶୁ ଦାସ, ସୁଶାନ୍ତ ବରାଳ, ସନ୍ଦୀପ କୁମାର ପଟ୍ଟନାୟକ, ସ୍ୱରୂପ ମିଶ୍ର, ସତ୍ୟଜିତ ସାହୁ, କିରଣବାଳା ରାଉତ, ସଞ୍ଜୟ ଦାସ, ପ୍ରତାପ କେଶରୀ ଦେଓ, ସତ୍ୟ ଗୋପାଳ ପରିଜା ପ୍ରମୁଖ ଆଇନଜୀବୀଙ୍କ ବିଭିନ୍ନ ସମସ୍ୟା ଉପରେ ଆଲୋକପାତ କରିଥିଲେ।

## ଚାନ୍ଦୁଆ ଥାନାରେ ସାଇବର ସଚେତନତା ଅଭିଯାନ

**କୁଳିଅଣା, ୨୭।୧୦(ସମିସ):** ସାଇବର ସୁରକ୍ଷା ଅଭିଯାନ ପକ୍ଷରୁ ମୟୂରଭଞ୍ଜ ଜିଲ୍ଲା ପୁଲିସ ଦ୍ୱାରା ଚାନ୍ଦୁଆ ଥାନାରେ ଏକ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ଏ ନେଇ ଆୟୋଜିତ ଆଲୋଚନାଚକ୍ରରେ ସାଇବର ଅପରାଧ ଆଇନ କାର୍ଯ୍ୟକର୍ତ୍ତା ଉପରେ ଆଲୋଚନା ହୋଇଛି। ଚାନ୍ଦୁଆ ଥାନା ଅଧିକାରୀ ଲକ୍ଷ୍ମଣ ନାୟକ ପୌରୋହିତ୍ୟରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ବାରିପଦା ସଦର ଏସଡ଼ିପିଓ ପ୍ରଭାତ ମଲ୍ଲିକ ଓ ସମ୍ମାନିତ ଅତିଥି ଭାବେ କୁଳିଅଣା ବ୍ଲକ ଅଧିକାରୀ ଜିତେନ୍ଦ୍ର ମୁର୍ମୁ, ଅଗ୍ନିଶମ ଅଧିକାରୀ ଗୁଣଧର ଜେନା, ବନପାଳ ପଦ୍ମାବତୀ ବେହେରା, ୮ନଂ ଜୋନ ଜିଲ୍ଲା ପରିଷଦ ସଦସ୍ୟ ଦୁର୍ଗା ଚରଣ ମାର୍ଣ୍ଡି, ଚାନ୍ଦୁଆ ପଞ୍ଚାୟତ ସମିତି ସଭ୍ୟ ପ୍ରଦୀପ ସିଂ ପ୍ରମୁଖ ଉପସ୍ଥିତ ଥିଲେ।

## ଓଡ଼ିଶା ମେଡିକାଲ କର୍ମଚାରୀ ସଂଘ ପକ୍ଷରୁ ଶ୍ରଦ୍ଧାଞ୍ଜଳି ସଭା



**ବାରିପଦା, ୨୭ ।୧୦(ସମିସ):** ଓଡ଼ିଶା ମେଡିକାଲ କର୍ମଚାରୀ ସଂଘର ପୂର୍ବତନ ସଭାପତି ଓ ବର୍ତ୍ତମାନର ଉପଦେଷ୍ଟା କୃଷ୍ଣଚନ୍ଦ୍ର ପାତ୍ରଙ୍କ ପରଲୋକ ଉପଲକ୍ଷେ ଏକ ଶ୍ରଦ୍ଧାଞ୍ଜଳି ସଭା ଅନୁଷ୍ଠିତ ହୋଇଯାଇଛି। ସ୍ୱର୍ଗତ ଶ୍ରୀ ପାତ୍ରଙ୍କ ଅମର ଆତ୍ମାର ସଦ୍‌ଗତି ନିମନ୍ତେ ଓଡ଼ିଶା ମେଡିକାଲ କର୍ମଚାରୀ ସଂଘ ମୟୂରଭଞ୍ଜ ଶାଖା ପକ୍ଷରୁ ତାଙ୍କ ଫଟୋଚିତ୍ରରେ ପୁଷ୍ପମାଲ୍ୟ ଅର୍ପଣ କରି ୨ମିନିଟ୍ ନିରବ ପ୍ରାର୍ଥନା କରିଥିଲେ। ଉକ୍ତ ସଭାରେ ଜିଲ୍ଲା ଓ ରାଜ୍ୟ ସଂଘର ଉପସଭାପତି, ଜିଲ୍ଲା ସମ୍ପାଦକ, ଜିଲ୍ଲା କୋଷାଧ୍ୟକ୍ଷ, ଯୁଗ୍ମ ସମ୍ପାଦକ, ସାଂଗଠନିକ ସମ୍ପାଦକ ଏବଂ ସମସ୍ତ କର୍ମକର୍ତ୍ତା ତଥା ସଭ୍ୟ ସଭ୍ୟା ଏହି ବୈଠକରେ ଉପସ୍ଥିତ ଥିଲେ।

## ବିଦ୍ୟୁତ୍ ଆଘାତରେ ଯୁବକଙ୍କ ମୃତ୍ୟୁ

**ଉଦଳା, ୨୭।୧୦(ସମିସ):** ଘରେ ଟିଭିକୁ ବିଦ୍ୟୁତ୍ ସଂଯୋଗ କରିବା ସମୟରେ ବିଦ୍ୟୁତ୍ ଆଘାତରେ ଚାଲିଗଲା ଯୁବକଙ୍କ ଜୀବନ। ଏଭଳି ଘଟଣା ଘଟିଛି କପ୍ତିପଦା ଥାନା ସାପଘର ଅଞ୍ଚଳରେ। ଗ୍ରାମର ଯତୀନ କୁଅଁର ସୋମବାର ମଧ୍ୟାହ୍ନରେ ଘର ବିଦ୍ୟୁତ୍ ବୋର୍ଡ଼ରୁ ଏକ ତାର ସଂଯୋଗ କରି ଟିଭିକୁ ଲଗାଉଥିଲେ। ଏହି ସମୟରେ ଅଚାନକ ବିଦ୍ୟୁତ୍ ଆଘାତରେ ସେ ଛିଟିକି ପଡ଼ିଥିଲେ। ତାଙ୍କୁ ଗୁରୁତର ଅବସ୍ଥାରେ ପରିବାର ଲୋକେ ଉଦ୍ଧାର କରି ଚିକିତ୍ସା ନିମନ୍ତେ ଉଦଳା ମେଡିକାଲରେ ଭର୍ତ୍ତି କରିଥିଲେ। ହେଲେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ।

# ଦୁର୍ନୀତି ନିବାରଣ ସଚେତନତା ସପ୍ତାହରେ ପ୍ରତିଯୋଗିତା




**ବାରିପଦା, ୨୭ ।୧୦(ସମିସ):** ଅକ୍ଟୋବର ୨୭ରୁ ନଭେମ୍ବର ୨ତାରିଖ ପର୍ଯ୍ୟନ୍ତ ରାଜ୍ୟବ୍ୟାପୀ ଦୁର୍ନୀତି ନିବାରଣ ସଚେତନତା ସପ୍ତାହ ପାଳନ ଉପଲକ୍ଷେ ସୋମବାର ମହାରାଜା କୃଷ୍ଣଚନ୍ଦ୍ର ସରକାରୀ ଉଚ୍ଚ ବିଦ୍ୟାଳୟରେ ଇଂରାଜୀ ଓ ଓଡ଼ିଆରେ 'ଦୁର୍ନୀତି ନିବାରଣ: ଆମ ସାମୂହିକ ଦାୟିତ୍ୱ' ବିଷୟ ଉପରେ ଆଧାରିତ ବକ୍ତୃତା ଏବଂ କାର୍ଟୁନ କମ କ୍ୟାପସନରେ 'ଆଣ୍ଟି କରପ୍ସନ' ଉପରେ ଏକ ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି। ଏଥିରେ ବିଭିନ୍ନ ବିଦ୍ୟାଳୟର ଛାତ୍ରଛାତ୍ରୀ ଅଂଶ ଗ୍ରହଣ କରିଥିଲେ। ଜିଲ୍ଲା ଶିକ୍ଷା ଅଧିକାରୀ ପୂର୍ଣ୍ଣଚନ୍ଦ୍ର ସେଠୀଙ୍କ ତତ୍ତ୍ୱାବଧାନରେ ଆୟୋଜିତ ପ୍ରତିଯୋଗିତାରେ ଦୁର୍ନୀତି ନିବାରଣ ବିଭାଗ, ଆରକ୍ଷୀ ନିରୀକ୍ଷକ ବିକାଶ ରଞ୍ଜନ ସ୍ୱାଇଁ ଓ କନେଷ୍ଟବଳ ବ୍ରଜକିଶୋର ପଟ୍ଟନାୟକ, ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ ବିକାଶ ରଞ୍ଜନ ମହାନ୍ତି, ଜିଲ୍ଲା ଶାରୀରିକ ଶିକ୍ଷା ଅଧିକାରୀ ଭାଗିରଥି ମଲ୍ଲିକ ଯୋଗ ଦେଇଥିଲେ। ବିଚାରକ ଭାବେ ଅଧ୍ୟାପକ ସମରେନ୍ଦ୍ର ବସା, ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ଅତୁଲ କୁମାର ପରିଡ଼ା, ପ୍ରଧାନ ଶିକ୍ଷକ ଗୋବିନ୍ଦ ଚନ୍ଦ୍ର ରାଉତ, ପ୍ରଧାନଶିକ୍ଷକ ଅମିତାଭ ମିଶ୍ର, ଶିକ୍ଷକ ଦୀପକ ରାମ, ସରୋଜ କୁମାର ମହାନ୍ତ, ମହେଶ୍ୱର ମାରାଣ୍ଡି ପ୍ରମୁଖ ଯୋଗ ଦେଇଥିଲେ। ଓଡ଼ିଆ ବକ୍ତୃତା ପ୍ରତିଯୋଗିତାରେ ନବଜିତ ସାସମଲ, ଶ୍ରଦ୍ଧାସୁମନ ଜେନା, ଆଦ୍ୟାଶା ଦାସ ଓ ଇଂରାଜୀ ବକ୍ତୃତାରେ ଜାହ୍ନବୀ ପଡ଼ିଆରୀ, ପ୍ରଭୁପଦ ନାୟକ, ଔରଜ୍ୟୋତି ପ୍ରଧାନ ଏବଂ କାର୍ଟୁନ କମ କ୍ୟାପସନରେ ବିଷ୍ଣୁପ୍ରିୟା ମହାପାତ୍ର, ସନିତା ସିଂ, ଜ୍ୟୋତ୍ସ୍ନା ବେହେରା ଯଥାକ୍ରମେ ପ୍ରଥମ, ଦ୍ୱିତୀୟ, ତୃତୀୟ ହୋଇଛନ୍ତି। ଆସନ୍ତା ୩୦ ତାରିଖରେ କୃତୀ ପ୍ରତିଯୋଗୀଙ୍କୁ ଜିଲ୍ଲାସ୍ତରୀୟ କାର୍ଯ୍ୟକ୍ରମରେ ପୁରସ୍କୃତ କରାଯିବ।

# ପିସିସି ଓ ସାଇ ବିଦ୍ୟା ମନ୍ଦିରରେ ଜାତୀୟ ସେବା ଯୋଜନା ଉଦ୍‌ଘାଟିତ

**ବାରିପଦା, ୨୭ ।୧୦(ସମିସ):** ମୟୂରଭଞ୍ଜର କିମ୍ବଦନ୍ତୀ ଶିକ୍ଷାନୁଷ୍ଠାନ ସାଇ ବିଦ୍ୟା ମନ୍ଦିର ଜାତୀୟ ସେବା ଯୋଜନା ଶାଖା ଆନୁକୂଲ୍ୟରେ ନୂତନ କରି ଯୋଗ ଦେଇଥିବା ସ୍ୱେଚ୍ଛାସେବୀଙ୍କ ଆଭିମୁଖୀ କରଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଆୟୋଜିତ କାର୍ଯ୍ୟକ୍ରମରେ ଅନୁଷ୍ଠାନର ନିର୍ମାତା ତଥା ନିର୍ଦ୍ଦେଶକ ଡ. ପ୍ରଭଞ୍ଜନ ରାଉତ, ମହାପ୍ରବନ୍ଧକ ଦେବାଶିଷ ମୁହୁଲି, ଅଧ୍ୟକ୍ଷ ଅକ୍ଷୟ କୁମାର ଖିଲାରଙ୍କ ସଭାପତିତ୍ୱରେ ଜାତୀୟ ସେବା ଯୋଜନାର ମୌଳିକତା, ଲକ୍ଷ୍ୟ ଓ ଉଦ୍ଦେଶ୍ୟ ପ୍ରସଙ୍ଗ ସୁନ୍ଦର ଭାବେ ଉପସ୍ଥାପନ କରାଯାଇଥିଲା ଓ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ଜାତୀୟ ସେବା ଯୋଜନାର ପ୍ରୋଗ୍ରାମିଂ ଅଫିସର ତଥା ଇଂରାଜୀ ବିଭାଗର ଅଧ୍ୟାପକ ରଶ୍ମିରଞ୍ଜନ ରାଉତଙ୍କ ଦ୍ୱାରା ପରିଚାଳିତ ଉକ୍ତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ଉଚ୍ଚ




ମାଧ୍ୟମିକ ଶିକ୍ଷା ପରିଷଦ ଉତ୍ତର ଓଡ଼ିଶାର ଡେପୁଟି ସେକ୍ରେଟାରୀ ରାଜେଶ କୁମାର ପ୍ରଧାନ, ସମ୍ମାନିତ ଅତିଥି ପୂର୍ବତନ ସରପଞ୍ଚ ରବୀନ୍ଦ୍ର ନାଥ ଦେହୁରି, ପ୍ରାକ୍ତନ ଅଧ୍ୟାପକ ସ୍ୱରୂପ ଶତପଥୀ, ସମ୍ପାଦକ ଚନ୍ଦ୍ରକାନ୍ତ ରାଉତ ସିଇଓ ପ୍ରତିଟୀ ରଞ୍ଜନ ରାଉତ, ଚକ୍ରଧର ରାଉତ, ଉପେନ୍ଦ୍ର ରାଉଳ, ସୁବ୍ରତ ସେନ, ଶିବାନନ୍ଦ ଦାସ ପ୍ରମୁଖ ଯୋଗଦାନ କରି 'ଜାତୀୟ ସେବା ଯୋଜନା'ର ଆଭିମୁଖ୍ୟ ଉପସ୍ଥାପନ କରିଥିଲେ। ଶେଷରେ ଅଧ୍ୟକ୍ଷ ଅକ୍ଷୟ କୁମାର ଖିଲାର ଧନ୍ୟବାଦ ଅର୍ପଣ କରିଥିଲେ।

## ରେଳ ଧାରଣାରୁ ଯୁବକଙ୍କ ମୁଣ୍ଡ ବିହୀନ ଶବ ଉଦ୍ଧାର

**ବାଙ୍ଗିରିପୋଷି/କଳାବାଡିଆ, ୨୭।୧୦ (ସମିସ):** ମୟୂରଭଞ୍ଜ ଜିଲ୍ଲା ବାଙ୍ଗିରିପୋଷି ଥାନା ଅଧୀନ ବୁଡାମରା ରେଳ ଷ୍ଟେସନ ନିକଟ ରେଳଧାରଣାରୁ ସୋମବାର ସନ୍ଧ୍ୟାରେ ଜଣେ ଯୁବକଙ୍କ ମୁଣ୍ଡବିହୀନ ମୃତଦେହ ଉଦ୍ଧାର ହୋଇଛି। ମୃତଦେହର ମୁଣ୍ଡ ନ ଥିବାରୁ ଚିହ୍ନଟ ହୋଇପାରିନି। ଏହା ରେଳବାଇ ପୁଲିସ ଅଧୀନରେ ଥିବାରୁ ବାଙ୍ଗିରିପୋଷି ପୁଲିସ ଘଟଣାସ୍ଥଳ ପରିଦର୍ଶନ କରି ଫେରିଯାଇଛି। ତେବେ ଏହା ଟ୍ରେନ ଦୁର୍ଘଟଣା ନା ଆତ୍ମହତ୍ୟା ତାହା ଏ ଯାଏ ସ୍ପଷ୍ଟହୋଇପାରିନାହିଁ। ତଦନ୍ତ କରାଗଲେ ପ୍ରକୃତ ସତ୍ୟାସତ୍ୟ ଜଣାପଡ଼ିବ।

## ଦୁର୍ନୀତି ନିବାରଣ ସଚେତନତା ସପ୍ତାହ ପାଳନ

# 'ସାଧୁତାର ଶପଥ ପାଠ' କରାଇଲେ ଅତିରିକ୍ତ ଜିଲ୍ଲାପାଳ

ବାରିପଦା, ୨୭ ।୧୦(ସମିସ)

ଅକ୍ଟୋବର ୨୭ରୁ ନଭେମ୍ବର ୨ତାରିଖ ପର୍ଯ୍ୟନ୍ତ 'ଦୁର୍ନୀତି ନିବାରଣ-ଆମ ସାମୂହିକ ଦାୟିତ୍ୱ' ପ୍ରସଙ୍ଗ ଆଧାରରେ ଏକ ସଚେତନତା ସପ୍ତାହ ପାଳନ ହେବ। ଏହି ଅବସରରେ ସୋମବାର ଅତିରିକ୍ତ ଜିଲ୍ଲାପାଳ ଦୁଖବନ୍ଧୁ ନାୟକଙ୍କ ଅଧ୍ୟକ୍ଷତାରେ ଏକ 'ଶପଥ ପାଠ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। କାର୍ଯ୍ୟକ୍ରମରେ ଶ୍ରୀ ନାୟକ ବିଭିନ୍ନ ଅଧିକାରୀ, ପ୍ରତିନିଧି ଜିଲ୍ଲାପାଳ, ସହକାରୀ ଜିଲ୍ଲାପାଳ ତଥା ଅନ୍ୟାନ୍ୟ କର୍ମଚାରୀଙ୍କୁ ଦୁର୍ନୀତି ନିବାରଣ ସଚେତନତା ସପ୍ତାହ ପାଳନର ପ୍ରଥମ ଦିବସରେ 'ସାଧୁତାର ଶପଥ ପାଠ' କରାଇଥିଲେ। ନିଜ ନିଜ କର୍ମକ୍ଷେତ୍ରରେ କାର୍ଯ୍ୟ ସମ୍ପାଦନ ସମୟରେ ସାଧୁତା ଓ ସ୍ୱଚ୍ଛତା ବଜାୟ ରଖିବା ପାଇଁ ଯତ୍ନବାନ ହେବାକୁ ପରାମର୍ଶ ଦେଇଥିଲେ। ସେହିପରି ସାମୂହିକ ପ୍ରଚେଷ୍ଟା ଦ୍ୱାରା ହିଁ ଦୁର୍ନୀତିର ମୁଳୋତ୍ପାଟନ ସମ୍ଭବ ବୋଲି ଦୃଢୋକ୍ତି ପ୍ରକାଶ କରିଥିଲେ। କର୍ମ କ୍ଷେତ୍ରରେ କାର୍ଯ୍ୟ ସମ୍ପାଦନରେ ଦୁର୍ନୀତିକୁ ପରିହାର କରିବା



ସହ ସେବା ପ୍ରଦାନ ସମୟରେ ଲୋକଙ୍କୁ କୌଣସି ପ୍ରକାର ହଇରାଣ ହରକତ ନ କରି ସରକାରୀ ନିୟମର ଅନୁପାଳନ ପୂର୍ବକ ଧାର୍ଯ୍ୟ ସମୟ ମଧ୍ୟରେ ତ୍ୱରିତ ପ୍ରକ୍ରିୟାରେ ଲୋକଙ୍କୁ ସେବା ଯୋଗାଇ ଦେଲେ ସରକାରୀ ବ୍ୟବସ୍ଥା ଉପରେ ସାଧାରଣ ଜନତାଙ୍କ ଆସ୍ଥା ସୁଦୃଢ ହେବ ବୋଲି ସେ ମତବ୍ୟକ୍ତ କରିଥିଲେ। କାର୍ଯ୍ୟକ୍ରମରେ ବାରିପଦା ବନଖଣ୍ଡ ଅଧିକାରୀ, ବାରିପଦା ତହସିଲଦାର, ପୌରପାଳିକା ନିର୍ବାହୀ ଅଧିକାରୀ, ଜରୁରୀକାଳୀନ ଅଧିକାରିଣୀ, ଡିଇଜିଏମ ଓସ୍ୱାନ, ଡେପୁଟି କଲେକଟର ଜେନେରାଲ ମିସ, ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀ, ଶିଶୁ ସୁରକ୍ଷା ଅଧିକାରିଣୀ, ଡେପୁଟି କଲେକଟର ରାଜସ୍ୱ, ଡେପୁଟି କଲେକଟର ନିର୍ବାଚନ, ଡେପୁଟି କଲେକଟର ଏଷ୍ଟାବ୍ଲିଶମେଣ୍ଟ, ସହକାରୀ ଜିଲ୍ଲାପାଳ ନିଜାରତ, ଆରଟିଓ ବାରିପଦା, ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ ପ୍ରମୁଖ ଅଂଶ ଗ୍ରହଣ କରିଥିଲେ।

ସେହିପରି ଟାଟା ପାୱାର ନର୍ଦନ ଓଡ଼ିଶା ବିଦ୍ୟୁତ ବିତରଣ ସଂସ୍ଥା ପକ୍ଷରୁ ଛାଞ୍ଚ ବିଦ୍ୟୁତ୍ ସେକ୍ସନରେ ଦୁର୍ନୀତି ନିବାରଣ ସଚେତନତା ସପ୍ତାହ ପାଳିତ ହୋଇଛି। ଏହି ଅବସରରେ, ଛାଞ୍ଚ ବିଦ୍ୟୁତ୍ ସେକ୍ସନ ଅଫିସ ଅଧୀନରେ ସମସ୍ତ କର୍ମଚାରୀଙ୍କୁ ଶପଥ କରାଇବା ସହ ବିଭାଗୀୟ ନୀତି ଓ ନିୟମ ମାନି କାର୍ଯ୍ୟ କରିବାକୁ, ବାରିପଦା ଟିପିଏନଓଡିଏଲ ଭିଜିଲାନ୍ସ ମଣ୍ଡଳ ଅଧିକାରୀ ଓ ସେକ୍ସନ ଅଧିକାରୀ ଉପଦେଶ ଦେଇଥିଲେ।

## ଚତୁର୍ଥ ଦିନରେ କରଗୋଳା ବାଲି ସତ୍ୟାଗ୍ରହ



ଆନନ୍ଦପୁର,୨୭।୧୦(ସମିସ): କେନ୍ଦୁଝର ଜିଲ୍ଲା ହାଟଡିହି ତହସିଲ ଅଧୀନ କରଗୋଳାସ୍ଥିତ ବୈତରଣୀ ନଦୀରେ ବାଲି ସତ୍ୟାଗ୍ରହ ଚତୁର୍ଥ ଦିନରେ ପହଞ୍ଚିଛି। ଦୁର୍ନିତି ବିରୋଧୀ ପ୍ରଗତିଶିଳ ମଞ୍ଚର ଆବାହକ ଯଜ୍ଞପ୍ରସାଦ ସାହୁଙ୍କ ନେତୃତ୍ୱରେ ଆୟୋଜିତ ସତ୍ୟାଗ୍ରହରେ ପ୍ରଶାସନର ଅସହଯୋଗକୁ ତୀବ୍ର ନିନ୍ଦା କରାଯାଇଛି। ଆଜି ବାଲି ସତ୍ୟାଗ୍ରହରେ ଲୋକେ ସେଠାରେ ହବିଷ ଗ୍ରହଣ କରି ବ୍ରତରକ୍ଷା କରିଥିଲେ। ବାଲି ସତ୍ୟାଗ୍ରହକୁ ସମର୍ଥନ ଜଣାଇ ସୁବର୍ଣ୍ଣରେଖା ନଦୀ ସୁରକ୍ଷା ସମିତି ଆସନ୍ତାକାଲି ଏଥିରେ ସାମିଲ ହେବା ସମ୍ପର୍କରେ ଯଜ୍ଞପ୍ରସାଦ ସାହୁ ସୂଚନା ଦେଇଛନ୍ତି। ଏହି ସତ୍ୟାଗ୍ରହରେ ସାମାଜିକ କର୍ମୀ ସତ୍ୟବ୍ରତ ଜେନା, ପୂର୍ବତନ ସରପଞ୍ଚ ଗୋପାଳ ସେଠୀ, ଆଲୋକ ବେହେରା, ବିଜୟ ସାହୁ, ସୁଲି ଜେନା, ଅହଲ୍ୟା ସାହୁ, ରିତାଞ୍ଜଳି ସାହୁ, ଅନ୍ନପୂର୍ଣ୍ଣା ପଣ୍ଡା, ଶୁଭଲକ୍ଷ୍ମୀ ନନ୍ଦ, ଜୟ ନାରାୟଣ ଜେନା, ମହେନ୍ଦ୍ର ପଣ୍ଡା, ନଟବର ମହାରଣା, ବେଣୁ ଜେନା, ରାମଚନ୍ଦ୍ର ସାହୁ, ସୁଦର୍ଶନ ସାହୁ, ଶ୍ରୀଧର ଜେନା, ଗଣେଶ ଜେନା, ଶୁକଦେବ ପଣ୍ଡା, ସୁବାସ ଜେନା, କିଶୋର ଜେନା, ନାରାୟଣ ଓଝା, ନଟବର ବେହେରା, ଅଲେଖ ଜେନା, ନରହରି ପତି, ପରୀକ୍ଷିତ ଜେନା, କ୍ଷୀରୋଦ ସାହୁ, ନୀଳମଣି ଜେନା, ନରହରି ଜେନାଙ୍କ ସମେତ ୩ଶହରୁ ଅଧିକ ସତ୍ୟଗ୍ରହୀ ଏଥିରେ ସାମିଲ ହୋଇଥିଲେ। ଖବର ଲେଖା ହେବା ପର୍ଯ୍ୟନ୍ତ ସତ୍ୟାଗ୍ରହ ଜାରି ରହିଛି। ରାତିରେ ବାଲି ମାଫିଆ ସତ୍ୟଗ୍ରହୀମାନଙ୍କ ଉପରେ ଆକ୍ରମଣ କରି ବାଲି ଲୁଟ୍ ପାଇଁ ଯୋଜନା କରିଥିବା ବିଶ୍ୱସ୍ତ ସୂତ୍ରରୁ ଜଣାପଡ଼ିଛି।

## କଲ୍ୟାଣୀ ଉଚ୍ଚ ବିଦ୍ୟାପୀଠରେ ଶିକ୍ଷକ ସମ୍ବର୍ଦ୍ଧନା ଉତ୍ସବ



ବେଲବାହାଲି,୨୭।୧୦(ସମିସ): ଘସିପୁରା ବ୍ଲକ୍ ଅଧୀନ ଗଡ଼ବାନ୍ଧଗୋଡ଼ା କଲ୍ୟାଣୀ ଉଚ୍ଚ ବିଦ୍ୟାପୀଠ ପ୍ରାଙ୍ଗଣରେ ୨୦୦୩ ମସିହା ମାଟ୍ରିକ ବ୍ୟାଚ୍‌ର ଛାତ୍ରଛାତ୍ରୀଙ୍କ ଦ୍ୱାରା ଶିକ୍ଷକ ସମ୍ବର୍ଦ୍ଧନା ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ପୁରାତନ ଛାତ୍ର ତରଣୀସେନ ରାଉତଙ୍କ ଅଧ୍ୟକ୍ଷତାରେ ଉତ୍ସବର ପ୍ରଥମ ଭାଗରେ ୨୨ ବର୍ଷ ପରେ ପରସ୍ପର ସହ ଭେଟ ହୋଇଥିବାରୁ ଭାବର ଆଦାନ ପ୍ରଦାନ କରିଥିଲେ। ପ୍ରଧାନଶିକ୍ଷୟିତ୍ରୀ ସରୋଜିନୀ ରାଉତ, ପୁରାତନ ଶିକ୍ଷକ ଗୋପାଳ ଚନ୍ଦ୍ର ପତି, ପ୍ରମୋଦ କୁମାର ଦେଓ, ରମାକାନ୍ତ ଜେନା, ସେକ ମୁବାରକ୍ ଅଲ୍ଲୀ, ବିଣାପାଣି ମହାପାତ୍ରଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। କାର୍ଯ୍ୟକ୍ରମରେ ଅନୀଲ କୁମାର ଚକ୍ର, ଶ୍ରୀକ୍ଷେତ୍ର ପଲେଇ, ନିରାକାର ରାଉତ, ସୁରେଶ ପରିଡ଼ା, ଶ୍ରୀକାନ୍ତ ସାହୁ, ତରଣୀସେନ ରାଉତ, ଏସକେ ହାଇଦର ଅଲ୍ଲୀ, ଚିତ୍ତରଞ୍ଜନ ନାୟକ, ସୁରେନ୍ଦ୍ର ଗଇପଇ, ମହୋନିସ୍ ଜେନା, ସୁରେଶ କୁମାର ପାତ୍ର, ଅମିତ୍ ରାଉତ, ଚିନ୍ତାମଣି ବେହେରା, ମିର୍ଜା ରାଜୁ ବେଗ୍, କାନନବାଳା ଚକ୍ର, ନିରୁପମା ନାୟକ, ରଶ୍ମିତା ନାୟକ, ନମିତା ବେହେରା, ଦିପ୍ତିମୟୀ ମଲ୍ଲିକ, ଜୟନ୍ତୀ ଓଝା, ସ୍ୱର୍ଣ୍ଣଲତା ପାତ୍ର ଓ ବନ୍ଦିତା ଚକ୍ର ପ୍ରମୁଖ ପୁରାତନ ଛାତ୍ରଛାତ୍ରୀ ସକ୍ରିୟ ଭୂମିକା ନିର୍ବାହ କରିଥିଲେ।

## ଘସିପୁରା କାଳୀପୂଜା ମଞ୍ଚରେ ସାଂସ୍କୃତିକ କାର୍ଯ୍ୟକ୍ରମ



ଆନନ୍ଦପୁର,୨୭।୧୦(ସମିସ): ବୀଣାପାଣି କଳା ନିକେତନ ନୃତ୍ୟାନୁଷ୍ଠାନର ନୃତ୍ୟଶିଳ୍ପୀମାନେ ଖାପରଖାଇ କାଳୀପୂଜା ଅନୁଷ୍ଠାନ, ଘସିପୁରା ବସ୍‌ଷ୍ଟାଣ୍ଡ ସାଂସ୍କୃତିକ ମଞ୍ଚରେ ନୃତ୍ୟଗୁରୁ ଜିତୁ ଦାଶଙ୍କ ନିର୍ଦ୍ଦେଶନା, ଅଭିନେତା ମାନସ ରଞ୍ଜନ ସାହୁଙ୍କ ସଂଯୋଜନାରେ ପ୍ରଥମେ ଓଡ଼ିଶୀ ନୃତ୍ୟାଭିନୟ କରିଥିଲେ। ପରେ "ଜଗନ୍ନାଥ ଅଷ୍ଟକମ' ଓ "ଆମ ମାଟିର ମହକ'ରେ ହଜାର ହଜାର ଦର୍ଶକ ବିଭୋର ହୋଇଥିଲେ। ସମ୍ବଲପୁରୀ, ଦଳଗତ ମରାଠୀ, ପଲ୍ଲୀ ନୃତ୍ୟ, ଦଳଗତ ପୁରୁଣା ଓଡ଼ିଆ ଚଳଚିତ୍ରକୁ ୪୦ଜଣ ନୃତ୍ୟ ଶିଳ୍ପୀ ବିଳମ୍ବିତ ରାତ୍ରିଯାଏଁ ନୃତ୍ୟକୁ ଉପଭୋଗ କରିଥିଲେ। ଚଳଚିତ୍ର ଆଲବମ ଶିଶୁ ଅଭିନେତ୍ରୀ ଖୁସି ନାୟକ ନିଜର ଜଲୱା ଦେଖାଇ ଥିଲେ। ଶେଷରେ ପୂଜା ଅନୁଷ୍ଠାନର ସଭାପତି ହରେକୃଷ୍ଣ ସାହୁ, ଉପସଭାପତି ବାବୁଲି ଜେନା, ସମ୍ପାଦକ ସୁରେଶ କୁମାର ସେଠି, ସହ ସମ୍ପାଦକ ବସନ୍ତ ପେରେଇ, କୋଷାଧ୍ୟକ୍ଷ ଅଚ୍ୟୁତ ରଣା, ପ୍ରମୋଦ ଦାସ, ବିରଞ୍ଚି ନାରାୟଣ ଦାଶ, କ୍ଷିତିନାଥ ସାହୁ, ଖିରୋଦ କର ମଞ୍ଚରେ ରହି କଳାକାରମାନଙ୍କୁ ସମ୍ମାନିତ କରିଥିଲେ।

## ନଟିଆ ଗାଁରେ ବିଜୁଳି ନାହିଁ

# ଡିବିରି ଆଲୁଅରେ ଛାତ୍ରଛାତ୍ରୀଙ୍କ ଭବିଷ୍ୟତ

ଆନନ୍ଦପୁର,୨୭।୧୦(ସମିସ)





ସ୍ୱାଧୀନତାର ୭ ୯ ବର୍ଷ ପରେ ବି ଏଭଳି ଏକ ଗାଁ ଅଛି; ଯେଉଁ ଗାଁର ଲୋକଙ୍କ ପାଇଁ ଆଜି ମଧ୍ୟ ବିଜୁଳି ଆଲୁଅ ସାତସପନ ପାଲଟିଛି। ଏନେଇ ବିଭାଗଠାରୁ ଆରମ୍ଭ କରି ଉପଖଣ୍ଡ ପ୍ରଶାସନ, ଜିଲ୍ଲା ପ୍ରଶାସନଠାରୁ ଆରମ୍ଭକରି ରାଜ୍ୟ ପଦାଧିକାରୀ ସମସ୍ତଙ୍କୁ ଗୁହାରୀ କଲେଣି। ଏଥିପାଇଁ ଧାରଣା ଏପରିକି ହରତାଳ ମଧ୍ୟ କରିଛନ୍ତି ଗ୍ରାମବାସୀ; ହେଲେ ସମସ୍ୟାର ସମାଧାନ ହୋଇପାରିନାହିଁ। ଏନେଇ ଜିଲ୍ଲାପାଳଙ୍କ ଅଭିଯୋଗ ଶୁଣାଣିରେ ୧୩ଥର ଗ୍ରାମବାସୀ ଫେରାଦ ହୋଇ ବି ଫଳ ଶୁନ। ଏପରି ଦୟନୀୟ ଅବସ୍ଥା ପରିଲକ୍ଷିତ ହୋଇଛି କେନ୍ଦୁଝର ଜିଲ୍ଲା ଘଷିପୁରା ବ୍ଲକ୍ ସାମୁକାନାଣ୍ଡି ପଞ୍ଚାୟତ ନଟିଆ ଗାଁରେ। ଘଷିପୁରା ବ୍ଲକ୍‌ର ଆଦିବାସୀ ଅଧ୍ୟୁଷିତ ସାମୁକାନାଣ୍ଡି ପଞ୍ଚାୟତର ନଟିଆ ଗାଁ। ଏହିଗାଁର ଲୋକଙ୍କ ସଂଖ୍ୟା ପାଖାପାଖି ୫୦୦ହେବ। ଗାଁକୁ ଆଜିଯାଏ ପହଞ୍ଚି ପାରିନି ବିଜୁଳି ଆଲୁଅ। ଫଳରେ ଲୋକଙ୍କ ପାଇଁ ଦିନତ ଯେମିତି ହେଲେ କଟିଯାଉଛି, କିନ୍ତୁ ରାତି ହେଲେ ଭୟରେ ରହୁଛନ୍ତି ଗାଁ ଲୋକ। ଡିବିରୀ ଆଲୁଅରେ ଛାତ୍ରଛାତ୍ରୀ ପାଠ ପଢ଼ିବାକୁ ବାଧ। ଜଙ୍ଗଲିଆ ଅଞ୍ଚଳ ଯୋଗୁଁ ସରୀସୃପମାନଙ୍କର ଭୟ ସବୁବେଳେ ଘାରିଥାଏ। ଗାଁ ଲୋକଙ୍କୁ ବିଜୁଳି ନ ଥିବାରୁ ପିଲାଙ୍କର ପାଠପଢ଼ାଠାରୁ ଆରମ୍ଭକରି ସବୁକ୍ଷେତ୍ରରେ ସମସ୍ୟା ଭୋଗୁଛନ୍ତି ଗାଁ ଲୋକେ। ଗାଁକୁ ବିଜୁଳି ଆଲୁଅ ପାଇଁ ପୂର୍ବରୁ ଅନେକ ଥର ବିଭାଗୀୟ ଅଧିକାରୀଙ୍କ ଠାରୁ ଆରମ୍ଭକରି ଜିଲ୍ଲାପାଳ, ରାଜ୍ୟ ଶକ୍ତି ବିଭାଗ ପର୍ଯ୍ୟନ୍ତ ବାରମ୍ବାର ପତ୍ର ଲେଖି ଦୃଷ୍ଟି ଆକର୍ଷଣ କରିଛନ୍ତି। ହେଲେ କେହି ସେମାନଙ୍କ କଥା ଶୁଣୁ ନ ଥିବା ଅଭିଯୋଗ କରିଛନ୍ତି ଗ୍ରାମବାସୀ। ମୋବାଇଲ ଚାର୍ଜ କରିବାକୁ ହେଲେ ଲୋକଙ୍କୁ ଅନ୍ୟ ଗାଁକୁ ୨ କିମି ଯିବାକୁ ପଡୁଛି। ତେବେ ନଟିଆ ଗାଁକୁ କେବେ ବିଦ୍ୟୁତ୍ ଯୋଗାଣ ସମ୍ପର୍କରେ ଉପଜିଲ୍ଲାପାଳଙ୍କ ଦୃଷ୍ଟି ଆକର୍ଷଣ କରିବାରୁ ବିଦ୍ୟୁତ୍ ବିଭାଗ ସହ ଏନେଇ ଆଲୋଚନା ହୋଇ ଆକଳନ ପ୍ରସ୍ତୁତ କରିବାକୁ ପ୍ରସ୍ତାବ ଦିଆଯାଇଛି। କୌଣସି ସରକାରୀ ଅନୁଦାନ ଦିଆଯାଇ ନଟିଆ ଗାଁକୁ ବିଦ୍ୟୁତ୍ କରଣ କରାଯିବ।

**ମୋବାଇଲ ଚାର୍ଜ ପାଇଁ ୨ କିମି ଯାଆନ୍ତି**

## ହୋ' ଭାଷା କ୍ରିୟାନୁଷ୍ଠାନ କମିଟିର ଗୁରୁତ୍ୱପୂର୍ଣ୍ଣ ବୈଠକ

କେନ୍ଦୁଝର,୨୭।୧୦(ସମିସ): ଅଖିଳ ଭାରତୀୟ ହୋ' ଭାଷା କ୍ରିୟାନୁଷ୍ଠାନର ରାଷ୍ଟ୍ରୀୟ ଅଧ୍ୟକ୍ଷ ରାମରାଇ ମୁନ୍ଦ୍ରୟା ତଥା ପୂର୍ବତନ କେନ୍ଦୁଝର ସ୍ୱତନ୍ତ୍ର ଉନ୍ନୟନ ପରିଷଦ କେନ୍ଦୁଝରଙ୍କ ଅଧ୍ୟକ୍ଷତାରେ କେନ୍ଦ୍ରୀୟ କମିଟିର ଏକ ଗୁରୁତ୍ୱପୂର୍ଣ୍ଣ ବୈଠକ ଭୁବନେଶ୍ୱରସ୍ଥିତ ବୀର ବାସା ହୋ' କମ୍ୟୁନିଟି ସେଣ୍ଟରଠାରେ ଅନୁଷ୍ଠିତ ହୋଇଯାଇଛି। ବୈଠକରେ ହୋ' ଭାଷାକୁ ସମ୍ବିଧାନର ଅଷ୍ଟମସୂଚୀରେ ସାମିଲ କରିବା ଏବଂ ଓଡ଼ିଶାରେ ହୋ' ଭାଷାକୁ ଦ୍ୱିତୀୟ ରାଜଭାଷାର ମାନ୍ୟତା ଦାବିରେ ଆସନ୍ତା ଅକ୍ଟୋବର ୩୧ ଏବଂ ନଭେମ୍ବର ୧ ତାରିଖରେ ପଞ୍ଚମ ଥର ପାଇଁ ଦଲାବୁ ଦିଲ୍ଲୀ ୫.୦ ପ୍ରୋଗ୍ରାମ ଅନ୍ତର୍ଗତ ଦିଲ୍ଲୀ ସ୍ଥିତ ଯନ୍ତରମନ୍ତରଠାରେ ଏକ ଦିବସୀୟ ବିରାଟ ଗଣଧାରଣା ବିଷୟରେ ଆଲୋଚନା କରାଯାଇଥିଲା। ଏ ନେଇ ପ୍ରଧାନମନ୍ତ୍ରୀ, ସ୍ୱରାଷ୍ଟ୍ର ମନ୍ତ୍ରୀ ଅମିତ ଶାହାଙ୍କୁ ଭେଟି ପରବର୍ତ୍ତୀ କାର୍ଯ୍ୟପନ୍ଥା ନିର୍ଦ୍ଧାରଣ କରାଯାଇଥିଲା। ଦୀର୍ଘ ୩୦ ବର୍ଷ ଧରି ଚାଲିଆସୁଥିବା ଏହି ଆନ୍ଦୋଳନ ପାଇଁ ହୋ' ଭାଷାକୁ ବିଭିନ୍ନ ସମୟରେ କେନ୍ଦ୍ର ସରକାର ଓ ରାଜ୍ୟ ସରକାର ହୋ' ଭାଷାକୁ ଅବହେଳା କରି ଆସୁଥିବାରୁ ଉପସ୍ଥିତ ସମସ୍ତ ସଦସ୍ୟ ଉଦ୍‌ବେଗ ପ୍ରକାଶ କରିଥିଲେ। ସରକାର ଯଦି ଏଥର ବି ହୋ' ଭାଷାକୁ ଅବହେଳା କରନ୍ତି; ତେବେ ଆଗାମୀ ଦିନରେ ଆନ୍ଦୋଳନକୁ ଆହୁରି ତୀବ୍ରତର କରିବାକୁ ବୈଠକରେ ସର୍ବସମ୍ମତି କ୍ରମେ ନିଷ୍ପତ୍ତି ନିଆଯାଇଥିଲା। ବୈଠକରେ ଅନ୍ୟମାନଙ୍କ ମଧ୍ୟରେ କେନ୍ଦ୍ରୀୟ କମିଟିର ଉପସଭାପତି ଚନ୍ଦ୍ରମୋହନ ହାଇବ୍ରୁ, ସାଧାରଣ ସମ୍ପାଦକ ଡମ୍ବରୁଧର ଜାମୁଦା, ସମ୍ପାଦକ ଗମେଆଁ ଅମ୍ପ, କୋଷାଧ୍ୟକ୍ଷ କ୍ଷିରୋଦ କୁମାର ହେମ୍ବ୍ରମ, ରାଜ୍ୟ ସଭାପତି ବସନ୍ତ ସିଂ ବୁଲିଉଲୀ, ସମ୍ପାଦକ ନାରଣ ପୂର୍ତ୍ତୀ, ସିଦା ହରା ସୁସାର ଆକଳାର ସଭାପତି ମଧୁସୂଦନ ଜରିକା, କେନ୍ଦୁଝରର ସମ୍ପାଦକ ଡମ୍ବରୁ ଧର ହେମ୍ବ୍ରମ, ସୁନ୍ଦର ସିଂ ତିୟୁ, ପାଣ୍ଡବ ଚରଣ ମୁଣ୍ଡା, ଗୋପାଳ ସିଂ ସାମଡ, ଦୀନବନ୍ଧୁ ଶୁଣ୍ଡି, ଘନଶ୍ୟାମ ପୂର୍ତ୍ତୀ, ମଥୁରା ଜାମୁଦା, ବଳରାମ ବିରୁୱା, ମାଣିକରାମ ବାନ୍ଦୀୟା ଯୋଗେଶ୍ୱର ସିଂ ପ୍ରମୁଖ ଉପସ୍ଥିତ ଥିଲେ। ଶେଷରେ କେନ୍ଦ୍ରୀୟ ସଭାପତି ଶ୍ରୀ ମୁନ୍ଦ୍ରୟା ଦାବି ହାସଲ କରିବା ପାଇଁ ନିଷ୍ଠାର ସହିତ କାମ କରିବାକୁ ଆହ୍ୱାନ ଦେଇ ଧନ୍ୟବାଦ ଦେଇଥିଲେ।




## ପାଟଣା କଲେଜରେ ଯୋଗ ପ୍ରଶିକ୍ଷଣ ଶିବିର

ତୁରୁମୁଙ୍ଗା,୨୭।୧୦(ସମିସ): କେନ୍ଦୁଝର ଜିଲ୍ଲା ପାଟଣା ବ୍ଲକ୍ ମୁଖ୍ୟାଳୟ ପାଟଣା ଆଞ୍ଚଳିକ ମହାବିଦ୍ୟାଳୟରେ ସରକାରଙ୍କ ପୋଷଣ କାର୍ଯ୍ୟକ୍ରମ ଅନ୍ତର୍ଗତ ଛାତ୍ରଛାତ୍ରୀଙ୍କୁ ଯୋଗ ପ୍ରଶିକ୍ଷଣ ଦିଆଯାଉଛି। ଯୋଗ ଦ୍ୱାରା ଶରୀର ସୁସ୍ଥ ଓ ଶସକ୍ତ ହେବ ବୋଲି ଅଧ୍ୟକ୍ଷ ଅଭିଭାଷଣରେ କହିଥିଲେ। କଲେଜର ଅଧ୍ୟକ୍ଷ ବୀରେନ୍ଦ୍ର କୁମାର ସାହୁଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଏହି କାର୍ଯ୍ୟକ୍ରମ ଅନୁଷ୍ଠିତ ହେଉଛି। ପ୍ରଶିକ୍ଷଣ ଶିବିରରେ ମୋଟ ୧୧୦ ଜଣ ଛାତ୍ରଛାତ୍ରୀ ଅଂଶଗ୍ରହଣ କରିଥିବା ବେଳେ କ୍ରୀଡ଼ା ଶିକ୍ଷକ ତଥା ଏନସିସି ଅଧିକାରୀ କ୍ୟାପଟେନ ଧର୍ମେନ୍ଦ୍ର କୁମାର ସାହୁ ଶିବିର ପରିଚାଳନା କରୁଛନ୍ତି। ପ୍ରଶିକ୍ଷିକା ସୁପ୍ରଭା ସାହୁ ଥିବାବେଳେ ଶିବିର ନଭେମ୍ବର ୧୬ ଯାଏ ରହିବ ବୋଲି କ୍ରୀଡ଼ା ଶିକ୍ଷକ ଶ୍ରୀ ସାହୁ କହିଛନ୍ତି।

## ବାଲି ବୋଝେଇ ଟ୍ରାକ୍ଟର ଜବତ

ତୁରୁମୁଙ୍ଗା,୨୭।୧୦(ସମିସ): କେନ୍ଦୁଝର ଜିଲ୍ଲା ପାଟଣା ତହସିଲ ଅଧୀନ ଦୁର୍ଗାଦେଇପୁର ଘାଟରୁ ଟ୍ରାକ୍ଟରରେ ବେଆଇନ ଭାବରେ ବାଲି ଚୋରାଚାଲାଣ ବେଳେ ପୁଲିସ ବାଲି ବୋଝେଇ ଟ୍ରାକ୍ଟରକୁ ଜବତକରିଡ୍ରାଇଭରକୁନୋଟିସଦେଇଥିବାଜଣାପଡ଼ିଛି। ରବିବାର ରାତି ସମୟରେ ପାଟଣା ପୁଲିସ ପାଟ୍ରୋଲିଂ କରୁଥିବା ସମୟରେ ଓଡି ୦୯ ଏକ୍ସ ୪୧୪୨ ନମ୍ବର ବିଶିଷ୍ଟ ବାଲି ବୋଝେଇ ଟ୍ରାକ୍ଟର ଗାଡିକୁ ଜବତ କରି ୨୬୦/୨୫ ମାମଲା ରୁଜୁ ହୋଇଛି। ସାହାରପଡା ଫାଣ୍ଡି ଅଧିକାରୀ ପାର୍ତ୍ତ ଓରାମ ଘଟଣାର ତଦନ୍ତ କରୁଛନ୍ତି।

## ହାତୀପଲ ଦ୍ୱାରା ପାଚିଲା ଧାନ ଫସଲ ନଷ୍ଟ

ଚମ୍ପୁଆ,୨୭।୧୦(ସମିସ): ଚମ୍ପୁଆ ରେଞ୍ଜରେ ହାତୀ ଉପଦ୍ରବ ଥମିବାରେ ନାଁ ଧରୁନଥିବା ବେଳେ ଦିନକୁ ଦିନ ପାଚିଲା ଧାନ କ୍ଷେତକୁ ହାତୀପଲ ଦଳିଚକଟି ନଷ୍ଟ କରୁଥିବାରୁ ଅସନ୍ତୋଷ ବଢ଼ିବାରେ ଲାଗିଛି। ଚମ୍ପୁଆ ରେଞ୍ଜ ସଞ୍ଜ ନଇଁଲେ ହାତୀ ଉପଦ୍ରବ ବଢ଼ିଚାଲିଥିବାରୁ ଜଙ୍ଗଲ ନିକଟବର୍ତ୍ତୀ ଗ୍ରାମବାସୀ ଏକପ୍ରକାର ଆତଙ୍କିତ ଅବସ୍ଥାରେ ରହୁଛନ୍ତି। ଗତରାତି ଚମ୍ପୁଆ ସେକ୍ସନର ସାତହଳିଆ ଗ୍ରାମର ମୋନଜ ଚାତାର ସମେତ ଅନେକ ଚାଷୀଙ୍କ ପାଚିଲା ଧାନକ୍ଷେତକୁ ୨୮ ଗୋଠିଆ ହାତୀପଲ ରାତି ଅଧରେ ନଷ୍ଟ କରିଥିବା ଜଣାଯାଇଛି। ବର୍ତ୍ତମାନ ଏହି ହାତୀପଲ ମୁକୁନ୍ଦପୁର ଜଙ୍ଗଲରେ ରହିଥିବା ବେଳେ ସ୍ଥାନୀୟ ଗ୍ରାମବାସୀଙ୍କୁ ରାତି ହେଲେ ହାତୀ ଚିନ୍ତା ଲାଗିରହିଛି। ଏହି ହାତୀପଲ ଅମଳକ୍ଷମ ଧାନକୁ ଯେତିକି ଖାଉଛନ୍ତି ତାହାଠାରୁ ଅଧିକ ନଷ୍ଟ କରୁଥିବା ଦେଖାଯାଇଛି। ବାତ୍ୟା ପାଇଁ ଚାଷୀ ଧାନ କାଟିପାରୁନଥିବା ବେଳେ ହାତୀପଲ ଦ୍ୱାରା ହେଉଥିବା ଧାନଫସଲ ନଷ୍ଟ ଚାଷୀର ଚିନ୍ତା ବଢାଇଦେଇଛି। ବର୍ତ୍ତମାନ ଚମ୍ପୁଆ ରେଞ୍ଜ ରେଉଖୁଣ୍ଟା ସେକ୍ସନରେ ୩୧ଟି, ଚମ୍ପୁଆ ସେକ୍ସନରେ ୨୮ଟି, ବାମେବାରୀ ସେକ୍ସନରେ ୬ଟି ଓ ବାଲିବନ୍ଧ ସେକ୍ସନରେ ୭ଟି ହାତୀ ରହିଥିବା ବନବିଭାଗ ସୂଚନା ଦେଇଥିବା ବେଳେ ଫସଲ କ୍ଷତିଗ୍ରସ୍ତ ଚାଷୀମାନେ ଦରଖାସ୍ତ କଲେ ତଦନ୍ତ କରାଯାଇ ସରକାରଙ୍କ ନିୟମ ଅନୁସାରେ କ୍ଷତିପୂରଣ ପ୍ରଦାନ କରାଯିବ ବୋଲି ବନାଞ୍ଚଳ ଅଧିକାରୀ ଅକ୍ଷୟ ଛତ୍ରୀୟା ସୂଚନା ଦେଇଛନ୍ତି।

## ଜଗନ୍ନାଥ କଳା ସଂସ୍କୃତି ସଂକୀର୍ତ୍ତନ ସେବା ବିକାଶ ପକ୍ଷରୁ ବାର୍ଷିକ ଉତ୍ସବ



ତେଲକୋଇ,୨୭।୧୦(ସମିସ): ତେଲକୋଇ ବ୍ଲକ୍‌ର ମହାନ୍ତ ସମାଜ ଗୃହଠାରେ ରବିବାର ଶ୍ରୀ ଜଗନ୍ନାଥ କଳା ସଂସ୍କୃତି ସଂକୀର୍ତ୍ତନ ସେବା ନାହିଁ ପକ୍ଷରୁ ଦଶମ ବାର୍ଷିକ ରାଜ୍ୟସ୍ତରୀୟ ସାଂସ୍କୃତିକ ସଂକୀର୍ତ୍ତନ ମହୋତ୍ସବ ପାଳିତ ହୋଇଯାଇଛି। ଏଥିରେ ମୁଖ୍ୟଅତିଥି ଭାବେ ରାଜ୍ୟ ଉପସଭାପତି ସୁରେଶ ଚନ୍ଦ୍ର ମହାପାତ୍ରଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଥିବା ବେଳେ ଅନ୍ୟ ଅତିଥିମାନଙ୍କ ମଧ୍ୟରେ ରାଜ୍ୟ ସାଧାରଣ ସମ୍ପାଦକ ଶିବପ୍ରସାଦ ସ୍ୱାଇଁ, କେନ୍ଦୁଝର ଜିଲ୍ଲା ସଭାପତି ମିତ୍ରଭାନୁ ନାୟକ, ତେଲକୋଇ ବ୍ଲକ ସଭାପତି ରାହାସ ବିଶ୍ୱାଳ, ସୁକିନ୍ଦା ଅଞ୍ଚଳର ବରିଷ୍ଠ କଳାକାର କୁଳମଣି ବାବୁ, ନାରାୟଣ ମହାପାତ୍ର, ସାମ୍ବାଦିକ ଡମ୍ବରୁଧର ଖୁଣ୍ଟିଆ ଅନ୍ତର୍ଭୁକ୍ତ ରହିଥିଲେ। ତେବେ କଳାକୁ ସମ୍ମାନ ଦେଇ କଳା ପ୍ରତି ଗୁରୁତ୍ୱ ଦିଆଗଲେ ଅଞ୍ଚଳରେ ବିକାଶ ଘଟିବ ବୋଲି ଅତିଥିମାନେ ମତବ୍ୟକ୍ତ କରିଥିଲେ। ମହୋତ୍ସବରେ ଜିଲ୍ଲାର ହରିଚନ୍ଦନପୁର ବ୍ଲକ, ବାଁଶପାଳ ଓ ତେଲକୋଇ ବ୍ଲକର ଶତାଧିକ ସଂଖ୍ୟାରେ କଳାକାର ଯୋଗଦେଇ ଉତ୍ସବକୁ ପାଳନ କରିଥିଲେ।

## ଅନ୍ତେବାସୀଙ୍କ ସୁରକ୍ଷା ଉପରେ ପ୍ରଧାନଶିକ୍ଷକଙ୍କୁ ତାଲିମ




କେନ୍ଦୁଝର,୨୭।୧୦(ସମିସ): ଅନୁସୂଚିତ ଜାତି ଓ ଜନଜାତି ଉନ୍ନୟନ ବିଭାଗ, ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ବିଦ୍ୟାଳୟର ଅନ୍ତେବାସୀଙ୍କ ସୁରକ୍ଷା ଏବଂ ନିରାପତ୍ତା ଉପରେ ପ୍ରଧାନଶିକ୍ଷକମାନଙ୍କ ତାଲିମ କାର୍ଯ୍ୟକ୍ରମ ଶୁଆକାଟୀ ବାଳକ ଉଚ୍ଚ ବିଦ୍ୟାଳୟରେ ଆରମ୍ଭ ହୋଇଛି। ଏହା ଆସନ୍ତା ୩୦ ତାରିଖ ପର୍ଯ୍ୟନ୍ତ ଚାଲିବାକୁ ଥିବାବେଳେ ଛାତ୍ରାବାସ ଥିବା ପ୍ରତ୍ୟେକ ବିଦ୍ୟାଳୟର ପ୍ରଧାନଶିକ୍ଷକ/ ପ୍ରଧାନଶିକ୍ଷୟିତ୍ରୀ ଦୁଇଦିନ ଲେଖାଏଁ ତାଲିମ ଗ୍ରହଣ କରିବେ। ଏହିପରି ୪ଟି ପର୍ଯ୍ୟାୟରେ ୮ ଦିନ ପର୍ଯ୍ୟନ୍ତ ପ୍ରଶିକ୍ଷଣଟି ଚାଲୁ ରହିବ। ଜିଲ୍ଲା ମଙ୍ଗଳ ବିଭାଗ କାର୍ଯ୍ୟାଳୟର ସ୍ୱତନ୍ତ୍ର ଅଧିକାରୀ ସୁନାରାମ ସିଂ ଯୋଗଦେଇ କାର୍ଯ୍ୟକ୍ରମକୁ ଉଦ୍‌ଘାଟନ କରିଥିଲେ। ଡେପୁଟି ଡାଇରେକ୍ଟର ପରୀକ୍ଷିତ ଦାଶ, ମାଷ୍ଟର ଟ୍ରେନର ଭାବେ ମଙ୍ଗଳ ସମ୍ପ୍ରସାରଣ ଅଧିକାରୀ, ଝୁମ୍ପୁରା ମନୋରଞ୍ଜନ ନାୟକ, ସହକାରୀ ଶିକ୍ଷୟିତ୍ରୀ ସଞ୍ଜିତା କର ତାଲିମ ପ୍ରଦାନ କରିଥିଲେ। କାର୍ଯ୍ୟକ୍ରମଟିକୁ ସଫଳ କରିବାରେ ମୁଖ୍ୟ ଯୋଗଦାନ ଦେଉଛନ୍ତି ପ୍ରଧାନଶିକ୍ଷକ ସୋମନାଥ ଆଇଚ ଓ ବିକାଶ ଶତପଥି ଏବଂ ରେଜିଷ୍ଟ୍ରେସନ କାର୍ଯ୍ୟରେ ସହଯୋଗ କରୁଛନ୍ତି ଶିକ୍ଷକ ଶକ୍ତିରଞ୍ଜନ ଜେନା ଓ ମୋତିଲାଲ ମହାନ୍ତ।

## ମା'ତାରିଣୀଙ୍କ ଦର୍ଶନ କଲେ କଂଗ୍ରେସର ନବନିଯୁକ୍ତ ସଭାପତି



ଘଟଗାଁ,୨୭।୧୦(ସମିସ): ନୂତନ ସଭାପତି ଭାବେ ଦାୟିତ୍ୱ ନେଇଥିବା କେନ୍ଦୁଝର ଜିଲ୍ଲା କଂଗ୍ରେସ ସଭାପତି ମନୋଜ ଜେନା ମା' ତାରିଣୀଙ୍କୁ ଦର୍ଶନ କରିବାସହ ଆଶୀର୍ବାଦ ଭିକ୍ଷା କରିଛନ୍ତି। ପୂଜକ ପ୍ରଦୀପ କୁମାର ଦେହୁରୀ ପୂଜାର୍ଚ୍ଚନା କରିଥିଲେ। ତାଙ୍କ ସହ ଆନନ୍ଦପୁର ମୁନିସିପାଲିଟି କଂଗ୍ରେସ ସଭାପତି ହାଡିବନ୍ଧୁ ଖୁଣ୍ଟିଆ, କେନ୍ଦୁଝର ବରିଷ୍ଠ କଂଗ୍ରେସ ନେତା ଉତ୍ତମ କୁମାର ସାହୁ, ଲଳିତ ନାୟକ, ରତ୍ନାକର ଜେନା, ଦିନେଶ ରାଉତ, ଗୌରହରୀ ନାଏକ ପ୍ରମୁଖ ଆସିଥିଲେ। ଜିଲ୍ଲାର ଶୋଚନୀୟ ହୋଇପଡ଼ିଥିବା ରାସ୍ତାଘାଟ ଓ ବିଶୁଦ୍ଧ ପାନୀୟ ଜଳ ଉପରେ ଗୁରୁତ୍ୱଦେବା ପାଇଁ ସରକାରଙ୍କ ଦୃଷ୍ଟି ଆକର୍ଷଣ କରିବେ ବୋଲି କହିଥିଲେ। ସେହିପରି ଆନନ୍ଦପୁର ଅଞ୍ଚଳରେ ବୈତରଣୀ ବାଲି ଚାଲାଣ ରୋକିବା ଦିଗରେ ପଦକ୍ଷେପ ନେବା ଉପରେ ଗୁରୁତ୍ୱ ଦେବେ ବୋଲି ଗଣମାଧ୍ୟମକୁ ସୂଚନା ଦେଇଥିଲେ। ପୂର୍ବରୁ ଦଳୀୟ କର୍ମୀଙ୍କ ଶୋଭାଯାତ୍ରାରେ କଂଗ୍ରେସ ସଭାପତି ଶ୍ରୀ ଜେନା ସ୍ଥାନୀୟ ଡାକ ବଙ୍ଗଳାଠାରେ କଂଗ୍ରେସର ସଂଗଠନ ଉପରେ ଆଲୋଚନା କରିଥିଲେ। ପୂର୍ବତନ ସଭାପତି ନିରଞ୍ଜନ ପଟ୍ଟନାୟକ ଓ ଜୟଦେବ ଜେନାଙ୍କ ଉପଦେଶରେ କେନ୍ଦୁଝର ଜିଲ୍ଲା କଂଗ୍ରେସ ସଂଗଠନକୁ ସୁଦୃଢ଼ କରିବାକୁ ପ୍ରୟାସ ଜାରି ରହିବ ବୋଲି ମତବ୍ୟକ୍ତ କରିଥିଲେ। ଘଟଗାଁ ବ୍ଲକର ବରିଷ୍ଠ କଂଗ୍ରେସ ନେତା ରାମଚନ୍ଦ୍ର ମହାରଣାଙ୍କ ନେତୃତ୍ୟରେ ଦେବେନ୍ଦ୍ର ନାୟକ, ସେକ ଲୋକମାନ, ହୃଦୟ ରଞ୍ଜନ ସିଂହ, ଅଲ୍ଲୀ ଅହମଦ, ସୁରେନ୍ଦ୍ର ପଟ୍ଟନାୟକ, ମହେନ୍ଦ୍ର କୁମାର ପାତ୍ର, ସେକ ସିରାଜୁଦିନ, ବିଶ୍ୱନାଥ ବେଜ, ବିଜୟ ପଲେଇ, ଋଷିଭର ନାଏକ, ପ୍ରଫୁଲ ନାଏକ, ଭୀମସେନ ନାଏକ, ବସନ୍ତ ପଲେଇ, ଶ୍ରୀଧର ଖଣ୍ଡା, ଟଙ୍କଧର ମାଝୀ, ଦନା ମହାନ୍ତ, ଦୁର୍ଗାପ୍ରସାଦ ବେହେରା, ବିଭୁତି ସିଂହ, ସୁମନ ସିଂହ, ଜୀବନ ବାରିକ, ଡମ୍ବରୁ ପାତ୍ର, ସେକ ଇଲିୟାସ, ରାଧାକାନ୍ତ ବାରିକ, ଦିଲୀପ ନାଏକ ପ୍ରମୁଖ ତାଙ୍କୁ ସମ୍ବର୍ଦ୍ଧନା ଜଣାଇଥିଲେ।

# ନୂଆବରିପାଳ ପାହାଡ଼ରୁ ରାତିଅଧିଆ ପଥର ଲୁଟ୍ ଅଭିଯୋଗ

ଆନନ୍ଦପୁର,୨୭।୧୦(ସମିସ)

ସଂରକ୍ଷିତ ଜଙ୍ଗଲରୁ ଚାଲିଛି ପଥର ଲୁଟ୍। କୌଣସି କାଗଜପତ୍ର ନଥାଇ ଖୋଲାମେଲାରେ ରାତିଅଧିଆ ଚାଲିଛି ପଥର ପରିବହନ ବୋଲି ଅଭିଯୋଗ ହେଉଛି। କେନ୍ଦୁଝର ଜିଲ୍ଲା ଘସିପୁରା ତହସିଲ ଅଧୀନ ନୂଆବରିପାଳ ହୁଡିରୁ ବଣ୍ୟପ୍ରାଣୀ ନିୟମକୁ ଫୁଁ' କରି ଯାଜପୁର ଜିଲ୍ଲାର ମାଫିଆମାନେ ପଥର ବିଭିନ୍ନ ସ୍ଥାନକୁ ଚାଲାଣ କରୁଛନ୍ତି। ଏଥିରେ ମାଫିଆଙ୍କ ସହିତ ସ୍ଥାନୀୟ ଛାମୁଆ ନେତା ସାମିଲ ରହିଥିବା ବେଳେ ପୁଲିସ୍ କିମ୍ବା ଖଣିବିଭାଗର ନୀରବତା ଯୋଗୁଁ ସାଧାରଣରେ ଅସନ୍ତୋଷ ପ୍ରକାଶ ପାଇଛି। ସୂଚନାଯୋଗ୍ୟ ଯେ ଆନନ୍ଦପୁର ବ୍ୟାରେଜ୍ ନିର୍ମାଣ ପରେ ବୈତରଣୀ ନଦୀର ସୁରକ୍ଷାପାଇଁ ଉଭୟ ପାଶ୍ୱର୍ରେ ପଥର ପ୍ୟାକିଂ କରାଯାଇଥିଲା। ବ୍ୟାରେଜ୍‌ଠାରୁ ବୈତରଣୀ ବ୍ରିଜ୍ ପର୍ଯ୍ୟନ୍ତ ପ୍ରାୟ ୩କିମି ପଥର ପ୍ୟାକିଂ କରାଯାଇଥିଲା। ଏଥିରେ ବ୍ୟାପକ ଅନିୟମିତତା ହୋଇଥିବା ନେଇ ସ୍ଥାନୀୟ ଜନସାଧାରଣ ଅଭିଯୋଗ କରିଥିଲେ। ଅଭିଯୋଗ ପାଇଁ ଗତ ୨୦୨୩ ଅକ୍ଟୋବର ୧୭ରେ ତତ୍‌କାଳୀନ କେନ୍ଦୁଝର ବିଧାୟକ ମୋହନ ଚରଣ ମାଝୀଙ୍କ ନେତୃତ୍ୱରେ ବିଧାନସଭା ପବ୍ଲିକ୍ ଆକାଉଣ୍ଟସ୍ କମିଟି(ପିଏସି) ଏହାର ତଦନ୍ତ କରିଥିଲେ। ଆନନ୍ଦପୁର ବ୍ୟାରେଜରେ ଲାଗିଥିବା ପଥରରେ ହୋଇଥିବା ଅନିୟମିତତା ଜଣାପଡ଼ିଥିଲା। ଏହାଛଡ଼ା ପଥରପ୍ୟାକିଂରେ ଯାଜପୁର ଜିଲ୍ଲା ଚଢ଼େଇଧରା ଅଞ୍ଚଳରୁ ପଥର ଅଣାଯାଇ ଏହି କାର୍ଯ୍ୟରେ ଲଗାଯାଇଥିବା କାଗଜପତ୍ରରେ ଦର୍ଶାଯାଇଥିଲା ବେଳେ ଏହା ସ୍ଥାନୀୟ ଭୋଳନୁଆଗାଁ, ଓସ୍ତପୁରା, ବରିପାଳ ପାହାଡ଼ରୁ ଚୋରାରେ ଆଣି ଲଗାଯାଇଥିବା ମଧ୍ୟ ସ୍ଥାନୀୟ ଲୋକ କମିଟି ନିକଟରେ ଅଭିଯୋଗ କରିଥିଲେ। କମିଟିର ସଦସ୍ୟ ରହିଥିବା ବିଧାୟକ ନାଉରୀ ନାୟକ, ବିଧାୟକ ସୁକାନ୍ତ ନାୟକ ପ୍ରମୁଖ ଓସ୍ତପୁରା ଓ ଭୋଳନୁଆଗାଁ ପାହାଡ଼ ପରିଦର୍ଶନ ଯାଇଥିଲେ। ଏଠାରେ ପାହାଡ଼ରେ ବେଆଇନ୍ ବ୍ଲାଷ୍ଟିଂ କରାଯାଇ ମାତ୍ରାଧିକ ପଥର ଖନନ ହୋଇଥିବା ବେଳେ ଏହାକୁ ଚୋରାରେ ବ୍ୟାରେଜ୍ ସୁରକ୍ଷା ବନ୍ଧ ନିର୍ମାଣରେ ଲଗାଯାଇଥିବା ନେଇ ସ୍ଥାନୀୟ ଲୋକମାନେ ଅଭିଯୋଗ କରିଥିଲେ। ରାଜସ୍ୱ ବିଭାଗ ଓ ବ୍ୟାରେଜ୍ ଡିଭିଜନରୁ ଏହାର ସମ୍ପୂର୍ଣ୍ଣ ବିବରଣୀ ଅଣାଯାଇ ଅନିୟମିତତା ହୋଇଥିଲେ କାର୍ଯ୍ୟାନୁଷ୍ଠାନ ପାଇଁ ସୁପାରିଶ କରାଯିବ ବୋଲି କମିଟି ଅଧ୍ୟକ୍ଷ ବିଧାୟକ ଶ୍ରୀ ମାଝୀ ସେତେବେଳେ ଗଣମାଧ୍ୟମକୁ କହିଥିଲେ। ଅଦ୍ୟାବଧି ଏହାର କୌଣସି କାର୍ଯ୍ୟାନୁଷ୍ଠାନ ହୋଇନଥିବା ବେଳେ ପୁଣି ବରିପାଳ ପାହାଡ଼ରୁ ଗତ କିଛିଦିନ ହେଲା ପଥର ଲୁଟ୍ ଆରମ୍ଭ ହୋଇଛି। ପୂର୍ବରୁ ବେଆଇନ୍ ବ୍ଲାଷ୍ଟିଂକରି କୋଟିକୋଟି ଟଙ୍କା ମୂଲ୍ୟର ପଥର ଲୁଟ୍ ଘଟଣାରେ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇନଥିବା ବେଳେ ପୁଣି ସଂରକ୍ଷିତ ଜଙ୍ଗଲ ମଧ୍ୟରୁ ବ୍ଲାଷ୍ଟିଂକରି ଯାଜପୁର ଜିଲ୍ଲାର ମାଫିଆ ପଥର ଚାଲାଣ କରୁଛନ୍ତି ବୋଲି ଅଭିଯୋଗ ହେଉଛି। ପଥର ବିଭିନ୍ନ ସ୍ଥାନକୁ ବେଆଇନ୍ ଭାବେ ଚାଲାଣ କରାଯାଉଥିବା ବେଳେ ଓସ୍ତପୁରା କ୍ରସରରେ ବିପୁଳ ପରିମାଣରେ ଗଚ୍ଛିତ ରଖାଯାଇଛି। ପଥର ଚାଲାଣ କରୁଥିବା ହାଇୱାଗୁଡିକ ନିକଟରେ କୌଣସି କାଗଜପତ୍ର ନଥିବା ବେଳେ କାହା ଛତ୍ରଛାୟା ତଳେ ଏଭଳି ଚୋରା କାରବାର ଚାଲିଛି ବୋଲି ପ୍ରଶ୍ନ ଉଠିଛି। ସବୁଠାରୁ ଗୁରୁତ୍ୱପୂର୍ଣ୍ଣ ବିଷୟ ହେଲା ସନ୍ଧ୍ୟାରୁ ରାତି ପର୍ଯ୍ୟନ୍ତ ଖୋଲାରେ ତଥା ବିପଦଜନକ ଅବସ୍ଥାରେ ପଥର ଚାଲାଣ ଚାଲିଛି। ରାସ୍ତାରେ ଅନେକ ସମୟରେ ପଥର ଖଣ୍ଡ ଖସୁଥିବାରୁ ସାଧାରଣ ଲୋକ ଓ ବାଇକ୍ ଆରୋହୀମାନଙ୍କ ପ୍ରତି ବିପଦ ସୃଷ୍ଟି କରିଛି। ଗତ ଗୁରୁବାର ସନ୍ଧ୍ୟାରେ ଦେଓଗାଁ ନିକଟରେ ହାଇୱାରୁ ଏକ ବଡ଼ ପଥର ଖସି ପଡିଥିବା ବେଳେ ଜଣେ ବାଇକ୍‌ଆରୋହୀ ଅଳ୍ପକେ ବର୍ତ୍ତି ଯାଇଥିଲେ ବୋଲି ସ୍ଥାନୀୟ ବାସିନ୍ଦା ତାପସ କୁମାର ବଳ କହିଛନ୍ତି। ସବୁଠାରୁ ଗୁରୁତ୍ୱପୂର୍ଣ୍ଣ ବିଷୟ ଏହାଦ୍ୱାରା ବଣ୍ୟଜନ୍ତୁ, ସାଧାରଣ ଲୋକେ ପ୍ରଭାବିତ ହେବାସହ ବିପୁଳ ରାଜସ୍ୱହାନୀ ହେଉଛି। ବିଭାଗୀୟ କର୍ତ୍ତୃପକ୍ଷ ତଥା କେନ୍ଦୁଝର ଜିଲ୍ଲାପାଳ ଏହାର ତଦନ୍ତ କରି ପଦକ୍ଷେପ ଗ୍ରହଣ କରିବାକୁ ଦାବି ହେଉଛି।




- ରାଜସ୍ୱ ହରାଉଛନ୍ତି ସରକାର
- ଖଣି ବିଭାଗ ନିରବଦ୍ରଷ୍ଟା

### ବିଷାକ୍ତ ଖାଦ୍ୟ ଖାଇ ୧୦ ମାସରେ ଆକ୍ରାନ୍ତ ହେଲେଣି ୫୬୫; ପ୍ରଶାସନ ନିରବ

# ହୋଟେଲ, ଫାଷ୍ଟଫୁଡ୍ ଦୋକାନରେ ହେଉନି ଚଢ଼ଉ

ବାରିପଦା, ୨୭।୧୦(ସମିସ): ମୟୂରଭଞ୍ଜ ଜିଲ୍ଲାରେ ବିଷାକ୍ତ ଖାଦ୍ୟ ଖାଇ ଲୋକେ ନାନା ରୋଗରେ ଆକ୍ରାନ୍ତ ହେବାର ସଂଖ୍ୟା ଦିନକୁ ଦିନ ବୃଦ୍ଧି ପାଇବାରେ ଲାଗିଛି। ଏହା ଅତ୍ୟନ୍ତ ସାଂଘାତିକ ହୋଇଥିବା ବେଳେ ବିଷାକ୍ତ ଖାଦ୍ୟ ଖାଇ ଜନସାଧାରଣ ଗୁରୁତର ହୋଇ ମୃତ୍ୟୁ ମଧ ହେଉଛି। ବିଷାକ୍ତ ଖାଦ୍ୟ ଜନିତ ଆକ୍ରାନ୍ତର ମାତ୍ରା ବର୍ଷକୁ ବର୍ଷ ବୃଦ୍ଧି ପାଉଥିବା ବେଳେ ଚଳିତ ବର୍ଷ ସର୍ବାଧିକ ରହିଛି। ମିଳିଥିବା ତଥ୍ୟାନୁସାରେ, ଚଳିତ ବର୍ଷ ଜାନୁଆରୀ ପହିଲାରୁ ଆଜି ମଧ୍ୟରେ ୫୬୫ଜଣ ଆକ୍ରାନ୍ତ ହୋଇ ଅସୁସ୍ଥ ହୋଇଛନ୍ତି। ଯାହାକି ଗତ ୮ ବର୍ଷର ରିପୋର୍ଟ ମଧ୍ୟରେ ସର୍ବାଧିକ ଅଟେ। ୫୬୫ଜଣ ଆକ୍ରାନ୍ତ ହୋଇ ହସ୍ପିଟାଲରେ ଭର୍ତ୍ତି ହୋଇଛନ୍ତି। ଏହା ପୂର୍ବ ବର୍ଷ ବିଷକ୍ରିୟା ଯୋଗୁଁ ୪ଜଣଙ୍କ ମୃତ୍ୟୁ ମଧ ହୋଇଛି। ଯାହାକି ଚିନ୍ତାର କାରଣ ସାଜିଛି। ଗତ ବର୍ଷ ସେପ୍ଟେମ୍ବରରେ ବଡ଼ସାହି ବ୍ଲକ ଅଧୀନ ଗୁଡିଆଲବନ୍ଧ ଅଞ୍ଚଳର ଆଲବନ୍ଧ ଗ୍ରାମରେ ଦଶାହଭୋଜିରେ ବିଷାକ୍ତ ଖାଦ୍ୟ ଖାଇ ୩୦ରୁ ଅଧିକ ଗ୍ରାମବାସୀ ଆକ୍ରାନ୍ତ ହୋଇଥିଲେ। ଏଥିସହିତ ୪ଜଣଙ୍କ ମୃତ୍ୟୁ ଘଟିଥିଲା। ତେବେ ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ଏନେଇ ସଚେତନ ଥିବା ନେଇ କୁହାଯାଉଥିବା ବେଳେ ଖାଦ୍ୟ ସୁରକ୍ଷା ବିଭାଗ ନିଦାବିଷ୍ଣୁ ସାଜିଛନ୍ତି। ଘଟଣା ବାବଦରେ ସବୁ ଜାଣି ମଧ ଯାଞ୍ଚ କରିବା ପରିବର୍ତ୍ତେ ଚୁପ ହୋଇ ରହିଛନ୍ତି ବୋଲି ଅଭିଯୋଗ ହେଉଛି। ବାରିପଦା ସହର ସମେତ ଜିଲ୍ଲାବ୍ୟାପି ହୋଟେଲ, ରେଷ୍ଟୁରାଣ୍ଟ, ମାଳମାଳ ଫାଷ୍ଟଫୁଡ଼ ଦୋକାନ ଖୋଲି ଚାଲିଥିବା ବେଳେ ବିଭାଗୀୟ ଚଢ଼ଉ ହେଉନାହିଁ। ହୋଟେଲ ମାଲିକମାନେ ଅଧିକ ଲାଭ ପାଇଁ ଶସ୍ତା ତେଲ, ମସଲା, ବାସି ଖାଦ୍ୟ ଦେଉଥିବା ବେଳେ ସେଗୁଡ଼ିକ ଯାଞ୍ଚ ହେଉନାହିଁ।

### ଭେଜାଲ ସସ୍ ସାଜୁଛି କାଳ

କମ୍ ଦାମ୍‌ରେ ବଜାରରେ ମିଳୁଥିବା ନିମ୍ନମାନର ଭେଜାଲ ସସ୍‌ଗୁଡ଼ିକର ଫାଷ୍ଟଫୁଡ଼ ଦୋକାନରେ ବହୁଳ ଭାବେ ବ୍ୟବହାର ହେଉଛି। ଯାହାକି ଦୋକାନୀକୁ ଲାଭ ଦେଉଥିବା ବେଳେ ଗ୍ରାହକଙ୍କୁ ରୋଗାଗ୍ରସ୍ତ କରୁଛି। ତେବେ ଏଥିପ୍ରତି ଖାଦ୍ୟ ସୁରକ୍ଷା ବିଭାଗର ମଧ ତିଳେ ହେଲେ ନଜର ପଡୁନାହିଁ ବୋଲି ଅଭିଯୋଗ ହେଉଛି। ବିଷାକ୍ତ ଖାଦ୍ୟ ଖାଇ ଅନେକ ଲୋକେ ଆକ୍ରାନ୍ତ ହୋଇ ଚିକିତ୍ସିତ ହେଉଛନ୍ତି। ଏନେଇ ଖାଦ୍ୟ ସୁରକ୍ଷା ବିଭାଗର ଯାଞ୍ଚ ସମେତ ସଚେତନତା ଅଭାବରୁ ଲୋକ ମାନେ ଧୀରେ ଧୀରେ ରୋଗ କିଣୁଛନ୍ତି। ଖାଦ୍ୟ ସୁରକ୍ଷା ବିଭାଗ ପକ୍ଷରୁ ନିୟମିତ ଯାଞ୍ଚ ଅଭାବରୁ ଦୋକାନୀ ମାନେ ମଉକା ପାଇ ସାଧାରଣ ଲୋକଙ୍କ ଜୀବନ ସହ ଖେଳିବାକୁ ପଛାଉ ନାହାନ୍ତି। ଲୋକଙ୍କୁ ଏସିଡ୍, ପାକସ୍ଥଳୀରେ ବ୍ୟଥା




ଆଦି ବିଭିନ୍ନ ପ୍ରକାର ପେଟ ରୋଗର ଶିକାର ହୋଇଥାନ୍ତି। ତେବେ ଖାଦ୍ୟ ସୁରକ୍ଷା ବିଭାଗ କେବଳ ଫୁଡ୍ ଲାଇସେନ୍ସ ପ୍ରଦାନ କରି ନିଦାବିଷ୍ଣୁ ସାଜି ବସି ନରହି ନିୟମିତ ଭାବେ ଯାଞ୍ଚକରି ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିଲେ ବିଷାକ୍ତ ଖାଦ୍ୟ କାରବାରରେ ରୋକ ଲାଗିପାରନ୍ତା ବୋଲି କହାଯାଉଛି।

● ଶୌଚାଳୟରେ ନାବାଳିକା କନ୍ୟାସନ୍ତାନ ଜନ୍ମ ଦେବା ଘଟଣା

# ଲୋ-ବାର୍ଥ-ୱେଟରେ ଆକ୍ରାନ୍ତ ହୋଇ ଆଖିବୁଜିଲା ନବଜାତକ

ବୈଶିଙ୍ଗା, ୨୭।୧୦(ସମିସ): ବୈଶିଙ୍ଗା ଥାନା ଅଞ୍ଚଳରେ ଜଣେ ଯୁବତୀ ବେତନଟୀର ଏକ ଘରୋଇ ହଷ୍ଟେଲରେ ରହି କଲେଜରେ ପଢୁଥିବା ବେଳେ ଅସୁସ୍ଥ ହେବାରୁ ତାଙ୍କୁ ଡାକ୍ତରଖାନାରେ ଭର୍ତ୍ତି କରାଯାଇଥିଲା। ହେଲେ ଗତ ୬ତାରିଖରେ ବେତନଟୀ ଡାକ୍ତରଖାନା ଶୌଚାଳୟରେ ସେ ଏକ କନ୍ୟାସନ୍ତାନକୁ ଜନ୍ମ ଦେଇଥିଲେ। ହେଲେ ଜନ୍ମର ୨୦ଦିନ ପରେ ବାରିପଦା ଜିଲ୍ଲାମୁଖ୍ୟ ଡାକ୍ତରଖାନାର ଚିକିତ୍ସାଧୀନ ନବଜାତ ଶିଶୁର ମୃତ୍ୟୁ ଘଟିଛି। ବେତନଟୀର ଏକ ଘରୋଇ ହଷ୍ଟେଲରେ ରହି କଲେଜରେ ପାଠ ପଢୁଥିବା ଜନୈକା କଲେଜ ଛାତ୍ରୀ ବେତନଟୀ ପୁରୁଣା ଦମକଳକେନ୍ଦ୍ର ଛକ ଅଞ୍ଚଳର ଯଦୁନାଥ ହେମ୍ବ୍ରମର ପୁଅ ଶିବନାରାୟଣ ହେମ୍ବ୍ରମ (୨୦)ଙ୍କ ସହିତ ଅବୈଧ ପ୍ରେମ ସମ୍ପର୍କରୁ ପୀଡିତା ଗର୍ଭବତୀ ହୋଇଥିଲେ। ଏନେଇ ପୀଡିତାଙ୍କ ପରିବାରବର୍ଗଙ୍କ ଦୁଷ୍କର୍ମଜନିତ ଏତଲାକ୍ରମେ ବେତନଟୀ ପୁଲିସ ଅଭିଯୁକ୍ତ ଯୁବକକୁ ଗିରଫକରି କୋର୍ଟଚାଲାଣ ପୂର୍ବକ ମାମଲାର ତଦନ୍ତ ଜାରି ରଖିଛି। ଏପଟେ ୬ମାସର ଗର୍ଭବତୀ ପୀଡିତା ଗୁରୁତ୍ୱର ଅସୁସ୍ଥ ଅବସ୍ଥାରେ ବେତନଟୀ ଡାକ୍ତରଖାନାକୁ ଚଳିତମାସ ୬ତାରିଖରେ ଯାଇଥିବା ବେଳେ ଶୌଚାଳୟରେ ଏକ କନ୍ୟା ସନ୍ତାନକୁ ଜନ୍ମ ଦେଇଥିଲେ। ତେବେ ସନ୍ତାନ ପ୍ରସବର ଧାର୍ଯ୍ୟ ସମୟର ଯଥେଷ୍ଟ ପୂର୍ବରୁ ପୀଡିତା ପ୍ରସବ କରିଥିବାରୁ ନବଜାତକର ଓଜନ ଯଥେଷ୍ଟ କମ୍ ରହିଥିଲା। ଯଦ୍ଦ୍ୱାରା ନବଜାତ ଶିଶୁକନ୍ୟା ଲୋ- ବାର୍ଥ -ୱେଟ (ଏଲବିଡ୍ଲ୍ୟୁ)ରେ ଆକ୍ରାନ୍ତ ହୋଇଥିଲା। ପରେ ସଙ୍ଗେସଙ୍ଗେ ନବଜାତକୁ ବାରିପଦା ଜିଲ୍ଲା ମୁଖ୍ୟ ଡାକ୍ତରଖାନାର ଏସଏନସିୟୁରେ ଭରି କରାଯାଇଥିଲା। ସେବେଠାରୁ ମା' ଓ ଓ ଶିଶୁ ବାରିପଦା ଡାକ୍ତରଖାନାରେ ଚିକିତ୍ସିତ ହେଉଥିବା ବେଳେ ଏସ ଏନସିୟୁରେ ଚିକିତ୍ସାଧୀନ ଅବସ୍ଥାରେ ଶନିବାର ରାତିରେ ନବଜାତକର ମୃତ୍ୟୁ ଘଟିଛି। ଏନେଇ ଡାକ୍ତରଖାନା କର୍ତ୍ତୃପକ୍ଷ ରବିବାର ବେତନଟୀ ଥାନାକୁ ଅବଗତ କରିବାପରେ ପୁଲିସ ଏକ ଅପମୃତ୍ୟୁ ମାମଲା ରୁଜୁକରି ଶିଶୁ କନ୍ୟାର ଶବବ୍ୟବଚ୍ଛେଦ କରାଇବା ସହିତ ବିଭିନ୍ନ ନମୁନା ସଂରକ୍ଷିତ ରଖିଛି।

# ମୁଣ୍ଡାରୀ ଭାଷାକୁ ଅଷ୍ଟମ ଅନୁଚ୍ଛେଦରେ ସାମିଲ ଦାବି ଜୋର୍ ଧରିଲା

ବେତନଟୀ, ୨୭।୧୦(ସମିସ): ବେତନଟୀ ବ୍ଲକ ଅଧୀନ କେନ୍ଦୁଆ ପଞ୍ଚାୟତରେ ଦଲଦଲି ଗ୍ରାମରେ ମୁଣ୍ଡାରୀ ଭାଷା ସମନ୍ୱୟ କମିଟି ଓ ସିର୍ଜନ ମୁଣ୍ଡାରୀ କଲଚରାଲ ଟ୍ରଷ୍ଟ ଏକ ଜନସଚେତନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଟ୍ରଷ୍ଟର ଉପଦେଷ୍ଟା ଗୁରା ସିଂଙ୍କ ଆହ୍ୱାନ କ୍ରମେ ଏହି ବୈଠକ ଅନୁଷ୍ଠିତ ହୋଇଥିଲା। ଏହି ବୈଠକରେ ମୁଖ୍ୟ ଅତିଥି ଭାବେ ମୁଣ୍ଡାରୀ ଭାଷା ସମନ୍ୱୟ କମିଟି ବ୍ଲକ ଆବାହକ ତପନ ସିଂ ଯୋଗ ଦେଇଥିଲେ। ବୈଠକରେ ମୁଣ୍ଡାରୀ ଭାଷାକୁ ଅଷ୍ଟମ ଅନୁଚ୍ଛେଦରେ ସାମିଲ, ଶିକ୍ଷା, ସ୍ୱାସ୍ଥ୍ୟ ଓ ନିଶା ନିବାରଣ ଓ ବାଲ୍ୟ ବିବାହ ଓ ପେସା ଆଇନ ବାବଦରେ ଆଲୋଚନା ହୋଇଥିଲା। ମୁଣ୍ଡାରୀ ଭାଷା ଆନ୍ଦୋଳନକୁ ଜୋରଦାର କରିବା ନିମନ୍ତେ ଗାଁ ଗାଁରେ ଲୋକଙ୍କୁ ସଚେତନ କରିବା ସହିତ ଦିଲ୍ଲୀଚାଲ ଅଭିଯାନରେ ସାମିଲ ହେବାକୁ ନିବେଦନ କରାଯାଇଥିଲା। ଆସନ୍ତା ଶୀତ ଅଧିବେଶନ ସମୟରେ ଦିଲ୍ଲୀରେ ଯନ୍ତର ମନ୍ତରଠାରେ ଏକ ବିରାଟ ଗଣଧାରଣା



ଅନୁଷ୍ଠିତ ହେବା ନେଇ ମଧ ଆଲୋଚନା ହୋଇଥିଲା। ବୈଠକରେ ଶତ୍ରୁଘ୍ନ ସିଂ, ତୁଫାନ ସିଂ, କଟି ସିଂ, ସୁରେନ ସିଂ, ଦିଲୁ ସିଂ, ରବୀନ୍ଦ୍ର ସିଂ, ମନୁ ସିଂଙ୍କ ସମେତ ଶତାଧିକ ସଦସ୍ୟ ଉପସ୍ଥିତ ଥିଲେ।

# ସହରକୁ ସ୍ୱଚ୍ଛ ରଖିବା ପାଇଁ ଅଣ୍ଟାଭିଡ଼ିଲେ 'ଆମଖଟି' ସଦସ୍ୟ

ବାରିପଦା, ୨୭।୧୦(ସମିସ): 'ଖଟି' ପରମ୍ପରା ଯୁଗ ଯୁଗ ଧରି ପ୍ରଚଳିତ। କେଉଁଠି ଚା' ଖଟି ତ ଆଉ କେଉଁଠି ଦେଖିବାକୁ ମିଳେ ଗୁଲି ଗପ ଖଟି। ଖଟି ହେଉଛି ସମୟ ଅତିବାହିତ କରିବାର ଏକ ମାଧ୍ୟମ। ମାତ୍ର 'ଖଟି'ରୁ ସ୍ୱଚ୍ଛତା ଅଭିଯାନ ଆରମ୍ଭ କରି ସଫେଇ କରିବା ସହ ଚାରାରୋପଣ କରିବା ନିଆରା ପରମ୍ପରା ଆରମ୍ଭ ହୋଇଛି ବାରିପଦା ସହରର 'ଆମ ଖଟି'ରୁ। ସହରକୁ ସ୍ୱଚ୍ଛ ରଖିବା ପାଇଁ ଖଟିର ସମସ୍ତ ସଦସ୍ୟମାନେ ଶପଥ ନେଇଛନ୍ତି। ବାରିପଦା ମାତୃମଙ୍ଗଳ ଛକଠାରେ 'ଆମ ମୟୂରଭଞ୍ଜ, ଆମ ଖଟି'ରେ ବସନ୍ତି ସବୁ ବୟସ୍କ, ଯୁବକ ଓ ଛାତ୍ର ମାନେ। ସକାଳ ପାହିଲେ ବିଭିନ୍ନ ବିଷୟ ଉପରେ ଚର୍ଚ୍ଚା ହୁଏ ଏହି ଖଟିରେ। ମାତ୍ର ରବିବାର ସମସ୍ତେ ମିଶି ସେହି ସ୍ଥାନର ସଫେଇ କରିବା ସହ ଚାରାରୋପଣ କରିଛନ୍ତି। ସମସ୍ତେ ଏଭଳି କାର୍ଯ୍ୟରେ ନିଜକୁ ନିୟୋଜିତ କଲେ ଆମେ ନିଶ୍ଚିତ ଭାବେ ବାରିପଦା ସହରକୁ ସ୍ୱଚ୍ଛ ଓ ସୁନ୍ଦର ଭାବେ ଗଢି ପାରିବା ବୋଲି କହିଛନ୍ତି ବାରିପଦା ନଗରପାଳ କୃଷ୍ଣାନନ୍ଦ ମହାନ୍ତି। ଆଜିର ସ୍ୱଚ୍ଛ ବାରିପଦା କାର୍ଯ୍ୟକ୍ରମରେ ଶ୍ରୀ ମହାନ୍ତିଙ୍କ ସହିତ ବାରିପଦା ବିଧାୟକ ପ୍ରକାଶ ସୋରେନ, ଭଞ୍ଜସେନା ପ୍ରତିଷ୍ଠାତା କଳିଙ୍ଗ କେଶରୀ ଜେନା, ଶିକ୍ଷାବିତ ଇଂ ବିପ୍ଳବ ଭଞ୍ଜନ ବୁଗୁଡେଇ, ସମାଜସେବୀ କାଶୀନାଥ ରଣା, ତରୁଣ ମହାନ୍ତି, ବ୍ୟବସାୟୀ ସଂଘ ସଭାପତି ଅମିତାଭ ସାହୁ, ସୁଜିତ୍ ମହାନ୍ତି, ପ୍ରଶନ୍ନ ମହାପାତ୍ର, ସୁଶାନ୍ତ ଦାସ, ରଞ୍ଜନ ଗିରି, ସତ୍ୟବାନ୍ ପାତ୍ର, ସତ୍ୟରଞ୍ଜନ ମହାନ୍ତି, ସତ୍ୟଜିତ ସୋମ, ଆଶୁତୋଷ ସାହୁ, ନିମାଇଁ ତ୍ରିପାଠୀ, ସମୀର ଦେ, ସନ୍ଦୀପ ପୃଷ୍ଟି, ମଦନ ସାହୁ, ସୁକାନ୍ତ ବଳ, ବଳିଆ ରଣା, ଜଗନ୍ନାଥ ମହାପାତ୍ର, ଦିଲ୍ଲୀପ ରାୟବାବୁ, ଦୀପକ ସୁର, ରବୀନ୍ଦ୍ର ପାଣି, ସତ୍ୟମ୍ ପାଣି, ଦେବାଶିଷ ଜେନା, ରାମେଶ୍ୱର ମାଝୀ, ସନ୍ଦୀପ ପୃଷ୍ଟି, ସତ୍ୟସ୍ୱରୂପ ଦାସ ଓ ସଙ୍କୁ ପଲ ପ୍ରମୁଖ ସାମିଲ ଥିଲେ।



# ଦନ୍ତା ଆକ୍ରମଣରେ ମହିଳା ଗୁରୁତର

ବେତନଟୀ, ୨୭।୧୦(ସମିସ): ବେତନଟୀ ରେଞ୍ଜ ଅଧୀନ ଗଣ୍ଡିଗଧା ସଂରକ୍ଷିତ ଜଙ୍ଗଲରେ ରବିବାର ଅପରାହ୍ନରେ ଛେଳି ଚରାଉଥିବା ଜଣେ ମହିଳାଙ୍କୁ ଦନ୍ତା ଆକ୍ରମଣ କରିବାରୁ ସେ ଗୁରୁତର ହୋଇ ଡାକ୍ତରଖାନାରେ ଭର୍ତ୍ତି ହୋଇଛନ୍ତି। ମହିଳା ଜଣକ ହେଲେ ଯୋଗେଶ୍ୱର ମହାନ୍ତଙ୍କ ପତ୍ନୀ ସୁଶିଳା ମହାନ୍ତ। ଘଟଣାରୁ ପ୍ରକାଶ ଯେ, ବାରିପଦା ରେଞ୍ଜ ଅଞ୍ଚଳରୁ ଏକ ଦାନ୍ତା ରବିବାର କୃଷ୍ଣଚନ୍ଦ୍ରପୁର ଫରେଷ୍ଟ ଅଞ୍ଚଳକୁ ପ୍ରବେଶ କରିଥିଲା। ମହିଳା ଜଣକ ସ୍ୱାମୀଙ୍କ ସହିତ ଯାଇ ଗଣ୍ଡିଗଧା ଜଙ୍ଗଲରେ ଛେଳି ଚରାଉଥିବା ବେଳେ ହଠାତ ଦନ୍ତାଟି ତାଙ୍କୁ ଆକ୍ରମଣ କରିଥିଲା। ସୁଶିଳା ଜୀବନ ରକ୍ଷା କରିବା ପାଇଁ ଦଉଡିବାକୁ ଉଦ୍ୟମ କରୁଥିବାବେଳେ ହାତୀ ଆକ୍ରମଣର ଶିକାର ହୋଇଥିଲେ। ତାଙ୍କୁ ୧୦୮ ଆମ୍ବୁଲାନ୍ସ ଯୋଗେ ଘଟଣା ସ୍ଥଳରୁ ବାରିପଦା ପିଆରଏମ ମେଡିକାଲ କଲେଜ ରେ ଚିକତ୍ସା ପାଇଁ ଭର୍ତ୍ତି କରାଯାଇଛି।

# ୨୫ ବର୍ଷ ପରେ ବି ଫାଣ୍ଡିର ନାହିଁ ନିଜସ୍ୱ ଗୃହ

କୁଆମରା, ୨୭।୧୦(ସମିସ): ଖୁଣ୍ଟା ଥାନା ଅଧୀନ ଡୁକୁରା ଫାଣ୍ଡି ପ୍ରଶାସନିକ ଆନ୍ତରିକତା ଅଭାବରୁ ନାନା ଅବ୍ୟବସ୍ଥା ମଧ୍ୟରେ ଗତି କରୁଛି। ଉକ୍ତ ଫାଣ୍ଡି ଅଧୀନରେ ଲକ୍ଷ୍ମଣସାହି, ବାଙ୍ଗରା, ସପନଚୁଆ, ବାସିପିଠା ଓ ଡୁକୁରା ୫ଟି ପଞ୍ଚାୟତର ୪୬ଟି ଗ୍ରାମ ରହିଛି। ଯାହାର ଲୋକ ସଂଖ୍ୟା ୨୦ ହଜାରରୁ ଅଧିକ ରହିଛି। ତେବେ ଲୋକଙ୍କ ସୁରକ୍ଷା ପାଇଁ ୨୫ ବର୍ଷ ତଳେ ଏହି ଫାଣ୍ଡି ପ୍ରତିଷ୍ଠା ହୋଇଥିଲା। ମାତ୍ର ଆଜି ପର୍ଯ୍ୟନ୍ତ ଫାଣ୍ଡିର ନିଜସ୍ୱ ଗୃହ ନାହିଁ। ପୁରୁଣା ପଞ୍ଚାୟତ କାର୍ଯ୍ୟାଳୟର ପରିସରରେ ଏବେ ଚାଲିଛି କାର୍ଯ୍ୟାଳୟ। ଗୋଟିଏ ଗୃହରେ ଅଫିସ କାର୍ଯ୍ୟ ଚାଲିଥିବା ବେଳେ ଅନ୍ୟ ଏକ ଗୃହରେ ରହୁଛନ୍ତି ଫାଣ୍ଡି ଅଧିକାରୀ। ଉକ୍ତ ଫାଣ୍ଡି ପାଇଁ ଜଣେ ଅଫିସରଙ୍କ ସମେତ ୫ କନେଷ୍ଟବଳ ପଦବୀ ରହିଛି। ମାତ୍ର ଏବେ ୩ ଜଣଙ୍କୁ ନେଇ କାର୍ଯ୍ୟ ଚାଲିଛି। ତେବେ ଯେଉଁ ଗୃହରେ ଏବେ ଅଫିସ କାର୍ଯ୍ୟ ଚାଲିଛି ସେ ଗୃହ ଛାତ ବିପଦପୂର୍ଣ୍ଣ ଅବସ୍ଥାରେ ରହିଛି। ଆଜି ପର୍ଯ୍ୟନ୍ତ ସରକାରଙ୍କ ପକ୍ଷରୁ ନିଜସ୍ୱ ଗୃହ ହୋଇପାରି ନାହିଁ। ଫାଣ୍ଡି ଅଧୀନରେ ଥିବା ଉପରୋକ୍ତ ପଞ୍ଚାୟତଗୁଡିକ ଶିମିଳିପାଳ ପାଦଦେଶରେ ରହୁଥିବାରୁ ତାହାର ସୁରକ୍ଷା ଅତ୍ୟନ୍ତ ଜରୁରୀ

# ଅବକାରୀ ଚଢ଼ଉ; ୩ ଗିରଫ

ମୋରଡ଼ା, ୨୭।୧୦(ସମିସ): ମୋରଡା ଅବକାରୀ ବିଭାଗ ପକ୍ଷରୁ ସୋମବାର ବିଭିନ୍ନ ସ୍ଥାନରେ ଚଢଉ କରାଯାଇଛି। ଅବକାରୀ ଟିମ୍ ପ୍ରଥମେ ବରକନ୍ଦ ଗ୍ରାମରୁ ସୀତାରାମ ରାଉତଙ୍କ ନିକଟରୁ ୨୫ ଲିଟର, ଆଣ୍ଡୁଆ ଗ୍ରାମର ଯଦୁମଣି ସିଂଙ୍କ ପାଖରୁ ୧୫ ଲିଟର, ମୋରଡା ଗ୍ରାମର ଜୟନ୍ତୀ ମୁଖିଙ୍କ ପାଖରୁ ୨୦ ଲିଟର ଓ ଭାଲକଚୁଆ ଗ୍ରାମର ଏକ ନିଛାଟିଆ ସ୍ଥାନରୁ ୨୫୦୦ ଲିଟର ପୋଚ ସହିତ ୨୨୦ ଲିଟର ଦେଶୀ ମଦ ଜବତ କରିଛି। ଅବକାରୀ ବିଭାଗ ଏ ନେଇ ମାମଲା ରୁଜୁ କରି ୩ଜଣଙ୍କୁ ଗିରଫ କରିଛି।

# ବିଶ୍ୱ ଏକତା ଓ ବିଶ୍ୱାସ ପାଇଁ ଧ୍ୟାନ କାର୍ଯ୍ୟକ୍ରମ ଉଦ୍‌ଘାଟିତ




ବୈଶିଙ୍ଗା, ୨୭।୧୦(ସମିସ): ପ୍ରଜାପିତା ବ୍ରହ୍ମାକୁମାରୀ ଈଶ୍ୱରୀୟ ବିଶ୍ୱବିଦ୍ୟାଳୟ ଆନୁକୂଲ୍ୟରେ ପରିଚାଳିତ ମୟୂରଭଞ୍ଜ ଶାଖାର ଜଣେ ଅଗ୍ରଣୀ ସଦସ୍ୟ ବ୍ରହ୍ମାକୁମାର ଭଗବାନ ଭାଇଙ୍କ ଦ୍ୱିତୀୟ ସ୍ମୃତି ଦିବସ ଉପଲକ୍ଷେ 'ବିଶ୍ୱ ଏକତା ଓ ବିଶ୍ୱାସ ପାଇଁ ଧ୍ୟାନ କାର୍ଯ୍ୟକ୍ରମ' ଉଦ୍‌ଘାଟିତ ହୋଇଯାଇଛି। ଜିଲ୍ଲା ମୁଖ୍ୟ ସଞ୍ଚାଳିକା ବ୍ରକୁ ସାବିତ୍ରୀ ଭଉଣୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ବରିଷ୍ଠ ରାଜଯୋଗିନୀ ବ୍ରହ୍ମାକୁମାରୀ ଲୀନା ଭଉଣୀ ଯୋଗଦେଇଥିଲେ। ଶନିବାର ବିଭିନ୍ନ ସେବାକେନ୍ଦ୍ରରୁ ଶତାଧିକ ବ୍ରହ୍ମାବତ୍ସଳ ସେବାକେନ୍ଦ୍ରରେ ପହଞ୍ଚି ବିଶ୍ୱ ଶାନ୍ତି ନିମନ୍ତେ ଧ୍ୟାନଯୋଗ କରିଥିଲେ। ରବିବାର 'ବିଶ୍ୱ ଏକତା ଓ ବିଶ୍ୱାସ ପାଇଁ ଧ୍ୟାନ' ବିଷୟବସ୍ତୁକୁ ଆଧାର କରି ସଭାର ମଧ ଆୟୋଜନ କରାଯାଇଥିଲା। ମୁଖ୍ୟଅତିଥି ଭାବେ ବଡ଼ସାହି ବିଧାୟକ ସନାତନ ବିଜୁଳି, ମୁଖ୍ୟବକ୍ତା ଭାବେ ବରିଷ୍ଠ ରାଜଯୋଗିନୀ ବ୍ରହ୍ମାକୁମାରୀ ଲୀନା ଭଉଣୀ, ସ୍ୱତନ୍ତ୍ର ସମ୍ମାନିତ ଅତିଥିଭାବେ ଡିଆରଡିଓର ଅବସରପ୍ରାପ୍ତ ବରିଷ୍ଠ ପ୍ରଶାସନିକ ଅଧିକାରୀ ଭୀମଚରଣ ମାଝୀ, ନିମାପଡ଼ା ସେବାକେନ୍ଦ୍ର ମୁଖ୍ୟ ସଞ୍ଚାଳିକ ବ୍ରହ୍ମାକୁମାରୀ ସୁବାସିନୀ ଭଉଣୀ, ଫୁଲବାଣୀ ସେବାକେନ୍ଦ୍ର ମୁଖ୍ୟ ସଞ୍ଚାଳିକ ବ୍ରହ୍ମାକୁମାରୀ ଭାରତୀ ଭଉଣୀ, ବରିଷ୍ଠ ଭ୍ରାତା ଚନ୍ଦ୍ରମୋହନ ଭାଇ, ରାଜସୁନଖଲା ସେବାକେନ୍ଦ୍ର ସଞ୍ଚାଳିକା ରଶ୍ମିତା ଭଉଣୀଙ୍କ ସମେତ ବହୁ ବରିଷ୍ଠ ଭାଇଭଉଣୀ ଉପସ୍ଥିତ ଥିଲେ। ମନୋଜ ଭାଇ, ଆଶିଷ ଭାଇ, ତପସ୍ୱୀ ଭାଇ, ପ୍ରିତମ ଭାଇ ଏବଂ ହେନା ଭଉଣୀ, କାଞ୍ଚନ ଭଉଣୀ, ଆଲୋକ ଭଉଣୀ ଆଗନ୍ତୁକଙ୍କୁ ସ୍ୱାଗତ କରିଥିଲେ। ବ୍ରହ୍ମାକୁମାର ମନୋଜ ଭାଇ ଧନ୍ୟବାଦ ଅର୍ପଣ କରିଥିଲେ।

# ଜଗଦ୍ଧାତ୍ରୀ ମେଳା ପାଇଁ ବିଭିନ୍ନ ପ୍ରତିଯୋଗିତା

ବାରିପଦା, ୨୭।୧୦(ସମିସ): ଭଞ୍ଜପୁରଠାରେ ମା' ଜଗଦ୍ଧାତ୍ରୀଙ୍କ ୭୩ତମ ପୂଜା ଅବସରରେ ନଭେମ୍ବର ୩ ତାରିଖରୁ ୩୧ତମ ମେଳା ଅନୁଷ୍ଠିତ ହେବ। ଏହି ଅବସରରେ ବିଦ୍ୟାଳୟ ଓ ମହାବିଦ୍ୟାଳୟ ସ୍ତରୀୟ ଚିତ୍ରାଙ୍କନ, କୁଇଜ, ବକ୍ତୃତା ଓ ସଙ୍ଗୀତ ପ୍ରତିଯୋଗିତା ଅନୁଷ୍ଠିତ ହେବ। ରବିବାର ସ୍ଥାନୀୟ ଭଞ୍ଜପୁର ଦୁର୍ଗା ବିବାହ ମଣ୍ଡପରେ ଆୟୋଜିତ ଚିତ୍ରାଙ୍କନ ପ୍ରତିଯୋଗିତାରେ ପ୍ରାୟ ୨ଶହରୁ ଅଧିକ ଛାତ୍ରଛାତ୍ରୀ ଅଂଶଗ୍ରହଣ କରିଥିଲେ। ସେହିପରି କୁମାର୍ସ କ୍ଲବ୍ ପରିସରରେ ଆୟୋଜିତ ନୃତ୍ୟ ଅଡିସନରେ ସବ ଜୁନିୟର, ଜୁନିୟର ଓ ସିନିୟର ବର୍ଗରେ ପ୍ରାୟ ୧୬୦ ପ୍ରତିଯୋଗୀ ଭାଗ ନେଇଥିଲେ। ଚିତ୍ରାଙ୍କନରେ ମହେଶ୍ୱର ମାର୍ଣ୍ଡି ଓ ରବୀନ ମହାପାତ୍ର ଏବଂ ନୃତ୍ୟରେ ରକି ନାୟକ ଓ ମେଘା ସାହା ବିଚାରକ ଭାବେ କାର୍ଯ୍ୟ ତୁଲାଇଥିଲେ। ଜଗଦ୍ଧାତ୍ରୀ ପୂଜା ଓ ମେଳା କମିଟିର ମୁଖ୍ୟ ସାଧାରଣ ସମ୍ପାଦକ ଦର୍ପ ନାରାୟଣ ପାଲ ଉଭୟ ପ୍ରତିଯୋଗିତାକୁ ଉଦ୍‌ଘାଟନ କରିଥିଲେ। ଗଣମାଧ୍ୟମ ସଂଯୋଜକ ସୋମନାଥ ସିଂହ, ସାଂସ୍କୃତିକ ସମ୍ପାଦକ କିଶୋର ପଲେଇ, ମେଳା ସମ୍ପାଦକ ପ୍ରସନ୍ନଜିତ ମହାନ୍ତି, ବରିଷ୍ଠ ସଦସ୍ୟ ପ୍ରିତମ ପଣ୍ଡା ପ୍ରମୁଖ ଉପସ୍ଥିତ ରହି ପ୍ରତିଯୋଗୀମାନଙ୍କୁ ଉତ୍ସାହିତ କରିଥିଲେ। ସାଂସ୍କୃତିକ ସହ ସମ୍ପାଦକ ଅବିନାଶ ରଥ, ସତ୍ୟବ୍ରତ ଧଳ ତଥା ଆନିଷ ମିଶ୍ର, ସୁରଜ ବେହେରା, ସୋନୁ ରଣା ନୃତ୍ୟ ପ୍ରତିଯୋଗିତା ଏବଂ ଜଗଦୀଶ ପାଣି ଓ ଆଲୋକ ବାରିକ ଚିତ୍ରାଙ୍କନ ପ୍ରତିଯୋଗିତା ପରିଚାଳନା କରିଥିଲେ। ସେହିପରି ସୋମବାର ଆୟୋଜିତ କୁଇଜ ପ୍ରତିଯୋଗିତାରେ ୧୬୦ ଏବଂ ବକ୍ତୃତା ପ୍ରତିଯୋଗିତାରେ ୬୭ ଜଣ ଛାତ୍ରଛାତ୍ରୀ ଅଂଶ ଗ୍ରହଣ କରିଥିଲେ। ବିଚାରକ ଭାବେ କୁଇଜ ପ୍ରତିଯୋଗିତାରେ ସୌମ୍ୟ ଦାଶ ଏବଂ ବକ୍ତୃତାରେ ଅବସରପ୍ରାପ୍ତ ପ୍ରଧାନ ଶିକ୍ଷକ ଅଶୋକ କୁମାର ପଲେଇ, ସନ୍ତୋଷ କୁମାର ମହାନ୍ତି ଓ ଭାଗବତ ପଣ୍ଡା କାର୍ଯ୍ୟ ତୁଲାଇଥିଲେ। ଆସନ୍ତାକାଲି ବିଦ୍ୟାଳୟ ଓ ମହାବିଦ୍ୟାଳୟ ସ୍ତରୀୟ ସଙ୍ଗୀତ ପ୍ରତିଯୋଗିତା ଅନୁଷ୍ଠିତ ହେବ।



# ଦାରା ସିଂଙ୍କୁ ଜେଲରୁ ମୁକ୍ତ କରିବାକୁ ଦାବିକଲା ରାଷ୍ଟ୍ରୀୟ ହିନ୍ଦୁ ଫ୍ରଣ୍ଟ

କରଞ୍ଜିଆ, ୨୭।୧୦(ସମିସ): ଗ୍ରାହାମ ଷ୍ଟେନସ ହତ୍ୟା ମାମଲାରେ ଆଜୀବନ ସଜ୍ଜା ଭୋଗୁଥିବା ରବୀନ୍ଦ୍ର ପାଲ ଅରଫ ଦାରା ସିଂଙ୍କୁ ଜେଲରୁ ମୁକ୍ତ କରାଯାଉ ବୋଲି ରାଷ୍ଟ୍ରୀୟ ହିନ୍ଦୁ ଫ୍ରଣ୍ଟ ଓଡ଼ିଶା ଶାଖା ସଭାପତି ବିପିନ ବିହାରୀ ଦାସ ଏକ ସାମ୍ବାଦିକ ସମ୍ମିଳନୀରେ ଦାବି କରିଛନ୍ତି। ଏହି ମାମଲାରେ ଦଣ୍ଡ ପାଇଥିବା ୩୯ ଜଣଙ୍କୁ ମୁକ୍ତ କରିବାକୁ ସୁପ୍ରିମକୋର୍ଟ ନିର୍ଦ୍ଦେଶ ଦେଇଛନ୍ତି। ଏହି ତାଲିକାରେ ଦାରା ସିଂଙ୍କ ନାମ ରହିଛି; କିନ୍ତୁ ରାଜ୍ୟ ସରକାର ଦାରା ସିଂଙ୍କୁ ମୁକ୍ତ କରୁନାହାନ୍ତି। ଗତ ୨୦୨୨ମସିହାରେ ସୁପ୍ରିମକୋର୍ଟ ଦେଇଥିବା ଆଦେଶରେ ଉଲ୍ଲେଖ ରହିଛି କି ଯେଉଁ ଅପରାଧୀମାନେ ୧୪ ବର୍ଷ ଜେଲଦଣ୍ଡ ଭୋଗି ସାରିଛନ୍ତି ସେମାନଙ୍କୁ ମୁକ୍ତ କରାଯାଉ। ଏହି ଆଦେଶକୁ ରିଭିଉ କମିଟି ମିଟିଂରେ ସଜ୍ଜା କାଟୁଥିବା ୩୯ ଜଣ ଅପରାଧୀଙ୍କ ମଧ୍ୟରୁ ୩୮ ଜଣଙ୍କୁ ମୁକ୍ତ କରିଦେଲେ; କିନ୍ତୁ ଦାରା ସିଂଙ୍କୁ କାହିଁକି କରାଯାଉନାହିଁ ବୋଲି ଶ୍ରୀ ଦାସ ପ୍ରଶ୍ନ କରିଛନ୍ତି। ସମାନ ଅପରାଧରେ ସମାନ ଦଣ୍ଡ ଭୋଗୁଥିବା ଦାରା ସିଂଙ୍କ ମୁଖ୍ୟ ସହଯୋଗୀ ମହେନ୍ଦ୍ର ହେମ୍ବ୍ରମ୍‌ଙ୍କୁ ମଧ ମୁକ୍ତ କରାଯାଇଛି। ଏଠାରେ ପ୍ରକାଶ ଯୋଗ୍ୟ ଯେ ବର୍ତ୍ତମାନର ମୁଖ୍ୟମନ୍ତ୍ରୀ ପୂର୍ବ ସରକାରରେ ବିଧାୟକ ଥିବାବେଳେ କେନ୍ଦୁଝରେ ଜିଲ୍ଲାପାଳଙ୍କ କାର୍ଯ୍ୟାଳରେ ଧାରଣା ଦେଇଥିଲେ। ଏବେ ସେ ରାଜ୍ୟର ମୁଖ୍ୟମନ୍ତ୍ରୀ ତଥା ଗୃହ ବିଭାଗ ତାଙ୍କ ହାତରେ ରହିଥିଲେ ମଧ ଦାରା ସିଂଙ୍କୁ ମୁକ୍ତ କାହିଁକି କରୁନାହାନ୍ତ ବୋଲି ଶ୍ରୀ ଦାସ ପ୍ରଶ୍ନ କରିଛନ୍ତି। ଆଗାମୀ ଦିନରେ ଦାରା ସିଂଙ୍କୁ ସରକାର ମୁକ୍ତ ନ କଲେ ରାଷ୍ଟ୍ରୀୟ ହିନ୍ଦୁ ଫ୍ରଣ୍ଟ ଆନ୍ଦୋଳନ ତୀବ୍ର କରିବ ବୋଲି ଶ୍ରୀ ଦାସ ସୂଚନା ଦେଇଛନ୍ତି। ସାମ୍ବାଦିକ ସମ୍ମିଳନୀରେ ଉପସଭାପତି ନିଗମାନନ୍ଦ ପଟ୍ଟନାୟକ, ମହେନ୍ଦ୍ର ହେମ୍ବ୍ରମ୍, ନିଳକଣ୍ଠ ମହାନ୍ତ, ମୋହନ ମହନ୍ତ, ଯଦୁମଣି ହେମ୍ବ୍ରମ୍ ଓ ପୂର୍ଣ୍ଣଚନ୍ଦ୍ର ମହାନ୍ତ ଉପସ୍ଥିତ ଥିଲେ।

# ମୋରଡ଼ା ବ୍ଲକରେ 'ଆସ ସ୍କୁଲ ଯିବା' ଯୋଜନା ଦିଗହରା

ମୋରଡ଼ା, ୨୭।୧୦(ସମିସ): ମୋରଡ଼ା ବ୍ଲକଆଦିବାସୀ ଅଧ୍ୟୁଷିତ ଅଞ୍ଚଳ ହୋଇଥିବା ବେଳେ ପାଠପଢ଼ାରେ ମାତ୍ରାଧିକ ଅର୍ଥ ଖର୍ଚ୍ଚ ହେଉଛି। ତେଣୁ ଆଦିବାସୀ ପିଲା ପାଠପଢ଼ାରୁ ମୁହଁ ଫେରାଇ ଦାଦନ ମୁହାଁ ହେଉଛନ୍ତି ବୋଲି ଅଭିଯୋଗ ହେଉଛି। ଅର୍ଥାଭାବ କିମ୍ବା ପାରିବାରିକ ସମସ୍ୟା କାରଣରୁ ପାଠ ଛାଡ଼ିଥିବା ପିଲାଙ୍କୁ ପୁଣି ଥରେ ବିଦ୍ୟାଳୟରେ ନାମ ଲେଖାଇବା ନେଇ ସରକାର ଆରମ୍ଭ କରିଛନ୍ତି 'ଆସ ସ୍କୁଲ୍ ଯିବା' ଅଭିଯାନ। ସରକାର ଡ୍ରପ୍ ଆଉଟ୍ ସଂଖ୍ୟା କମାଇବାକୁ ପ୍ରାଥମିକରୁ ମାଧ୍ୟମିକ ବିଦ୍ୟାଳୟରେ ଶିକ୍ଷକଶିକ୍ଷୟିତ୍ରୀ ଏହି କାର୍ଯ୍ୟକ୍ରମରେ ଲାଗି ପଡ଼ିଛନ୍ତି। ଘରକୁ ଘର ବୁଲି ଅଧାରୁ ପାଠ ଛାଡ଼ିଥିବା ପିଲାଙ୍କୁ ଖୋଜିବାରେ ଲାଗିଛନ୍ତି। ତେବେ ଶିକ୍ଷକ ଶିକ୍ଷୟିତ୍ରୀଙ୍କ ପରିଶ୍ରମରେ ପ୍ରତିବନ୍ଧକ ସାଜିଛି ଅର୍ଥ। କାରଣ ଏହି ଛାତ୍ରଛାତ୍ରୀଙ୍କୁ ନାମ ଲେଖାଇବାକୁ ଯେଉଁ ନ୍ୟାସନାଲ ଇନ୍‌ଷ୍ଟିଚ୍ୟୁଟ୍ ଫର ଓପନ ସ୍କୁଲିଂ ଖୋଲାଯାଇଛି, ସେଥିରେ ନାମଲେଖା ପାଇଁ ୩ ହଜାର ଟଙ୍କା ଦେବାକୁ ପଡ଼ିବ। ଫଳରେ ପିଲାଙ୍କ ନିମନ୍ତେ ଏହି ୩ ହଜାର ପୁଣି ଥରେ ତାଙ୍କ ପାଇଁ ବାଧା ସୃଷ୍ଟି କରିଛି। ସରକାର ଏହି ଘୋଷଣା କରିବା ପରେ ଜିଲ୍ଲା ଶିକ୍ଷା ଅଧିକାରୀ, ବିଇଓ, ବିଆରସିସି ଓ ସିଆରସିସିଙ୍କୁ ନେଇ ଗଠିତ ଟିମ୍ ଡ୍ରପ୍ ଆଉଟ୍ ପିଲା ଖୋଜିବାରେ ଲାଗିପଡ଼ିଛନ୍ତି। ତେବେ ମାଟ୍ରିକ୍ ପୂର୍ବରୁ ସ୍କୁଲ୍ ଛାଡ଼ିଥିବା ପିଲାଙ୍କ ପାଇଁ ପୁଣି ଥରେ ସ୍କୁଲ୍ ଫେରାଇ ଆଣିବା ପାଇଁ ଟଙ୍କାଟିଏ ଖର୍ଚ୍ଚ କରିବାକୁ ହେବ ନାହିଁ। ଏମାନଙ୍କ ପାଇଁ ରହିଥିବା ଷ୍ଟେଟ୍ ଇନ୍‌ଷ୍ଟିଚ୍ୟୁଟ୍ ଫର ଓପନ ସ୍କୁଲିଂ ଏସ୍‌ଆଇଓଏସ୍‌ରେ ନାମ ଲେଖାଇବା ପାଇଁ ସରକାର ଦେୟମୁକ୍ତ କରିଛନ୍ତି; କିନ୍ତୁ ମାଟ୍ରିକ୍ ପରେ ବା ଯୁକ୍ତଦୁଇ ପଢ଼ିବାକୁ ଯୋଗ୍ୟ ଛାତ୍ରଛାତ୍ରୀଙ୍କ ପାଇଁ ରହିଥିବା ନ୍ୟାସନାଲ୍ ଇନ୍‌ଷ୍ଟିଚ୍ୟୁଟ୍ ଫର ଓପନ ସ୍କୁଲିଂ ଏନ୍‌ଆଇଓଏସ୍‌ରେ ନାମ ଲେଖାଇବା ପାଇଁ ସର୍ବନିମ୍ନ ୩ ହଜାର ଟଙ୍କା ଆଡ୍‌ମିସନ ଫି ଲାଗୁଛି। ଏତେ ଟଙ୍କା ଗରିବ ପିଲା ଆଣିବେ କେଉଁଠୁ। ସେଥିପାଇଁ ଗରିବ ପିଲାମାନେ ନିଜ ହାତରୁ ଖର୍ଚ୍ଚ କରି ଆସିବାକୁ ଚାହୁନାହାନ୍ତି। ଫଳରେ ସେମାନେ ଦାଦନମୁହାଁ ହେଉଛନ୍ତି ବୋଲି ଅଭିଯୋଗ ହେଉଛି। ଏନେଇ ଗୋଷ୍ଠୀ ଶିକ୍ଷା ଅଧିକାରୀ ବିଜୟ କୁମାର ପାଣିଗ୍ରାହୀଙ୍କୁ ଯୋଗାଯୋଗ କରିବାରୁ ଏସ୍‌ଆଇଓଏସ୍‌ରେ ୩୨୬ଜଣ ପିଲାଙ୍କ ମଧ୍ୟରୁ ୧୮୮ଜଣ ଆବେଦନ କରିଛନ୍ତି; କିନ୍ତୁ ଏନ୍‌ଆଇଓଏସ୍‌ରେ ଅର୍ଥ ଅଭାବ ପାଇଁ ଜଣେ ବି ପିଲା ଆବେଦନ କରିନାହାନ୍ତି। ସେଥିପାଇଁ ଡିଇଓଙ୍କୁ ଲିଖିତ ଭାବେ ଜଣାଇଛୁ ବୋଲି କହିଛନ୍ତି।



# ବାରିପଦା ହସ୍ପିଟାଲ ରକ୍ତଭଣ୍ଡାରରେ ରକ୍ତସଂକଟ

ବାରିପଦା, ୨୭।୧୦ (ସମିସ): ମୟୂରଭଞ୍ଜ ଜିଲ୍ଲା ମୁଖ୍ୟ ହସ୍ପିଟାଲ ପରିସରରେ ଥିବା ବାରିପଦା ରକ୍ତଭଣ୍ଡାରରେ ବର୍ତ୍ତମାନ ରକ୍ତ ସଙ୍କଟ ଦେଖାଦେଇଛି। ରୋଗୀଙ୍କ ସଂଖ୍ୟା ବୃଦ୍ଧି ପାଉଥିବା ବେଳେ ରକ୍ତର ଆବଶ୍ୟକତା ମଧ୍ୟ ବଢ଼ିବାରେ ଲାଗିଛି। କିନ୍ତୁ ଆବଶ୍ୟକ ତୁଳନାରେ ସ୍ବେଚ୍ଛାକୃତ ରକ୍ତଦାତାଙ୍କ ସଂଖ୍ୟା ହ୍ରାସ ବର୍ତ୍ତମାନ ପ୍ରମୁଖ ସମସ୍ୟା ଭାବେ ଉଭା ହୋଇଛି।

ରକ୍ତ ଅଭାବ ଦୂର କରିବାକୁ ବାରିପଦା ରକ୍ତଭଣ୍ଡାର ପକ୍ଷରୁ ବିଭିନ୍ନ ସଙ୍ଗଠନ ଜରିଆରେ ସ୍ବେଚ୍ଛାକୃତ ରକ୍ତଦାନ ଶିବିର ଆୟୋଜନ କରି ରକ୍ତ ସଂଗ୍ରହ ତତ୍ସହିତ ରକ୍ତଭଣ୍ଡାରକୁ ମିଳିଥିବା ସ୍ୱତନ୍ତ୍ର ଶୀତତାପ ନିୟନ୍ତ୍ରିତ ଭ୍ରାମ୍ୟମାଣ ରକ୍ତ ସଂଗ୍ରହ ଭ୍ୟାନ ଜରିଆରେ ଛୋଟଛୋଟ ଶିବିର ମାଧ୍ୟମରେ ରକ୍ତ ସଂଗ୍ରହ କରାଯାଉଛି। ବିଭିନ୍ନ ସଙ୍ଗଠନଙ୍କୁ ଛାଡ଼ିଦେଲେ ଅନେକ ସ୍ବେଚ୍ଛାକୃତ ରକ୍ତଦାତା ନିୟମିତ ବ୍ୟବଧାନରେ ରକ୍ତଦାନ କରୁଛନ୍ତି। ତଥାପି ରକ୍ତ ଅଭାବ ଦେଖାଯାଇଛି।

ତଥ୍ୟ ଅନୁସାରେ, ୨୦୨୩ ମସିହାରେ ୧୦୮ଟି ରକ୍ତଦାନ ଶିବିର ଓ ୭୮୫୧ଜଣ ସ୍ବେଚ୍ଛାକୃତ ରକ୍ତଦାତାଙ୍କ ଜରିଆରେ ମୋଟ ୧୨,୪୩୯ ୟୁନିଟ ସଂଗୃହୀତ ହୋଇଥିଲା। ସେଥିମଧ୍ୟରୁ ୩୨୭ଟି ସଂକ୍ରମିତ ରକ୍ତ ରହିଥିବା ବେଳେ ୧୧୯୨୪ଜଣ ରୋଗୀ



ଓ ୬,୫୪୮ଜଣଙ୍କୁ ବଦଳ ରକ୍ତଦାନ କରାଯାଇଛି। ୨୦୨୪ରେ ୯୭ଟି ରକ୍ତଦାନ ଶିବିର, ସ୍ବେଚ୍ଛାକୃତ ରକ୍ତଦାତା ଓ ପ୍ରତିବଦଳ ମିଶି ୧୩ହଜାର ୮୭୩ ମୋଟ ୧୦,୪୦୯ ୟୁନିଟ୍ ରକ୍ତ ସଂଗୃହୀତ ହୋଇଥିଲା। ସେଥିମଧ୍ୟରୁ ୨୬୧ଟି ସଂକ୍ରମିତ ରକ୍ତ ରହିଥିବା ବେଳେ ୧୩,୫୦୮ୟୁନିଟ୍ ରୋଗୀଙ୍କୁ ପ୍ରଦାନ କରାଯାଇଛି। ସେହିପରି, ଚଳିତ ୨୦୨୫ବର୍ଷରେ ଆଜି ପର୍ଯ୍ୟନ୍ତ ୧୦୭ଟି ରକ୍ତଦାନ ଶିବିର, ସ୍ବେଚ୍ଛାକୃତ ରକ୍ତଦାତା ଓ ପ୍ରତିବଦଳ ମିଶି ୧୨ହଜାର ୫୦୪ ୟୁନିଟ୍ ରକ୍ତ ସଂଗୃହୀତ ହୋଇଛି।

■ ମାତ୍ର ୧୨୮ ୟୁନିଟ୍‌ରୁ ୪ ନେଗେଟିଭ୍ ବର୍ଗର ଆଦୌ ମହଜୁଦ ନାହିଁ

■ ହ୍ରାସ ପାଉଛି ସ୍ବେଚ୍ଛାକୃତ ରକ୍ତଦାତା

ସେଥିମଧ୍ୟରୁ ୧୮୫ଟି ସଂକ୍ରମିତ ରକ୍ତ ରହିଥିବା ବେଳେ ୧୨,୬୨୫ ୟୁନିଟ୍ (ପୂର୍ବବର୍ଷର ବଳକା ମିଶାଇ) ରକ୍ତ ରୋଗୀଙ୍କୁ ପ୍ରଦାନ କରାଯାଇଛି। ଏହା ସତ୍ତ୍ୱେ ରକ୍ତ ଅଭାବ ଦେଖାଦେଉଛି।

ରକ୍ତଭଣ୍ଡାର ଦାୟିତ୍ୱରେ ଥିବା ଡା. ରଞ୍ଜନ ନାୟକଙ୍କ କହିବାନୁଯାୟୀ, ବର୍ତ୍ତମାନ ରକ୍ତଭଣ୍ଡାରରେ ମାତ୍ର ୧୨୮ ୟୁନିଟ୍ ରକ୍ତ ରହିଛି। ଯାହାକି ଜରୁରୀ ସମୟରେ ପ୍ରତିବଦଳ ଭାବେ ଦିଆଯାଇପାରିବ। ତେବେ ୪ଟି ନେଗେଟିଭ୍ ବର୍ଗ (ଏ, ବି, ଓ, ଏବି) ରକ୍ତ ଆଦୌ ନଥିବାରୁ ସ୍ଥିତି ସାଂଘାତିକ ରହିଛି। ଜିଲ୍ଲାରେ ରକ୍ତ ଅଭାବ ପୂରଣ ପାଇଁ ବ୍ୟାପକ ଭାବେ ରକ୍ତଦାନ ଶିବିର ଜରିଆରେ ସ୍ବେଚ୍ଛାକୃତ ରକ୍ତଦାତା ରକ୍ତଦାନ କରିବାକୁ ସେ ନିବେଦନ କରିଛନ୍ତି।

ଗୁରୁତର ରକ୍ତ ସଙ୍କଟ ଯୋଗୁଁ ସୋମବାର ଜଣେ ଗୁରୁତର ରୋଗୀଙ୍କ ଅସ୍ତ୍ରୋପଚାର ପାଇଁ ସାମ୍ବାଦିକ ରଞ୍ଜନ ଦାଶ ଓ ଦଳଗୋବିନ୍ଦ ବାରିକ ରକ୍ତଦାନ କରିଥିଲେ। [illegible] ରାସଗୋବିନ୍ଦପୁର ବ୍ଲକ, ଅମର୍ଦା ଗ୍ରାମର ମୁରଲୀ ବେହେରା ଘରକାମ କରୁଥିବା ବେଳେ ପଡ଼ିଯିବାରୁ ତାଙ୍କର ଗୋଡ଼ ଭାଙ୍ଗିଯାଇଥିଲା। ତାଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଯାଇଥିଲା। ଗୋଡ଼ ହାଡ଼ ଯୋଡ଼ିବା ପାଇଁ ଅସ୍ତ୍ରୋପଚାର ଜରୁରୀ ଥିବା ବେଳେ ତାଙ୍କ ରକ୍ତରେ ପ୍ଲାଟିଲେଟ୍ କମ୍ ଥିବାରୁ ୪ ୟୁନିଟ୍ ରକ୍ତର ଆବଶ୍ୟକତା ରହିଥିଲା। କିନ୍ତୁ ରକ୍ତଭଣ୍ଡାରରେ ରକ୍ତ ଅଭାବ ପାଇଁ ତାଙ୍କର ଅସ୍ତ୍ରୋପଚାର ଅଟକି ରହିଥିଲା। ଖବର ପାଇ ଉପରୋକ୍ତ ଦୁଇ ସାମ୍ବାଦିକ ରକ୍ତଦାନ କରିବାରୁ ରକ୍ତଭଣ୍ଡାରରୁ ପ୍ରତିବଦଳ ରକ୍ତ ସମ୍ପୃକ୍ତ ରୋଗୀଙ୍କୁ ଦିଆଯାଇଛି।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ଆନ୍ଧ୍ରରେ ପବନ...

ତେଣୁ ୨୮ରେ ୬ ଜିଲ୍ଲା ଓ ୨୯ ତାରିଖରେ ୪ ଜିଲ୍ଲାକୁ ରେଡ୍ ଆଲର୍ଟ ଜାରି କରାଯାଇଛି। ବର୍ତ୍ତମାନ ସମୁଦ୍ର ମଧ୍ୟରେ ବାତ୍ୟା ଘଣ୍ଟାପ୍ରତି ୧୭ କିମି ବେଗରେ ଗତି କରୁଥିବା ବେଳେ ଏବେ ଏହା ଗୋପାଳପୁରଠାରୁ ୭୧୦ କିମି ଦକ୍ଷିଣରେ, ଚେନ୍ନାଇଠାରୁ ପ୍ରାୟ ୪୪୦ କିଲୋମିଟର ପୂର୍ବ-ଦକ୍ଷିଣ-ପୂର୍ବ, କାକିନାଡାଠାରୁ ୪୯୦ କିଲୋମିଟର ଦକ୍ଷିଣ-ଦକ୍ଷିଣ-ପୂର୍ବ, ବିଶାଖାପାଟନାଠାରୁ ୫୩୦ କିଲୋମିଟର ଦକ୍ଷିଣ-ଦକ୍ଷିଣ-ପୂର୍ବ ଦୂରରେ ରହିଛି।

ପାଣିପାଗ କେନ୍ଦ୍ରର ସୂଚନା ଅନୁଯାୟୀ ଆଗାମୀ ୧୨ ଘଣ୍ଟା ମଧ୍ୟରେ ବାତ୍ୟା ମୋନ୍ଥା ଦକ୍ଷିଣ-ପଶ୍ଚିମ ଓ ସଂଲଗ୍ନ ପଶ୍ଚିମ-କେନ୍ଦ୍ରୀୟ ବଙ୍ଗୋପସାଗର ଉପରେ ଉତ୍ତର-ଉତ୍ତରପଶ୍ଚିମ ଦିଗକୁ ଗତି କରିବ। ମଙ୍ଗଳବାର ସକାଳ ସୁଦ୍ଧା ଏହା ଆହୁରି ଶକ୍ତିଶାଳୀ ହୋଇ ଏକ ଭୀଷଣ ବାତ୍ୟାରେ ପରିଣତ ହେବ। ପରେ ପୁଣି ଉତ୍ତର-ଉତ୍ତରପଶ୍ଚିମ ଦିଗରେ ଗତି କରି ୨୮ ତାରିଖ ସନ୍ଧ୍ୟା କିମ୍ବା ରାତି ବେଳକୁ କାକିନାଡା ନିକଟରେ ସ୍ଥଳଭାଗ ଅତିକ୍ରମ କରିବ। ସ୍ଥଳଭାଗ ନିକଟବର୍ତ୍ତୀ ହେବା ପୂର୍ବରୁ ଧୀରେ ଧୀରେ ବାତ୍ୟାର ବାହ୍ୟବଳୟରେ ଥିବା ମେଘଖଣ୍ଡମାନ ସ୍ଥଳଭାଗ ମୁହାଁ ହୋଇଛି। ଏହା ପ୍ରଭାବରେ ଆନ୍ଧ୍ର ଉପକୂଳ ଓ ଓଡ଼ିଶାର ବିଭିନ୍ନ ଜିଲ୍ଲାରେ ସୋମବାରଠାରୁ ବର୍ଷା ହୋଇଛି। ଅପରାହ୍ଣଠାରୁ ଦକ୍ଷିଣ ଓଡ଼ିଶାର ବିଭିନ୍ନ ଜିଲ୍ଲାରେ ହାଲୁକା ପବନ ବଢ଼ିବା ସହ ବର୍ଷା ଆରମ୍ଭ ହୋଇଯାଇଛି। ମଙ୍ଗଳବାରଠାରୁ ବର୍ଷାର ପ୍ରଭାବ ଆହୁରି ବଢ଼ିବା ସହ ରାଜ୍ୟର ବିଭିନ୍ନ ଜିଲ୍ଲାରେ ୩୦ ତାରିଖ ପର୍ଯ୍ୟନ୍ତ ବର୍ଷାର ପ୍ରଭାବ ରହିବ ବୋଲି ପାଣିପାଗ ବିଭାଗ ଆକଳନ କରିଛି। ମଙ୍ଗଳବାର ମାଲକାନଗିରି, କୋରାପୁଟ, ରାୟଗଡ଼ା, ଗଜପତି, ଗଞ୍ଜାମ, ନବରଙ୍ଗପୁର, କଳାହାଣ୍ଡି, ନୂଆପଡ଼ା, ବଲାଙ୍ଗିର, ସୋନପୁର, ବରଗଡ଼, ବୌଦ୍ଧ, କନ୍ଧମାଳ, ଖୋର୍ଦ୍ଧା, ପୁରୀ, ନୟାଗଡ଼ ଜିଲ୍ଲାରେ ମଧ୍ୟ ପ୍ରବଳରୁ ଅତି ପ୍ରବଳ ବର୍ଷା ହୋଇପାରେ ବୋଲି କୁହାଯାଇଛି। ସେହିପରି ଅଳ୍ପ ବର୍ଷା ଆଶଙ୍କାରେ ଝାରସୁଗୁଡ଼ା, ସୁନ୍ଦରଗଡ଼, ସମ୍ବଲପୁର, ଦେବଗଡ଼, ଅନୁଗୋଳ, ଢେଙ୍କାନାଳ, କେନ୍ଦୁଝର, ମୟୂରଭଞ୍ଜ, ବାଲେଶ୍ୱର, କଟକ, ଯାଜପୁର, ଭଦ୍ରକ, ଜଗତସିଂପୁର, କେନ୍ଦ୍ରାପଡ଼ା ପାଇଁ ୟେଲୋ ଆଲର୍ଟ ଜାରି ହୋଇଛି।

### ଆଜିଠାରୁ ୨ ଦିନ...

ଜାରି କରାଯାଇଛି। ଏହାସହ ଗଣଶିକ୍ଷା ବିଭାଗର ସମସ୍ତ କର୍ମଚାରୀଙ୍କ ଛୁଟି ବାତିଲ୍ କରାଯାଇଛି। ଗଣଶିକ୍ଷା ବିଭାଗର ବିଜ୍ଞପ୍ତି ଅନୁଯାୟୀ, ଗଞ୍ଜାମ, ଗଜପତି, ରାୟଗଡ଼ା, କୋରାପୁଟ, ମାଲକାନଗିରି, କନ୍ଧମାଳ, କଳାହାଣ୍ଡି ଓ ନବରଙ୍ଗପୁରରେ ଥିବା ସମସ୍ତ ସରକାରୀ, ସରକାରୀ ଅନୁଦାନପ୍ରାପ୍ତ ଓ ବେସରକାରୀ ବିଦ୍ୟାଳୟଗୁଡ଼ିକ ବନ୍ଦ ରହିବ। ବାତ୍ୟା ସମୟରେ ଜରୁରୀକାଳୀନ ସେବା ପାଇଁ ଜିଲ୍ଲା ଶିକ୍ଷା ଅଧିକାରୀ (ଡିଇଓ)ମାନେ ଜିଲ୍ଲା ପ୍ରଶାସନର ନିର୍ଦ୍ଦେଶ ଅନୁଯାୟୀ ଦାୟିତ୍ୱ ନିର୍ବାହ କରିବେ। ପ୍ରଶାସନର ଆବଶ୍ୟକତା ଅନୁଯାୟୀ, ବିଦ୍ୟାଳୟଗୁଡ଼ିକ ବିପର୍ଯ୍ୟୟ ପରିଚାଳନା ପାଇଁ ବ୍ୟବହାର ହେବ। ପିଲାଙ୍କ ମଧ୍ୟାହ୍ନଭୋଜନ ପାଇଁ ଗଚ୍ଛିତ ଚାଉଳକୁ ମଧ୍ୟ ରିଲିଫ୍ କାର୍ଯ୍ୟରେ ବ୍ୟବହାର କରାଯାଇପାରିବ। ବାତ୍ୟାକୁ ଦୃଷ୍ଟିରେ ରଖି ଶ୍ରେଣୀଗୃହ ଓ ଅନ୍ୟାନ୍ୟ ଗୃହକୁ ବିଦ୍ୟୁତ୍ ସରବରାହ ବନ୍ଦ ରହିବ। ଶୈକ୍ଷିକ ଉପକରଣ ଓ ଆସବାବପତ୍ରକୁ ସୁରକ୍ଷିତ ସ୍ଥାନରେ ରଖିବେ। ବାତ୍ୟାରେ କୌଣସି କ୍ଷୟକ୍ଷତି ହେଲେ, ସମ୍ପୃକ୍ତ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ଡିଇଓଙ୍କୁ ଅବଗତ କରିବେ। ଡିଇଓମାନେ ବିଦ୍ୟାଳୟ କ୍ଷୟକ୍ଷତି ରିପୋର୍ଟ ଜିଲ୍ଲାପାଳ ଓ ବିଭାଗୀୟ ନିର୍ଦ୍ଦେଶକଙ୍କୁ ଅବଗତ କରିବେ। ବାତ୍ୟା ପରିଚାଳନା ପାଇଁ ନିର୍ଦ୍ଦେଶକମାନଙ୍କ ତତ୍ତ୍ୱାବଧାନରେ ୨୪ ଘଣ୍ଟିଆ କଣ୍ଟ୍ରୋଲ୍ ରୁମ୍ କାର୍ଯ୍ୟକାରୀ ହେବ। ଆବଶ୍ୟକସ୍ଥଳେ ବିଭାଗୀୟ ଅନୁସଚିବ ଗୁଣ୍ଡାଇ ହାଁସଦାଙ୍କୁ ୮୦୧୮ ୭୬୫୨୫୬ ନମ୍ବରରେ ଯୋଗାଯୋଗ କରିବାକୁ ବିଭାଗ ପକ୍ଷରୁ କୁହାଯାଇଛି। ସେହିପରି ଏହି ୮ଟି ଜିଲ୍ଲାର ସମସ୍ତ ଅଙ୍ଗନବାଡ଼ି କେନ୍ଦ୍ର ମଧ୍ୟ ବନ୍ଦ ରହିବ ବୋଲି ମହିଳା ଓ ଶିଶୁ ବିକାଶ ବିଭାଗ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଛି। ଆବଶ୍ୟକସ୍ଥଳେ ୩୦ ତାରିଖରେ ମଧ୍ୟ ଅଙ୍ଗନବାଡ଼ି ବନ୍ଦ ପାଇଁ ଜିଲ୍ଲା ପ୍ରଶାସନ ନିଷ୍ପତ୍ତି ନେଇପାରିବେ ବୋଲି କୁହାଯାଇଛି। ଅପରପକ୍ଷେ, ରାଜଧାନୀ ଭୁବନେଶ୍ୱର ସମେତ ଖୋର୍ଦ୍ଧାରେ ପ୍ରବଳ ବର୍ଷା ହେବାର ସମ୍ଭାବନା ଥିବାରୁ ଖୋର୍ଦ୍ଧା ଜିଲ୍ଲାର ସମସ୍ତ ବିଦ୍ୟାଳୟ ଓ ଅଙ୍ଗନବାଡ଼ି କେନ୍ଦ୍ରକୁ ଜିଲ୍ଲାପାଳ ଛୁଟି ଘୋଷଣା କରିଛନ୍ତି।

### ୩୨ ଟ୍ରେନ୍ ବାତିଲ୍...

ଟିକଟ ଅର୍ଥ ରିଫଣ୍ଡ ପାଇଁ ଅତିରିକ୍ତ କାଉଣ୍ଟର ଖୋଲାଯାଇଛି ଏବଂ ଗୁରୁତ୍ୱପୂର୍ଣ୍ଣ ସ୍ଥାନରେ ସହାୟତା ଡେସ୍କ ମଧ୍ୟ କାର୍ଯ୍ୟ କରୁଛି। ଯାତ୍ରୀମାନଙ୍କୁ ଯାତ୍ରା ଆରମ୍ଭ କରିବା ପୂର୍ବରୁ ନ୍ୟାସନାଲ୍ ଟ୍ରେନ୍ ଇନକ୍ୱାରି ସିଷ୍ଟମ୍ ଆଇଆର୍‌ସିଟିସି ୱେବସାଇଟ୍/ଆପ୍ ମାଧ୍ୟମରେ ସର୍ବଶେଷ ଟ୍ରେନ୍ ଚାଳନ ଅପଡେଟ୍ ଯାଞ୍ଚ କରିବାକୁ କିମ୍ବା ନିକଟତମ ରେଳବାଇ ହେଲ୍ପଲାଇନ୍ ସହିତ ଯୋଗାଯୋଗ କରିବାକୁ ପରାମର୍ଶ ଦିଆଯାଇଛି। ଏପରିକି ପୂର୍ବତଟ ରେଳପଥ ଅନ୍ତର୍ଗତ ଖୋର୍ଦ୍ଧା ରୋଡ୍ ରେଳମଣ୍ଡଳ ପକ୍ଷରୁ ମଧ୍ୟ ବ୍ୟାପକ ସତର୍କତାମୂଳକ ପଦକ୍ଷେପ ଗ୍ରହଣ କରିଛି। ପରିସ୍ଥିତିର ନିକଟତର ତଦାରଖ ପାଇଁ ଖୋର୍ଦ୍ଧା ରୋଡ୍ ରେଳମଣ୍ଡଳ ଏହାର ମୁଖ୍ୟାଳୟରେ ୨୪ ଘଣ୍ଟିଆ ଜରୁରୀକାଳୀନ ନିୟନ୍ତ୍ରଣ କକ୍ଷକୁ ସକ୍ରିୟ କରାଯାଇଛି। ପୂର୍ବତଟ ରେଳପଥ ଅତିରିକ୍ତ ମହାପ୍ରବନ୍ଧକ ବି. ଶ୍ରୀକୃଷ୍ଣ ରାଜକୁମାର ଖୋର୍ଦ୍ଧା ରୋଡ୍ ରେଳମଣ୍ଡଳର ମଣ୍ଡଳ ରେଳ ପ୍ରବନ୍ଧକ ଆଲୋକ ତ୍ରିପାଠୀଙ୍କ ସହ ଏକ ଉଚ୍ଚସ୍ତରୀୟ ବୈଠକର ଅଧ୍ୟକ୍ଷତା କରି ପ୍ରସ୍ତୁତି ପଦକ୍ଷେପ ସମୀକ୍ଷା କରିଥିଲେ। ସେ ଯାତ୍ରୀମାନଙ୍କ ପ୍ରତି ଶୂନ୍ୟ ବିପଦ ସୁନିଶ୍ଚିତ କରିବା ଉପରେ ଗୁରୁତ୍ୱାରୋପ କରିଥିବାବେଳେ ସମସ୍ତ କ୍ଷେତ୍ର ୟୁନିଟ୍‌କୁ ସର୍ବାଧିକ ସତର୍କତା ନଜରରେ ରହିବାକୁ ନିର୍ଦ୍ଦେଶ ଦେଇଛନ୍ତି। ଘୂର୍ଣ୍ଣିଝଡ଼ ପ୍ରଭାବ ପରେ ଟ୍ରାକ୍, ସିଗନାଲିଂ ସିଷ୍ଟମ, ଓଏଚଇ ଏବଂ ବିଦ୍ୟୁତୀକରଣ ଭିତ୍ତିଭୂମିର ତୁରନ୍ତ ପୁନରୁଦ୍ଧାର ପାଇଁ ସ୍ୱତନ୍ତ୍ର ଦଳଗୁଡ଼ିକୁ ନିୟୋଜିତ କରାଯାଇଛି।

### ୫୦ ହଜାର କୋଟିର...

ନୀଳ ଅର୍ଥନୀତି କ୍ଷେତ୍ରର ଅଗ୍ରଣୀ ଶିଳ୍ପ ପ୍ରତିନିଧିମାନଙ୍କୁ ଭେଟି ସେମାନଙ୍କ ସହ କଥାବାର୍ତ୍ତା କରିବା ସହ ଓଡ଼ିଶାରେ ପୁଞ୍ଜି ବିନିଯୋଗ ସୁଯୋଗ ଅନ୍ୱେଷଣ କରିବାକୁ ଆମନ୍ତ୍ରଣ କରିଛନ୍ତି। ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ଓଡ଼ିଶାର ସାମୁଦ୍ରିକ ଶକ୍ତି ଶିଳ୍ପ ଏବଂ ଅର୍ଥନୈତିକ ଅଭିବୃଦ୍ଧିର ଏକ ନୂତନ ସମ୍ଭାବନା ଆଡ଼କୁ ଗତି କରୁଛି। ପାରାଦୀପ, ଧାମରା, ଗୋପାଳପୁର ବନ୍ଦର ସହ ଅସ୍ତରଙ୍ଗ, ଜଟାଧାରୀ, ସୁବର୍ଣ୍ଣରେଖା ଏବଂ ବାହୁଦାରେ ପ୍ରସ୍ତାବିତ ବନ୍ଦରଗୁଡ଼ିକ ସହିତ ଆମେ ଆମର ମୋଟ ବନ୍ଦର ପରିଚାଳନା କ୍ଷମତାକୁ ବାର୍ଷିକ ୫୦୦ ନିୟୁତ ଟନକୁ ବୃଦ୍ଧି କରୁଛୁ। ପୁରୀ କ୍ରୁଜ ଟର୍ମିନାଲ ସହିତ ଜାହାଜ ନିର୍ମାଣ ଏବଂ ମରାମତି କ୍ଲଷ୍ଟର ପାଇଁ ୨୪୭୦୦୦ କୋଟି ଟଙ୍କା ଏବଂ ବାହୁଦା ବନ୍ଦରରେ ୨୧୫୦୦ କୋଟି ଟଙ୍କା ବିନିଯୋଗ ଓଡ଼ିଶାର ଉପକୂଳ ଅର୍ଥନୀତି ଏବଂ ବିଶ୍ୱ ବାଣିଜ୍ୟ ସଂଯୋଗକୁ ଏକ ନୂଆ ଦିଗ ପ୍ରଦାନ କରିବ । ଏହି ପରିବର୍ତ୍ତନଶୀଳ ଯାତ୍ରାର ଅଂଶବିଶେଷ ହେବାକୁ ମୁଁ ନିବେଶକମାନଙ୍କୁ ହାର୍ଦ୍ଦିକ ସ୍ୱାଗତ କରୁଛି ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି। ଏହି କାର୍ଯ୍ୟକ୍ରମକୁ କେନ୍ଦ୍ର ସ୍ୱରାଷ୍ଟ୍ର ମନ୍ତ୍ରୀ ଅମିତ ଶାହା ଉଦଘାଟନ କରିଥିଲେ। ଉଦଘାଟନୀ ଅଧିବେଶନ ପରେ ମୁଖ୍ୟମନ୍ତ୍ରୀଙ୍କ ଅଧ୍ୟକ୍ଷତାରେ ଓଡ଼ିଶା ସରକାରଙ୍କ ଏକ ପ୍ରତିନିଧି ଦଳ ସହିତ ଏକ ସ୍ୱତନ୍ତ୍ର ଓଡ଼ିଶା ଅଧିବେଶନ ଅନୁଷ୍ଠିତ ହୋଇଥିଲା। 'ଓଡ଼ିଶାର ବନ୍ଦର ଭିତ୍ତିକ ବିକାଶ ୨୦୨୪ ପାଇଁ ଏକ ଦୃଷ୍ଟିକୋଣ ଯୋଜନା' ଶୀର୍ଷକ ଏହି ଅଧିବେଶନରେ ଓଡ଼ିଶାର ବନ୍ଦର ଭିତ୍ତିକ ଶିଳ୍ପ ଭିତ୍ତିଭୂମିରେ ନିବେଶ ସମ୍ଭାବନା ଉପରେ ବିସ୍ତୃତ ଭାବେ ଆଲୋଚନା କରାଯାଇଥିଲା।

### ଉପନିର୍ବାଚନ ବେଳେ...

ସମ୍ପର୍କରେ ଅବଗତ କରାଯାଇଛି। ତେବେ ଉପ ନିର୍ବାଚନ ପରି ଏକ ଘଡ଼ିସନ୍ଧି ମୂହୂର୍ତ୍ତରେ ଗୁରୁ ଦାୟିତ୍ୱ ବହନ କରୁଥିବା ଦକ୍ଷିଣ-ପଶ୍ଚିମାଞ୍ଚଳ ଡ଼ିଆଇଜିଙ୍କ ଅଚାନକ ଛୁଟିକୁ ନେଇ ବିଭିନ୍ନ ମହଲରେ ପ୍ରଶ୍ନ ଉଠିଛି। ଅନ୍ୟପକ୍ଷରେ ଶ୍ରୀ ସିଂଙ୍କ ଛୁଟିରୁ ଫେରିବା ପର୍ଯ୍ୟନ୍ତ ତାଙ୍କ ସ୍ଥାନରେ ଉତ୍ତରାଞ୍ଚଳ ଆଇଜି ହିମାଂଶୁ ଲାଲ୍ ଅତିରିକ୍ତ ଭାବେ ଦାୟିତ୍ୱ ସମ୍ଭାଳିବେ ବୋଲି ସୂଚନା ମିଳିଛି ।

### ସମ୍ପତ୍ତି ତାଲିକା..

ସୁନିଶ୍ଚିତ କରିବା ପାଇଁ ରାଜ୍ୟ ସରକାର ଉପରୋକ୍ତ ନିଷ୍ପତ୍ତି ନେଇଛନ୍ତି। ୨୦୨୪ ଆର୍ଥିକ ବର୍ଷ ପାଇଁ ସମ୍ପତ୍ତି ତାଲିକା ଦାଖଲ କରିବା ପାଇଁ ଆଉ କୌଣସି ସମୟସୀମା ବୃଦ୍ଧି କରାଯିବ ନାହିଁ। ଏପରିକି ଏଥିନିମିତ୍ତ ଆଉ ପୋର୍ଟାଲ ଖୋଲିବ ନାହିଁ ବୋଲି ସାଧାରଣ ବିଭାଗ ସ୍ପଷ୍ଟ କରିଛି।

ବିଭାଗ ପକ୍ଷରୁ କୁହାଯାଇଛି ଯେ ବିଭାଗୀୟ ପଦୋନ୍ନତି ପାଇଁ ନିର୍ଦ୍ଧାରିତ ସମୟ ମଧ୍ୟରେ ସମ୍ପତ୍ତି ତାଲିକା ଦାଖଲ କରିବା ବାଧ୍ୟତାମୂଳକ । ଏହି ନିୟମ ଆଧାରରେ ଯେଉଁ କର୍ମଚାରୀ ନିଜର ସମ୍ପତ୍ତି ତାଲିକା ନିର୍ଦ୍ଧାରିତ ସମୟରେ ଦାଖଲ କରିନାହାନ୍ତି ସେମାନେ ପଦୋନ୍ନତି ପାଇଁ କୌଣସି ବିଭାଗୀୟ ପଦୋନ୍ନତି କମିଟି(ଡିପିସି) ନିକଟରେ ଯୋଗ୍ୟ ବିବେଚିତ ହେବେ ନାହିଁ । ଏପରିକି ସମସ୍ତ ବିଭାଗ ଏହି ନିର୍ଦ୍ଦେଶନାମାକୁ କଡ଼ାକଡ଼ି ଭାବେ ଅନୁପାଳନ କରିବା ସହ ସମ୍ପତ୍ତି ତାଲିକା ଦାଖଲ ନକରିଥିବା କୌଣସି କର୍ମଚାରୀଙ୍କ ପଦୋନ୍ନତି ଆବେଦନ ଯେପରି ଡିପିସି ନିକଟରେ ଉପସ୍ଥାପିତ ନ ହୁଏ, ତାହା ସୁନିଶ୍ଚିତ କରିବାକୁ ସାଧାରଣ ପ୍ରଶାସନ ବିଭାଗ ନିର୍ଦ୍ଦେଶ ଦେଇଛି।

### ପ.ବଙ୍ଗ, ତାମିଲନାଡୁ...

ଭୋଟର ଚିଠା ତାଲିକା ପ୍ରକାଶ କରାଯିବ। ଭୋଟରମାନେ ସେମାନଙ୍କର ଆପତ୍ତି ଅଭିଯୋଗ ଜାନୁଆରୀ ୮ ପର୍ଯ୍ୟନ୍ତ ଦାଖଲ କରିପାରିବେ ଏବଂ ଫେବୃଆରୀ ୭ ତାରିଖରେ ଚୂଡ଼ାନ୍ତ ଭୋଟର ତାଲିକା ପ୍ରକାଶ ପାଇବ। ଏହି ପ୍ରକ୍ରିୟାରେ ୫୧ କୋଟି ଭୋଟର ସାମିଲ ହେବେ। ଭୋଟର ତାଲିକାରେ ସ୍ଥାନ ପାଇବା ଲାଗି ୧୨ଟି ପ୍ରମାଣ ମଧ୍ୟରୁ ଗୋଟିଏ ଦାଖଲ କରିବାକୁ ପଡ଼ିବ। ଏଥିରେ ଆଧାରକାର୍ଡ ସାମିଲ ଥିଲେ ମଧ୍ୟ ଏହାକୁ କେବଳ ପରିଚୟପତ୍ର ରୂପେ ଗ୍ରହଣ କରାଯିବ। ଆଜି ଏଠାରେ ଏକ ସାମ୍ବାଦିକ ସମ୍ମିଳନୀରେ ଉପରୋକ୍ତ ସୂଚନା ଦେଇ ମୁଖ୍ୟ ନିର୍ବାଚନ କମିସନର ଜ୍ଞାନେଶ କୁମାର କହିଲେ ଯେ କୌଣସି ଯୋଗ୍ୟ ଭୋଟର ଯେମିତି ଏହି ପ୍ରକ୍ରିୟାରେ ବାଦ୍ ନପଡ଼ନ୍ତି, ତାହା ସୁନିଶ୍ଚିତ କରାଯିବ। ସେହିପରି ଯେଉଁମାନେ ମତଦାନ କରିବାକୁ ଯୋଗ୍ୟ ନୁହନ୍ତି ସେମାନଙ୍କୁ ବାଦ୍ ଦିଆଯିବ। ସେ କହିଲେ ଯେ ୧୯୫୧ରୁ ୨୦୦୪ ମଧ୍ୟରେ ଆଠ ଥର ଏସ୍ଆଇଆର୍ କରାଯାଇଥିଲା। ସ୍ୱାଧୀନତା ପରେ ଏହା ହେବ ନବମ ଏସ୍ଆଇଆର୍। ପ୍ରଥମ ପର୍ଯ୍ୟାୟରେ ବିହାରରେ ହୋଇଥିବା ଏସ୍ଆଇଆର୍ ସଫଳ ରହିଛି। ଯେଉଁମାନଙ୍କ ନାମ ଭୋଟର ତାଲିକାରୁ କଟିଛି, ସେମାନଙ୍କ ମଧ୍ୟରୁ କେହି ଆପତ୍ତି ଅଭିଯୋଗ କରିନାହାନ୍ତି। ଏହି ସଂଶୋଧନ ପ୍ରକ୍ରିୟାରେ ୬୫ ଲକ୍ଷ ଭୋଟରଙ୍କୁ ବାଦ୍ ଦିଆଯାଇଥିଲା। ଅନ୍ୟପକ୍ଷରେ ବିରୋଧୀ ଦଳ ବିହାର ଏସଆଇଆରକୁ ବିରୋଧ କରି ସୁପ୍ରିମ କୋର୍ଟରେ ଦ୍ୱାରସ୍ଥ ହୋଇଛନ୍ତି। କିଛି ନିର୍ଦ୍ଦିଷ୍ଟ ଗୋଷ୍ଠୀକୁ ଏହି ପ୍ରକ୍ରିୟାରେ ଟାର୍ଗେଟ କରାଯାଇଛି ଏବଂ ସେମାନଙ୍କ ନାମକୁ ଭୋଟର ତାଲିକାରୁ କାଟି ଦିଆଯାଉଛି ବୋଲି ସେମାନେ ଅଭିଯୋଗ କରିଛନ୍ତି। ଏହି ମାମଲା ଏବେ ସୁପ୍ରିମ କୋର୍ଟଙ୍କ ବିଚାରାଧୀନ ରହିଛି।

ପଶ୍ଚିମବଙ୍ଗ ସଂପର୍କରେ ମୁଖ୍ୟ ନିର୍ବାଚନ କମିସନର କହିଲେ ଯେ ସେହି ରାଜ୍ୟ ସରକାର ସହିତ କମିସନଙ୍କର କୌଣସି ମୁକାବିଲାମୂଳକ ପରିସ୍ଥିତି ସୃଷ୍ଟି ହୋଇନାହିଁ। ସେ କହିଲେ ଯେ ନିର୍ବାଚନ କମିସନ ନିଜର ସାମ୍ବିଧାନିକ ଦାୟିତ୍ୱ ତୁଲାଉଛନ୍ତି ଏବଂ ରାଜ୍ୟ ସରକାରମାନେ ଏଥିରେ ସହଯୋଗ କରିବାକୁ ବାଧ୍ୟ।

## ବୁଢ଼ାବଳଙ୍ଗରେ ସୂର୍ଯ୍ୟଙ୍କୁ ଅର୍ଘ୍ୟ ପ୍ରଦାନ

ବାରିପଦା, ୨୭।୧୦(ସମିସ): ବାରିପଦାରେ ବିହାରୀ ସମ୍ପ୍ରଦାୟର ଲୋକେ ଆନନ୍ଦ ଉଲ୍ଲାସର ସହ ଛଟ୍ ପର୍ବ ପାଳନ କରିଛନ୍ତି। ଶ୍ରଦ୍ଧାଳୁମାନେ ପୋଡ଼ାଅସ୍ତିଆ, ବେଲଗଡ଼ିଆ ଆଦି ସ୍ଥାନରେ ବୁଢ଼ାବଳଙ୍ଗ ନଦୀ କୂଳରେ ପହଞ୍ଚି ସୂର୍ଯ୍ୟଙ୍କୁ ଅର୍ଘ୍ୟ ପ୍ରଦାନ ପୂର୍ବକ ପୂଜାର୍ଚ୍ଚନା କରିଛନ୍ତି। ଗତ ୩ ଦିନ ଧରି ପୂଜାର୍ଚ୍ଚନା ହେଉଥିବା ବେଳେ ମଙ୍ଗଳବାର ଏହା ଉଦ୍‌ଯାପିତ ହେବ। ମହିଳାମାନେ ଉପବାସ ରହି ସୋମବାର ସନ୍ଧ୍ୟାରେ ଅସ୍ତ ସୂର୍ଯ୍ୟଙ୍କୁ ଅର୍ଘ୍ୟ ଅର୍ପଣ କରିଥିବା ବେଳେ ମଙ୍ଗଳବାର ବଡିଭୋର୍‌ରୁ ଉଦିତ ସୂର୍ଯ୍ୟଙ୍କୁ ଅର୍ଘ୍ୟ ଦାନ ପୂର୍ବକ ଧୂପଦୀପ ନୈବେଦ୍ୟ ସମର୍ପଣ କରି ପୂଜା ଶେଷ କରିବେ। ବାହାରେ ଥିବା ପରିବାର ଲୋକେ ମଧ୍ୟ ଘରକୁ ଆସିଥିବା ବେଳେ ସମସ୍ତ ସଦସ୍ୟଙ୍କ ସୁଖ, ଶାନ୍ତି, ଉନ୍ନତି ପାଇଁ ପୂଜା କରିଥାନ୍ତି।

କାର୍ତ୍ତିକ ମାସ ଶୁକ୍ଳପକ୍ଷ ଷଷ୍ଠୀ ତିଥିରେ ଏହି ପର୍ବକୁ ହିନ୍ଦୁ ରୀତିନୀତି ଅନୁଯାୟୀ ପାଳନ ହୋଇଥାଏ। ମୁଖ୍ୟତଃ ସୂର୍ଯ୍ୟଦେବଙ୍କୁ ଉପାସନା କରାଯାଇଥାଏ। ଏହି ପର୍ବର ଶେଷ ଦିବସରେ ସମସ୍ତ ବିହାରୀ ସମ୍ପ୍ରଦାୟର ଲୋକେ ଭକ୍ତି ଭାବନାର ସହ ଉଦିତ ସୂର୍ଯ୍ୟଙ୍କୁ ଅର୍ଘ୍ୟ ସମର୍ପଣ କରି ସୂର୍ଯ୍ୟଙ୍କ ପୂଜାର୍ଚ୍ଚନା କରିଥାନ୍ତି।

## ହାତୀ ଆକ୍ରମଣରେ ବୃଦ୍ଧ ମୃତ

ବାରିପଦା, ୨୭।୧୦(ସମିସ): ହାତୀ ଆକ୍ରମଣରେ ଜଣେ ବୃଦ୍ଧଙ୍କ ମୃତ୍ୟୁ ଘଟିଛି। ମୃତ ବୃଦ୍ଧଜଣଙ୍କ ହେଲେ, ବାଙ୍ଗିରିପୋଷି ବନ ରେଞ୍ଜ ଅନ୍ତର୍ଗତ ଖଇରବଣି ଗାଁର ଜଗେଶ୍ୱର ନାଏକ (୫୭)। ଜଗେଶ୍ୱର ସୋମବାର ସକାଳୁ ଗାଈ ଚରାଇବାକୁ ନିକଟସ୍ଥ ଜଙ୍ଗଲକୁ ଯାଇଥିବା ବେଳେ ଏକ ହାତୀ ହାବୁଡ଼ରେ ପଡ଼ି ଯାଇଥିଲେ। ହାତୀଟି ଜଗେଶ୍ୱରଙ୍କୁ ଶୁଣ୍ଢରେ ଟେକି କଚାଡ଼ି ଦେବା ସହ ପାଦରେ ଦଳିଦେଇଥିଲା। ଫଳରେ ଘଟଣାସ୍ଥଳରେ ହିଁ ତାଙ୍କର ମୃତ୍ୟୁ ହୋଇଯାଇଥିଲା।


**AFFIDAVIT**

By virtue of an affidavit sworn before the Executive Magistrate, Sohela vide no.02 dated 27/10/2025, I, Jogindra Kumar Sahu, S/o- Krushna Chandra Sahu, R/o- Vill.- Tileimal, Po.- Ghess, Ps.- Melchhamunda, Dist.- Bargarh state that, in my Aadhar bearing no. 941523556155 my name has been mentioned as Jogindra Sahu. That, **Jogindra Kumar Sahu** and **Jogindra Sahu** is one and same person.

Sd/- Jogindra Kumar Sahu

**AFFIDAVIT**

By virtue of an Affidavit Sworn before the Executive Magistrate, Kujang, Dist.: Jagatsinghpur, I, Sushma Sethy, aged about 57 years, W/o: Iswar Chandra Sethy of Vill/P.O.: Gorada, P.S.: Tirtol, Dist.: Jagatsinghpur declare by this Affidavit No.: 3370, Dated: 16.10.2025 that now onwards my name & date of birth shall be known as **Susama Sethy & 20.06.1968** for all future purposes.

**AFFIDAVIT**

By virtue of an affidavit sworn before the Executive Magistrate, Nandapur vide no.97 dated 27/10/2025, I Brundabati Burudi, D/o- Jagabandhu Burudi, W/o- Nanda Burudi resident of Vill.- Khudub, Po.- Gollur, Ps.- Padwa, Dist.- koraput, Odisha, Pin-764038 state that, I have changed my name from **Buruda Burudi** to **Brundabati Burudi**. Henceforth, I shall be known as **Brundabati Burudi** for all purposes.

Sd/- Brundabati Burudi

**AFFIDAVIT**

By virtue of an affidavit C.F. No. 28, dtd. 27.10.2025 before the Executive Magistrate, Bhubaneswar, I, Saraswati Sahoo, have changed my name from Saraswati Dash to Saraswati Sahoo. Henceforth I shall be known as Saraswati Sahoo for all purposes.

**Sd/- Saraswati Sahoo**

**THE ODISHA AGRO INDUSTRIES CORPORATION LIMITED**

(A Government of Odisha Undertaking)

95, SATYA NAGAR, BHUBANESWAR -751 007.

CAD-2108

**TENDER CALL NOTICE**

e-Tender quotation in conformity with technical specification, terms & conditions in bid documents are invited from manufacturers for **"Procurement of sprinkler irrigation system (Micro Irrigation System" for the FY 2025-26 to 2026-27**. For details, please visit website https://tendersodisha.gov.in. or https://odishaagro.nic.in/ from **dt 27.10.2025 to dt.21.11.2025 (5.00 pm.)**.

Sd/-

OIPR-01047/11/0061/2526 MANAGING DIRECTOR

**ନୋଟିସ୍**

(ଦେ.କା. ଆଇନ୍‌ର ଅର୍ଡର ୫ ରୁଲ୍ ୧୦ ସହିତ ଅର୍ଡର ୫ ରୁଲ ୨୦ (୧) ଏବଂ ୧ (କ) ଅନୁସାରେ ନୋଟିସ୍)

**ଜଜ୍ ଫ୍ୟାମିଲି କୋର୍ଟ, ଅନୁଗୋଳ**

**ସିଭିଲ୍ ପ୍ରୋସିଡ଼ିଙ୍ଗ (Execution), କେଶ ନଂ. ୯/୨୦୨୩**

କଳ୍ପନା ମହାପାତ୍ର, ବୟସ ୪୧ ବର୍ଷ, ସ୍ୱାମୀ- ପ୍ରଦୀପ ଦାସ, ସା-ହନୁମାନ ବଜାର, ପୋ.ଅ- ଅନୁଗୋଳ, ଥାନା/ସ.ଡ଼ି.-ଅନୁଗୋଳ, ଜିଲ୍ଲା-ଅନୁଗୋଳ (ଓଡ଼ିଶା)

... ଦରଖାସ୍ତକାରୀଣି

ବନାମ

ପ୍ରଦୀପ ଦାସ, ବୟସ ୪୫ ବର୍ଷ ପିତା- ସ୍ୱର୍ଗତ ସଦାଶିବ ଦାସ, ପ୍ଲଟ୍ ନଂ.-୨୬୪. ମିଲନ ପାରାଡାଇସ୍, ଆର୍ଯ୍ୟ ବିହାର କଲୋନୀ, ଚନ୍ଦ୍ରଶେଖରପୁର, ଭୁବନେଶ୍ୱର, ଜିଲ୍ଲା- ଖୋରଧା, ପିନ୍-୭୫୧୦୨୧।

ଅଫିସ ଠିକଣା- ପ୍ରଦୀପ ଦାସ, ବୟସ ୪୫ ବର୍ଷ ପିତା- ସ୍ୱର୍ଗତ ସଦାଶିବ ଦାସ, ଫ୍ଲାଟ୍ ନଂ.- ୪୨୮, ୪ର୍ଥ ଫ୍ଲୋର ଡ଼ି.ଏଲ୍. ଏଫ୍. ସାଇବର ସିଟି, ପଟିଆ, ଚନ୍ଦକା ଇଣ୍ଡଷ୍ଟ୍ରିଆଲ୍ ଇ-ଷ୍ଟେଟ୍, ଭୁବନେଶ୍ୱର-୭୫୧୦୨୪, ମୋ.ନଂ-୯୨୦୬୭୫୩୩୯୮, ୮୨୪୯୮୧୪୯୨୩

...ଅପରପକ୍ଷ

ଯେହେତୁ ଦରଖାସ୍ତକାରୀ U/S 18 Family Courts Act ପରିବାର ଅଦାଲତ ଅନୁଗୋଳ ଅନୁସାରେ ଆପଣଙ୍କ ବିରୁଦ୍ଧରେ ମୋକଦ୍ଦମା ଦାଖଲ କରିଛନ୍ତି । ଆପଣଙ୍କ ବିରୁଦ୍ଧରେ ନୋଟିସ୍ ବାରମ୍ବାର ଆପଣଙ୍କ ଠିକଣାରେ ଜାରି ନିମନ୍ତେ ପଠାଗଲେ ମଧ୍ୟ ଆପଣ ଜାଣିଶୁଣି ଅନୁପସ୍ଥିତ ରହୁଥିବାରୁ ଓ ଆପଣଙ୍କ ଠିକଣା ପାଇପାରୁନଥିବାରୁ ନୋଟିସ୍ ଉତ୍ତମ ରୂପେ ଜାରି ହୋଇପାରୁନାହିଁ।

ଏଣୁ ଅତ୍ର ବିଜ୍ଞାପନ ଦ୍ୱାରା ଆପଣଙ୍କୁ ଜଣାଇ ଦିଆଯାଇଅଛି କି ଆପଣ ଧାର୍ଯ୍ୟ ତା.୧୪.୧୧.୨୦୨୫ରିଖ ପୂର୍ବାହ୍ନ ୧୦:୩୦ ମିନିଟ୍ ସମୟରେ ଅତ୍ର କୋର୍ଟରେ ହାଜର ହୋଇ ଜବାବ ଦାଖଲ କରିବେ । ହାଜର ନ ହେଲେ ଆପଣଙ୍କ ବିରୁଦ୍ଧରେ ଏକ ତରଫା ସୁତ୍ରେ ବିଚାର କରାଯିବ।

ଅଦ୍ୟ ତା.୨୬.୦୯.୨୦୨୫ରିଖ ରେ ଆମ୍ଭର ସ୍ୱାକ୍ଷର ଅଦାଲତ ରେ ମୋର ଯୁକ୍ତେ ଦିଆଗଲା ।

ସ୍ୱା/- ବିଚାରପତି

**AFFIDAVIT**

By virtue of an affidavit sworn before The Notary Public, Sunabeda dated 15/07/2025, I Sri Krushna Gurumai, S/o- Sindhy Gurumai, Vill.- Hatimunda, PO.- Subai, Ps.- Similiguda, District- Koraput declare that, I have changed my name from **Kustha Gurumain** to **Krushna Gurumai**. Henceforth, I shall be known as **Krushna Gurumai** for all purposes.

Sd/- Krushna Gurumai

**AFFIDAVIT**

I Sunil Kumar Bhanja, S/o- Paresh Chandra Bhanja of village- Kasaba Kamarda /Po/Ps- Kamarda, Dist- Balasore, Odisha, declared by affidavit before Executive Magistrate , Bhograi No.5108/25 dtd-14/10/2025 that my son Ayush Kumar Bhanja's correct birth date is 04/01/2008 in birth certificate. that it unfortunately mentioned as 04/01/2007 in his educational certificate. Hence my son's actual & correct date of birth is as **04.01.2008** for all future purposes.

**AFFIDAVIT**

By virtue of an affidavit sworn before the Notary Public, Bhubaneswar dated 14/10/2025. I, Sorisa Nayak W/o Jayram Nayak, At- Baliberana, Po- Chadeyapalli, Ps-Chadeyapalli, Nayagarh, Odisha, Pin- 752089, declare that I have changed my owned name Surina Nayak to Sorisa Nayak. Henceforth, I shall be known as new name Sorisa Nayak for all purposes.

**Sd/- Sorisa Nayak**

**AFFIDAVIT**

By virtue of an affidavit sworn before Executive Magistrate Banapur on dated 23.10.2025, I Raja Kishore Rout resident village- Achyutrajpur, Po/Ps- Banapur, Dist- khordha, Odisha, PIN- 752031 declare that I have changed my name from Raj Kishore Rout to Raja Kishore Rout. Henceforth I shall be known as **RAJA KISHORE ROUT** for all purposes.

**Raja Kishore Rout**

**AFFIDAVIT**

By virtue of an affidavit sworn before Executive Magistrate, Nabarangapur, bearing affidavit no.-1098, dated 27.10.2025 I, Bhajan Nayak, S/o- Late Jitendra Nayak, resident of Dhoba Sahi, Po./Ps./Dist.- Nabarangpur, Odisha, Pin- 764059 declare that, I have changed my son's name from **Akhyansri Nayak** to **Arashi Nayak**. Henceforth, she shall be known as **Arashi Nayak** for all future purposes.

Sd/- Bhajan Nayak

**AFFIDAVIT**

I, Manju Agarwalla, aged about 55 years, W/o- Sunil Kumar Agrawal, resident of Hemgir, Po- Hemgir, Ps- Hemgiri, Dist- Sundergarh, Odisha, PIN- 770013 declare by this affidavit No. 2191, dtd. 27/10/2025, that now onwards I shall be known as **MANJU AGRAWAL** for all future purposes.

**AFFIDAVIT**

By virtue of an affidavit, sworn before Executive Magistrate, Bhubaneswar dtd. 27.10.2025 I, **Pragnyasini Bej,** Address: At- Nuasasan, Po- Gopei, Ps- Kudanagari, Dist- Kendrapara, Pin- 754223, Odisha, declare that I have changed my name from **Pragyanswani Bej to Pragnyasini Bej.** Henceforth, I shall be known as **Pragnyasini Bej** (new name) for all purpose.

**Pragnyasini Bej**

**AFFIDAVIT**

By virtue of an affidavit sworn before The Notary Public, Bhubaneswar dated- 27/10/2025. I, **Shree Gopal Samal,** S/o Vijay Kumar Samal, Address: Hakimpada, House No. 032, PO- Hakimpada, Near Old Bambo Office, Near Vijay Food Products, Angul, PIN- 759143, Odisha declare that I have changed my name from **Gopal Samal to Shree Gopal Samal.** Henceforth, I shall be known as **Shree Gopal Samal** (new name) for all purposes.

**Shree Gopal Samal**

**OFFICE OF THE PRINCIPAL-CUM-SECRETARY**

**MAA MARKAMA +3 COLLEGE, BISSAM CUTTACK, DIST: RAYAGADA.**

mmdegreecollege@gmail.com

**CORRIGENDUM**

**WALK-IN-INTERVIEW**

In pursuance to the advertisement published in Page No – 09 dated- 18.10.2025 the revised scheduled time of interview is as follows.

| Sl. No | Name of the Post | No of Post | Previous Date & Time | Age | Revise Date and Time |
|---|---|---|---|---|---|
| 1 | 2 | 3 | 4 | 5 | 6 |
| **ARTS (MANAGEMENT)** | | | | | |
| 1 | Physical Education Teacher | 01 | 02.11.2025 11 A.M. | As per Govt. norms | 06.11.2025 11 A.M. |
| 2 | Peon (ST Category) | 01 | 02.11.2025 11 A.M. | | |
| **SCIENCE (SELF FINANCING)** | | | | | |
| 1 | Laboratory Attendant (Biological Science) | 01 | 02.11.2025 11 A.M. | As per Govt. norms | 06.11.2025 11 A.M. |
| 2 | Lect-in-Mathematics, Botany, Zoology. | 01 each | 09.11.2025 11 A.M. | As per Govt. norms | 11.11.2025 11 A.M. |

-sd-

Principal-cum-Secretary

Maa Markama +3 College, Bissamcuttack

https://mmplus3college.in/

**EASTERN INVESTMENTS LIMITED**

CIN: L65993OR1927GOI034842

Registered office: House No: 255, Pristine Green, Pokhariput, Bhubaneswar, Odisha-751020

Tel. No. 0674-2391595, website: **www.birdgroup.co.in**

**NOTICE OF 98TH ANNUAL GENERAL MEETING AND E-VOTING INFORMATION**

This Notice is published in supersession of the earlier Notice published on 27th October, 2025, in respect of convening of 98th Annual General Meeting of Eastern Investments Limited through video conferencing/ other audio visual means.

In this regards Notice is hereby given that the 98th Annual General Meeting (AGM) of Eastern Investments Limited (the 'Company') will be held on Tuesday, 18th November, 2025 at 12:30 p.m. IST through video conferencing (VC)/other audio-visual means (OAVM), to transact the business as set out in the Notice.

In compliance with the provisions of the Companies Act, 2013 read with circulars issued by Ministry of Corporate Affairs and SEBI, from time to time, the Notice of 98th AGM and Annual Report containing the financial statements for FY 2024-25, Auditors' Report thereon, Board's Report and other documents, have been sent through e-mails on 27th October 2025, to all the Members, whose e-mail IDs are registered with the Company/Depository Participant (DP). The said documents are also available on the Company's website i.e. **www.birdgroup.co.in** websites of stock exchanges i.e. **www.cse-india.com** and on the website of NSDL at **www.evoting.nsdl.com**.

Further, the Company has engaged National Securities Depository Limited (NSDL) to enable the members of the Company to attend the said AGM through VC/OAVM and to cast votes electronically, in respect of the businesses to be transacted at 98th AGM of the Company. Members of the Company holding shares either in physical form or in dematerialized form as on the Cut-off date i.e. 10th November, 2025 may cast their vote electronically in respect of business to be transacted at the AGM. The remote e-voting platform will be open for voting from Friday, 14th November, 2025(09:00 AM) to Monday, 17th November, 2025 (05:00 PM). Remote e-voting module shall be disabled by NSDL for voting thereafter. Those members, who do not cast their vote on the resolutions through remote e-voting during the above period and are otherwise not barred from doing so, shall be eligible to vote through e-voting system during the AGM.

Members who have not registered their email address or who becomes a member of the Company after dispatch of the Notice of AGM and holds shares as on the Cut-Off date, are requested to register the same with the Depository through their Depository Participant(s) in case the shares are held in electronic form and in case of shares held in physical form, with the Company's Registrar and Share Transfer Agent i.e. M/s CB Management Services Private Limited, Email: **rta@cbmsl.com**. Any person whose e-mail ID is not registered with the Company/DP may obtain the user Id and password for e-voting by sending a request at evoting@nsdl.co.in. However, if the member is already registered with NSDL / Remote e-voting, he/she can use his/her existing user id and Password for casting the vote. Further. Members who have cast their vote by remote e-voting may attend the AGM, but shall not be entitled to vote again at the AGM.

In case of any queries, Members may refer to the Frequently Asked Questions (FAQs) for shareholders and e-voting user manual available at the download section of NSDL website i.e. **www.evoting.nsdl.com** or refer to the instructions as mentioned in the Notice of 98th AGM.

**Book Closure:**

Notice is given pursuant to Section 91 of the Companies Act, 2013 and Regulation 42 of SEBI (LODR) Regulations. 2015 that the Register of Members and Share Transfer Books of the company will remain closed from 11th November 2025 to 17th November 2025 (both days inclusive) for the purpose of ensuing 98th AGM of the Company.

**Attending AGM through VC / OAVM:**

Members will be provided with a facility to attend the AGM through VC/OAVM through the NSDL e-Voting system. Members may access by following the steps mentioned for "Access to NSDL e-Voting system" in Notes to Notice. After successful login, with login credentials, Member can see link of "VC/OAVM" placed under "Join meeting" menu against Company name. Members are requested to click on VC/OAVM link placed under Join Meeting menu. The link for VC/OAVM will be available in Shareholders/Member login where the EVEN of Company will be displayed.

**Member Speaker Registration:**

Members who would like to express their views/ask questions during the 98th AGM may register themselves as a speaker and may send this request from 14th November 2025 (9.00 a.m. IST) to 16th November 2025 (5.00 p.m. IST) mentioning their name, DP ID and Client ID, Folio number, email id, mobile number at: **omdc.sec.dept@gmail.com**.

By the Order of the Board

Sd/-

**S Raja Babu**

Company Secretary & Compliance Officer

**Place:** Vishakhapatnam

**Date:** 27.10.2025

ସକାଳ THE SAKALA



www.sakalaepaper.com

**ବିଦ୍ୟାଳୟ କର୍ତ୍ତୃପକ୍ଷଙ୍କ ଚରମ ଅବହେଳା**

# ପାଚେରୀ ଡେଇଁ ପଳାଇଲେ ୮ ଛାତ୍ର

**୮ ଘଣ୍ଟା ପରେ ହେଲେ ଉଦ୍ଧାର**

ଉଦଳା, ୨୭।୧୦(ସମିସ): ସମସ୍ତଙ୍କ ଉପସ୍ଥିତିରେ ବିଦ୍ୟାଳୟ ପାଚେରୀ ଡେଇଁ ଚାଲିଗଲେ ୮ ନାବାଳକ ଛାତ୍ର। ଏହି ଘଟଣା ଘଟିବା ପରେ ପ୍ରଧାନଶିକ୍ଷୟିତ୍ରୀ ଏବଂ ହଷ୍ଟେଲ କର୍ତ୍ତୃପକ୍ଷ ପରସ୍ପର ଦୋଷ ଲଦାଲଦି ହେଲେ। ହେଲେ ପାଚେରୀ ଡେଇଁ ଯିବାର ୮ ଘଣ୍ଟା ପରେ ୧୨ କିମି ଦୂରରୁ ଉଦ୍ଧାର ହେଲେ ଛାତ୍ର। ଏଭଳି ଘଟଣା ଘଟିଛି ଉଦଳା ବ୍ଲକ ଅଠଣଗାଁ ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ। ଏହି ବିଦ୍ୟାଳୟ ହଷ୍ଟେଲରେ ୪୦ ଜଣ ଅନ୍ତେବାସୀ ରହୁଥିବା ବେଳେ ରବିବାର ବିଦ୍ୟାଳୟରେ ଏକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। କାର୍ଯ୍ୟକ୍ରମ ପରେ ରବିବାର ଅପରାହ୍ନରେ ୮ ଜଣ ଛାତ୍ର ବିଦ୍ୟାଳୟ ପାଚେରୀ ଡେଇଁ ବାହାରକୁ ଚାଲି ଯାଇଥିଲେ। ଛାତ୍ରମାନେ ବିଦ୍ୟାଳୟରୁ ବାହାରି ଚାଲି ଯାଇଥିବା ବେଳେ ତୁରନ୍ତ ସେମାନଙ୍କୁ ଉଦ୍ଧାର କରିବାରେ ବିଫଳ ହୋଇଥିଲେ ପ୍ରଧାନଶିକ୍ଷୟିତ୍ରୀ। ପ୍ରଧାନଶିକ୍ଷୟିତ୍ରୀ ବନ୍ଦିତା ଚୌଧୁରୀଙ୍କ ଉପସ୍ଥିତିରେ ଛାତ୍ରମାନେ ପାଚେରୀ ଡେଇଁ ଚାଲିଯାଇଥିଲେ। ଛାତ୍ରମାନେ ପାଚେରୀ ଡେଇଁ ବାହାରି ଯିବାକୁ ଅତି ହାଲୁକା ଭାବେ ନେଇ ଚୁପ୍ ବସିଥିବା ବିଦ୍ୟାଳୟ କର୍ତ୍ତୃପକ୍ଷ ୮ ଘଣ୍ଟା ପରେ ଛାତ୍ରମାନଙ୍କୁ କାଳିମେଘା ଗ୍ରାମରୁ ଜଣେ ଛାତ୍ରଙ୍କ ଘରୁ ଉଦ୍ଧାର କରିଥିଲେ। ସମସ୍ତଙ୍କ ଉପସ୍ଥିତିରେ ପ୍ରଥମେ ଦୁଇ ଜଣ ଛାତ୍ର ପାଚେରୀ ଡେଇଁ ଚାଲିଯାଇଥିବା ବେଳେ ହଷ୍ଟେଲର ସିସିଏ ଏବଂ ପ୍ରଧାନଶିକ୍ଷୟିତ୍ରୀ ସେହି ଦୁଇ ଜଣ ଛାତ୍ରଙ୍କୁ ଧରି ଆଣିବା ପାଇଁ ଅନ୍ୟ ୬ ଜଣ ଛାତ୍ରଙ୍କୁ ପଠାଇଥିବା କହିଛନ୍ତି ଉଦ୍ଧାର ହୋଇଥିବା ଛାତ୍ର। ଏ ନେଇ ହଷ୍ଟେଲର ସିସିଏ କିଶୋର ଚନ୍ଦ୍ର ସିଂଙ୍କୁ ପଚାରିବାରୁ ସେ ବିଦ୍ୟାଳୟରେ ପ୍ରଧାନଶିକ୍ଷୟିତ୍ରୀ ନ ଥିବା ଏବଂ ଛାତ୍ରମାନେ ନିଜ ଇଚ୍ଛାରେ ଚାଲିଯାଇଥିବା କହି ଦୋଷକୁ ଲୁଚାଇଥିଲେ। ସେପଟେ ପ୍ରଧାନଶିକ୍ଷୟିତ୍ରୀ ବନ୍ଦିତା ଚୌଧୁରୀଙ୍କୁ ପଚାରିବାରୁ ଛାତ୍ରମାନେ ବିଦ୍ୟାଳୟରୁ ବାହାରି ଯିବା ସମୟରେ ସେ ଉପସ୍ଥିତ ଥିଲେ ଏବଂ ବିଲ ଦେଇ ସେମାନେ ଚାଲିଯିବାରୁ ଖୋଜିବାରେ ବିଳମ୍ବ ହୋଇଥିବା କହି ନିଜ ଉପରୁ ଦୋଷ ଖସାଇ ଦେଇଥିଲେ। ତେବେ ପାଚେରୀ ଡେଇଁ ଯାଇଥିବା ଜଣେ ଅନ୍ତେବାସୀଙ୍କ ପରିବାର ଲୋକେ ହଷ୍ଟେଲକୁ ଭେଟିବାକୁ ଆସିବା ପରେ ଏହି ପୁରା ଘଟଣା ସାମ୍ନାକୁ ଆସିଥିଲା। ହଷ୍ଟେଲରେ ପିଲାଙ୍କୁ ନ ପାଇ ରାତି ୧୦ ପର୍ଯ୍ୟନ୍ତ ଅପେକ୍ଷା କରିଥିଲେ ଅଭିଭାବକ। ପ୍ରଧାନଶିକ୍ଷୟିତ୍ରୀ ଏବଂ ହଷ୍ଟେଲ କର୍ତ୍ତୃପକ୍ଷଙ୍କ ଅବହେଳାରୁ ଏପରି ହୋଇଥିବା ଅଭିଯୋଗ କରିଛନ୍ତି ଅଭିଭାବକ।

**ବାତ୍ୟାକୁ ନେଇ ବ୍ଲକ ପ୍ରଶାସନର ଜରୁରୀ ବୈଠକ**

# ୩୭ ଅସ୍ଥାୟୀ ବାତ୍ୟା ଆଶ୍ରୟସ୍ଥଳୀ ଚିହ୍ନଟ

କୁଆମରା,୨୭।୧୦(ସମିସ):

ସମ୍ଭାବ୍ୟ ବାତ୍ୟାକୁ ନେଇ ଗୋପବନ୍ଧୁ ନଗର ବ୍ଲକ ପ୍ରଶାସନ ପକ୍ଷରୁ ବିଡ଼ିଓ ପୃଥିରାଜ ପରିଡାଙ୍କ ଅଧ୍ୟକ୍ଷତାରେ ଏକ ଜରୁରୀ ବୈଠକ ଅନୁଷ୍ଠିତ ହୋଇଯାଇଛି। ବୈଠକରେ ବ୍ଲକ ଶିକ୍ଷା ଅଧିକାରୀ, ସିଡ଼ିପିଓ, ପ୍ରାଣୀ ଚିକିତ୍ସା ବିଭାଗ, ସ୍ୱାସ୍ଥ୍ୟ ବିଭାଗ, ରାଜସ୍ୱ ବିଭାଗ ସମେତ ସମସ୍ତ ପଞ୍ଚାୟତର ନିର୍ବାହୀ ଅଧିକାରୀ, କନିଷ୍ଠ ଯନ୍ତ୍ରୀ, ପାନୀୟ ଜଳ ବିଭାଗ, ବିଦ୍ୟୁତ ବିଭାଗ, ଅଗ୍ନିଶମ ବିଭାଗ ପ୍ରମୁଖ ବିଭାଗୀୟ ଅଧିକାରୀ ଉପସ୍ଥିତ ଥିଲେ। ତତ୍ ସହିତ ସମସ୍ତ ପଞ୍ଚାୟତର ସରପଞ୍ଚ, ସମିତି ସଭ୍ୟ ଯୋଗ ଦେଇଥିଲେ। ସମସ୍ତ ପଞ୍ଚାୟତର ଜନ ସାଧାରଣଙ୍କ ସୁରକ୍ଷା ନିମନ୍ତେ ୩୭ଟି ଅସ୍ଥାୟୀ ବାତ୍ୟା ଆଶ୍ରୟସ୍ଥଳୀ ଚିହ୍ନଟ କରାଯାଇଛି। ଏଥିପାଇଁ ସମସ୍ତ ଆଶ୍ରୟସ୍ଥଳୀରେ ଜଣେ ଲେଖାଏଁ ନୋଡାଲ ଅଫିସର ନିଯୁକ୍ତି ହେବେ। ଚାଳ ଓ ଦୁର୍ବଳ ମାଟି କାନ୍ଥ ଘରେ ବସବାସ କରୁଥିବା ପାଖାପାଖି ୧୩ଟି ପଞ୍ଚାୟତର ୪ ହଜାର ଲୋକଙ୍କୁ ଅସ୍ଥାୟୀ ବାତ୍ୟା ଆଶ୍ରୟସ୍ଥଳୀକୁ ସ୍ଥାନାନ୍ତର କରାଯିବା ନିମନ୍ତେ ଲକ୍ଷ୍ୟ ରଖାଯାଇଛି ବୋଲି ବିଡ଼ିଓ ଶ୍ରୀ ପରିଡା ସୂଚନା ଦେଇଛନ୍ତି। ଆଶ୍ରୟସ୍ଥଳୀଗୁଡିକରେ ଆଲୋକ ଓ ପାନୀୟ ଜଳ ତଥା ଶୁଖିଲା ଖାଦ୍ୟ ମହଜୁଦ ରହିବ ବୋଲି ବ୍ଲକ ପ୍ରଶାସନ ପକ୍ଷରୁ କୁହାଯାଇଛି। ସେହିପରି ନିକଟରେ ପ୍ରସବ ହେବାକୁ ଥିବା ଗର୍ଭବତୀଙ୍କୁ ସ୍ଥାନୀୟ ଡାକ୍ତରଖାନାରେ ପୂର୍ବ ଦିନରୁ ରଖାଯିବା ପାଇଁ ନିର୍ଦ୍ଦେଶ ଦେଇଛି ପ୍ରଶାସନ। ଚିହ୍ନଟ ହୋଇଥିବା ସୋନ ନଦୀ କୂଳରେ ସାଇଁକୁଳା, ଜୟପୁର, ବରଡିହି ଓ ନାଲୁହା ନଦୀ କୂଳରେ ପଶୁଦା ପଞ୍ଚାୟତ ଓ କୁଆମରା ପଞ୍ଚାୟତର କଶିବଣୀ ଗ୍ରାମର ଲୋକଙ୍କୁ ସତର୍କ ରହିବାକୁ କୁହାଯାଇଛି। ମାତ୍ର ଭୟଭୀତ ହେବାର କୌଣସି କାରଣ ନାହିଁ ବୋଲି ପ୍ରଶାସନ କହିଛି। ଏବେ ୧୦ ପ୍ରତିଶତ ଧାନ ପାଚି ଯାଇଛି। ସେହିପରି ଦୁଇ ସପ୍ତାହ ପୂର୍ବରୁ ପାଗ ଅନୁକୂଳ ଥିବାରୁ ବାଡି ବଗିଚାରେ ପରିବା ଚାଷ ଆରମ୍ଭ ହୋଇଛି। ଅଧିକ ବର୍ଷା ଓ ପବନ ହେଲେ ଧାନ ଓ ପନିପରିବା ଚାଷ କ୍ଷତି ହେବ। ତେବେ ବାତ୍ୟା ନାଁ ଶୁଣି ଚାଷୀ ମୁଣ୍ଡରେ ପଡିଛି ଚଡକ ପଡିଛି।

## ଜରଦା ଛକରେ କଂଗ୍ରେସ ଜିଲ୍ଲା ସଭାପତିଙ୍କୁ ସମ୍ବର୍ଦ୍ଧନା



ଆନନ୍ଦପୁର,୨୭।୧୦(ସମିସ): କେନ୍ଦୁଝର କଂଗ୍ରେସ ଜିଲ୍ଲା ସଭାପତି ନିଯୁକ୍ତ ହେବା ପରେ ମନୋଜ କୁମାର ଜେନା ଆଜି ପ୍ରଥମ ଥର ପାଇଁ ଜିଲ୍ଲା ଗସ୍ତରେ ଆସିଛନ୍ତି। ଏହି ଅବସରରେ ଜିଲ୍ଲା ସୀମାନ୍ତ ଜରଦା ଛକରେ ଘସିପୁରା ନିର୍ବାଚନ ମଣ୍ଡଳୀ କଂଗ୍ରେସ ତରଫରୁ ତାଙ୍କୁ ସମ୍ବର୍ଦ୍ଧନା ଜ୍ଞାପନ କରାଯାଇଛି। କଂଗ୍ରେସ ବିଧାୟକ ପ୍ରାର୍ଥୀ ସୁବ୍ରତ କୁମାର ଚକ୍ରଙ୍କ ନେତୃତ୍ୱରେ ଜିଲ୍ଲା ସଭାପତିଙ୍କୁ ସ୍ୱାଗତ କରାଯାଇଥିଲା। ଅନ୍ୟମାନଙ୍କ ମଧ୍ୟରେ ପୂର୍ବତନ ବ୍ଲକ ସଭାପତି ଦିଲ୍ଲୀପ କୁମାର ଜେନା, ତାରିଣୀ ପ୍ରସାଦ ପଟ୍ଟନାୟକ, ଦୀପକ ମାଝୀ, କୁଳମଣୀ ବାରିକ୍, ନିରଞ୍ଜନ ଜେନା, ନିରାକାର ରାଉତ, ପ୍ରଶାନ୍ତ ବିଶ୍ୱାଳ, ସଞ୍ଜୟ ରାଉତ, ଲକୀ ସ୍ୱାଇଁ, ବିଶ୍ୱନାଥ ବେହେରା, କିଶନ ଶର୍ମା, ରଞ୍ଜିତ ମାଝୀ, ମୋହନ ମହାନ୍ତଙ୍କ ସହିତ ୫୦୦ରୁ ଅଧିକ କଂଗ୍ରେସ କର୍ମୀ ଉପସ୍ଥିତ ଥିଲେ।

## ଉପଖଣ୍ଡ ଜନଶୁଣାଣିରେ ୨୬୮ ଅଭିଯୋଗ



କପ୍ତିପଦା/ଉଦଳା,୨୭।୧୦(ସମିସ): ପୂର୍ବ ନିର୍ଦ୍ଧାରିତ କାର୍ଯ୍ୟସୂଚୀ ଅନୁଯାୟୀ କପ୍ତିପଦା ବ୍ଲକ ଅନ୍ତର୍ଗତ ଶରତ ଗ୍ରାମ ପଞ୍ଚାୟତ କାର୍ଯ୍ୟାଳୟରେ ସୋମବାର ଜନଶୁଣାଣି ଶିବିର ଅନୁଷ୍ଠିତ ହୋଇଯାଇଛି। ଶିବିରରେ ଜିଲ୍ଲାପାଳ ହେମକାନ୍ତ ସଏ ଏବଂ ଏସପି ବରୁଣ ଗୁଣ୍ଟୁପାଲି ଯୋଗଦେଇ ୨୬୮ଟି ଅଭିଯୋଗର ଶୁଣାଣି କରିଥିଲେ। ଉପଜିଲ୍ଲାପାଳ ସୁଶାନ୍ତ କୁମାର ବାରିକ ଏବଂ ବିଡିଓ କପ୍ତିପଦା ରେଶ୍ମା ଟେଟେଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଆୟୋଜିତ ଶିବିରରେ ପ୍ରକଳ୍ପ ପ୍ରଶାସକ ଆଇଟିଡିଏ ନରେନ୍ଦ୍ର ଖମାରୀ, ଉପଖଣ୍ଡ ଆରକ୍ଷୀ ଅଧିକ୍ଷକ ହୃଷିକେଶ ନାଏକ, ଉପଖଣ୍ଡ ଚିକିତ୍ସାଳୟ ଅଧୀକ୍ଷକ ଡା. ଲକ୍ଷ୍ମୀକାନ୍ତ ପତି ସମେତ ଉପଖଣ୍ଡର ସମସ୍ତ ଗୋଷ୍ଠୀ ଉନ୍ନୟନ ଅଧିକାରୀ, ତହସିଲଦାରଙ୍କ ସମେତ ଜିଲ୍ଲା ଓ ଉପଖଣ୍ଡ ତଥା ବ୍ଲକସ୍ତରୀୟ ବିଭିନ୍ନ ବିଭାଗୀୟ ଅଧିକାରୀ ଉପସ୍ଥିତ ରହି ଶୁଣାଣିରେ ସହଯୋଗ କରିଥିଲେ। ଅଭିଯୋଗ ମଧ୍ୟରେ ୨୫୦ଟି ବ୍ୟକ୍ତିଗତ ଏବଂ ୧୮ଟି ସାମୂହିକ ଅଭିଯୋଗ ଥିଲା। ସେଥିରୁ ୩ଟିର ତତ୍କାଳ ସମାଧାନ କରାଯାଇଥିଲା। ମୁଖ୍ୟମନ୍ତ୍ରୀଙ୍କ ରିଲିଫ୍ ପାଣ୍ଠିରୁ ୨ ଜଣଙ୍କୁ ୫ ହଜାର ଲେଖାଏଁ ୧୦ ହଜାର ଏବଂ ଜଣଙ୍କୁ ରେଡକ୍ରସ୍ ପାଣ୍ଠିରୁ ୫ ହଜାର ଟଙ୍କା ମୋଟ ୧୫ ହଜାର ଟଙ୍କାର ଚେକ୍ ପ୍ରଦାନ କରାଯାଇଥିଲା। ଗୋପବନ୍ଧୁନଗର ବ୍ଲକ ଆରପଟା ପଞ୍ଚାୟତ ପାଳସା ଓ ଡିଆଁପାଳସା ମୌଜା ଦେଇ ଶ୍ୟାମସୁନ୍ଦରପୁର ରାସ୍ତାକୁ ସଂଯୋଗ କରୁଥିବା ରାସ୍ତାରେ ଜମି ରହୁଥିବା ପାଣି ନିଷ୍କାସନ, କପ୍ତିପଦା ବ୍ଲକ ଗୌଡଗାଁ, କୁଆଗୋଠଣା, ନଛିପୁର ଏବଂ ଚୁଇଁପୋଷି ଆଦି ଗ୍ରାମରେ ଚାଷ ନଷ୍ଟ କରୁଥିବା ବୁଲା ଷଣ୍ଢଙ୍କୁ ଗୋଶାଳାକୁ ସ୍ଥାନାନ୍ତର, ରାଣୀପୋଖରୀ ହାଟ ଛକରେ ଲକ୍ଷ୍ମୀ ବସ୍‌ଷ୍ଟାଣ୍ଡ ନିର୍ମାଣ, ଶରତ ବଜାରରେ ଥିବା ଭଗବାନ ବିର୍ସାମୁଣ୍ଡାଙ୍କ ପ୍ରତିମୂର୍ତ୍ତି ସ୍ଥାନ ଉନ୍ନତି ଓ ଆଲୋକୀକରଣ, ରାଣୀପୋଖରୀ ପଞ୍ଚାୟତ ଗେରାସାହି, ବୁଧୁସାହି, ମାନ୍ଧୁରୁସାହି, ହୁଡିସାହି ଆଦି ଗ୍ରାମରେ ନୂତନ ଅଙ୍ଗନବାଡି ଗୃହ ନିର୍ମାଣ, ଶରତ ଗ୍ରାମ ପଞ୍ଚାୟତ ପୁରୁଣାପାଣି ଗ୍ରାମରେ ଏକ ମୋବାଇଲ ଟାୱାର ପ୍ରତିଷ୍ଠା ଆଦି ଅଭିଯୋଗ ଗୁଡିକ ଉପରେ ଶୁଣାଣି କରାଯାଇଥିଲା। ସମସ୍ତ ଅଭିଯୋଗ ସମାଧାନ ନିମନ୍ତେ ବିଭିନ୍ନ ବିଭାଗୀୟ ଅଧିକାରୀଙ୍କୁ ଜିଲ୍ଲାପାଳ ନିର୍ଦ୍ଦେଶ ଦେଇଥିଲେ। ଡେପୁଟି କଲେକ୍ଟର ପ୍ରତୀକ କୁମାର ପଣ୍ଡା ଓ କାର୍ଯ୍ୟାଳୟର କର୍ମଚାରୀ ରମେଶ ପୃଷ୍ଟି, ସତ୍ୟ ପ୍ରକାଶ ପାତ୍ର, ସାଇସ୍ୱରୂପ କର, ଶୁଭ୍ରକାନ୍ତ ବେହେରା ପ୍ରମୁଖ ପରିଚାଳନାରେ ସହଯୋଗ କରିଥିଲେ।

## ଦୁଷ୍କର୍ମ ପୀଡ଼ିତା ପରିବାରକୁ ଭେଟିଲେ ମହିଳା କମିଶନର



ରାସଗୋବିନ୍ଦପୁର, ୨୭।୧୦(ସମିସ): ରାସଗୋବିନ୍ଦପୁର ଥାନା ଅଧୀନ ନଳଗଜା ଅଞ୍ଚଳରେ ଯାତ୍ରା ଦେଖି ଫେରୁଥିବା ଦୁଇଜଣ ଆଦିବାସୀ ନାବାଳିକା ଗଣଦୁଷ୍କର୍ମର ଶିକାର ହୋଇଥିବା ପୀଡ଼ିତା ଏବଂ ସେମାନଙ୍କ ପରିବାରକୁ ଭେଟିଛନ୍ତି ମହିଳା କମିଶନର ଶୋଭାନା ମହାନ୍ତି। ବିଜେପି ଜିଲ୍ଲା ଉପ ସଭାପତି ପ୍ରଦୀପ କୁମାର ମହାନ୍ତି, ବରିଷ୍ଠ ବିଜେପି ନେତା ପରୀକ୍ଷିତ ଦେ, ଇଂ ନରୋତ୍ତମ ମହାନ୍ତି, ମନୋରଞ୍ଜନ ପରିଡ଼ା ପ୍ରମୁଖ ପରିବାରକୁ ଭେଟିବା ସହ ପୀଡ଼ିତାଙ୍କ ସ୍ୱାସ୍ଥ୍ୟ ଅବସ୍ଥା ବିଷୟରେ ପଚାରି ବୁଝିଥିଲେ। ପରେ ଦୁଷ୍କର୍ମ ହୋଇଥିବା ସ୍ଥାନ ପରିଦର୍ଶନ କରି ସ୍ଥିତି ଅନୁଧ୍ୟାନ କରିଥିଲେ। ସୂଚନାଯୋଗ୍ୟ ଯେ, ମୟୂରଭଞ୍ଜ ଜିଲ୍ଲା ରାସଗୋବିନ୍ଦପୁର ଥାନା ଅଧୀନ ନଳଗଜା ଗ୍ରାମରେ ଗତ ୨୨ ତାରିଖ ବୁଧବାର ଯାତ୍ରା ପରିବେଷଣ ହେଉଥିଲା। ଉକ୍ତ ଥାନା ଅଞ୍ଚଳର ୨ ଜଣ ଆଦିବାସୀ ନାବାଳିକା ଯାତ୍ରା ଦେଖି ସ୍କୁଟି ଯୋଗେ ରାତିରେ ଦୁଇ ଜଣ ପୁରୁଷ ବନ୍ଧୁଙ୍କ ସହିତ ଘରକୁ ଫେରୁଥିଲେ। ଏହି ସମୟରେ ଉକ୍ତ ଥାନା ଅଞ୍ଚଳର ୫ଜଣ ଯୁବକ ମଧୁରିଆ ରାସ୍ତାରେ ଅଟକାଇ ଅଶ୍ଳୀଳ ଭାଷାରେ ଗାଳିଗୁଲଜ କରିଥିଲେ। ତେବେ ନାବାଳିକାଙ୍କ ଦୁଇ ପୁରୁଷବନ୍ଧୁ ଏହାକୁ ପ୍ରତିବାଦ କରିବାରୁ ଉକ୍ତ ୫ଜଣ ଯୁବକ ସେମାନଙ୍କୁ ମାରପିଟ କରିବା ସହିତ ମୋବାଇଲ ଫୋନ ଛଡାଇ ନେଇଥିଲେ। ପରେ ନେଇ ଗଣଧର୍ଷଣ କରିଥିଲେ। ତେବେ ପରେ ଜୀବନରୁ ମାରିଦେବାର ଧମକ ଦେଇ ନଳଗଜା କଲେଜ ପଡିଆ ନିକଟରେ ଛାଡି ପଳାଇଥିଲେ।କ୍ଷ ଏନେଇ ରାସଗୋବିନ୍ଦପୁର ଥାନାରେ ଲିଖିତ ଅଭିଯୋଗ ହେବା ପରେ ପୁଲିସ ଏକ ମାମଲା ରୁଜୁ କରିଥିଲା। ଘଟଣାସ୍ଥଳରେ ବେତନଟି ଏସ୍‌ଡ଼ିପିଓ ମିନତୀ ବିଶ୍ୱାଳ ପହଞ୍ଚି ତଦନ୍ତ ଆରମ୍ଭ କରିଥିବା ବେଳେ ବର୍ତ୍ତମାନ ସୁଦ୍ଧା ୫ଜଣ ଅଭିଯୁକ୍ତ ଯୁବକଙ୍କୁ ପୁଲିସ ଗିରଫ କରି କୋର୍ଟ ଚାଲାଣ କରିଛି।

## ଜାତୀୟସ୍ତରରେ ଚମକିଲେ କେନ୍ଦୁଝରର ଝିଅ ବୈଷ୍ଣବୀ



**ଜାତୀୟ କୁଡୋ ଚାମ୍ପିଅନସିପ ଜୁନିଅର ବର୍ଗରେ ଜିତିଲେ ସ୍ୱର୍ଣ୍ଣ**

କେନ୍ଦୁଝର,୨୭।୧୦(ସମିସ): କେନ୍ଦୁଝରର ଝିଅ ବୈଷ୍ଣବୀ ଗୁପ୍ତା ଗୁଜରାଟର ସୁରଟଠାରେ ଅନୁଷ୍ଠିତ ୧୬ତମ ଜାତୀୟ କୁଡୋ ପ୍ରତିଯୋଗିତାର କନିଷ୍ଠ ବର୍ଗରେ ସ୍ୱର୍ଣ୍ଣ ପଦକ ଜିତି ଜିଲ୍ଲା ଓ ଓଡ଼ିଶା ପାଇଁ ସୁନାମ ଆଣି ଦେଇଛନ୍ତି। କେନ୍ଦୁଝରସ୍ଥିତ କେନ୍ଦ୍ରୀୟ ବିଦ୍ୟାଳୟର ଚତୁର୍ଥ ଶ୍ରେଣୀର ଛାତ୍ରୀ ବୈଷ୍ଣବୀଙ୍କ ଉଲ୍ଲେଖନୀୟ ସଫଳତା ହାସଲ କରିବା ତାଙ୍କ ବିଦ୍ୟାଳୟ ଏବଂ ଜିଲ୍ଲା ପାଇଁ ବଡ଼ ଆନନ୍ଦର ମୁହୂର୍ତ୍ତ ଆଣିଦେଇଛି। କେନ୍ଦୁଝର ପୂର୍ବତଟ ରେଳବାଇରେ ଟ୍ରେନ ମ୍ୟାନେଜର ଭାବରେ କାର୍ଯ୍ୟ କରୁଥିବା ସଞ୍ଜୟ କୁମାରଙ୍କ ଝିଅ ବୈଷ୍ଣବୀଙ୍କ ବିଜୟ ତାଙ୍କ ସମର୍ପଣ, ଶୃଙ୍ଖଳା ଏବଂ କ୍ରୀଡ଼ା ମନୋଭାବର ପ୍ରମାଣ ଭାବେ ବିଦିତ ହୋଇଛି। ଏହି ଅବସରରେ ଅତ୍ୟନ୍ତ ଖୁସି ପ୍ରକାଶ କରି, କେନ୍ଦୁଝର ଜିଲ୍ଲାପାଳ ବିଶାଲ ସିଂହ ବୈଷ୍ଣବୀ ଏବଂ ତାଙ୍କ ପରିବାରକୁ ଅଭିନନ୍ଦନ ଜଣାଇଛନ୍ତି। ଏହି ସଫଳତା କେନ୍ଦୁଝର ଏବଂ ଓଡ଼ିଶାର ଅନେକ ଯୁବ ଖେଳାଳିଙ୍କୁ କ୍ରୀଡ଼ାରେ ଉତ୍କର୍ଷତା ହାସଲ କରିବାକୁ ପ୍ରେରଣା ଯୋଗାଇବ ବୋଲି କହିଛନ୍ତି।

## ଅସ୍ତଗାମୀ ସୂର୍ଯ୍ୟଙ୍କୁ ଅର୍ଘ୍ୟ ପ୍ରଦାନ କଲେ ବ୍ରତଧାରୀ



ଚମ୍ପୁଆ,୨୭।୧୦(ସମିସ): ସାଂପ୍ରଦାୟିକ ସଦ୍‌ଭାବନା ସହିତ ଧର୍ମୀୟ ଭାବନାର ବାର୍ତ୍ତାବହନ କରୁଥିବା ପାରମ୍ପାରିକ ଛଟପୂଜା ଭକ୍ତିପୂତ ଭାବରେ ପାଳନ କରାଯାଉଥିବା ବେଳେ ଆଜି ଚମ୍ପୁଆ ବୈତରଣୀ ନଦୀତଟ ଛଟଘାଟଠାରେ ବ୍ରତଧାରୀମାନେ ଅସ୍ତଗାମୀ ସୂର୍ଯ୍ୟଦେବଙ୍କୁ ଅର୍ଘ୍ୟ ପ୍ରଦାନ କରିଛନ୍ତି। ପାରମ୍ପରିକ ରିତିନୀତିରେ ବିଭିନ୍ନ ପ୍ରକାର ଫଳ, ନୂତନ ଲୁଗା ଓ ଡଲାରେ ଧୂପ ଦୀପ ଏବଂ ସ୍ୱତନ୍ତ୍ର ଭାବେ ଏକପ୍ରକାରେ ନିଷ୍ଠାର ସହ ପ୍ରସ୍ତୁତ ପିଠା ପୂଜା କରାଯିବାସହ ଅର୍ଘ୍ୟ ପ୍ରଦାନ କରାଯାଇଥିଲା। ବର୍ଷାସ୍ୱତେ ପ୍ରାୟ ୮୦୦ରୁ ଊର୍ଦ୍ଧ୍ୱ ଲୋକଙ୍କ ସମାଗମ ହୋଇଥିଲା।

**■ ଯୋଡ଼ାରେ ଛଟ୍ ପର୍ବ**

## ସୂର୍ଯ୍ୟଙ୍କୁ ଅର୍ଘ୍ୟ ଓ ନୈବେଦ୍ୟ ଅର୍ପଣ

ଯୋଡ଼ା,୨୭।୧୦(ସମିସ): ନେପାଳ ଓ ଉତ୍ତର ଭାରତରୁ ଉତ୍ପତି ହୋଇଥିବା ଛଟ୍ ପର୍ବ ଏବେ ସର୍ବଭାରତୀୟ ସ୍ତରରେ ପହଞ୍ଚିଛି। ଏହିପର୍ବ ୪ଦିନ ବ୍ୟାପି ପାଳନ କରାଯାଉଥିବା ବେଳେ ତୃତୀୟ ଦିନ ଅସ୍ତଗାମୀ ସୂର୍ଯ୍ୟଙ୍କୁ ପୂଜାକରି ଅର୍ଘ୍ୟ ନୈବେଦ୍ୟ ଅର୍ପଣ କରାଯାଇଥାଏ। ତହିଁ ପରଦିନ ଉଦୟଗାମୀ ସୂର୍ଯ୍ୟଙ୍କୁ ପୂଜା କରାଯାଏ। ଏହି ପର୍ବରେ ସୂର୍ଯ୍ୟଙ୍କୁ ପୂଜା କରିବା ସହ ତାଙ୍କ ଭଉଣୀ ଛଟି ମେୟାଙ୍କୁ ମଧ୍ୟ ପୂଜା କରାଯାଏ।



ଯୋଡ଼ା ଖଣି ଅଞ୍ଚଳରେ ବେପାର ବାଣିଜ୍ୟ ପାଇଁ ବିହାର, ଝାଡ଼ଖଣ୍ଡ, ଉତ୍ତରପ୍ରଦେଶ, ନେପାଳ ପ୍ରଭୃତିରୁ ବାସିନ୍ଦା ଆସି ଯୋଡ଼ାରେ ସ୍ଥାୟୀ ବାସିନ୍ଦା ଭାବେ ରହୁଥିବା ନେଇ ଖଣି ଅଞ୍ଚଳରେ ମଧ୍ୟ ଏହି ପର୍ବ ଖୁବ ଧୁମଧାମରେ ପାଳନ ହେଉଥିବା ଦେଖିବାକୁ ମିଳିଛି। କିଛି ବର୍ଷ ହେବ ଏହି ଛଟ ପୂଜାରେ ଅର୍ଘ୍ୟ ଓ ଗଙ୍ଗା ଆରତୀ କରିବା ପାଇଁ ସୁଦୂର ବନାରସରୁ ଜଣାଶୁଣା ପଣ୍ଡିତ ଆସୁଥିବା ବେଳେ ଚଳିତ ବର୍ଷ ଛଟ ପୂଜାରେ ମଧ୍ୟ ଉକ୍ତ ପଣ୍ଡିତ ମଣ୍ଡଳୀ ଯୋଡ଼ା ଆସିଥିବା ଦେଖିବାକୁ ମିଳିଛି। ଯୋଡ଼ା ଅବବାହିକାରେ ପ୍ରବାହିତ ସୁନା ନଦୀକୂଳରେ ଏହି ପୂଜା ଭକ୍ତ ମାନଙ୍କ ଦ୍ୱାରା ସମ୍ପୂର୍ଣ୍ଣ ହୋଇଥିଲା। ପର୍ବ ଦେଖିବା ପାଇଁ ଯୋଡ଼ା ସହରର ଅନେକ ଲୋକ ନଦୀକୂଳରେ ରୁଣ୍ଡହୋଇ ସନ୍ଧ୍ୟାର ଭକ୍ତିପୂର୍ଣ୍ଣ ପରିବେଶର ଆନନ୍ଦ ଉଠାଇଥିଲେ। କାର୍ଯ୍ୟକ୍ରମରେ କମିଟି ପକ୍ଷରୁ ଖୁବ ସୁନ୍ଦର ଆୟୋଜନମାନ କରାଯାଇଥିବା ଦେଖିବାକୁ ମିଳିଥିଲା। ଯୋଡ଼ା ସହରର ଦୁଇଟି ସ୍ଥାନରେ ଯଥା ପୁରୁଣା ମାର୍କେଟ ନିକଟ ନଦୀ କୂଳ ଓ ଶାସ୍ତ୍ରୀ ନଗର ସ୍ଥିତ ନଦୀକୂଳରେ ପାଳନ ହେଉଥିବା ଦେଖିବାକୁ ମିଳିଛି।

## ବିହାରୀ ସାମ୍ପ୍ରଦାୟର ଛଟ୍ ପର୍ବ ପାଳିତ

କରଞ୍ଜିଆ, ୨୭।୧୦(ସମିସ): ସୋମବାର ବିହାରୀ ସମ୍ପ୍ରଦାୟ ଅଧିବାସୀ ଅସ୍ତଗାମୀ ସୂର୍ଯ୍ୟଙ୍କୁ ଅର୍ଘ୍ୟ ଦେଇ ପାଳିଲେ ଛଟ୍‌ପର୍ବ। ପରମ୍ପରା ଅନୁଯାଇ ବିହାରୀ ସମ୍ପ୍ରଦାୟର ଲୋକେ ଦେଓ ନଦୀ କୂଳକୁ ଯାଇ ପରିବାରର ମଙ୍ଗଳ କାମନା କରି ଅସ୍ତଗାମୀ ସୂର୍ଯ୍ୟଙ୍କୁ ଅର୍ଘ୍ୟ ପ୍ରଦାନ କରିଥିଲେ। ବ୍ରତଧାରୀମାନେ ଉପବାସ ରହି ପ୍ରସାଦକୁ ମୁଣ୍ଡରେ ମୁଣ୍ଡାଇ ନଦୀକୂଳରେ ପହଞ୍ଚିଥିଲେ। ମାନସିକ କରିଥିବା ଲୋକ ଗୁରୁଣ୍ଡି ଗୁରୁଣ୍ଡି ଘରୁ ନଦୀ ପର୍ଯ୍ୟନ୍ତ ଯାଇଥିଲେ। ଆଜି ଦେଓନଦୀକୂଳେ ବିହାରୀମାନେ ଉତ୍କଣ୍ଠା ସହିତ ରୁଣ୍ଡ ହୋଇ ଅସ୍ତଗାମୀ ସୂର୍ଯ୍ୟଙ୍କୁ ଅର୍ଘ୍ୟ ପ୍ରଦାନ କରିଥିଲେ। ଆସନ୍ତାକାଲି ବି ଉଦୟଗାମୀ ସୂର୍ଯ୍ୟଙ୍କୁ ଅର୍ଘ୍ୟ ପ୍ରଦାନ କରିବେ ବୋଲି ଛଟ ପାଳନ କମିଟିର ନାରାୟଣ ସାଓସୋନାର ପ୍ରକାଶ କରିଛନ୍ତି।

**THE BISRA STONE LIME COMPANY LIMITED**
CIN: L14100OR1910GO1033904
Registered office: House No: 255, Pristine Green, Pokhariput, Bhubaneswar, Odisha-751020
Tel. No. 0674-2391595, website:www.birdgroup.co.in
Email: omdc.sec.dept@gmail.com

**NOTICE OF 114 ANNUAL GENERAL MEETING AND E-VOTING INFORMATION**

This Notice is published in supersession of the earlier Notice published on 27th October, 2025, in respect of convening of 114th Annual General Meeting of The Bisra Stone Lime Company Limited through video conferencing/ other audio visual means.

In this regards Notice is hereby given that the 114th Annual General Meeting (AGM) of The Bisra Stone Lime Company Limited (the 'Company') will be held on Tuesday, 18th November, 2025 at 12:00 Noon IST through video conferencing (VC)/other audio-visual means (OAVM), to transact the business as set out in the Notice.

In compliance with the provisions of the Companies Act, 2013 read with circulars issued by Ministry of Corporate Affairs and SEBI, from time to time, the Notice of 114th AGM and Annual Report containing the financial statements for FY 2024-25, Auditors' Report thereon, Board's Report and other documents, have been sent through e-mails on 27th October 2025, to all the Members, whose e-mail IDs are registered with the Company/Depository Participant (DP). The said documents are also available on the Company's website i.e. www.birdgroup.co.in websites of stock exchanges i.e. www.cse-india.com and on the website of NSDL at www.evoting.nsdl.com.

Further, the Company has engaged National Securities Depository Limited (NSDL) to enable the members of the Company to attend the said AGM through VC/OAVM and to cast votes electronically, in respect of the businesses to be transacted at 114th AGM of the Company. Members of the Company holding shares either in physical form or in dematerialized form as on the Cut-off date i.e. 10th November, 2025 may cast their vote electronically in respect of business to be transacted at the AGM. The remote e-voting platform will be open for voting from Friday, 14th November, 2025(09:00 AM) to Monday, 17th November, 2025 (05:00 PM). Remote e-voting module shall be disabled by NSDL for voting thereafter. Those members, who do not cast their vote on the resolutions through remote e-voting during the above period and are otherwise not barred from doing so, shall be eligible to vote through e-voting system during the AGM.

Members who have not registered their email address or who becomes a member of the Company after dispatch of the Notice of AGM and holds shares as on the Cut-Off date, are requested to register the same with the Depository through their Depository Participant(s) in case the shares are held in electronic form and in case of shares held in physical form, with the Company's Registrar and Share Transfer Agent i.e. M/s CB Management Services Private Limited, Email: rta@cbmsl.com. Any person whose e-mail ID is not registered with the Company/DP may obtain the user Id and password for e-voting by sending a request at evoting@nsdl.co.in. However, if the member is already registered with NSDL / Remote e-voting, he/she can use his/her existing user id and Password for casting the vote. Further. Members who have cast their vote by remote e-voting may attend the AGM, but shall not be entitled to vote again at the AGM.

In case of any queries, Members may refer to the Frequently Asked Questions (FAQs) for shareholders and e-voting user manual available at the download section of NSDL website i.e. www.evoting.nsdl.com or refer to the instructions as mentioned in the Notice of 114th AGM.

**Book Closure:**

Notice is given pursuant to Section 91 of the Companies Act, 2013 and Regulation 42 of SEBI (LODR) Regulations. 2015 that the Register of Members and Share Transfer Books of the company will remain closed from 11th November 2025 to 17th November 2025 (both days inclusive) for the purpose of ensuing 114th AGM of the Company.

**Attending AGM through VC / OAVM:**

Members will be provided with a facility to attend the AGM through VC/OAVM through the NSDL e-Voting system. Members may access by following the steps mentioned for "Access to NSDL e-Voting system" in Notes to Notice. After successful login, with login credentials, Member can see link of "VC/OAVM" placed under "Join meeting" menu against Company name. Members are requested to click on VC/OAVM link placed under Join Meeting menu. The link for VC/OAVM will be available in Shareholders/Member login where the EVEN of Company will be displayed.

**Member Speaker Registration:**

Members who would like to express their views/ask questions during the 114th AGM may register themselves as a speaker and may send this request from 14th November 2025 (9.00 a.m. IST) to 16th November 2025 (5.00 p.m. IST) mentioning their name, DP ID and Client ID, Folio number, email id, mobile number at: omdc.sec.dept@gmail.com.

By the Order of the Board
Sd/-
**S Raja Babu**
Company Secretary & Compliance Officer

**Place:** Vishakhapatnam
**Date:** 27.10.2025

# ଜିଲ୍ଲା ପରିଷଦର ଜଙ୍ଗଲ ଓ ପରିବେଶ ଷ୍ଟାଣ୍ଡିଂ କମିଟି ବୈଠକ

କେନ୍ଦୁଝର,୨୭।୧୦(ସମିସ):



ଜିଲ୍ଲା ପରିଷଦର ଜଙ୍ଗଲ ଓ ପରିବେଶ ବିଭାଗ ଷ୍ଟାଣ୍ଡିଂ କମିଟି ବୈଠକ ଜିଲ୍ଲା ପରିଷଦ ସଭାଗୃହରେ ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲା ପରିଷଦ ଜୋନ-୬ର ସଦସ୍ୟ ତଥା କମିଟି ଅଧ୍ୟକ୍ଷ ଆଶିଷ ଚକ୍ରବର୍ତ୍ତୀଙ୍କ ଅଧ୍ୟକ୍ଷତାରେ ବୈଠକରେ ଜିଲ୍ଲା ପରିଷଦ ଜୋନ ୩୭ ନମ୍ବର ସଦସ୍ୟ ବିମ୍ବାଧର ବିଶ୍ୱାଳ, ଜିଲ୍ଲା ପରିଷଦ ଜୋନ-୩୬ର ସଦସ୍ୟା କୌଶଲ୍ୟା ସେଠୀ, ଜିଲ୍ଲା ପରିଷଦ ଜୋନ-୨୦ର ସଦସ୍ୟ କେଦାର ଚନ୍ଦ୍ର ପ୍ରଧାନ, ଜିଲ୍ଲା ପରିଷଦ ଜୋନ-୩୨ର ସଦସ୍ୟା ଲକ୍ଷ୍ମୀ ପ୍ରଧାନ, ଜିଲ୍ଲା ପରିଷଦ ଜୋନ-୨୫ର ସଦସ୍ୟ ଅରୁଣ କୁମାର ବାରିକ, ଜିଲ୍ଲା ପରିଷଦ ଜୋନ-୯ର ସଦସ୍ୟ ସୁରେନ୍ଦ୍ର ଜେନା, ଜିଲ୍ଲା ପରିଷଦ ଜୋନ-୫ର ସଦସ୍ୟ ରଥ ମୁଣ୍ଡାଙ୍କ ସମେତ ଜିଲ୍ଲା ପରିଷଦର ମୁଖ୍ୟ ଉନ୍ନୟନ ତଥା ନିର୍ବାହୀ ଅଧିକାରୀ କୁମାର ନାଗଭୂଷଣ, ରାଜ୍ୟ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡର ଆଞ୍ଚଳିକ ଅଧିକାରୀ ଇଂ ପ୍ରଶାନ୍ତ କର, ଆନନ୍ଦପୁର ବନ୍ୟପ୍ରାଣୀ ଡିଭିଜନର ଡିଏଫ୍‌ଓ ପ୍ରଶାନ୍ତ ପଣ୍ଡା, କେନ୍ଦୁଝର ଡିଭିଜନର ଏସିଏଫ୍ ଅଶୋକ ଦାସ ପ୍ରମୁଖ ଉପସ୍ଥିତ ଥିଲେ। ବୈଠକରେ ଜଙ୍ଗଲ ବିଭାଗରେ ବେଧଡ଼କ ଗଛକଟାକୁ ନେଇ ଉଦ୍‌ବେଗ ପ୍ରକାଶ ପାଇଥିଲା। କେନ୍ଦୁଝର ଡିଭିଜନର ୭ଟି ରେଞ୍ଜରେ ସଂଖ୍ୟାଲଘୁ କାଠ ମାଫିଆମାନେ ୟୁକାଲିପଟାସ ଏବଂ ଆକାଶିଆ ଗଛ କାଟି ବାହାର ରାଜ୍ୟକୁ ଚାଲାଣ କରୁଛନ୍ତି। ବିଭିନ୍ନ ଜଙ୍ଗଲରେ ଥିବା ଏହି ପ୍ରଜାତିର ଗଛ କାଟିବାକୁ ବନ ସୁରକ୍ଷା ସମିତି ଆବେଦନ କରୁଛି। ଏହା ଜଙ୍ଗଲ ବିଭାଗ ଅନୁମୋଦନ କରିବା ପରେ ସଂଖ୍ୟାଲଘୁ କାଠ ମାଫିଆମାନେ ଜଙ୍ଗଲ ଭିତରେ ପଶି ଅନୁମତି ଠାରୁ ବହୁ ଗୁଣ ଅଧିକ ଗଛକାଟି ନେଉଛନ୍ତି। ଗଛ କାଟିବା ସମୟରେ ବନବିଭାଗ କର୍ମଚାରୀ ଉପସ୍ଥିତ ରହୁନଥିବାରୁ ଧାର୍ଯ୍ୟଠାରୁ ବହୁ ଅଧିକ ଏବଂ ଶାଳ ଗଛ ଓ ଅନ୍ୟାନ୍ୟ କିସମର ଗଛ କଟାଯାଇଥିବାରୁ କମିଟିର ଅଧ୍ୟକ୍ଷ ଆଶିଷ ଚକ୍ରବର୍ତ୍ତୀ ଉଦ୍‌ବେଗ ପ୍ରକାଶ କରିଥିଲେ। ବନ ବିଭାଗ, କାଠ ମାଫିଆ, ବନ ସୁରକ୍ଷା ସମିତି ସଦସ୍ୟଙ୍କ ମଧ୍ୟରେ ମଧୁଚନ୍ଦ୍ରିକାରେ ବେଧଡକ ଗଛ କଟା ଚାଲିଛି ବୋଲି ସଦସ୍ୟମାନେ ଏସିଏଫ୍ ଅଶୋକ ଦାସଙ୍କୁ ପ୍ରଶ୍ନ କରିଥିଲେ। ସଂରକ୍ଷିତ ଜଙ୍ଗଲରେ ୟୁକାଲିପଟାସ ଗଛ କାଟିବାକୁ ଅନୁମତି ଦିଆଯାଉଥିବାରୁ ଜଙ୍ଗଲର ଘନତ୍ୱ କମୁଛି ଏବଂ ବନ୍ୟପ୍ରାଣୀ ଗାଁ ମୁହାଁ ହୋଇ ବ୍ୟାପକ କ୍ଷୟକ୍ଷତି କରୁଛନ୍ତି। ପରିବେଶ ଏବଂ ଜଳବାୟୁ ଉପରେ ଏହାର କୁପ୍ରଭାବ ପଡୁଛି। ସେହିପରି ଗଛକଟା ଯିବା ପୂର୍ବରୁ ନିୟମ ଅନୁସାରେ ବିକ୍ରୀ ବାବଦ ଅର୍ଥ ବନ ସୁରକ୍ଷା ସମିତିର ବ୍ୟାଙ୍କ ଆକାଉଣ୍ଟରେ ଜମା ହେବ। ଏହାର ୪୦ ପ୍ରତିଶତ ଗାଁର ଉନ୍ନତିକରଣ, ୪୦ ପ୍ରତିଶତ ଭିଏସ୍‌ଏସ୍ ସଦସ୍ୟ ଥିବା ଗ୍ରାମବାସୀଙ୍କ ମଧ୍ୟରେ ବଣ୍ଟାଯିବ ଏବଂ ଅବଶିଷ୍ଟ ୨୦ ପ୍ରତିଶତ ଅର୍ଥ ଗଛ କଟାଯାଇଥିବା ଜଙ୍ଗଲରେ ପୁନର୍ବାର ଚାରାରୋପଣ ପାଇଁ ଜମା ରଖିବାର ବ୍ୟବସ୍ଥା ରହିଥିଲେ ମଧ୍ୟ ଏହି ନିୟମ ପାଳନ ହେଉନାହିଁ ବୋଲି କମିଟି ଅଧ୍ୟକ୍ଷ ଆଶିଷ ଚକ୍ରବର୍ତ୍ତୀ ଉଦ୍‌ବେଗ ପ୍ରକାଶ କରିଥିଲେ। ସରକାରୀ ନିୟମ ଉଲ୍ଲଘଂନ ହୋଇ ଟଙ୍କା ଖର୍ଚ୍ଚ ହେଉଥିଲେ ହେଁ ବନ ସୁରକ୍ଷା ସମିତିର ସେକ୍ରେଟାରୀ ତଥା ସ୍ଥାନୀୟ ବନରକ୍ଷୀ ବା ବନପାଳ ଏଥିପ୍ରତି ଦୃଷ୍ଟି ଦେଉନଥିଲେ ମଧ୍ୟ ତାଙ୍କ ବିରୁଧରେ ବିଭାଗୀୟ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉନାହିଁ। ଜଙ୍ଗଲରୁ ଗଛ କାଟିବା ପୂର୍ବରୁ ଗଛଗୁଡିକର ଗଣତି କରାଯାଇ ଏ ବାବଦ ଅର୍ଥ ବନ ସୁରକ୍ଷା ସମିତି ଆକାଉଣ୍ଟରେ ଜମା ନ ହୋଇ କେତେକ ସଦସ୍ୟଙ୍କ ବ୍ୟକ୍ତିଗତ ବ୍ୟାଙ୍କ ଆକାଉଣ୍ଟରେ ଜମା ହେଉଥିଲେ ହେଁ ବନ ବିଭାଗ ଏଥିପ୍ରତି ଦୃଷ୍ଟି ଦେଉନଥିବା ସଦସ୍ୟମାନେ ଅଭିଯୋଗ କରିଥିଲେ। ଅନେକ ଜଙ୍ଗଲ ଅଞ୍ଚଳରେ ବନ ସୁରକ୍ଷା ସମିତି ନଥିବାବେଳେ ସେଠାରେ କାହା ନାଁ ରେ ଅନୁମତି ଦିଆଯାଉଛି ଏବଂ ଗଛ କଟା ବାବଦ ଅର୍ଥ କାହା ଆକାଉଣ୍ଟରେ ଜମା ହେଉଛି ତାହା ବିଧିବଦ୍ଧ ତଦନ୍ତ କରି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଶ୍ରୀ ଚକ୍ରବର୍ତ୍ତୀ ଦାବି କରିଥିଲେ। ଜିଲ୍ଲାରେ ୧୬ଟି ଲାଇସେନ୍ସପ୍ରାପ୍ତ ଦେଶୀ ମଦଭାଟି ରାଜ୍ୟ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡଠାରୁ ସିଟିଓ ନ ନେଇ ଚାଲୁଥିବାରୁ କମିଟି ଅଧ୍ୟକ୍ଷ ଆଶିଷ ଚକ୍ରବର୍ତ୍ତୀ ଉଦ୍‌ବେଗ ପ୍ରକାଶ କରିଥିଲେ। ଲାଇସେନ୍ସପ୍ରାପ୍ତ ଦେଶୀ ମଦ ଭାଟି ଚାଲିବା ପୂର୍ବରୁ ସିଟିଓ ନଥିଲେ ଚାଲିପାରିବ ନାହିଁ, ମାତ୍ର ଅନୁମତି ନ ଥାଇ ପ୍ରଶାସନ କିପରି ଅନୁମତି ଦେଲା ତାହାକୁ ନେଇ କମିଟି ଉଦ୍‌ବେଗ ପ୍ରକାଶ କରିଥିଲା। ଜିଲ୍ଲାରେ ୧୬ଟି ଦେଶୀ ମଦଭାଟି ଚାଲିବାକୁ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ ଠାରୁ କନସେଣ୍ଟ ଟୁ ଅପରେଟ ବା ସିଟିଓ ଏବଂ ରାଜ୍ୟସ୍ତରୀୟ ପରିବେଶ ପ୍ରଭାବ ମୂଲ୍ୟାଙ୍କନ ପ୍ରାଧିକରଣ(ସିଆ) ଠାରୁ ପରିବେଶ ମଞ୍ଜୁରୀ ପାଇବା ଜରୁରୀ। ମାତ୍ର ଏହି ଦେଶୀ ମଦ ଭାଟିଗୁଡିକ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ ଠାରୁ ସିଟିଓ ନ ପାଇ ଚାଲିଛି। ମଦ ପ୍ରସ୍ତୁତ ବେଳେ ବ୍ୟାପକ ଜଳ ପ୍ରଦୂଷଣ ହେଉଛି। ମହୁଲ ଫୁଲରୁ ପ୍ରସ୍ତୁତ ମଦ ଯୋଗୁଁ ଦୁର୍ଗନ୍ଧ ହେଉଛି। ମଦ ଭାଟିରୁ ନିର୍ଗତ ବର୍ଜ୍ୟ ସଠିକ୍ ପରିଚାଳନା କରାଯାଉନଥିବାରୁ ପାଶ୍ୱବର୍ତ୍ତୀ ଅଞ୍ଚଳ ଜଳ ଓ ମୃତ୍ତିକା ପ୍ରଦୂଷିତ ହେଉଛି। ସିଟିଓ ଏବଂ ବିନା ପରିବେଶ ମଞ୍ଜୁରୀରେ ଚାଲିଥିବା ଦେଶି ମଦ ଭାଟି ତୁରନ୍ତ ବନ୍ଦ କରିବାକୁ କମିଟି ଅଧ୍ୟକ୍ଷ ଆଶିଷ ଚକ୍ରବର୍ତ୍ତୀ କହିଥିଲେ।

## ଆଜିର ରାଶିଫଳ

**ମେଷ:** ଆଜି ଦିନଟି ଆପଣଙ୍କ ପାଇଁ ଭଲ। ଅଚାନକ ଖୁସି ଖବର ପାଇପାରନ୍ତି। ରାଜନୈତିକ ଏବଂ ସାମାଜିକ କ୍ଷେତ୍ରରେ ସକ୍ରିୟ ରହିବେ। ପ୍ରେମୀଯୁଗଳଙ୍କ ମତାନ୍ତର ଦୂର ହେବ।

**ବୃଷ:** ଗୃହିଣୀମାନେ ଘର କାମରେ ବ୍ୟସ୍ତ ରହିବେ। ଇଞ୍ଜିନିୟରଙ୍କ ପାଇଁ ଦିନଟି ଭଲ। କୋର୍ଟ କଚେରୀ ମାମଲାର ଶୁଣାଣି ହେବ। ଲୋକ ସମ୍ପର୍କ ବଢ଼ିବ। ପଡୋଶୀଙ୍କ ସହ ମନୋମାଳିନ୍ୟ ହୋଇପାରେ।

**ମିଥୁନ:** ବାଦ ବିବାଦରୁ ଦୂରେଇ ରୁହନ୍ତୁ। ବ୍ୟବସାୟୀଙ୍କ ପାଇଁ ଦିନଟି ଭଲ। ଅଧିକ ଖର୍ଚ୍ଚାନ୍ତ ହୋଇପାରନ୍ତି। ଚକ୍ଷୁ ସମସ୍ୟା ଭୋଗି ପାରନ୍ତି। ପ୍ରେମୀ ଯୁଗଳ ସୁନ୍ଦର ସମୟ ଅତିବାହିତ କରିବେ।

**କର୍କଟ:** ସମୟର ସଦୁପଯୋଗ କରନ୍ତୁ। ବୁଝି ବିଚାରି କାମ କରନ୍ତୁ। ପରିବାର ସହିତ ଖୁସିର ସମୟ ଅତିବାହିତ କରିବେ। ଜମି କାରବାରରେ ସଫଳ ହେବେ। ଅଯଥା କାମରେ ସମୟ ନଷ୍ଟ ହେବ।

**ସିଂହ:** ନୂତନ ବ୍ୟବସାୟ ପାଇଁ ଅନୁକୂଳ ସମୟ। ପୁରୁଣା ବନ୍ଧୁଙ୍କ ସହ ସାକ୍ଷାତ ହେବ। ଅଫିସ୍‌ରେ ପଦୋନ୍ନତି ହୋଇପାରେ। ଆଣ୍ଠୁଗଣ୍ଠି ସମସ୍ୟା ଭୋଗିପାରନ୍ତି। ଅଫିସ୍ କାମ ଠିକ୍ ସମୟରେ ଶେଷ କରିବେ।

**କନ୍ୟା:** ଅନ୍ୟମାନଙ୍କ ସହଜରେ ବିଶ୍ୱାସ କରନ୍ତୁନି। ଅଧିକ ଖର୍ଚ୍ଚରୁ ଦୂରେଇ ରୁହନ୍ତୁ। ଅଫିସ୍ ସହକର୍ମୀଙ୍କ ସହଯୋଗ ରହିବ। ଗୁରୁଜନଙ୍କ ସ୍ୱାସ୍ଥ୍ୟାବସ୍ଥାକୁ ନେଇ ଚିନ୍ତିତ ରହିପାରନ୍ତି।

**ତୁଳା:** ପରିବାର ସଦସ୍ୟଙ୍କ ସହ ସମୟ ଅତିବାହିତ କରିବେ। ନୂଆ ଚାକିରି ମିଳିବା ସମ୍ଭାବନା ଅଛି। ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ଭୁଲବୁଝାମଣା ଦେଖା ଦେବ। ବିଦ୍ୟାର୍ଥୀ କଠିନ ପରିଶ୍ରମ କରିବେ।

**ବିଛା:** ମାନ ସମ୍ମାନ ବୃଦ୍ଧି ପାଇବ। ଉଧାର ଟଙ୍କା ଫେରି ପାଇବେ। ଯୋଗ ଏବଂ ପ୍ରାଣାୟମ କରନ୍ତୁ। ଯେକୌଣସି ପରିସ୍ଥିତି ସହିତ ଖାପଖୁଆଇ ଚଳନ୍ତୁ। ଧାର୍ମିକ କାର୍ଯ୍ୟରେ ସାମିଲ ହୋଇପାରନ୍ତି।

**ଧନୁ:** ଚାକିରି ପାଇଁ ବିଦେଶ ଯାତ୍ରା କରିବେ। ପ୍ରିୟଜନଙ୍କ କଥା ଦୁଃଖ ଦେବ। ଛାତ୍ରଛାତ୍ରୀ କଠିନ ପରିଶ୍ରମ କରିବେ। ପେଟ ଜନିତ ସମସ୍ୟା ଦେଖା ଦେବ। କାର୍ଯ୍ୟକ୍ଷେତ୍ରରେ ଆଶାନୁରୂପ ଲାଭ ମିଳିବ ନାହିଁ।

**ମକର:** ସମୟର ସଦୁପଯୋଗ କରିବେ। ପ୍ରେମ ସମ୍ବନ୍ଧ ମଜଭୁତ ହେବ। ଠକାମି ଶିକାର ହେବେ। ବ୍ୟବସାୟରେ ଉନ୍ନତି ପରିଲକ୍ଷିତ ହୋଇପାରେ। କଳାକାରଙ୍କ ପାଇଁ ଦିନଟି ଭଲ।

**କୁମ୍ଭ:** ତରବରିଆ ଭାବେ ନିଷ୍ପତ୍ତି ନିଅନ୍ତୁ ନାହିଁ। ସନ୍ତାନଙ୍କ କ୍ୟାରିୟରକୁ ନେଇ ଚିନ୍ତାରେ ରହିବେ। ବ୍ୟାଙ୍କ ଓ ଆଇଟି କ୍ଷେତ୍ରରେ ସଫଳତା ମିଳିବ। ଚିନ୍ତା ଓ ଅବସାଦରେ ରହିବେ।

**ମୀନ:** ଦୀର୍ଘ ଦିନରୁ ଲାଗି ରହିଥିବା ସମସ୍ୟାର ସମାଧାନ ହେବ। ନୂତନ କାର୍ଯ୍ୟ ଆରମ୍ଭ କରିପାରନ୍ତି। ଅବିବାହିତଙ୍କ ପାଇଁ ବିବାହ ପ୍ରସ୍ତାବ ଆସିପାରେ। ବୈବାହିକ ଜୀବନ ସୁଖମୟ ହେବ।

## ଆଜିର ଇତିହାସ

- ୧୮୫୧- ବଙ୍ଗଳାରେ ବ୍ରିଟିଶ୍ ଇଣ୍ଡିଆନ୍ ଆସୋସିଏସନ୍‌ର ପ୍ରତିଷ୍ଠା।
- ୧୮୬୭- ଭଗିନୀ ନିବେଦିତାଙ୍କ ଜନ୍ମ।
- ୧୮୯୧- ଜାପାନରେ ଆସିଥିବା ଭୂମିକମ୍ପ ଯୋଗୁଁ ୭୩୦୦ ଲୋକଙ୍କ ମୃତ୍ୟୁ।
- ୧୯୪୦- ଦ୍ୱିତୀୟ ବିଶ୍ୱଯୁଦ୍ଧ ସମୟରେ ଇଟାଲୀ ଗ୍ରୀସ୍ ଉପରେ ଆକ୍ରମଣ କଲା।
- ୨୦୦୯- ପାକିସ୍ତାନର ପେଶୱାର ସହରରେ ହୋଇଥିବା ଆତ୍ମଘାତୀ ବୋମା ବିସ୍ଫୋରଣରେ ୧୧୭ ଲୋକଙ୍କ ମୃତ ଓ ୨୦୦ରୁ ଅଧିକ ଆହତ।

## ବାରମ୍ବାର ଖାଦ୍ୟ ଗରମ
# ବଢ଼ାଏ କର୍କଟ ଆଶଙ୍କା



ଗରମ ଗରମ ଖାଦ୍ୟ ଖାଇବାକୁ ସମସ୍ତେ ପସନ୍ଦ କରନ୍ତି। ଏହି କାରଣରୁ ଅନେକ ଖାଦ୍ୟ ଥଣ୍ଡା ହୋଇଗଲା ପରେ ବି ଗରମ କରି ଖାଆନ୍ତି। ହେଲେ ଖାଦ୍ୟକୁ ବାରମ୍ବାର ଗରମ କରି ଖାଇବା ସ୍ୱାସ୍ଥ୍ୟ ପାଇଁ ବିପଜ୍ଜନକ ବୋଲି ବିଶେଷଜ୍ଞମାନେ ମତ ରଖିଛନ୍ତି। ଖାଦ୍ୟକୁ ବାରମ୍ବାର ଗରମ କରି ଖାଇବା ଦ୍ୱାରା ପୋଷକତତ୍ତ୍ୱ ନଷ୍ଟ ହୋଇଥିବା ସହ ଏହା ବିଷାକ୍ତ ହୋଇଯାଇଥାଏ। ଏହି ଅଭ୍ୟାସ କେବଳ ପାଚନତନ୍ତ୍ର ଉପରେ ପ୍ରଭାବ ପକାଏ ତାହା ନୁହେଁ, ବରଂ ଶରୀରରେ ବିଷାକ୍ତ ପଦାର୍ଥ ଜମା କରି ଗମ୍ଭୀର ରୋଗର କାରଣ ସାଜେ। ଆୟୁର୍ବେଦ ଅନୁସାରେ, ବାରମ୍ବାର ଗରମ କରାଯାଇଥିବା ଖାଦ୍ୟ ଖାଇଲେ ଶରୀରକୁ ଶକ୍ତି ମିଳେନାହିଁ। ଏଭଳି ଖାଦ୍ୟ ଭଲ ଭାବେ ହଜମ ମଧ୍ୟ ହୋଇ ନ ଥାଏ। ଶରୀରକୁ ଧୀରେ ଧୀରେ ଦୁର୍ବଳ କରିବା ସହ ଏହା ରୋଗ ମଧ୍ୟ ବଢ଼ାଏ। ବିଶ୍ୱ ସ୍ୱାସ୍ଥ୍ୟ ସଂଗଠନ ଅନୁସାରେ, ରନ୍ଧା ଖାଦ୍ୟକୁ ଆଉଥରେ ଗରମ କରିବା ସମୟରେ ଏହାର ତାପମାତ୍ରା ପାଖାପାଖି ୭୦ ଡିଗ୍ରୀ ସେଲିସିୟସ୍ ଥିବା ଦରକାର, ଯଦ୍ୱାରା ଏଥିରେ ଥିବା ଜୀବାଣୁ ନଷ୍ଟ ହୋଇଯିବେ। ତେବେ ଖାଦ୍ୟକୁ ମାତ୍ର ଥରେ ଗରମ କରିବା ଆବଶ୍ୟକ। ବାରମ୍ବାର ଖାଦ୍ୟ ଗରମ କରିବା ଦ୍ୱାରା ଏଥିରେ ଥିବା ପୋଷକତତ୍ତ୍ୱ ନଷ୍ଟ ହେବା ସହ କିଛି ଖାଦ୍ୟ ପଦାର୍ଥରେ କର୍କଟକାରକ ରସାୟନ ସୃଷ୍ଟି ହୋଇଥାଏ। ଅଣ୍ଡା ଓ ଚିକେନ୍‌କୁ ବାରମ୍ବାର ଗରମ କରିବା ଦ୍ୱାରା ଏହାର ପ୍ରୋଟିନ୍ ସନ୍ତୁଳନ ବିଗିଡ଼ିଯାଏ, ଫଳରେ ଏହା ହଜମ ହେବା କଷ୍ଟକର ହୋଇ ପଡ଼େ। ସେହିଭଳି ରନ୍ଧା ଯାଇଥିବା ଭାତ ଓ ପାସ୍ତାରେ ଜୀବାଣୁ ସୃଷ୍ଟି ହୋଇଥାନ୍ତି। ଏହାକୁ ଦ୍ୱିତୀୟଥର ଗରମ କରିଲେ ବି ଏଥିରେ ଥିବା ଜୀବାଣୁଗୁଡ଼ିକ ମରି ନ ଥାନ୍ତି। ଏଥିଯୋଗୁଁ ଫୁଡ୍ ପଏଜନିଂ ହେବା ଆଶଙ୍କା ବୃଦ୍ଧି ପାଏ। ଆଳୁ, ବ୍ରେଡ୍, ଛତୁଭଳି ଖାଦ୍ୟଗୁଡ଼ିକୁ ଗରମ କରିବା ଦ୍ୱାରା ଏକ୍ରିଲାମାଇଡ୍ ନାମକ ରସାୟନ ସୃଷ୍ଟି ହୋଇଥାଏ, ଯାହା କାର୍ସିନୋଜେନିକ ରସାୟନ ଅଟେ। ଏଭଳି ଖାଦ୍ୟ ଦୀର୍ଘଦିନ ଧରି ସେବନ କରିବା ଦ୍ୱାରା କର୍କଟ ଆଶଙ୍କା ବଢ଼ିଯାଏ। ସବୁବେଳେ ତାଜା ଓ ସୀମିତ ମାତ୍ରାରେ ଖାଦ୍ୟ ପ୍ରସ୍ତୁତ ପାଇଁ ଉଭୟ ଆୟୁର୍ବେଦ ଓ ବିଜ୍ଞାନରେ ପରାମର୍ଶ ଦିଆଯାଇଛି।

## ୧୨ ଡିସେମ୍ବରରେ 'କିସ୍ କିସ୍ କୋ ପ୍ୟାର୍ କରୁଁ ୨'



କମେଡି କିଙ୍ଗ୍ କପିଲ ଶର୍ମାଙ୍କ ଫିଲ୍ମ 'କିସ୍ କିସ୍ କୋ ପ୍ୟାର୍ କରୁଁ ୨'ର ରିଲିଜ୍ ଡେଟ୍ ଘୋଷଣା ହୋଇଛି। କେବଳ ସେତିକି ନୁହେଁ, ଏହି ଫିଲ୍ମରେ କପିଲଙ୍କ ପଦ୍ମା ଭୂମିକାରେ ଦେଖାଯାଇଥିବା ଚାରିଜଣ ହିରୋଇନ୍‌ଙ୍କ ନାମ ମଧ୍ୟ ସାମ୍ନାକୁ ଆସିଛି। ୨୦୧୫ରେ ଆସିଥିବା କପିଲଙ୍କ ଫିଲ୍ମ 'କିସ୍ କିସ୍ କୋ ପ୍ୟାର କରୁଁ' ଦର୍ଶକଙ୍କୁ ବେଶ୍ ପସନ୍ଦ ଆସିଥିଲା। ଏବେ ୧୦ ବର୍ଷ ପରେ ଏହାର ସିକ୍ୱେଲ ଆସିବ। କିଛି ଦିନ ପୂର୍ବରୁ ଫିଲ୍ମ ନିର୍ମାତା ଏହାର ପୋଷ୍ଟର ଜାରି କରିଥିଲେ। ଆଉ ଏବେ କପିଲ ଇନ୍‌ଷ୍ଟାଗ୍ରାମରେ ଏକ ମୋସନ୍ ପୋଷ୍ଟର ସେୟାର୍ କରି ଏହାର ରିଲିଜ୍ ଡେଟ୍ ଘୋଷଣା କରିଛନ୍ତି। ପୋଷ୍ଟରରେ ଚାରିଜଣ କନିଆ ତାଙ୍କୁ ପାଲିଙ୍କିରେ ଉଠାଇଥିବା ଦେଖାଯାଉଛନ୍ତି। ଏହା ଡିସେମ୍ବର ୧୨ରେ ପରଦାକୁ ଆସିବ। ଫିଲ୍ମରେ କପିଲଙ୍କ ସହ 'ଫୁକ୍ରେ' ଫେମ୍ ମନଜୋତ୍ ସିଂ, ଆଏଶା ଖାନ, ହୀରା ବରିନା, ପାରୁଲ ଗୁଲାଟି, ତ୍ରିଧା ଚୌଧୁରୀ ନଜର ଆସିବେ। ଏଥିରେ କପିଲ୍ ବିଭିନ୍ନ ଧର୍ମର ଚାରିଜଣ ମହିଳାଙ୍କୁ ବିବାହ କରିଥିବାର ଦେଖାଯିବେ।

## ଖାଦ୍ୟରେ ପ୍ଲାଷ୍ଟିକ୍ ପ୍ରତି ସପ୍ତାହରେ ପେଟକୁ ଯାଉଛି ୫ ଗ୍ରାମ୍

ବର୍ତ୍ତମାନ ପରିବେଶ ଲାଗି ପ୍ଲାଷ୍ଟିକ୍ ଏକ ବଡ଼ ସମସ୍ୟା ପାଲଟିଛି। ଓ୍ୱାଲ୍ଡ ଓ୍ୱାଇଡ୍ ଫର୍ ନେଚର୍‌ର ରିପୋର୍ଟ ଅନୁସାରେ, ଜଣେ ବ୍ୟକ୍ତି ପ୍ରତି ସପ୍ତାହରେ ୫ ଗ୍ରାମ୍ ପର୍ଯ୍ୟନ୍ତ ପ୍ଲାଷ୍ଟିକ୍ ଖାଇଥାଏ। ଏହି କ୍ରମରେ ଜଣେ ବ୍ୟକ୍ତି ପ୍ରତି ସପ୍ତାହରେ ଏକ କ୍ରେଡିଟ୍ କାର୍ଡ ଆକୃତିର ପ୍ଲାଷ୍ଟିକ୍ ଖାଇଥାଏ। ଅନ୍ୟପଟେ ପ୍ଲାଷ୍ଟିକ୍ କଣିକା କେତେବେଳେ ପାଣିବୋତଲରେ ତ ଆଉ କେତେବେଳେ ଏହା ପ୍ରଦୂଷିତ ବାୟୁରେ ମିଳିଥାଏ। ସେହିପରି ଏକ ରିପୋର୍ଟ ଅନୁସାରେ, ପ୍ରତି ମାସରେ ଆମ ଶରୀରରେ ୨୦ ଗ୍ରାମ୍ ପ୍ଲାଷ୍ଟିକ୍ ଏବଂ ବର୍ଷକରେ ୨୫୦ ଗ୍ରାମ୍ ପ୍ଲାଷ୍ଟିକ୍ ଜମା ହୁଏ। ଫଳରେ ସମୟ ସହିତ ଏବଂ ଟେକ୍ନୋଲୋଜିର ବିକାଶ ଘଟିବାରୁ ଏହାର ପରିମାଣ ବି ଦିନକୁ ଦିନ ବୃଦ୍ଧି ପାଉଛି। ଏହା ଯୋଗୁଁ କେବଳ ସ୍ୱାସ୍ଥ୍ୟ ଖରାପ ହୁଏ ତାହା ନୁହେଁ, ବରଂ କର୍କଟ ଭଳି ମାରାତ୍ମକ ରୋଗ ହେବା ଆଶଙ୍କା ବୃଦ୍ଧି ପାଏ। ଯଦି



ପ୍ଲାଷ୍ଟିକ୍ ପରିବେଶ ବା ମାଟିରେ ବିଘଟନ ହେଉ ନାହିଁ, ତେବେ ଶରୀରରେ ଏହା କିଭଳି ବିଘଟନ ହେବ ସେକଥା ଚିନ୍ତା କରିବା ଦରକାର। ତେଣୁ ମାରାତ୍ମକ ରସାୟନ ଏବଂ ପାର୍ଟିକଲରେ ତିଆରି ପ୍ଲାଷ୍ଟିକ୍ କେଉଁ ଭଳି ଭାବେ କ୍ଷତି ପହଞ୍ଚାଇପାରେ ଏଥିରୁ ଅନୁମାନ କରି ହେଉଛି। ଏହାବାଦ୍ ପ୍ଲାଷ୍ଟିକ୍‌ରେ ସୀସା ଏବଂ ଆର୍ସେନିକର ବ୍ୟବହାର ହୁଏ। ଯାହାକି ଅତ୍ୟନ୍ତ ବିଷାକ୍ତ। ରକ୍ତହୀନତା, ଲିମ୍ଫୋମା, ମସ୍ତିଷ୍କ କର୍କଟ, ସ୍ତନ କର୍କଟ ଭଳି ଅନ୍ୟାନ୍ୟ ବଡ଼ ବଡ଼ ରୋଗ ପ୍ଲାଷ୍ଟିକ୍ ଯୋଗୁଁ ହୋଇପାରେ। ଅନ୍ୟପଟେ ଏହି ରୋଗ ମଣିଷ ଶରୀରକୁ ପୂରା ଖରାପ କରିପାରେ। ଏପରିକି ଏହା ଯୋଗୁଁ ଜୀବନ ଯିବା ଆଶଙ୍କା ଅଛି।



## ଅର୍ଥନୈତିକ ବିକାଶ ପଥେ
# ଆଖଣ୍ଡଳମଣି ଏଫ୍‌ପିଓ

କୃଷକଙ୍କ ଆୟ ବୃଦ୍ଧି, ବଜାର ପ୍ରବେଶକୁ ସୁଦୃଢ଼, ସାମୂହିକ କାର୍ଯ୍ୟ ମାଧ୍ୟମରେ ସଶକ୍ତ କରିବା ଦିଗରେ କୃଷକ ଉତ୍ପାଦକ ସଂଗଠନଗୁଡ଼ିକ ଗୁରୁତ୍ୱପୂର୍ଣ୍ଣ ଭୂମିକା ତୁଲାଉଛନ୍ତି। କୃଷିକୁ ବ୍ୟବସାୟରେ ପରିଣତ କରି ଗ୍ରାମର ଅର୍ଥନୀତିକୁ ଏକ ନୂଆ ପଥ ଦେବାର ଅନନ୍ୟ ଭୂମିକା ତୁଲାଉଛି ଭଦ୍ରକ ଜିଲ୍ଲା ଧାମନଗର ବ୍ଲକ ଅନ୍ତର୍ଗତ ଆଖଣ୍ଡଳମଣି କୃଷକ ଉତ୍ପାଦକ ସଂଗଠନ। ୫୦୦ ଜଣ ସଦସ୍ୟଙ୍କୁ ନେଇ ୨୦୨୧ ମସିହାରେ ଏହି କୃଷକ ସଂଗଠନ ପଞ୍ଜୀକୃତ ହୋଇଥିଲା। ସଂଗଠନଟି ବାଣିଜ୍ୟିକ ଅଭିବୃଦ୍ଧି ସମେତ ସାମାଜିକ ସଶକ୍ତିକରଣ ପାଇଁ ଏକ ମାଧ୍ୟମ। ଏହା ସ୍ଥାନୀୟ ଚାଷୀମାନଙ୍କୁ ନିଜ ଉତ୍ପାଦ ବିକ୍ରୟ କରିବା, ସ୍ଥାୟୀ ଆୟ, ଆର୍ଥିକ ସ୍ଥିରତା ଏବଂ ଜୀବନର ଉନ୍ନତ ଗୁଣବତ୍ତା ପ୍ରଦାନ କରିଥାଏ।



ସ୍ଥାନୀୟ ଚାଷୀଙ୍କୁ ସଂଗଠନ ଗଠନ ମାଧ୍ୟମରେ ନିଜ ଉତ୍ପାଦ ବିକ୍ରୟ କରିବା, ନୂତନ ଜ୍ଞାନକୌଶଳ ପ୍ରୟୋଗ ବ୍ୟବସାୟରେ ଲାଭ କରିବା ଏହି ସଂଗଠନର ମୂଳ ଲକ୍ଷ୍ୟ। ଏହି ସଂଗଠନଟି ଡାଲି, ପନିପରିବା, କୁକୁଡ଼ା ପାଳନ ଭଳି ପ୍ରମୁଖ କାର୍ଯ୍ୟକଳାପରେ ମୁଖ୍ୟ ଭୂମିକା ଗ୍ରହଣ କରିଛି। ଦକ୍ଷତା ବିକାଶ ସହିତ ସଦସ୍ୟଙ୍କ ଜୀବନକୁ ପରିବର୍ତ୍ତିତ କରିବାରେ ସହାୟକ ହୋଇପାରିଛି। କୃଷି ବିଜ୍ଞାନ କେନ୍ଦ୍ର, ନାବାର୍ଡ, ଏନ୍‌ଏସ୍‌ଏସ୍‌ଏମ୍, ସେଲକୋ ଫାଉଣ୍ଡେସନ୍ ଭଳି ବିଭିନ୍ନ ସରକାରୀ ତଥା ବେସରକାରୀ ସଂସ୍ଥା ପକ୍ଷରୁ ଏହି ସଂଗଠନକୁ ଆର୍ଥିକ ସାହାଯ୍ୟ ମିଳିଛି। ସଂଗଠନଟି ଏକତ୍ରୀକରଣ, ବିପଣନ, ବିହନ, ସାର, କୀଟନାଶକ, ଜୈବିକ ସାର ପ୍ରଭୃତିର ବଣ୍ଟନ, ସ୍ଥାନୀୟ ଡାଲିର ମୂଲ୍ୟବୃଦ୍ଧି, ଅମଳ ପରବର୍ତ୍ତୀ ପ୍ରକ୍ରିୟାକରଣ ପାଇଁ ପ୍ରଶିକ୍ଷଣ କାର୍ଯ୍ୟକ୍ରମ କରିବାରେ ଆଗଭର ହୋଇପାରିଛି। ତା ସହିତ ସଂଗଠନଟି ଚାଷୀଙ୍କୁ ବଜାର ସହିତ ସିଧାସଳଖ ଯୋଡିହେବାକୁ ସୁଯୋଗ ଦିଏ।

ଓଡ଼ିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ ଦ୍ୱାରା ପରିଚାଳିତ 'ସେଣ୍ଟର ଅଫ୍ ଏକ୍ସଲେନ୍ସ' ମାଧ୍ୟମରେ କୃଷି ବିଜ୍ଞାନ କେନ୍ଦ୍ର, ଭଦ୍ରକ ସହାୟତାରେ ଉପଯୁକ୍ତ ମାର୍ଗଦର୍ଶନ ଏବଂ ତାଲିମ ଭଳି ଅନେକ ପ୍ରକାର ସହାୟତା ଯୋଗାଇ ଦିଆଯାଉଛି। ଫଳରେ ଚାଷୀମାନେ ଲାଭାନ୍ୱିତ ହୋଇପାରୁଛନ୍ତି। ଚାଷୀଙ୍କୁ ବିଭିନ୍ନ ସେବା ଯୋଗାଇଦେବା ସମୟରେ ଏହି ସଂଗଠନ ବାଧାରେ ରୋଗ ପୋକ, ଉଚିତ ମୂଲ୍ୟର ଅଭାବ ଆଦି ଅନେକ ସମସ୍ୟା ଦେଇ ଗତି କରିଛି। ଏହାର ସମାଧାନ ସ୍ୱରୂପ ମଧ୍ୟସ୍ଥିବିହୀନ ବଜାର ସଂଯୋଗ, ସାମୂହିକ ବିପଣନ ଓ ସ୍ଥାୟୀ କୃଷି ପଦ୍ଧତିକୁ ପ୍ରୋତ୍ସାହିତ, ଆଧୁନିକ ଜ୍ଞାନ ଓ କୌଶଳ ଜନିତ କର୍ମଶାଳା, ଶିକ୍ଷାମୂଳକ ପରିଭ୍ରମଣ, କୁକୁଡ଼ା ପାଳନ ପାଇଁ ପଶୁ ଚିକିତ୍ସା ସହାୟତା ଓ ଟିକାକରଣ ପ୍ରଦାନ, ଫସଲ ବିବିଧିକରଣ ଭଳି ବିଭିନ୍ନ କାର୍ଯ୍ୟକ୍ରମମାନ ଏହି ସଂଗଠନ ଆୟୋଜନ କରିସାରିଛି। ଯୋଜନା ଏବଂ ଋଣ ସୁବିଧା ପାଇବା ପାଇଁ ବିଭିନ୍ନ ସରକାରୀ ଏଜେନ୍ସୀ ଓ ରାଜ୍ୟ ସରକାରଙ୍କ ସହିତ ସମ୍ପର୍କ ସ୍ଥାପନ କରାଯାଇଛି। ଆଗାମୀ ଦିନରେ ଅମଳ ପରବର୍ତ୍ତୀ କ୍ଷତି ହ୍ରାସ ଦିଗରେ ପଦକ୍ଷେପ, ପ୍ରକ୍ରିୟାକରଣ ୟୁନିଟ୍, ପ୍ରଶିକ୍ଷଣ କାର୍ଯ୍ୟକ୍ରମ, ନୂତନ ବଜାର ସଂଯୋଗୀକରଣ ବ୍ୟବସ୍ଥା ଆଦି କରିବାର ଲକ୍ଷ୍ୟ ରଖିଛି ଏହି କୃଷକ ଉତ୍ପାଦକ ସଂଗଠନ।

## ଆଳୁଲଗା ଯନ୍ତ୍ର

ଆମ ରାଜ୍ୟରେ ହାତଗଣତି ଚାଷୀ ଆଳୁ ଚାଷ କରନ୍ତି। ଅଧିକ ଉର୍ବରଯୁକ୍ତ ମାଟିରେ ଆଳୁ ଚାଷ ଭଲ ହୋଇଥାଏ। ଆଳୁ ଚାଷ ମୁଖ୍ୟତଃ ରବିଋତୁରେ ହୋଇଥାଏ। ଚାଷୀମାନେ ପାରମ୍ପରିକ ପ୍ରଣାଳୀରେ ମାଟି ପ୍ରସ୍ତୁତରୁ ନେଇ ବିହନ ଲଗାଉଛନ୍ତି। ଏକର ଜମିରେ ଆଳୁ ଲଗାଇବାକୁ ୪ରୁ ୫ ଜଣ ଲୋକ ନିୟୋଜିତ ହୋଇଥାନ୍ତି। ଏଥିପାଇଁ ଘଣ୍ଟା



ଘଣ୍ଟା ସମୟ ଲାଗେ। ଖର୍ଚ୍ଚ ବଢ଼େ। ହେଲେ ଏବେ ବଜାରରେ ଏକ ଅତ୍ୟାଧୁନିକ ମେସିନ୍ ଉପଲବ୍ଧ ରହିଛି। ଯେଉଁଥିରେ ଆଳୁ ବିହନ ଲଗାଇବା ସହଜ ହେବ। ପଟାଟୋ ପ୍ଲାଣ୍ଟର ନାମକ ଏହି ମେସିନ୍‌ଟି କିଛି ଘଣ୍ଟାରେ ଆଳୁ ବିହନ ଲଗାଇଥାଏ। ଯନ୍ତ୍ରଟି ଏକର ଜମିରେ ମାତ୍ର ୨୦ରୁ ୩୦ ମିନିଟ୍‌ରେ ବିହନ ବୁଣିପାରେ। ଏହି ଯନ୍ତ୍ର ବିହନ ଲଗାଇବା ସହ ସଠିକ୍ ଦୂରତ୍ୱରେ ବିହନ ପୋତିଥାଏ। ଖତ ଏବଂ ମାଟି ପ୍ରୟୋଗ କରିବାରେ ସକ୍ଷମ ହୁଏ। ଏହି ଯନ୍ତ୍ରଟି ଟ୍ରାକ୍ଟର ସାହାଯ୍ୟରେ ଚାଲିଥାଏ। ଆଳୁ ଲଗାଯନ୍ତ୍ରରେ ଆଳୁ ବିହନକୁ ଟାଙ୍କିରେ ରଖିବାକୁ ହୁଏ। ଚଳପାଶ୍ୱରୁ ଗୋଟିଏ ଗୋଟିଏ ଗଜାକୁ ସଠିକ୍ ଦୂରତ୍ୱରେ ପକାଇବାକୁ ଯନ୍ତ୍ରଟି ଗାତ ଖୋଳିଥାଏ। ଏଥିପାଇଁ ଯନ୍ତ୍ରରେ ବ୍ଲେଡ୍ ରହିଛି। ତେବେ ଯନ୍ତ୍ରଟି ଖତ ପ୍ରୟୋଗ କରୁଥିବାରୁ ଫସଲ ସମାନ ଭାବେ ବଢ଼ିଥାଏ।


## ରୋଷେଇ ବର୍ଜ୍ୟରୁ ତରଳ ଔଷଧ

ଗଛକୁ ପ୍ରାକୃତିକ ଖତ ଦେବାକୁ ଚାହୁଁଥିଲେ ରୋଷେଇଘରୁ ତରଳ ଜୈବିକ ଘୋଳ ପ୍ରସ୍ତୁତ କରିପାରିବେ। ଏହି ଜୈବିକ ଘୋଳରେ ସୂକ୍ଷ୍ମ ତତ୍ତ୍ୱ, ଖଣିଜ, ଭିଟାମିନ୍ ଥାଏ। ଏହା ଫସଲକୁ ପୋଷକତତ୍ତ୍ୱ ପ୍ରଦାନ କରିବା ସହ ମାଟିର ଗୁଣବତ୍ତାକୁ ବଜାୟ ରଖି ଗଛ ବୃଦ୍ଧିରେ ସହାୟ ହୁଏ।



ପରିବା ଧୁଆ ପାଣିରେ ନାନା ପୋଷକତତ୍ତ୍ୱ ରହିଛି। ସେହି ପାଣିକୁ ଏକପାତ୍ରରେ ରଖି ସେଥିରେ ପରିବା ଓ ଫଳ ଚୋପା ପକାଇ ଅଳ୍ପ ମାଟି ଓ ଗୋବର ପକାଇଲେ ପାଣିରେ ଜୈବିକ ତତ୍ତ୍ୱ ସଢ଼ିଯାଏ। ପୋଷକତତ୍ତ୍ୱ ତରଳ ଯାଏ। ଏହି ପାଣିକୁ ଢାଙ୍କୁଣୀ ଦେଇ ୩ରୁ ୫ ଦିନ ଘୋଡାଇ ଛାଇ ସ୍ଥାନରେ ରଖି ଦୈନିକ ଗୋଳାଯାଏ। ୪ରୁ ୫ ଦିନ ପରେ ଉକ୍ତ ଘୋଳକୁ ଛାଣି ଏକ ଲିଟର ତରଳ ଖତରେ ୫ ଲିଟର ପାଣି ମିଶାଇ ଫସଲରେ ସିଞ୍ଚନ ଦ୍ୱାରା ଗଛକୁ ପୋଷାକତତ୍ତ୍ୱ ମିଳିଥାଏ। ମାଟିର ଗୁଣବତ୍ତା ବୃଦ୍ଧି କରେ। ତେବେ ତରଳ ଖତକୁ ୭ ଦିନ ମଧ୍ୟରେ ଉପଯୋଗ କରିଦେବା ଭଲ।

## ହାତରୁ ଜାଣନ୍ତୁ ମାଟିର ଆର୍ଦ୍ରତା



ଜମିରେ ବିହନ ବୁଣିବା ପୂର୍ବରୁ ଚାଷୀଭାଇ ମାଟିର ଉର୍ବରଶକ୍ତି ଓ ଆର୍ଦ୍ରତା ପରୀକ୍ଷା କରିଥାନ୍ତି। ଅବଶ୍ୟ ଏଥିପାଇଁ ମାଟିକୁ ଲ୍ୟାବ୍‌କୁ ନେବାକୁ ପଡ଼ିଥାଏ। ହେଲେ ଏବେ ଜଣେ ବ୍ୟକ୍ତି ନିଜ ହାତରେ ବି ମାଟିର ଆର୍ଦ୍ରତା ବିଷୟରେ ଜାଣିପାରିବେ। କୃଷି ବିଶେଷଜ୍ଞଙ୍କ ମତରେ ମାଟିରେ ସନ୍ତୁଳିତ ଆର୍ଦ୍ରତା ଥିଲେ ସୋରିଷ, ଚଣା, ମସୁର, ମଟର ଏବଂ ଗହମ ଆଦି ଚାଷ ପାଇଁ ବୁଣାବୁଣି କରିବାକୁ ଭଲ ସମୟ। ତେଣୁ ଜମିର ଗୋଟିଏ କୋଣରୁ ପ୍ରଥମେ ମାଟିକୁ ହାତରେ ମୁଠା କରିବାକୁ ହୁଏ। ଯଦି ମାଟି ହାତ ପାପୁଲିରେ ଲାଗି ଯାଉଥାଏ, ମାଟିରୁ ପାଣି ନ ଗଡ଼େ ତେବେ ଏହା ଆର୍ଦ୍ରତା ଠିକ୍ ଥିବାକୁ ସୂଚାଏ। ସେହିପରି ଚାଷ ଜମିରେ ଚାଲିଲେ ଯଦି ପାଦ ଚିହ୍ନ ପଡ଼ୁଛି ହେଲେ ମାଟି ଆପଣଙ୍କ ଜୋତାରେ ଲାଗିଯାଉନାହିଁ, ତେବେ ବୁଣାବୁଣି କାର୍ଯ୍ୟ କରିପାରିବେ। ସଠିକ୍ ସମୟରେ ଫସଲ ବୁଣିଲେ ଉତ୍ପାଦନ ଭଲ ହୁଏ। ଯଦି ଚାହିଁବେ ବଜାରରେ ମାଟିର ଆର୍ଦ୍ରତା ମାପିବା ପାଇଁ ମିଟର ମିଳୁଛି ତାହାକୁ ମଧ୍ୟ ବ୍ୟବହାର କରିପାରିବେ।

## କୃଷି ପାଣିପାଗ
### ଏ ସପ୍ତାହ ପାଇଁ କେତେକ ପରାମର୍ଶ

- ଧାନ କେଣ୍ଡା ୮୫% ପାଚି ଯାଇଥିଲେ ବର୍ଷା ଆରମ୍ଭ ପୂର୍ବରୁ ତୁରନ୍ତ କାଟି ସୁରକ୍ଷିତ ସ୍ଥାନରେ ରଖନ୍ତୁ। ଧାନ ବେଙ୍ଗଲା ସମ୍ଭବ ନ ହେଲେ କଟା ଧାନକୁ ପଲିଥିନ୍ ଦ୍ୱାରା ଘୋଡାଇ ସୁରକ୍ଷିତ ରଖନ୍ତୁ। ଜମିରୁ ବଳକା ପାଣି ନିଷ୍କାସନ କରିବାକୁ ନାଳୀ କରନ୍ତୁ ଓ ନାଳୀ ମୁହଁକୁ ଖୋଲା ରଖନ୍ତୁ।
- ଅମଳ ଉପଯୋଗୀ ଫସଲକୁ ଅମଳ କରି ସୁରକ୍ଷିତ ସ୍ଥାନରେ ରଖନ୍ତୁ। ଶୀତଦିନିଆ ପରିବା ଓ ଡାଲିଜାତୀୟ ଫସଲକୁ ବୁଣିବା ଓ ଲଗାଇବା କାର୍ଯ୍ୟ ସାମୟିକ ବନ୍ଦ ରଖନ୍ତୁ। କୀଟନାଶକ ଓ ସାର ପ୍ରୟୋଗ ମଧ୍ୟ ସାମୟିକ ବନ୍ଦ ରଖନ୍ତୁ।
- ଭାରି ବର୍ଷା ଯୋଗୁ ନଇଁ ପଡ଼ିଥିବା ବା ଦୁର୍ବଳ ହୋଇଥିବା କଦଳୀ ଓ ଅମୃତଭଣ୍ଡା ଆଦି ଗଛକୁ ବାଡ଼ି/ବାଉଁଶ ବାଡ଼ି ଦେଇ ବାନ୍ଧନ୍ତୁ।
- ପ୍ରାଣୀମାନଙ୍କୁ କୃମିନାଶକ ଔଷଧ ଖୁଆଇବା ଏବଂ ଫାଟ୍ଟିଆ ଓ ବ୍ରୁସେଲୋସିସ୍ ରୋଗ ପାଇଁ ଟିକାକରଣ କରନ୍ତୁ।
- ଅଧିକ ବର୍ଷା ଯୋଗୁ ଘୋଷାଗାରୁ ମାଛ ବାହାରି ନ ଯିବା ପାଇଁ ପୋଖରୀ ହୁଡ଼ାରେ ଜାଲ ଲଗାନ୍ତୁ। ବର୍ଷା ସମୟରେ ପ୍ରାଣୀଙ୍କୁ ଘର ଭିତରେ ରଖନ୍ତୁ। ଖାଦ୍ୟ ଓ ପାନୀୟ ଜଳର ବ୍ୟବସ୍ଥା କରନ୍ତୁ।

# ଭାରତ ବିପକ୍ଷ ଟେଷ୍ଟ ସିରିଜ୍ ଲାଗି ବଭୂମା ଦ. ଆଫ୍ରିକା ଅଧିନାୟକ

ଜୋହାନ୍ସବର୍ଗ,୨୬।୧୦(ଏଜେନ୍ସି): ଭାରତ ବିପକ୍ଷ ଟେଷ୍ଟ ସିରିଜ୍ ଲାଗି ଦକ୍ଷିଣ ଆଫ୍ରିକା କ୍ରିକେଟ ଦଳର ଖେଳାଳି ତାଲିକା ଘୋଷଣା କରାଯାଇଛି। ପାକିସ୍ତାନ ସହ ୧-୧ରେ ସିରିଜ୍ ଡ୍ର ରଖିଥିବା ଦକ୍ଷିଣ ଆଫ୍ରିକା ଦଳରେ ଜଣେ ଖେଳାଳି ପରିବର୍ତ୍ତନ କରାଯାଇଛି। ତେମ୍ବା ବଭୂମା ଦଳର ନେତୃତ୍ୱ ନେବାକୁ ଫେରିଛନ୍ତି। ଏହା ଛଡ଼ା ଅନ୍ୟ କୌଣସି ପରିବର୍ତ୍ତନ କରାଯାଇନାହିଁ। ଏହି ସିରିଜ୍ ଲାଗି ଦଳରେ ୩ଜଣ ପ୍ରମୁଖ ସ୍ପିନରଙ୍କୁ ସାମିଲ କରାଯାଇଛି। ବାମହାତୀ କେଶବ ମହାରାଜ, ସାଇମନ ହାର୍ମର ଓ ସେନୁରନ ମୁଥୁସ୍ୱାମୀଙ୍କୁ ଦଳରେ ସାମିଲ କରିଛି। ଫାଷ୍ଟ ବୋଲର କାଗିସୋ ରାବାଡା, କର୍ବିନ ବୋଶ୍, ମାର୍କୋ ଜାନ୍‌ସେନ ରହିଛନ୍ତି।ଦୁଇ ମ୍ୟାଚ୍ ବିଶିଷ୍ଟ ଟେଷ୍ଟ ସିରିଜ୍ କୋଲକାତାରେ ନଭେମ୍ବର ୧୪ରୁ ଆରମ୍ଭ ହେବ। ଏହା ପରେ ଗୁଆହାଟୀରେ ଦ୍ୱିତୀୟ ଟେଷ୍ଟ ନଭେମ୍ବର ୨୨ରୁ ଖେଳାଯିବ। ଏହା ପରେ ଭାରତ ସହ ନଭେମ୍ବର ୩୦ରୁ ୩ ମ୍ୟାଚ ବିଶିଷ୍ଟ ଦିନିକିଆ ଓ ଡିସେମ୍ବର ୯ରୁ ୫ ମ୍ୟାଚ୍ ବିଶିଷ୍ଟ ଟି-୨୦ ସିରିଜ୍ ଖେଳାଯିବାର କାର୍ଯ୍ୟକ୍ରମ ରହିଛି।

ଘୋଷିତ ଦଳ: ତେମ୍ବା ବଭୂମା (ଅଧିନାୟକ), ଆଇଡେନ୍ ମାର୍କରମ, ରିୟାନ ରିକେଲଟନ, ଟ୍ରିଷ୍ଟାନ ଷ୍ଟବ୍ସ, କାଏଲ ଭେରିନ୍, ଡିୱାଲ୍ଡ ବ୍ରେଭିସ୍, ଜୁବେର ହାମ୍‌ଜା, ଟୋନି ଡି ଜୋର୍ଜି, କର୍ବିନ ବୋଶ୍, ୱିଆନ ମୁଲ୍ଡର, ମାର୍କୋ ଜାନ୍‌ସେନ, କାଗିସୋ ରାବାଡା, କେଶବ ମହାରାଜ, ସେନୁରନ ମୁଥୁସ୍ୱାମୀ ଓ ସାଇମନ ହାର୍ମର।

**ଏସିଆ ରଗ୍‌ବୀ ଏମିରେଟ୍ସ ସେଭେନ୍ସ ଟ୍ରଫି**

## ରୌପ୍ୟ ବିଜୟୀ ଭାରତୀୟ ଦଳରେ ୪ ଓଡ଼ିଆ

ଭୁବନେଶ୍ୱର, ୨୭ ।୧୦ (ସମିସ): ଓମାନର ରାଜଧାନୀ ମସ୍କଟରେ ଉଦ୍‌ଯାପିତ ହୋଇଯାଇଥିବା ଏସିଆ ରଗ୍‌ବୀ ଏମିରେଟ୍ସ ସେଭେନ୍ସ ଟ୍ରଫି ଟୁର୍ଣ୍ଣାମେଣ୍ଟରେ ଭାରତ ରନର୍ସଅପ୍ ହୋଇଛି। ଫାଇନାଲରେ କାଜାଖସ୍ତାନ ୨୭-୦ ସ୍କୋରରେ ଭାରତକୁ ପରାସ୍ତ କରି ସ୍ୱର୍ଣ୍ଣ ପଦକ ବାଜିମାତ୍ କରିନେଇଥିଲା। ଟୁର୍ଣ୍ଣାମେଣ୍ଟ ସାରା ଅପରାଜେୟ ରହିଥିବା ଭାରତ ଫାଇନାଲରେ କିନ୍ତୁ ଏହି ଧାରାକୁ ବଜାୟ ରଖିପାରି ନ ଥିଲା। ରୌପ୍ୟ ପଦକ ବିଜୟୀ ଭାରତୀୟ ଦଳ ଏଥିସହ ଏସିଆ ରଗ୍‌ବୀ ଏମିରେଟ୍ସ ସେଭେନ୍ସ ସିରିଜର ଡିଭିଜନ-୧ ପର୍ଯ୍ୟାୟକୁ ଯୋଗ୍ୟତା ଅର୍ଜନ କରିଛି। ଯାହାକି ଏସିଆ ରଗ୍‌ବୀରେ ଶୀର୍ଷସ୍ତରୀୟ ଟୁର୍ଣ୍ଣାମେଣ୍ଟ। ସବୁଠୁ ଉଲ୍ଲେଖନୀୟ କଥା ହେଉଛି ରୌପ୍ୟ ବିଜୟୀ ଭାରତୀୟ ଦଳରେ ଓଡ଼ିଶାର ୪ଜଣ ଖେଳାଳି ଖେଳୁଥିଲେ। ସେମାନେ ହେଲେ ଆଶିଷ ଶବର, ଗଣେଶ ମାଝି, ଯୁଗଳ କିଶୋର ମାଝି ଓ ଶାହନୱାଜ ଅହମ୍ମଦ। ଏମାନଙ୍କ ମଧ୍ୟରୁ ଆଶିଷ, ଗଣେଶ ଓ ଯୁଗଳ କିସ୍ ବିଶ୍ୱବିଦ୍ୟାଳୟରେ ଅଧ୍ୟୟନ କରୁଛନ୍ତି।



## ମହିଳା ଟି-୨୦ : ଓଡ଼ିଶାର ଦ୍ୱିତୀୟ ପରାଜୟ

କଟକ,୨୭।୧୦(ସମିସ): ୧୯ ବର୍ଷରୁ କମ୍ ମହିଳା ଟି-୨୦ କ୍ରିକେଟରେ ଓଡ଼ିଶା କ୍ରମାଗତ ପରାଜୟ ବରଣ କରିଛି। ଗତକାଲି ଭିଲାଇରେ ଖେଳାଯାଇଥିବା ପ୍ରଥମ ମ୍ୟାଚ୍‌ରେ ସୌରାଷ୍ଟ୍ରଠାରୁ ୨ ୱିକେଟରେ ହାରିଥିବା ଓଡ଼ିଶା ଆଜି ଉତ୍ତରପ୍ରଦେଶଠାରୁ ଦୟନୀୟ ଭାବେ ୯ ୱିକେଟରେ ପରାଜିତ ହୋଇଛି। ଏହି ମ୍ୟାଚ୍‌ରେ ପ୍ରଥମେ ବ୍ୟାଟିଂ କରି ଓଡ଼ିଶା ମାତ୍ର ୧୮.୨ ଓଭର ଖେଳି ୫୭ ରନ୍‌ରେ ଅଲଆଉଟ ହୋଇଯାଇଥିଲା। ପ୍ରତିପକ୍ଷ ଦଳର ଚାନ୍ଦନୀ ମିଶ୍ର ଓ ଖୁସି ତ୍ୟାଗୀ ୩ଟି ଲେଖାଏଁ ୱିକେଟ ନେଇଥିଲେ। ଜବାବରେ ୫୮ ରନ୍‌ର ବିଜୟ ଲକ୍ଷ୍ୟକୁ ଉତ୍ତରପ୍ରଦେଶ ମାତ୍ର ୧୨.୫ ଓଭରରେ ୧ ୱିକେଟ ହରାଇ ହାସଲ କରିନେଇଥିଲା।

**ଆଇସିସି ମହିଳା ଦିନିକିଆ ବିଶ୍ୱକପ୍**

# ସେମି ପୂର୍ବରୁ ଭାରତକୁ ଝଟ୍‌କା; ପ୍ରତୀକା ବାଦ୍

ନଭି ମୁମ୍ବଇ, ୨୭ ।୧୦ (ଏଜେନ୍ସି)



ଚଳିତ ଆଇସିସି ମହିଳା ଦିନିକିଆ ବିଶ୍ୱକପ୍‌ର ଲିଗ୍ ପର୍ଯ୍ୟାୟ ଶେଷ ହୋଇଯାଇଛି। ଡିଫେଣ୍ଡିଂ ଚାମ୍ପିଅନ ଅଷ୍ଟ୍ରେଲିଆ (୧୩ ପଏଣ୍ଟ), ଇଂଲଣ୍ଡ (୧୧), ଦକ୍ଷିଣ ଆଫ୍ରିକା (୧୦) ଓ ଭାରତ (୭) ଯଥାକ୍ରମେ ପଏଣ୍ଟ ଟେବଲର ପ୍ରଥମ ୪ଟି ସ୍ଥାନରେ ରହି ସେମିଫାଇନାଲରେ ପ୍ରବେଶ କରିଛନ୍ତି। ବୁଧବାର ଇଂଲଣ୍ଡ ଓ ଦକ୍ଷିଣ ଆଫ୍ରିକା ମଧ୍ୟରେ ପ୍ରଥମ ଏବଂ ଗୁରୁବାର ଅଷ୍ଟ୍ରେଲିଆ ଓ ଭାରତ ମଧ୍ୟରେ ଦ୍ୱିତୀୟ ସେମିଫାଇନାଲ ଖେଳାଯିବ। ତେବେ ଦ୍ୱିତୀୟ ସେମିଫାଇନାଲ ପୂର୍ବରୁ ଆୟୋଜକ ଭାରତୀୟ ଦଳକୁ ଜୋର୍‌ଦାର ଝଟ୍‌କା ଲାଗିଛି। ଆଘାତଜନିତ ସମସ୍ୟା ଲାଗି ଇନଫର୍ମ ଓପନର୍ ପ୍ରତୀକା ରାୱଲ ବିଶ୍ୱକପ୍‌ର ବଳକା ମ୍ୟାଚରୁ ବାଦ୍ ପଡ଼ିଛନ୍ତି। ବାଂଲାଦେଶ ବିପକ୍ଷ ଶେଷ ଲିଗ୍ ମ୍ୟାଚରେ ଫିଲ୍ଡିଂ କରୁଥିବାବେଳେ ପ୍ରତୀକାଙ୍କ ଗୋଇଠି ମୋଡ଼ି ହୋଇଯାଇଥିଲା। ଫଳରେ ସେ ଗୁରୁତର ଆଘାତ ପାଇ ପଡ଼ିଆ ଛାଡ଼ି ଚାଲିଯାଇଥିଲେ। ଏପରିକି ଭାରତୀୟ ଇନିଂସରେ ସେ ଆଉ ବ୍ୟାଟିଂ କରିବାକୁ ଆସି ନ ଥିଲେ।

ଅଷ୍ଟ୍ରେଲିଆ ବିପକ୍ଷ ସେମିଫାଇନାଲରେ ପ୍ରତୀକା ନ ଖେଳିବା ଭାରତୀୟ ଦଳ ପାଇଁ ଶକ୍ତ ଧକ୍କା ସଦୃଶ ହୋଇଛି। ପ୍ରତୀକା ଚଳିତ ବିଶ୍ୱକପ୍‌ରେ ଦମ୍‌ଦାର ଫର୍ମରେ ରହିଥିଲେ। ୭ଟି ଇନିଂସରେ ସେ ୫୧.୩୩ ହାରରେ ୩୦୮ ରନ ସଂଗ୍ରହ କରିଛନ୍ତି। ଯେଉଁଥିରେ ୧୨୨ ରନର ଦମ୍‌ଦାର ଶତକୀୟ ପାଳି ସାମିଲ ରହିଛି। ବିଶ୍ୱକପ୍‌ରେ ସର୍ବାଧିକ ରନ ସଂଗ୍ରହକାରୀ ତାଲିକାରେ ପ୍ରତୀକା ସାଥୀ ଖେଳାଳି ସ୍ମୃତି ମନ୍ଧାନା (୩୬୫)ଙ୍କ ପଛକୁ ଦ୍ୱିତୀୟ ସ୍ଥାନରେ ରହିଛନ୍ତି। ମନ୍ଧାନାଙ୍କ ସହ ପ୍ରତୀକା ବିଶ୍ୱକପ୍‌ରେ ଭାରତକୁ ଏକାଧିକ ମ୍ୟାଚରେ ଉଲ୍ଲେଖନୀୟ ପ୍ରାରମ୍ଭ ଦେଇଛନ୍ତି। ତେଣୁ ଅଷ୍ଟ୍ରେଲିଆ ଭଳି ଗୁରୁତ୍ୱପୂର୍ଣ୍ଣ ସେମିଫାଇନାଲରେ ସେ ନ ଖେଳିବା ଭାରତ ପାଇଁ ନିଶ୍ଚିତ ମହଙ୍ଗା ସାବ୍ୟସ୍ତ ହେବ। ତାଙ୍କ ସ୍ଥାନରେ ହର୍ଲିନ ଦେଓଲ କିମ୍ବା ଅମନଜୋତ୍ କୌର ପାଳି ଆରମ୍ଭ କରିପାରନ୍ତି।

## ଆଇସିୟୁରୁ ବାହାରିଲେ ଶ୍ରେୟସ୍



ସିଡନୀ,୨୬।୧୦(ଏଜେନ୍ସି): ଭାରତୀୟ ଦିନିକିଆ ଦଳର ଉପଅଧିନାୟକ ଶ୍ରେୟସ ଆୟର ଆହତ ହେବା ପରେ ଏବେ ଅଷ୍ଟ୍ରେଲିଆରେ ଚିକିତ୍ସିତ ହେଉଛନ୍ତି। ଦୁଇଦିନ ଧରି ଆଇସିୟୁରେ ରହିବା ପରେ ଆଜି ତାଙ୍କୁ ବାହାର କରାଯାଇଛି। ତାଙ୍କ ସ୍ୱାସ୍ଥ୍ୟବସ୍ଥାରେ ଉନ୍ନତି ହୋଇଛି ଖୁବ୍ ଶୀଘ୍ର ଭଲ ହୋଇଯିବେ ବୋଲି ଆଶା କରାଯାଉଛି। ଏହା ମଧ୍ୟରେ ଶ୍ରେୟସଙ୍କ ପରିବାର ସଦସ୍ୟଙ୍କୁ ଖୁବ୍ ଶୀଘ୍ର ସିଡନୀ ପଠାଇବାର ବ୍ୟବସ୍ଥା ହୋଇଛି। କ୍ୟାଚ୍ ଧରିବାକୁ ଯାଇ ଆଘାତ ପାଇବା ପରେ ତାଙ୍କ ପ୍ଲୀହାରେ କ୍ଷତ ହୋଇଥିବାରୁ ସେ ହସ୍ପିଟାଲରୁ କେବେ ଛାଡ଼ ପାଇବେ କିମ୍ବା ସୁସ୍ଥ ହେବାକୁ କେତେଦିନ ଲାଗିବ ତାହା କହିବା କଷ୍ଟକର। ବିସିସିଆଇ ମେଡିକାଲ ଟିମ୍ ତାଙ୍କ ପାଖରେ ରହି ସ୍ୱାସ୍ଥ୍ୟାବସ୍ଥା ତଦାରଖ କରୁଛନ୍ତି।

ସୂଚନାଯୋଗ୍ୟ ଅଷ୍ଟ୍ରେଲିଆ ସହ ସିଡ୍‌ନୀରେ ଖେଳାଯାଇଥିବା ତୃତୀୟ ଦିନିକିଆ ମ୍ୟାଚ୍‌ରେ ପ୍ରତିପକ୍ଷ ୱିକେଟ ରକ୍ଷକ ଆଲେକ୍ସ କ୍ୟାରୀଙ୍କ ଏକ କ୍ୟାଚ୍ ଧରିବା ବେଳେ ଅଡୁଆ ସ୍ଥିତିରେ ଶ୍ରେୟସ ପଡ଼ିଯାଇଥିଲେ। କ୍ୟାଚ୍ ଧରିବା ପରେ ପଡ଼ିଆରେ ଯନ୍ତ୍ରଣା ଅନୁଭବ କରିବାକୁ ତାଙ୍କୁ ବାହାରକୁ ନିଆଯାଇଥିଲା। ପ୍ରାଥମିକ ଅବସ୍ଥାରେ ତାଙ୍କ ପଞ୍ଜରା ହାଡ଼ରେ ଆଘାତ ଲାଗିଛି ବୋଲି ଆଶଙ୍କା କରାଯାଉଥିଲା। ବିସିସିଆଇ ମେଡିକାଲ ଟିମ୍ କୌଣସି ରିସ୍କ ନ ନେଇ ତାଙ୍କୁ ଶୀଘ୍ର ମେଡିକାଲରେ ଭର୍ତ୍ତି କରିଥିଲେ। ସ୍କାନ୍‌ରୁ ଦେହ ଭିତ (ପ୍ଲୀହା)ରେ ରକ୍ତସ୍ରାବ ହେଉଥିବା ଜଣାଯାଇଥିଲା। ଏହା ଜଣାପଡ଼ିବା ପରେ ତାଙ୍କୁ ତୁରନ୍ତ ଆଇସିୟୁରେ ରଖାଯାଇଥିଲା। ତୃତୀୟ ଦିନିକିଆରେ ରୋହିତ ଶର୍ମା- ବିରାଟ କୋହଲିଙ୍କ ଶ୍ରେଷ୍ଠ ପ୍ରଦର୍ଶନ ବଳରେ ଭାରତ ଏହି ମ୍ୟାଚ୍‌କୁ ସହଜରେ ଜିତିନେଇଥିଲା। ଏହା ପରେ ଭାରତୀୟ ଦଳ ବୁଧବାର ଟି-୨୦ ମ୍ୟାଚ୍ ଖେଳିବାକୁ କାନବେରା ଯାଇଛନ୍ତି। କିନ୍ତୁ ଆୟର ମେଡିକାଲରେ ଅଛନ୍ତି। ସେ କେବଳ ଦିନିକିଆ ଫର୍ମାଟ ଲାଗି ମନୋନୀତ ହେଉଥିବାରୁ ଦକ୍ଷିଣ ଆଫ୍ରିକା ସିରିଜ୍ ତାଙ୍କ ଲାଗି ପରବର୍ତ୍ତୀ ଟୁର୍ଣ୍ଣାମେଣ୍ଟ ହେବ। ରାଞ୍ଚିରେ ନଭେମ୍ବର ୩୦ରୁ ୩ ମ୍ୟାଚ୍ ବିଶିଷ୍ଟ ଦିନିକିଆ ସିରିଜ୍ ଆରମ୍ଭ ହେବ। କିନ୍ତୁ ଏହି ସିରିଜ୍‌ରେ ତାଙ୍କର ଖେଳିବା ଆଶା କମ୍ ବୋଲି କୁହାଯାଉଛି।

**ଦିନକ ପରେ ଟି-୨୦ ସିରିଜ୍**

## ସୂର୍ଯ୍ୟକୁମାରଙ୍କ ଫର୍ମକୁ ନେଇ ଚିନ୍ତିତ ନୁହନ୍ତି ଗମ୍ଭୀର



କାନବେରା,୨୭।୧୦(ଏଜେନ୍ସି): ଅଷ୍ଟ୍ରେଲିଆ ବିପକ୍ଷ ୫ ମ୍ୟାଚ୍ ବିଶିଷ୍ଟ ଟି-୨୦ ସିରିଜ୍ ଖେଳିବାକୁ ଭାରତୀୟ କ୍ରିକେଟ ଦଳ ସୂର୍ଯ୍ୟକୁମାର ଯାଦବଙ୍କ ନେତୃତ୍ୱରେ ପ୍ରସ୍ତୁତି ଆରମ୍ଭ କରିଦେଇଛି। କାନବେରାରେ ବୁଧବାରଠାରୁ ଏହି ସିରିଜ୍ ଆରମ୍ଭ ହେବ। ଏଥିଲାଗି ଉଭୟ ଦଳ ପ୍ରସ୍ତୁତ ହେଉଥିଲା ବେଳେ ଭାରତୀୟ ଅଧିନାୟକ ସୂର୍ଯ୍ୟକୁମାର ଯାଦବ ଫର୍ମରେ ନାହାନ୍ତି। ସେ ଖେଳିଥିବା ଗତ ୭ଟି ମ୍ୟାଚ୍‌ରେ ମାତ୍ର ୭୨ ରନ୍ କରିବାକୁ ସମର୍ଥ ହୋଇଛନ୍ତି। ଏଭଳି ସ୍ଥିତିରେ ଅଷ୍ଟ୍ରେଲିଆ ଭଳି ଶକ୍ତିଶାଳୀ ଦଳ ସହ ସେମାନଙ୍କ ଘରୋଇ ମାଟିରେ ଖେଳିବା ବିଶ୍ୱ ଚାମ୍ପିଅନ ଭାରତ ଲାଗି ଏକ ବଡ଼ ଚ୍ୟାଲେଞ୍ଜ ହୋଇ ଛିଡା ହୋଇଛି। କିନ୍ତୁ ଏହି ଚ୍ୟାଲେଞ୍ଜ କିମ୍ବା ସୂର୍ଯ୍ୟକୁମାରଙ୍କ ଫର୍ମକୁ ନେଇ ଆଦୌ ଚିନ୍ତିତ ନୁହଁନ୍ତି ଭାରତୀୟ ହେଡ୍ କୋଚ୍ ଗୌତମ ଗମ୍ଭୀର। ତାଙ୍କ ମତରେ ଭାରତ ଏବେ ଆକ୍ରମଣାତ୍ମକ ବ୍ରାଣ୍ଡ (ଅଲଟ୍ରା ଆଗ୍ରେସିଭ୍)ର କ୍ରିକେଟ ଖେଳୁଛି। ଏହା ଆମ ଯୋଜନାରେ ରହିଛି। ଏଥିରେ ଜଣେ ବ୍ୟାଟର ଫେଲ ହେଲେ କିଛି ଫରକ ପଡ଼ିବ ନାହିଁ। ଯୁବ ଖେଳାଳି ଅଭିଷେକ ଶର୍ମା ଓ ତିଳକ ବର୍ମା ଭଲ ଫର୍ମରେ ଅଛନ୍ତି। ଦଳର ରଣନୀତି ଅନୁଯାୟୀ ସମସ୍ତେ ଖେଳୁଛନ୍ତି। ସୂର୍ଯ୍ୟଙ୍କ ନେତୃତ୍ୱରେ ଭାରତ ଏସିଆ କପ୍ ଚାମ୍ପିଅନ ହୋଇଛି। ଏଣୁ ଦଳର ସମସ୍ତ ଖେଳାଳି ଭଲ ପ୍ରଦର୍ଶନ କରିବାକୁ ବଦ୍ଧ ପରିକର ଅଛନ୍ତି। ଏଭଳି ସ୍ଥିତିରେ ସୂର୍ଯ୍ୟକୁମାରଙ୍କ ଫର୍ମ ହରାଇବା ଆମକୁ ଅଡୁଆ ସ୍ଥିତିରେ ପକାଇବ ନାହିଁ ବୋଲି ଗମ୍ଭୀର ଆଜି ଅନୁଷ୍ଠିତ ସାମ୍ବାଦିକ ସମ୍ମିଳନୀରେ ପ୍ରକାଶ କରିଛନ୍ତି। ଏପରି ଖେଳିବାବେଳେ ଗୋଟିଏ କିମ୍ବା ଦୁଇଟି ମ୍ୟାଚ୍‌ରେ ଜଣେ ଖେଳାଳି ଫେଲ୍ ମାରିଲେ, ତାହା କିଛି ପ୍ରଭାବ ପକାଇବ ନାହିଁ। ସୂର୍ଯ୍ୟ ଯଦି ୩୦ ବଲ୍‌ରେ ୪୦ ରନ୍ କରି ଆଉଟ ହୁଅନ୍ତି ଏବଂ ଭାରତ ପରାଜିତ ହୋଇଯାଏ, ତେବେ ତାହା ଦଳର ରଣନୀତି ବିଫଳ ହେଲା ବୋଲି କୁହାଯିବ। ଖେଳାଳିମାନେ ଯେପରି ସାହସିକ କ୍ରିକେଟ ଖେଳୁଛନ୍ତି ତାହା ବେଶ ଉତ୍ସାହଜନକ। ସୂର୍ଯ୍ୟ ରିଦିମକୁ ଫେରିବା ଲାଗି ଗୋଟିଏ ବଡ଼ ଇନିଂସର ଆବଶ୍ୟକତା ରହିଛି। ମୁଁ ଆଶା କରୁଛି ଅଷ୍ଟ୍ରେଲିଆରେ ସେ ଏପରି ଏକ ବଡ଼ ଇନିଂସ ଖେଳିବେ ବୋଲି ଗମ୍ଭୀର କହିଛନ୍ତି।

## ଆହତ ଲାଗି ୨୦୨୫ରେ ଆଉ ଖେଳିବେନି ସିନ୍ଧୁ



ନୂଆଦିଲ୍ଲୀ, ୨୭ ।୧୦ (ଏଜେନ୍ସି): ଆଘାତଜନିତ ସମସ୍ୟା ଲାଗି ଦୁଇଥରର ଅଲିମ୍ପିକ ପଦକ ବିଜୟିନୀ ପିଭି ସିନ୍ଧୁ ଚଳିତ ସିଜନର ବଳକା ଟୁର୍ଣ୍ଣାମେଣ୍ଟରୁ ଓହରିଯାଇଛନ୍ତି। ୟୁରୋପିଆନ୍ ଲେଗ୍ ପ୍ରତିଯୋଗିତା ଆରମ୍ଭ ହେବାକୁ ଯାଉଥିବାବେଳେ ସିନ୍ଧୁଙ୍କ ପାଦରେ ଆଘାତ ଲାଗିଥିଲା। ଡାକ୍ତରଙ୍କ ପରାମର୍ଶ ପରେ ୩୦ ବର୍ଷୀୟା ଏହି ତାରକା ଭାରତୀୟ ବ୍ୟାଡ୍‌ମିଣ୍ଟନ ଖେଳାଳି ଚଳିତ ସିଜନରେ ଆଉ ନ ଖେଳିବା ଲାଗି ନିଷ୍ପତ୍ତି ନେଇଛନ୍ତି। ସିନ୍ଧୁଙ୍କ ପାଇଁ ଚଳିତ ବର୍ଷ ବେଶ୍ ଚ୍ୟାଲେଞ୍ଜପୂର୍ଣ୍ଣ ରହିଥିଲା। ଅଧିକାଂଶ ଟୁର୍ଣ୍ଣାମେଣ୍ଟରେ ସେ ପ୍ରଥମ କିମ୍ବା ଦ୍ୱିତୀୟ ରାଉଣ୍ଡରେ ହାରି ବିଦାୟ ନେଇଥିଲେ। ଗତବର୍ଷ ଡିସେମ୍ବରରେ ସିନ୍ଧୁ ସୟଦ ମୋଦି ଇଣ୍ଟରନ୍ୟାସନାଲ ସୁପର୍ ୩୦୦ ଟୁର୍ଣ୍ଣାମେଣ୍ଟରେ ଚାମ୍ପିଅନ ହୋଇଥିଲେ। ଯାହାକି ତାଙ୍କର ଶେଷ ଅନ୍ତର୍ଜାତୀୟ ଟ୍ରଫି ଥିଲା।

**ରାଜ୍ୟ ପାରା ସନ୍ତରଣ ଉଦ୍‌ଯାପିତ**

## ମୋନାଲି, କବିତାଙ୍କୁ ହ୍ୟାଟ୍ରିକ୍ ସ୍ୱର୍ଣ୍ଣ



ଭୁବନେଶ୍ୱର,୨୭।୧୦(ସମିସ): ଓଡ଼ିଶା ରାଜ୍ୟ ପାରା ସନ୍ତରଣ ଚାମ୍ପିଅନସିପ୍ ସ୍ଥାନୀୟ କଳିଙ୍ଗ ଷ୍ଟାଡିୟମ୍ ଆକ୍ୱାଟିକ୍ ସେଣ୍ଟର ପରିସରରେ ସୋମବାର ଉଦ୍‌ଯାପିତ ହୋଇଯାଇଛି। ଅକ୍ଟୋବର ୨୫ ଓ ୨୬ ତାରିଖ ଦୁଇଦିନ ଧରି ଆୟୋଜିତ ଏହି ପ୍ରତିଯୋଗିତାରେ ରାଜ୍ୟର ୧୪୦ ଜଣ ପାରାସନ୍ତରଣକାରୀ ଯୋଗଦେଇଥିଲେ। ଏହି ପ୍ରତିଯୋଗିତା ଲାଗି ହାଇଦ୍ରାବାଦ୍‌ରେ ନଭେମ୍ବର ୧୫ରୁ ୧୮ ତାରିଖଯାଏ ହେବାକୁ ଥିବା ଜାତୀୟ ପାରାସନ୍ତରଣ ଚାମ୍ପିଅନସିପ୍ ଲାଗି ଖେଳାଳି ଚୟନ କରାଯିବ। ପୁରୁଷ ବିଭାଗରେ ବଲାଙ୍ଗିରର ମୋହନ ମାଝୀ ଓ ନୂଆପଡ଼ାର ଆକାଶ ବନଛୋର ୩ଟି ଲେଖାଏଁ ସ୍ୱର୍ଣ୍ଣପଦକ ହାସଲ କରିଥିଲେ। ସେହିପରି ମହିଳା ବିଭାଗରେ କେନ୍ଦ୍ରାପଡ଼ାର ମୋନାଲି ସ୍ୱାଇଁ ଓ ଗଞ୍ଜାମର କବିତା ଦଳାଇ ହ୍ୟାଟ୍ରିକ୍ ସ୍ୱର୍ଣ୍ଣପଦକ ହାସଲ କରିଛନ୍ତି। ଖେଳ ଶେଷରେ ରାଜ୍ୟ କ୍ରୀଡ଼ା ଓ ଯୁବସେବା ବିଭାଗ ଓଏସ୍‌ଡି ସୋନାଲି ଚାନ୍ଦ ମୁଖ୍ୟ ଅତିଥି ଓ ଆୟୋଜକ ଓଡ଼ିଶା ପାରା ଆଥଲେଟିକ ଆସୋସିଏସନ ସଭାପତି କମଳାକାନ୍ତ ରଥ ସମ୍ମାନିତ ଅତିଥିଭାବେ ଯୋଗ ଦେଇ ପୁରସ୍କାର ପ୍ରଦାନ କରିଥିଲେ।

**ସବ୍‌ଜୁନିୟର ବାଳକ ଫୁଟବଲ**

## ପରାଜୟରୁ ଓଡ଼ିଶାର ଅଭିଯାନ ଆରମ୍ଭ

କଟକ,୨୭।୧୦(ସମିସ): ପଞ୍ଜାବ ଅମ୍ରିତସରର ମାଉଣ୍ଟ ଲିଟେରା ଜି ସ୍କୁଲ ଗ୍ରାଉଣ୍ଡରେ ଆଜି ଖେଳାଯାଇଥିବା ସବଜୁନିୟର ବାଳକ ଜାତୀୟ ଫୁଟବଲ ଚାମ୍ପିଅନସିପ୍‌ର ପ୍ରଥମ ମ୍ୟାଚରେ ଓଡ଼ିଶାକୁ ପରାଜୟର ସମ୍ମୁଖୀନ ହେବାକୁ ପଡ଼ିଛି। ମିଜୋରାମ ୧୩-୦ ଗୋଲରେ ଓଡ଼ିଶାକୁ ହରାଇଛି। ପ୍ରଥମାର୍ଦ୍ଧରେ ୬ଟି ଏବଂ ଦ୍ୱିତୀୟାର୍ଦ୍ଧରେ ୭ଟି ଗୋଲ ସ୍କୋର କରି ମିଜୋରାମ ସହଜ ବିଜୟ ହାସଲ କରିଥିଲା। ବିଜୟୀ ଦଳର ଏଲ ଜାସନ ୪ଟି, ଅଧିନାୟକ ଏଲ ବର୍ଣ୍ଣାଡ ୩ଟି ଗୋଲ ଦେଇଥିଲେ। ସତ୍ୟଜିତ ସିଂହଙ୍କ ନେତୃତ୍ୱରେ ଗଠିତ ଓଡ଼ିଶା ଦଳ ଆସନ୍ତା ୨୯ରେ ମଣିପୁର ବିପକ୍ଷରେ ଦ୍ୱିତୀୟ ଲିଗ୍ ମ୍ୟାଚ୍ ଖେଳିବ।

## ଚାମ୍ପିଅନ ଟାଇଟନ୍ସକୁ ଦେଢ଼ଲକ୍ଷ ଟଙ୍କା ପୁରସ୍କାର




ଭୁବନେଶ୍ୱର,୨୭।୧୦(ସମିସ): ରାଜଧାନୀ ଉପକଣ୍ଠସ୍ଥ ଘାଟିକିଆ ହାଇସ୍କୁଲ ପଡ଼ିଆରେ ଥାର୍ଡ ଆଇ କର୍ପୋରେଟ ପ୍ରିମିୟର ଲିଗ୍ ଟେନିସ ବଲ କ୍ରିକେଟ ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି। ଏଥିରେ ଟାଇଟନ୍ସ ଚାମ୍ପିଅନ ଓ ସିଡିଏ ଲାୟନ୍ସ ରନର୍ସ ଅପ୍ ହୋଇଛନ୍ତି। ଚାମ୍ପିଅନ ଦଳକୁ ଦେଢ଼ (୧.୫) ଲକ୍ଷ ଟଙ୍କା ଓ ଟ୍ରଫି, ରନର୍ସ ଅପ୍ ଦଳକୁ ୮୦,୦୦୦ ଟଙ୍କା ଓ ଟ୍ରଫି ସହ ମୋଟ ୬ ଲକ୍ଷ ୫୦ ହଜାର ଟଙ୍କାର ପୁରସ୍କାର ପ୍ରଦାନ କରାଯାଇଛି। ପୁରସ୍କାର ବିତରଣ ଉତ୍ସବରେ ସୁଦେଷ୍ଣା ପଣ୍ଡା ମୁଖ୍ୟଅତିଥି, ଶ୍ରାବଣୀ ପ୍ରଧାନ, ରାଜୀବ ପଣ୍ଡା, ଦରିଦ୍ରନାରାୟଣ ନାୟକ ଓ ଜ୍ଞାନଚନ୍ଦ୍ର ମିଶ୍ର ପ୍ରମୁଖ ଅତିଥିଭାବେ ଯୋଗ ଦେଇଥିଲେ।

**ଓଡ଼ିଶା ବିପକ୍ଷ ରଣଜୀ ଟ୍ରଫି**

# ଭଲ ସ୍ଥିତିରେ ଉତ୍ତରପ୍ରଦେଶ

କଟକ,୨୭।୧୦(ସମିସ)

କାନପୁର ଗ୍ରୀନପାର୍କ ଷ୍ଟାଡିୟମରେ ଚାଲିଥିବା ରଣଜୀ ଟ୍ରଫିର ଓଡ଼ିଶା ବିପକ୍ଷ ମ୍ୟାଚ୍‌ରେ ଘରୋଇ ଉତ୍ତରପ୍ରଦେଶ ଦଳ ଓଡ଼ିଶା ଠାରୁ ବିଜୟ ଆଶା ଛଡ଼ାଇ ନେଇଛି। ପ୍ରଥମ ପାଳିରେ୧୩୭ରନର ଅଗ୍ରଣୀ ହାସଲ କରି ସାରିଥିବା ଉତ୍ତରପ୍ରଦେଶ ହାତରେ ଆହୁରି ୪ଟି ୱିକେଟ ବାକି ରହିଛି। ମଙ୍ଗଳବାର ମ୍ୟାଚ୍‌ର ଅନ୍ତିମ ଦିବସ। ଏଣୁ ପରାଜୟ ଆଶାକୁ ଏଡାଇ ମ୍ୟାଚ୍ ଡ୍ର ରଖି ୧ ପଏଣ୍ଟ ହାତେଇବାକୁ ଓଡ଼ିଶା ଉଦ୍ୟମ କରିବ ବୋଲି ଅନୁମାନ କରାଯାଉଛି।

**କରନ, ଆରାଧ୍ୟଙ୍କ ଶତକ**

ଓଡ଼ିଶାର ପ୍ରଥମ ପାଳି ୨୪୩ରନ ଜବାବରେ ଉତ୍ତରପ୍ରଦେଶ ୩ ୱିକେଟ ବିନିମୟରେ ୨୬୨ରନ ସଂଗ୍ରହ କରିଥିଲା। ଅଧିନାୟକ କରନ ଶର୍ମା ୮୩ରନ ଏବଂ ଆରାଧ୍ୟ ଯାଦବ ୮୦ରନରେ ଅପରାଜିତ ରହିଥିଲେ। ଆଜି ଉଭୟ ଏଠାରେ ଶତକୀୟ ପାଳି ଖେଳି ଦଳ ପାଇଁ ୩ ପଏଣ୍ଟ ନିଶ୍ଚିତ କରିଥିଲେ। କରନ ୧୨୧ରନ କରିଥିବା ବେଳେ ସ୍ପିନର ବାଦଲ ବିଶ୍ୱାଳଙ୍କ ଶିକାର ହୋଇଥିଲେ। ଆରାଧ୍ୟା ୧୦୧ରନରେ ରିଟାୟର୍ଡ ହର୍ଟ ହୋଇ କ୍ରିଜ ଛାଡ଼ିଥିଲେ। ପ୍ରଶାନ୍ତ ବୀର ୬ରନ କରିଥିବା ବେଳେ ଦୁର୍ଭାଗ୍ୟବଶତଃ ରନଆଉଟ ହୋଇଥିଲେ। ୩ୟ ଦିବସର ଅନ୍ତିମ ବଲରେ ପ୍ରିୟମ ଗର୍ଗଙ୍କୁ ୩୧ରନରେ ସୁମିତ ଶର୍ମା ଆଉଟ କରି ଦଳ ପାଇଁ ୬ଷ୍ଠ ସଫଳତା ଦେଇଥିଲେ। ଭିପରାଜ ନିଗମ ୧୪ରନରେ ଅପରାଜିତ ରହିଛନ୍ତି। ସମ୍ବିତ ବରାଳ ସର୍ବାଧିକ ୩ଟି ୱିକେଟ ଅକ୍ତିଆର କରିଛନ୍ତି। ସୁମିତ ଶର୍ମା ଏବଂ ବାଦଲ ବିଶ୍ୱାଳଙ୍କୁ ଗୋଟିଏ ଲେଖାଏ ୱିକେଟ ମିଳିଛି। ତେବେ ଓଡ଼ିଶାର ପ୍ରମୁଖ ବୋଲରମାନେ ୱିକେଟ ହାସଲ ନକରି ପାରିବା ମହଙ୍ଗା ସାବ୍ୟସ୍ତ ହୋଇଛି। ରାଜେଶ ମହାନ୍ତି ୧୮ ଓଭର, ସୁନୀଲ ରାଉଳ ୧୪ଓଭର, ଗୋବିନ୍ଦ ପୋଦ୍ଦାର ୧୩ ଓଭର ବୋଲିଂ କରିବା ସତ୍ତ୍ୱେ କୌଣସି ସଫଳତା ପାଇ ନାହାନ୍ତି।

## ରଣଜୀ ଟ୍ରଫି: ୧୪୧ ବଲରେ ପୃଥ୍ୱୀଙ୍କ ଦ୍ୱିଶତକ




ଚଣ୍ଡିଗଡ଼, ୨୭ ।୧୦ (ଏଜେନ୍ସି): ଚଳିତ ରଣଜୀ ଟ୍ରଫିର ଦ୍ୱିତୀୟ ରାଉଣ୍ଡର ଏକ ମୁକାବିଲାରେ ମହାରାଷ୍ଟ୍ର ଓପନର୍ ପୃଥ୍ୱୀ ଶ’ ବିସ୍ଫୋରକ ଦ୍ୱିଶତକୀୟ ପାଳି ଖେଳି ଚର୍ଚ୍ଚାକୁ ଆସିଛନ୍ତି। ଘରୋଇ ଚଣ୍ଡିଗଡ଼ ବିପକ୍ଷରେ ଚାଲିଥିବା ଏହି ମ୍ୟାଚର ଦ୍ୱିତୀୟ ପାଳିରେ ପୃଥ୍ୱୀ ୧୫୬ ବଲରେ ଅପରାଜିତ ୨୨୨ ରନ କରିଥିଲେ। ଯେଉଁଥିରେ ୨୯ ଚୌକା ଓ ୫ ଛକା ସାମିଲ ରହିଥିଲା। ପୃଥ୍ୱୀ ୧୪୧ ବଲରେ ନିଜର ଦ୍ୱିଶତକ ପୂରଣ କରିଥିଲେ। ଫଳରେ ଭାରତୀୟ ଭାବେ ପ୍ରଥମଶ୍ରେଣୀ କ୍ରିକେଟ୍‌ରେ ସେ ତୃତୀୟ ଦ୍ରୁତତମ ଦ୍ୱିଶତକ ହାସଲ କରିଛନ୍ତି। ଭାରତୀୟ ଭାବେ ପ୍ରଥମଶ୍ରେଣୀ କ୍ରିକେଟରେ ଦ୍ରୁତତମ ଦ୍ୱିଶତକ ହାଇଦରାବାଦ୍ ଓପନର୍ ତନ୍ମୟ ଅଗ୍ରୱାଲଙ୍କ ନାମରେ ରହିଛି। ଗତବର୍ଷ ତନ୍ମୟ ଅରୁଣାଚଳ ପ୍ରଦେଶ ବିପକ୍ଷରେ ୧୧୯ ବଲରେ ଦ୍ୱିଶତକ ପୂରଣ କରିଥିଲେ। ଏହି ତାଲିକାର ଦ୍ୱିତୀୟ ସ୍ଥାନରେ ରବି ଶାସ୍ତ୍ରୀ ରହିଛନ୍ତି। ୧୯୮୫ରେ ବରୋଦା ବିପକ୍ଷ ମ୍ୟାଚରେ ମୁମ୍ବଇ ତାରକା ଶାସ୍ତ୍ରୀ ୧୨୩ ବଲରେ ଦ୍ୱିଶତକ ମାରିଥିଲେ।

## ଭୁବନେଶ୍ୱର-ବି’କୁ ଜିତାଇଲେ ମୃତ୍ୟୁଞ୍ଜୟ



କଟକ,୨୭।୧୦(ସମିସ): ୧୬ ବର୍ଷରୁ କମ୍ ବାଳକ ଆନ୍ତଃଜିଲ୍ଲା କ୍ରିକେଟ ଟୁର୍ଣ୍ଣାମେଣ୍ଟର ଦ୍ୱିତୀୟ ପର୍ଯ୍ୟାୟ ଲିଗ୍ ମ୍ୟାଚ୍ କଟକ ଓ ଭୁବନେଶ୍ୱରର ବିଭିନ୍ନ ଗ୍ରାଉଣ୍ଡରେ ଖେଳାଯାଉଛି। ଆଜି ବିଡାନାସୀ ଗ୍ରାଉଣ୍ଡରେ ଅନୁଷ୍ଠିତ ମ୍ୟାଚ୍‌ରେ ଭୁବନେଶ୍ୱର-ବି ୮ ୱିକେଟରେ ସମ୍ବଲପୁର-ବିକୁ ପରାସ୍ତ କରିଛି। ଦଳର ପ୍ରମୁଖ ଅଲରାଉଣ୍ଡର ମୃତ୍ୟୁଞ୍ଜୟ ରାୟ ଲେଗ୍‌ବ୍ରେକ୍ ସ୍ପିନ ଯାଦୁରେ ସମ୍ବଲପୁରର ୪ଟି ୱିକେଟ ଦଖଲ କରିଥିଲେ। ୨୨ରନ ବିନିମୟରେ ମୃତ୍ୟୁଞ୍ଜୟଙ୍କୁ ଏହି ସଫଳତା ମିଳିଥିଲା। ସମ୍ବଲପୁର-ବିର ଇନିଂସ୍ ମାତ୍ର ୬୬ରନରେ ସୀମିତ ରହିବା ପରେ ଦୁଇ ୱିକେଟ ହରାଇ ଭୁବନେଶ୍ୱର-ବି ବିଜୟୀ ହୋଇଥିଲା। ମୃତ୍ୟୁଞ୍ଜୟ ପ୍ଲେୟାର ଅଫ ଦି ମ୍ୟାଚ୍ ବିବେଚିତ ହୋଇଛନ୍ତି।

## ସିକେ ନାଇଡୁ ଟ୍ରଫି: ଓଡ଼ିଶାର ସ୍ଥିତି ଦୃଢ଼



କଟକ,୨୭।୧୦(ସମିସ): ୨୩ ବର୍ଷରୁ କମ୍ ପୁରୁଷ ସିକେ ନାଇଡୁ ଟ୍ରଫିର ଆସାମ ବିପକ୍ଷ ମ୍ୟାଚ୍‌ରେ ଓଡ଼ିଶା ଇନିଂସ୍ ଅଗ୍ରଣୀର ନିକଟତର ହୋଇଛି। ଆସାମର ପାଳିକୁ ୨୧୬ରନରେ ସୀମିତ ରଖିବା ପରେ ଘରୋଇ ଓଡ଼ିଶା ଦଳ ୩ ୱିକେଟ ବିନିମୟରେ ୧୬୯ରନ ସଂଗ୍ରହ କରିଛି। ଓପନର ଓମ ଟି ମୁଣ୍ଡେ ୮୪ରନର ଅର୍ଦ୍ଧଶତକୀୟ ପାଳି ଖେଳିଥିଲେ। ଭୁବନେଶ୍ୱର କିଟ୍ ଷ୍ଟାଡିୟମରେ ଖେଳାଯାଉଥିବା ଏହି ମ୍ୟାଚ୍‌ରେ ଓଡ଼ିଶା ବିଜୟ ପଏଣ୍ଟ ହାତେଇବା ଲକ୍ଷ୍ୟରେ ରହିଛି। ଅସମାପ୍ତ ପ୍ରଥମ ପାଳି ୨୦୦/୯ରୁ ଆଜି ଆସାମ ବ୍ୟାଟିଂ ଆରମ୍ଭ କରିଥିଲା। ୯୪ରନରେ ଅପରାଜିତ ଥିବା ରାଜବୀର ସିଂହ ୧୦୫ରନ କରି ଆୟୁଷ ବାରିକଙ୍କ ୩ୟ ଶିକାର ପାଲଟିଥିଲେ। ଆସାମାର ଇନିଂସ୍ ୨୧୬ରନରେ ପରିସମାପ୍ତି ଘଟିଥିଲା। ଓଡ଼ିଶା ପକ୍ଷରୁ ରିତେଶ ପ୍ରିୟରଞ୍ଜନ ସର୍ବାଧିକ ୪ଟି ୱିକେଟ ଦଖଲ କରିଛନ୍ତି। ଓମ୍ ଏବଂ ପାନକଳ ଶଶାଙ୍କ ଓପନିଂ ଯୋଡ଼ିରେ ୧୦୩ରନର ଭାଗିଦାରୀ ସୃଷ୍ଟି କରିଥିଲେ। ଶଶାଙ୍କ ୪୮ରନ, ଓମ୍ ୮୪ରନରେ ଏବଂ ଶ୍ରେୟାଂଶ ଭରଦ୍ୱାଜ ୧ରନରେ ଆଉଟ ହୋଇଛନ୍ତି।

PRINTED & PUBLISHED BY AMIT KUMAR MALLICK FOR ‘THE SAKALA’ A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, SWOTI VILLAGE, PANIKOILI-755043, DIST: JAJPUR, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS